

বিনা ব୍ରେକ୍‌ରେ 'ଜଟାଧାରା' ସୁଟିଂ
▸ପୃଷ୍ଠା ୧୧ ଦେଖନ୍ତୁ...


- RNI REGD NO: 42041/83
- www.sakalaepaper.com
- /sakalanews
- /sakalanews
- www.thesakala.in

# ସକାଳ
THE SAKALA

PRINTED AT BHUBANESWAR ■ JEYPORE ■ SAMBALPUR ■ PANIKOILI

◆VOLUME- 43 ◆ISSUE-124 ◆FRIDAY ◆31 OCTOBER 2025 ◆PAGE-12 ◆₹ 6.00 | BHUBANESWAR | ◆ବର୍ଷ-୪୩ ◆ସଂଖ୍ୟା-୧୨୪ ◆ଶୁକ୍ରବାର ◆୩୧ ଅକ୍ଟୋବର ୨୦୨୫ ◆ପୃଷ୍ଠା-୧୨ ◆ଟ.୬.୦୦


## ପୂରଣ ହୋଇପାରୁନାହିଁ ୬୦୦ ୱାର୍ଡର ପଦ

# ଜେଲ୍ ଜଗିବେ ଗୃହରକ୍ଷୀ

■ **ଭୁବନେଶ୍ୱର, ୩୦।୧୦ (ସମିସ):** ଏଣିକି ରାଜ୍ୟର ଜେଲ୍ ଜଗିବେ ଗୃହରକ୍ଷୀ ବା ହୋମ୍‌ଗାର୍ଡ। ଦିନକୁ ମାତ୍ର ୫୩୩ ଟଙ୍କା ପାରିଶ୍ରମିକ ପାଉଥିବା ଗୃହରକ୍ଷୀମାନେ ଜେଲ୍‌ରେ ବନ୍ଦୀ ଥିବା କୁଖ୍ୟାତ ଅପରାଧୀ ଓ ବିଚାରାଧୀନ ବନ୍ଦୀମାନଙ୍କ ସୁରକ୍ଷା ଦାୟିତ୍ୱ ସମ୍ଭାଳିବେ। ଜେଲ୍ ବିଭାଗ ପକ୍ଷରୁ ଏସଂକ୍ରାନ୍ତରେ ନିଷ୍ପତ୍ତି ନିଆଯାଇଛି ଏବଂ ସେମାନଙ୍କୁ ବର୍ଷେ ପର୍ଯ୍ୟନ୍ତ ଅସ୍ଥାୟୀ ଭାବରେ ନିୟୋଜିତ କରିବା ପାଇଁ ସବୁ ଜିଲ୍ଲାର ଏସ୍‌ପିମାନଙ୍କୁ ନିର୍ଦ୍ଦେଶ ଦିଆଯାଇଛି।

ଚୌଦ୍ୱାର ଜେଲ୍‌ରୁ ଦୁଇଜଣ କୁଖ୍ୟାତ ଅପରାଧୀ ଫେରାର ହେବା ପରେ ପରେ ବାଲେଶ୍ୱର ଜିଲ୍ଲାର ସୋର ଜେଲ୍‌ରୁ ଜଣେ ଅପରାଧୀ କିଛିଦିନ ତଳେ ଚମ୍ପଟ ମାରିଛନ୍ତି। ଏହାପରେ ଏକ ଉଚ୍ଚସ୍ତରୀୟ ବୈଠକରେ ଜେଲ୍‌ଗୁଡ଼ିକର ସୁରକ୍ଷା ଦାୟିତ୍ୱରେ ହୋମଗାର୍ଡ଼ ବା ଗୃହରକ୍ଷୀମାନଙ୍କୁ ନିୟୋଜିତ କରିବା ନିମନ୍ତେ ଜେଲ୍ ବିଭାଗ ନିଷ୍ପତ୍ତି ନେଇଛି। ଏହାସହିତ ପ୍ରତି ଜିଲ୍ଲାରେ ବରିଷ୍ଠ ପୁଲିସ ଅଧିକାରୀ ଓ ସମ୍ପୃକ୍ତ ଜେଲ୍ ଅଧୀକ୍ଷକ ମିଳିତ ଭାବରେ ଜେଲ୍ ସୁରକ୍ଷାର ଯାଞ୍ଚ କରିବେ। ଜେଲ୍ ପାଚେରି ଅନୁଧ୍ୟାନ ସହ, ସିସିଟିଭି ଲଗାଯିବା, ଜେଲ୍‌ର ପାଚେରି ଉପରେ ତାରଜାଲି ବିଛାଇବା ଏବଂ ସୁରକ୍ଷା ସମ୍ବନ୍ଧୀୟ ସବୁ ଭିତ୍ତିଭୂମିର ଯାଞ୍ଚ ହେବ।

ବିଡ଼ମ୍ବନା ହେଉଛି ଯେ ଯେଉଁଠି ଜେଲ୍‌ରେ ୱାର୍ଡ଼ରମାନଙ୍କ ଆଖିରେ ଧୂଳିଦେଇ ବିଚାରାଧୀନ ବନ୍ଦୀ ଓ କଏଦୀ ସହଜରେ ଫେରାର୍ ହୋଇ ଯାଉଛନ୍ତି, ସେଠାରେ ସାଧାରଣ ହୋମ୍‌ଗାର୍ଡ଼ମାନେ ସେମାନଙ୍କୁ କିପରି ଜଗିବେ ବୋଲି ସ୍ୱାଭାବିକ ପ୍ରଶ୍ନ ଉଠିଛି। ଆଜି ପର୍ଯ୍ୟନ୍ତ ରାଜ୍ୟରେ ସାଧାରଣତଃ ହୋମ୍‌ଗାର୍ଡ଼ମାନଙ୍କୁ ସହରାଞ୍ଚଳରେ ଭିଡ଼ ଓ ଟ୍ରାଫିକ୍ ନିୟନ୍ତ୍ରଣ ବା କୌଣସି ଗଣ୍ଡଗୋଳ ବେଳେ ସୁରକ୍ଷା କାର୍ଯ୍ୟରେ ନିୟୋଜିତ କରାଯାଇ ଆସୁଛି। ଦୁର୍ଘଟଣା, ହତ୍ୟା ଆଦି ଘଟଣାରେ ଗୃହରକ୍ଷୀମାନଙ୍କୁ ଜଗୁଆଳୀ ରୂପେ ବ୍ୟବହାର କରାଯାଉଛି। ଏହା ସହ ଅନେକ ସ୍ଥାନରେ ଗୃହରକ୍ଷୀମାନଙ୍କୁ ବଡ଼ ଅଧିକାରୀଙ୍କ ଘରୋଇ କାର୍ଯ୍ୟରେ ବ୍ୟବହାର କରାଯାଉଥିବା ମଧ୍ୟ ଦେଖାଯାଇଛି। ମାତ୍ର ରାଜ୍ୟରେ ଜେଲ୍ ବିଭାଗ ପ୍ରଥମଥର ପାଇଁ ଗୃହରକ୍ଷୀମାନଙ୍କୁ ଜେଲ୍ ସୁରକ୍ଷା ପରି ଏକ ସାହସିକ ଓ ଦାୟିତ୍ୱସମ୍ପନ୍ନ କାର୍ଯ୍ୟରେ ନିୟୋଜିତ କରିବାକୁ ନେଇ ଉଠିଛି ପ୍ରଶ୍ନ। ଚୌଦ୍ୱାର ଜେଲ୍‌ରୁ ଦୁଇ ଦୁର୍ଦ୍ଦାନ୍ତ ଅପରାଧୀ ଚମ୍ପଟ ମାରିବା ଘଟଣାକୁ ମାସେ ▸ପୃଷ୍ଠା-୭

### ମହିଳା ଦିନିକିଆ ବିଶ୍ୱକପ୍

## ଅଷ୍ଟ୍ରେଲିଆକୁ ହରାଇ ଫାଇନାଲ୍‌ରେ ଭାରତ




■ **ନଭି ମୁମ୍ବଇ, ୩୦।୧୦ (ଏଜେନ୍ସି):** ରେକର୍ଡ ୭ଥରର ଚାମ୍ପିଅନ ଅଷ୍ଟ୍ରେଲିଆକୁ ରୋମାଞ୍ଚକ ଭାବେ ୫ ୱିକେଟ୍‌ରେ ପରାସ୍ତ କରି ଭାରତ ଆଇସିସି ମହିଳା ଦିନିକିଆ ବିଶ୍ୱକପ୍ ଫାଇନାଲରେ ପ୍ରବେଶ କରିଛି। ମୁମ୍ବଇର ଡିୱାଇ ପାଟିଲ ଷ୍ଟାଡିୟମରେ ଗୁରୁବାର ଖେଳାଯାଇଥିବା ଦ୍ୱିତୀୟ ସେମିଫାଇନାଲରେ ଡିଫେଣ୍ଡିଂ ଚାମ୍ପିଅନ ଅଷ୍ଟ୍ରେଲିଆ ପ୍ରଥମେ ବ୍ୟାଟିଂ କରି ୩୩୮ ରନରେ ଅଲ୍‌ଆଉଟ୍ ହୋଇଥିଲା। ଓପନର୍ ଫୋଏବି ଲିଚଫିଲ୍ଡ ୧୧୯ ରନର ଦମ୍‌ଦାର ଶତକୀୟ ପାଳି ଖେଳିଥିଲେ। ଜବାବରେ ଜେମିମା ରୋଡ୍ରିଗ୍ସେଜଙ୍କ ମ୍ୟାଚ୍ ବିଜୟୀ ଅପରାଜିତ ଦର୍ଶନୀୟ ଶତକ ବଳରେ ଘରୋଇ ଭାରତ ୯ଟି ବଲ୍ ପୂର୍ବରୁ ୫ ୱିକେଟ୍ ହରାଇ ଲକ୍ଷ୍ୟ ହାସଲ କରିନେଇଥିଲା। ଜେମିମା ୧୩୪ ବଲରେ ୧୨୭ ରନ କରି ଶେଷ ପର୍ଯ୍ୟନ୍ତ ଅପରାଜିତ ରହିଥିଲେ। ମହିଳା ବିଶ୍ୱକପ୍‌ରେ ମଧ୍ୟ ଏହା ରେକର୍ଡ ରନ ଚେଜ୍ ହୋଇଛି। ଏହାପୂର୍ବରୁ କୌଣସି ଦଳ ଏତେ ବିଶାଳ ସ୍କୋରର ପିଛା କରି ବିଜୟୀ ହୋଇନାହିଁ। ଏଭଳି ବିଶାଳ ଲକ୍ଷ୍ୟ ▸ପୃଷ୍ଠା-୭

**ରବିବାର ଦକ୍ଷିଣ ଆଫ୍ରିକା ସହ ଟାଇଟଲ୍ ଲଢ଼େଇ**

## ଖଣି ପଟ୍ଟାଦାରଙ୍କ ଉପରେ ୨୭୦୦ କୋଟି ବକେୟା

### ରାଜ୍ୟ ସରକାରଙ୍କୁ ସୁପ୍ରିମକୋର୍ଟଙ୍କ ଭର୍ତ୍ସନା



**ବକେୟା ଆଦାୟ ସୁନିଶ୍ଚିତ କରିବାକୁ ନିର୍ଦ୍ଦେଶ**

■ **ଭୁବନେଶ୍ୱର, ୩୦।୧୦ (ସମିସ):** ଖଣି ଲିଜ୍‌ଧାରୀଙ୍କଠାରୁ କ୍ଷତିପୂରଣ ଆଦାୟରେ ଅହେତୁକ ବିଳମ୍ବ ନେଇ ରାଜ୍ୟ ସରକାରଙ୍କୁ କଡ଼ା ସମାଲୋଚନା କରିଛନ୍ତି ସୁପ୍ରିମକୋର୍ଟ। ବେଆଇନ ଖଣି ଖନନ ଘଟଣାରେ ଖଣି ଲିଜଧାରୀଙ୍କଠାରୁ ପ୍ରାୟ ୨୭୦୦ କୋଟି ଟଙ୍କା ବର୍ଷବର୍ଷ ହେଲା ଅନାଦେୟ ରହିଛି। ଯାହାକୁ ନେଇ କ୍ଷୋଭ ପ୍ରକାଶ କରିଛନ୍ତି ସୁପ୍ରିମକୋର୍ଟ। ଅଦାଲତ କହିଛନ୍ତି ଯେ ରାଜ୍ୟ ସରକାରଙ୍କ ଅବହେଳା କାରଣରୁ ଏହି ମାମଲା ବର୍ଷ ବର୍ଷ ଧରି ଲମ୍ବିଚାଲିଛି। ଯାହାଫଳରେ ଖଣି ଲିଜଧାରୀଙ୍କୁ ଜାଣିଶୁଣି ଆଶ୍ୱସ୍ତି ପ୍ରଦାନ କରୁଥିବା ନେଇ ସନ୍ଦେହ ସୃଷ୍ଟି ହେଉଛି। ବେଆଇନ ଖଣି ଖନନ ଦ୍ୱାରା ରାଜ୍ୟକୁ ହଜାର ହଜାର କୋଟି ଟଙ୍କାର ରାଜସ୍ୱ କ୍ଷତି ହୋଇଛି। ତେଣୁ ଯେକୌଣସି ପରିସ୍ଥିତିରେ ଏହି ବକେୟା ଅର୍ଥ ଆଦାୟ କରିବାକୁ ସୁନିଶ୍ଚିତ କରିବା ଲାଗି ସୁପ୍ରିମକୋର୍ଟ ନିର୍ଦ୍ଦେଶ ପ୍ରଦାନ କରିଛନ୍ତି। ଜଷ୍ଟିସ ଦୀପଙ୍କର ଦତ୍ତା ଓ ଜଷ୍ଟିସ ଏଜି ମସିହଙ୍କୁ ନେଇ ଗଠିତ ଖଣ୍ଡପୀଠରେ ଏହି ମାମଲାର ଶୁଣାଣି କରାଯାଇଥିଲା।

କେନ୍ଦୁଝର, ସୁନ୍ଦରଗଡ଼ ଓ ମୟୂରଭଞ୍ଜ ଜିଲ୍ଲାରେ ଖଣି ନିୟମର ଉଲ୍ଲଂଘନ କରି ଖଣି ପଟ୍ଟାଦାରମାନେ ବିପୁଳ ଅନିୟମିତତା କରିଥିବା ଅଭିଯୋଗ ହୋଇଥିଲା। ଏ ସଂକ୍ରାନ୍ତ ମାମଲାର ବିଚାର କରି ବେଆଇନ ପଟ୍ଟାଦାରଙ୍କଠାରୁ ୧୭ ହଜାର କୋଟି ଟଙ୍କା କ୍ଷତିପୂରଣ ରାଶି ଆଦାୟ କରିବାକୁ ସୁପ୍ରିମକୋର୍ଟ ୨୦୧୭ ମସିହାରେ ନିର୍ଦ୍ଦେଶ ଦେଇଥିଲେ। ଏହାମଧ୍ୟରୁ ରାଜ୍ୟ ସରକାର ପଟ୍ଟାଦାରଙ୍କଠାରୁ ଏବେ ସୁଦ୍ଧା ୧୪୩୦୦ କୋଟି ଟଙ୍କା ଆଦାୟ କରିଛନ୍ତି। ଏ ▸ପୃଷ୍ଠା-୭

## ଜଷ୍ଟିସ ସୂର୍ଯ୍ୟକାନ୍ତ ପ୍ରଧାନବିଚାରପତି ନିଯୁକ୍ତ



■ **ନୂଆଦିଲ୍ଲୀ, ୩୦।୧୦ (ଏଜେନ୍ସି):** ଜଷ୍ଟିସ ସୂର୍ଯ୍ୟକାନ୍ତ ସୁପ୍ରିମକୋର୍ଟର ୫୩ତମ ପ୍ରଧାନ ବିଚାରପତି ଭାବେ ନିଯୁକ୍ତି ପାଇଛନ୍ତି। ନଭେମ୍ବର ୨୪ରେ ସେ ଶପଥ ଗ୍ରହଣ କରିବେ। ଏବେକାର ପ୍ରଧାନ ବିଚାରପତି ଜଷ୍ଟିସ୍ ବିଆର୍ ଗଭାଇ ନଭେମ୍ବର ୨୩ ତାରିଖରେ ଅବସର ଗ୍ରହଣ କରିବେ। କେନ୍ଦ୍ର ଆଇନ ମନ୍ତ୍ରୀ ଅର୍ଜୁନ ରାମ ମେଘୱାଲ ଗୁରୁବାର 'ଏକ୍ସ'ରେ ପୋଷ୍ଟ କରି ଏହି ସୂଚନା ଦେଇଛନ୍ତି। ଜଷ୍ଟିସ ସୂର୍ଯ୍ୟକାନ୍ତ ୧୪ ମାସ ଏହି ଦାୟିତ୍ୱରେ ରହିବେ। ସେ ୨୦୨୭ ଫେବୃଆରୀ ୯ରେ ଅବସର ଗ୍ରହଣ କରିବେ। ଜଷ୍ଟିସ ଗଭାଇ ସୋମବାର ପ୍ରଧାନ ବିଚାରପତି ପଦ ପାଇଁ ଜଷ୍ଟିସ ସୂର୍ଯ୍ୟକାନ୍ତଙ୍କ ନାମ ସୁପାରିସ କରିଥିଲେ। ▸ପୃଷ୍ଠା-୭

## ଆଣବିକ ଗବେଷଣା କେନ୍ଦ୍ରରେ ସୁରକ୍ଷା ଢିଲା

### ଭାବା ଆଟମିକ ରିସର୍ଚ୍ଚ ସେଣ୍ଟରରେ ନକଲି ବୈଜ୍ଞାନିକ

**କୁତବୁଦ୍ଦିନଙ୍କୁ ମୁମ୍ବଇରୁ ଗିରଫ କଲା କ୍ରାଇମ୍‌ବ୍ରାଞ୍ଚ**

**ପରମାଣୁ ଡାଟା, ୩ ପାସ୍‌ପୋର୍ଟ, ୧୪ ନକ୍ସା ଜବତ**

■ **ମୁମ୍ବଇ, ୩୦।୧୦ (ଏଜେନ୍ସି):** ମୁମ୍ବଇ ପୁଲିସ ଭେର୍ସୋଭାରେ ଜଣେ ନକ୍‌ଲି ବୈଜ୍ଞାନିକକୁ ଗିରଫ କରିଛି। ଜାମସେଦପୁରର ବାସିନ୍ଦା ୬୦ ବର୍ଷୀୟ ଅଖ୍‌ତାର କୁତବୁଦ୍ଦିନ ହୁସେନି ନିଜକୁ ଭାବା ଆଟମିକ୍ ରିସର୍ଚ୍ଚ ସେଣ୍ଟର (ବିଏଆରସି)ର ଜଣେ ଅଧିକାରୀ ଭାବେ ଦାବି କରୁଥିଲା ଓ କୌଶଳକ୍ରମେ ସେ ବିଏଆର୍‌ସି ପରିସରରେ ମଧ୍ୟ ପ୍ରବେଶ କରିବାକୁ ସକ୍ଷମ ହୋଇଥିଲା। ପୁଲିସ ତାଠାରୁ ଏକାଧିକ ଗୁରୁତ୍ୱପୂର୍ଣ୍ଣ ତଥ୍ୟ ହାସଲ କରିଛି। ତାଠାରୁ ୧୪ଟି ନକ୍ସା, ପରମାଣୁ ବ୍ଲୁ-ପ୍ରିଣ୍ଟ ଓ ୩ଟି ପାସ୍‌ପୋର୍ଟ ଜବତ କରାଯାଇଛି। ଏକାଧିକ ବିଦେଶ ଯାତ୍ରା ସମୟରେ ସେ ଏହାକୁ ବ୍ୟବହାର କରିଥିଲା। ସେ ଗୁପ୍ତଚର ଭାବେ ଗୋପନୀୟ ତଥ୍ୟ ଦେବା ନେବା କରିବାକୁ ଏହି ଯାତ୍ରା କରିଥିବା ସନ୍ଦେହ କରାଯାଉଛି। ଅଧିକାରୀମାନେ ତାକୁ ଗତ ଦୁଇବର୍ଷ ହେବ ପିଛା କରୁଥିଲେ। ଏନ୍‌ଆଇଏ ଓ ଆଇବି ଭଳି ଏଜେନ୍ସିର ସୂଚନାକୁ ଭିତ୍ତି କରି କ୍ରାଇମ ବ୍ରାଞ୍ଚ୍ ଅଖ୍‌ତାରକୁ ଗିରଫ କରିଛି। ତା ଘରୁ ପୁଲିସ ନିକଲି ପାସ୍‌ପୋର୍ଟ, ଆଧାର କାର୍ଡ, ପାନ କାର୍ଡ ଓ ବିଏଆରସିର ନକଲି ପରିଚୟପତ୍ର ଜବତ କରିଛି। ଗୋଟିଏ ପରିଚୟପତ୍ରରେ ତାର ନାମ ଅଲି ରାଜା ହୁସେନ ଓ ଅନ୍ୟଟିରେ ଆଲେକ୍‌ଜାଣ୍ଡର ପାମର୍ ଲେଖାଯାଇଥିଲା। ଗତ କିଛିମାସ ମଧ୍ୟରେ ଅଖତାର କେତୋଟି ଅନ୍ତର୍ଜାତୀୟ କଲ୍ କରି କଥା ହୋଇଥିବାରୁ ବିଦେଶୀ ନେଟ୍‌ୱର୍କ ସହିତ ତାର ସମ୍ପର୍କ ରହିଛି ବୋଲି ସନ୍ଦେହ କରାଯାଉଛି। ତାଠାରୁ ଜବତ ▸ପୃଷ୍ଠା-୭

## ଜେଲ୍‌ରୁ ମୁକୁଳିଲେ ୯୪ ଜଣ ଏସ୍‌ଆଇ ଚାକିରି ଆଶାୟୀ

■ **ବ୍ରହ୍ମପୁର, ୩୦।୧୦ (ସମିସ):** ପୁଲିସ ଏସ୍‌ଆଇ ପରୀକ୍ଷା ଜାଲିଆତି ଘଟଣାରେ ଗିରଫ ହୋଇ ବ୍ରହ୍ମପୁର ଜେଲ୍‌ରେ ଥିବା ମୋଟ ୧୧୪ଜଣ ଆଶାୟୀ ପରୀକ୍ଷାର୍ଥୀଙ୍କୁ ମଙ୍ଗଳବାର ସ୍ୱତନ୍ତ୍ର ଭିଜିଲାନ୍ସ କୋର୍ଟ ସର୍ତ୍ତମୂଳକ ଜାମିନ ପ୍ରଦାନ କରିବା ପରେ ଗୁରୁବାର ୯୪ ଜଣ ଜେଲ୍‌ରୁ ମୁକୁଳିଛନ୍ତି। ସକାଳୁ ନିଜ ପୁଅ-ଝିଅ ଓ ସମ୍ପର୍କୀୟଙ୍କୁ ନେବାକୁ ବ୍ରହ୍ମପୁର ଜେଲ୍ ସମ୍ମୁଖରେ ଅଭିଭାବକଙ୍କ ଭିଡ଼ ଲାଗିଥିଲା। ଜାମିନ ପାଇଥିବା ୧୧୪ଜଣ ଆଶାୟୀ ପରୀକ୍ଷାର୍ଥୀଙ୍କ ମଧ୍ୟରୁ ପ୍ରଥମେ ୬ଜଣ ଛାତ୍ରୀଙ୍କୁ ଜେଲ୍‌ରୁ ଛଡ଼ାଯାଇଥିଲା। ପରେ ପର୍ଯ୍ୟାୟକ୍ରମେ, ରାତି ସୁଦ୍ଧା ଅବଶିଷ୍ଟ ୮୮ଜଣ ଆଶାୟୀ ପରୀକ୍ଷାର୍ଥୀଙ୍କୁ ଛଡ଼ାଯାଇଛି। ଜାମିନ ପାଇଥିବା ଅନ୍ୟ ୨୦ଜଣଙ୍କ ରିଲିଜ୍ ଅର୍ଡର୍ ଜେଲ୍ କର୍ତ୍ତୃପକ୍ଷଙ୍କ ନିକଟରେ ପହଞ୍ଚିବାରେ ବିଳମ୍ବ ଯୋଗୁଁ ସେମାନେ ମୁକୁଳି ପାରିନାହାନ୍ତି। ଆସନ୍ତାକାଲି ଶୁକ୍ରବାର ପୂର୍ବାହ୍ନରେ ସମସ୍ତେ ମୁକୁଳିବେ ବୋଲି କୁହାଯାଉଛି। ମଙ୍ଗଳବାର କ୍ରାଇମବ୍ରାଞ୍ଚର ତଦନ୍ତକାରୀ ଅଧିକାରୀ ଭିଜିଲାନ୍ସ କୋର୍ଟରେ ▸ପୃଷ୍ଠା-୭

**ଆସନ୍ତାକାଲି ବାହାରିବେ ଅନ୍ୟ ଆଶାୟୀ**

**ନୂଆପଡ଼ା ଉପନିର୍ବାଚନ**

## ନବୀନଙ୍କ ଇଙ୍ଗିତ; ବିରୋଧୀ ଶିବିରରେ କମ୍ପନ

### ପ୍ରଭାବକୁ ନେଇ ଅଙ୍କ କଷୁଛନ୍ତି ବିରୋଧୀ

**ପ୍ରଚାର ମଇଦାନରେ ଆଗୁଆ ରହିଛି ବିଜେଡି**

**ନବୀନଙ୍କ ସମାବେଶ ଓ ରୋଡ୍ ଶୋ'କୁ ଅପେକ୍ଷା**



■ **ଭୁବନେଶ୍ୱର, ୩୦।୧୦ (ସମିସ):** ନୂଆପଡ଼ା ଉପନିର୍ବାଚନ ପାଖେଇ ଆସୁଥିବା ବେଳେ ସ୍ଥାନୀୟ ଅଞ୍ଚଳରେ ପ୍ରଚାର କାର୍ଯ୍ୟ ଜୋର୍ ଧରିଛି। ନୂଆପଡ଼ା ବର୍ତ୍ତମାନ ମିନି ଭୁବନେଶ୍ୱର ପାଲଟିଥିବା ବେଳେ ୩ ଦଳର ନେତା ଓ କର୍ମୀମାନେ ଝାଳବୁହା ପରିଶ୍ରମ କରୁଛନ୍ତି। ତେବେ ନିର୍ବାଚନ ପରିଚାଳନାରେ ସବୁଠାରୁ ପାରଙ୍ଗମ ବିଜେଡିର ପ୍ରଚାର ଶୈଳୀ ଏବେ ନୂଆପଡ଼ାବାସୀଙ୍କୁ ବେଶ୍ ପ୍ରଭାବିତ କରିଥିବା କୁହାଯାଉଛି। ପଞ୍ଚାୟତୱାରୀ ଦଳୀୟ ନେତାଙ୍କୁ ଦାୟିତ୍ୱ, ସ୍ଥାନୀୟ ନେତାଙ୍କୁ ଅଗ୍ରାଧିକାର, ଛୋଟ ଛୋଟ ରାଜନୈତିକ ସଭା ମାଧ୍ୟମରେ ବିଜେଡିର ଛାମୁଆ ସଂଗଠକ ନିଜର ପ୍ରଚାର କାର୍ଯ୍ୟକୁ ଚଳାଇଛନ୍ତି। ବିଜେଡିର ଯୋଜନାଭିତ୍ତିକ ପ୍ରଚାର ଦଳକୁ ସୁବିଧାଜନକ ସ୍ଥିତିରେ ରଖିଥିବା ବେଳେ ଦୁଇ ଦିନରେ ନବୀନଙ୍କ ଦୁଇଟି ଇଙ୍ଗିତ 'ଏଥର ବି ଶଙ୍ଖ', 'ବିଜୟ ହେବ ନୂଆପଡ଼ାର' ବିରୋଧୀ ଶିବିରରେ କମ୍ପନ ସୃଷ୍ଟି କରିଛି।

ସାମାଜିକ ଗଣମାଧ୍ୟମ 'ଏକ୍ସ'ରେ ବିଜେଡି ସୁପ୍ରିମୋ ନବୀନ ଆଜି ଏକ ଟ୍ୱିଟ୍ କରିଥିଲେ। ଏଥିରେ ସେ ନୂଆପଡ଼ାରେ ସେବା ଓ ବିକାଶର ନୂଆଧାରା ଆରମ୍ଭ ହେବ ବୋଲି ଉଲ୍ଲେଖ କରିବା ସହ ଦଳୀୟ ପ୍ରାର୍ଥୀ ସ୍ନେହାଙ୍ଗିନୀ ଛୁରିଆଙ୍କର ପ୍ରଚାରର ଏକ ଭିଡ଼ିଓ ପୋଷ୍ଟ କରିଥିଲେ। କେଇଘଣ୍ଟା ମଧ୍ୟରେ ଏହା ଦଳୀୟ କର୍ମୀ ଓ ନେତାଙ୍କ ମଧ୍ୟରେ ଏହି ଟ୍ୱିଟ୍ ଟ୍ରେଣ୍ଡ କରିଥିଲା। ଆସନ୍ତା ୩ ତାରିଖରେ କୋମନାରେ ଏକ ସମାବେଶ ଓ ୭ ତାରିଖରେ ନୂଆପଡ଼ାରୁ ଖରିଆର ▸ପୃଷ୍ଠା-୭

## ତହସିଲରେ ହେବ ଜମି କିଣାବିକା

■ **ଭୁବନେଶ୍ୱର, ୩୦।୧୦ (ସମିସ):** ଏଣିକି ତହସିଲ୍ ଅଫିସରେ ହେବ ଜମି କିଣାବିକା। ଜମି କିଣିବିକା ପାଇଁ ଆଉ ସବ୍‌ରେଜିଷ୍ଟ୍ରାରଙ୍କ ଅଫିସକୁ ଯିବା ଆବଶ୍ୟକ ପଡ଼ିବ ନାହିଁ। ରାଜ୍ୟର ସବୁ ତହସିଲରେ ଏହି ସୁବିଧା ଉପଲବ୍ଧ କରିବା ପାଇଁ ରାଜ୍ୟ ସରକାର ନିଷ୍ପତ୍ତି ନେଇଛନ୍ତି।

ସବୁଠୁ ବଡ଼ କଥା ହେଉଛି ଯେ ଏଥିପାଇଁ କୌଣସି ତୃତୀୟ ପକ୍ଷ ଉପରେ ନୁହେଁ; ବରଂ ନିଜେ ଅନ୍‌ଲାଇନ୍‌ରେ ସମୟ ନିର୍ଦ୍ଧାରଣ କରି ଲୋକେ ଜମି କିଣାବିକା କରିପାରିବେ। ଏହି ବ୍ୟବସ୍ଥାକୁ ନଭେମ୍ବର ୧ ତାରିଖରୁ ଆରମ୍ଭ କରାଯିବ ବୋଲି ରାଜସ୍ୱ ମନ୍ତ୍ରୀ ସୁରେଶ ପୂଜାରୀ କହିଛନ୍ତି। ମନ୍ତ୍ରୀ ଶ୍ରୀ ପୂଜାରୀ କହିଛନ୍ତି ଯେ ପ୍ରଥମ ପର୍ଯ୍ୟାୟରେ ରାଜ୍ୟର ୪୪ଟି ତହସିଲରେ ଏହି ବ୍ୟବସ୍ଥା ଉପଲବ୍ଧ ହେବ। ଏହି ସେବାକୁ ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ଉଦ୍‌ଘାଟନ କରିବେ।

ପ୍ରଚଳିତ ବ୍ୟବସ୍ଥା ଅନୁସାରେ, ଜିଲ୍ଲା ସ୍ତରରେ ଥିବା ୨୧୭ଟି ଉପନିବନ୍ଧକ ବା ସବ୍‌ରେଜିଷ୍ଟ୍ରାରଙ୍କ କାର୍ଯ୍ୟାଳୟରେ ଜମି ପଞ୍ଜୀକରଣ ହୋଇଥାଏ। ଏହି ବ୍ୟବସ୍ଥା ଦ୍ୱାରା ଜନସାଧାରଣ ଜମି କିଣାବିକା କ୍ଷେତ୍ରରେ ବହୁ ଅସୁବିଧାର ସମ୍ମୁଖୀନ ହୋଇଥା'ନ୍ତି। ଏହାକୁ ଦୃଷ୍ଟିରେ ରଖି ଏହି ସାଧାରଣ ସେବାକୁ ତହସିଲ ସ୍ତରକୁ ନେବା ପାଇଁ ସରକାର ନିଷ୍ପତ୍ତି ନେଇଛନ୍ତି। ଏଣିକି ରାଜ୍ୟର ୩୨୦ଟି ତହସିଲରେ ଏହି ସୁବିଧା ଉପଲବ୍ଧ ହେବ ବୋଲି ମନ୍ତ୍ରୀ କହିଛନ୍ତି।

## ଗୋଟିଏ ଦେଶ, ଗୋଟିଏ ପୁଲିସ ୟୁନିଫର୍ମ

### ସାରା ଦେଶରେ ପୁଲିସ ପାଇଁ ଗୋଟିଏ ପ୍ରକାର ପୋଷାକ

**ରାଜ୍ୟମାନଙ୍କଠାରୁ ତଥ୍ୟ ଲୋଡ଼ିଲା କେନ୍ଦ୍ର**

■ **ନୂଆଦିଲ୍ଲୀ, ୩୦।୧୦ (ଏଜେନ୍ସି):** ସାରା ଦେଶରେ ସମସ୍ତ ପୁଲିସ କର୍ମଚାରୀଙ୍କ ପାଇଁ ଗୋଟିଏ ପ୍ରକାର ପୋଷାକ (ୟୁନିଫର୍ମ) ଯୋଜନା କାର୍ଯ୍ୟକାରୀ କରିବାକୁ ଯାଉଛନ୍ତି କେନ୍ଦ୍ର ସରକାର। କନେଷ୍ଟବଲଙ୍କ ଠାରୁ ଆରମ୍ଭ କରି ଡିଏସ୍‌ପି ପାହ୍ୟା ଅଧିକାରୀ ପର୍ଯ୍ୟନ୍ତ ସମସ୍ତଙ୍କର ଗୋଟିଏ ପ୍ରକାର ପୋଷାକ ରହିବ। କପଡ଼ା, ଡିଜାଇନ ଏବଂ ରଙ୍ଗ ଗୋଟିଏ ପ୍ରକାର ରହିବ। କେବଳ ରାଜ୍ୟମାନେ ନିଜ ନିଜର ଚିହ୍ନ (ଏମ୍‌ବ୍ଲେମ୍) ଓ ର୍ୟାଙ୍କ୍ ବ୍ୟାଜ୍ ବଜାୟ ରଖିବେ।

କେନ୍ଦ୍ର ସ୍ୱରାଷ୍ଟ୍ର ବିଭାଗ ଓଡ଼ିଶା ସମେତ ସମସ୍ତ ରାଜ୍ୟ ଓ କେନ୍ଦ୍ର ଶାସିତ ଅଞ୍ଚଳ ସରକାରଙ୍କୁ ଏହି ସୂଚନା ଦେଇଛନ୍ତି। ସେମାନେ ତିଆରି କରୁଥିବା ପୋଷାକ ପାଇଁ କେତେ ଖର୍ଚ୍ଚ ହେଉଛି ଏବଂ ପୁଲିସ କର୍ମଚାରୀ/ଅଧିକାରୀମାନଙ୍କୁ ଏବାବଦ ବର୍ଷକୁ କେତେ ଭତ୍ତା ଦିଆଯାଉଛି, ତାହାର ବିସ୍ତୃତ ବିବରଣୀ ଲୋଡ଼ିଛନ୍ତି କେନ୍ଦ୍ର ସରକାର। ଆସନ୍ତା ନଭେମ୍ବର ୪ ତାରିଖ ସୁଦ୍ଧା ଏହିସବୁ ତଥ୍ୟ ଦାଖଲ କରିବା ଲାଗି ସମସ୍ତ ରାଜ୍ୟ ପୁଲିସ ମହାନିର୍ଦ୍ଦେଶକଙ୍କୁ ନିର୍ଦ୍ଦେଶ ଦିଆଯାଇଛି।

ତଥ୍ୟ ମିଳିବା ପରେ କେନ୍ଦ୍ର ସରକାର ପୁଲିସ ୟୁନିଫର୍ମ ନେଇ ସମସ୍ତ ରାଜ୍ୟ ସରକାରଙ୍କ ପାଇଁ ମାର୍ଗଦର୍ଶିକା ଜାରି କରିବେ। ପର୍ଯ୍ୟାୟ କ୍ରମେ ଏହା କାର୍ଯ୍ୟକାରୀ କରାଯିବ। ଏହା ହେଲେ ଦେଶର ପୁଲିସ ଇତିହାସରେ ପ୍ରଥମ ଥର ଲାଗି ସବୁ ରାଜ୍ୟର ପୁଲିସ କର୍ମଚାରୀ ଗୋଟିଏ ପ୍ରକାର ଡିଜାଇନ୍ ଓ ରଙ୍ଗର ୟୁନିଫର୍ମ ପିନ୍ଧିବେ। ଏବେ ବିଭିନ୍ନ ରାଜ୍ୟରେ ପୁଲିସ କର୍ମଚାରୀଙ୍କର ବିଭିନ୍ନ ପ୍ରକାର ପୋଷାକ ରହିଛି। ▸ପୃଷ୍ଠା-୭

# ଜୀବନ ନେଉଛି ଜୀବନରେଖା

### ୧୫ ଦିନରେ ଗଲାଣି ୩ ଜୀବନ ■ ପୁଣି ମହାନଦୀରେ ଛାତ୍ର ନିଖୋଜ

■ **କଟକ, ୩୦।୧୦ (ସମିସ):** ଜୀବନ ନେଉଛି ଜୀବନରେଖା। ମହାନଦୀ ଓ କାଠଯୋଡ଼ିରେ ଜଳବୁଡ଼ି ଓ ଆତ୍ମହତ୍ୟା ଜନିତ ଘଟଣା ବୃଦ୍ଧି ପାଇବାରେ ଲାଗିଛି। ବିଶେଷକରି ବ୍ରିଜ୍ ଉପରୁ ଡେଇଁ ଜୀବନ ହାରିବା ଭଳି ଘଟଣା ଏହି ଦୁଇ ନଦୀରେ ବଢ଼ି ଚାଲିଛି। ଗତବର୍ଷ ଉଭୟ ମହାନଦୀ ଓ କାଠଯୋଡ଼ିରେ ୩୯ଜଣ ଆତ୍ମହତ୍ୟା ଉଦ୍ୟମ କରିଥିବା ବେଳେ ତନ୍ମଧ୍ୟରୁ ୨୭ଜଣଙ୍କ ମୃତ୍ୟୁ ଘଟିଥିଲା। ଆହୁରି ଉଦ୍‌ବେଗଜନକ କଥା ହେଲା, ମାତ୍ର ୧୫ଦିନ ଭିତରେ ମହାନଦୀକୁ ଡେଇଁ ୩ଜଣ ପ୍ରାଣ ହରାଇ ସାରିଲେଣି। ସୌଭାଗ୍ୟକୁ ଅନ୍ୟ ୨ଜଣଙ୍କୁ ଠିକ୍ ସମୟରେ ଉଦ୍ଧାର କରାଯାଇଥିବାରୁ ସେମାନଙ୍କ ଜୀବନ ବଞ୍ଚିଯାଇଛି।



**କାର୍ଯ୍ୟକାରୀ ହୋଇପାରିଲାନି ୬ଫୁଟ ଉଚ୍ଚତାର ତାର ଜାଲି ଯୋଜନା**

**ଲାଗି ପାରିଲାନି ସିସି କ୍ୟାମେରା**


**ଗତବର୍ଷ ୩୯ ଜଣ କରିଥିଲେ ଆତ୍ମହତ୍ୟା ଉଦ୍ୟମ; ମରିଥିଲେ ୨୭**

ଆଜି ମହାନଦୀରେ ପୁଣି ଏକ ଦୁଃଖଦ ଘଟଣା ଘଟିଛି। ହାଡ଼ିଆପଠା ନିକଟରେ ଥୋରିଆସାହିର ୪ଜଣ ନାବାଳକ ଗାଧୋଇବାକୁ ଯାଇଥିବା ବେଳେ ସେମାନଙ୍କ ମଧ୍ୟରୁ ଜଣେ ନଦୀର ଗଭୀର ଜଳରାଶିରେ ଭାସି ଯାଇଛି। ସେ ହେଲା, ବାବୁ ନାୟକ (୧୬)। ଅପରାହ୍ଣ ୩ଟାରେ ବାବୁ ନିଜ ସାଙ୍ଗଙ୍କ ସହିତ ନଦୀରେ ଗାଧୋଇବା ସହ ଜଳକ୍ରୀଡ଼ା କରୁଥିଲା। ହଠାତ୍ ତା'ର ପାଦ ଖସିଯିବାରୁ ସେ ଗଭୀର ଜଳରାଶିକୁ ଚାଲିଯାଇଥିଲା ଓ ନିଖୋଜ ହୋଇଯାଇଥିଲା। ସ୍ଥାନୀୟ ଲୋକଙ୍କଠାରୁ ସୂଚନା ପାଇ ବକ୍ସିବଜାର ଅଗ୍ନିଶମ କେନ୍ଦ୍ରର ଗୋଟିଏ ଟିମ୍ ନଦୀରେ ଖୋଜାଖୋଜି କରି କରିଥିଲେ। କିନ୍ତୁ ରାତି ହୋଇଯିବାରୁ ଉଦ୍ଧାର କାର୍ଯ୍ୟକୁ ବନ୍ଦ କରାଯାଇଛି। ଅଗ୍ନିଶମ ଅଧିକାରୀ ସଞ୍ଜୀବ କୁମାର ବେହେରା କହିଛନ୍ତି, ହାଡ଼ିଆପଠାରେ ନଦୀର ତୁଠ ନ ଥିଲା। ବାବୁ ଓ ତା' ସାଙ୍ଗମାନେ ସେଠାରେ ବିପଦପୂର୍ଣ୍ଣ ଭାବେ ନଦୀକୁ ପ୍ରବେଶ କରିଥିଲେ। ▸ପୃଷ୍ଠା-୭

# ଫୁଡ୍ ଡେଲିଭରୀ ବଏଙ୍କୁ କାର୍ ଚଢ଼ାଇ ମାରିଦେଲେ ଦମ୍ପତି

ବେଙ୍ଗାଲୁରୁ, ୩୦ ।୧୦(ଏଜେନ୍ସି): ବେଙ୍ଗାଲୁରୁରେ ଏକ ଅଭାବନୀୟ ଘଟଣା ଘଟିଛି । ଜଣେ ଫୁଡ୍ ଡେଲିଭରୀ ଏଜେଣ୍ଟଙ୍କୁ କାର୍ ଚଢ଼ାଇ ହତ୍ୟା କରିଛନ୍ତି ଏକ ଦମ୍ପତି । ଅକ୍ଟୋବର ୨୫ରେ ଜେପି ନଗର ଅଞ୍ଚଳରେ ଏହି ହତ୍ୟାକାଣ୍ଡ ଘଟିଥିଲା । କିନ୍ତୁ ବେଙ୍ଗାଲୁରୁ ପୁଲିସ ବୁଧବାର ଏହି ରୋଡ ରେଜ୍ ସମ୍ପର୍କରେ ସୂଚନା ଦେଇଛି । ଅଭିଯୁକ୍ତ ମନୋଜ କେରଳର ଓ ତାଙ୍କ ପତ୍ନୀ ଆରତୀ ଜମ୍ମୁ-କଶ୍ମୀରର ବୋଲି ପୁଲିସ କହିଛି । ଫୁଡ୍ ଡେଲିଭରୀ ଏଜେଣ୍ଟ ଦର୍ଶନଙ୍କ ସ୍କୁଟି ମନୋଜଙ୍କ କାର୍‌କୁ ଧକ୍କା ଦେଇଥିଲା । ଫଳରେ ମନୋଜଙ୍କ କାର୍‌ର କାଚ ଭାଙ୍ଗିଯାଇଥିଲା । ଏହାର ପ୍ରତିଶୋଧ ନେବା ପାଇଁ ମନୋଜ ପିଛା କରି ଦର୍ଶନଙ୍କୁ କାର୍‌ରେ ଧକ୍କା ଦେଇଥିଲେ । ପ୍ରଥମେ ଏହାକୁ ଏକ ହିଟ୍ ଆଣ୍ଡ ରନ୍ ମାମଲା ବୋଲି ପୁଲିସ କହୁଥିଲା । କିନ୍ତୁ ସିସିଟିଭି ଫୁଟେଜରେ ମନୋଜ ଜାଣିଶୁଣି ଦର୍ଶନଙ୍କ ସ୍କୁଟିକୁ ଧକ୍କା ଦେଉଥିବା ସ୍ପଷ୍ଟ ଭାବେ ଜଣା ପଡ଼ିଥିଲା । ଯାଞ୍ଚ ପରେ ଏହି ହିଟ୍ ଆଣ୍ଡ ରନ୍ ମାମଲା ହତ୍ୟାକାଣ୍ଡ ଭାବେ ବଦଳିଯାଇଛି ।

ପୁଲିସ କହିବା ଅନୁସାରେ ରାତି ୯ଟାରେ ଦର୍ଶନଙ୍କ ସ୍କୁଟି ମନୋଜଙ୍କ କାର୍‌କୁ ହାଲ୍‌କା ଭାବେ ଧକ୍କା ଦେଇଥିଲା । ଏଥିରେ କାର୍‌ର କାଚ ଭାଙ୍ଗିଯାଇଥିଲା । ଏଥିପାଇଁ ଦର୍ଶନ କ୍ଷମା ମାଗି ଆଗକୁ ଚାଲିଯାଇଥିଲେ । କିନ୍ତୁ ମନୋଜ ରାଗିଯାଇ ୟୁ ଟର୍ଣ୍ଣ ନେଇ ପାଖପାଖି ଦୁଇ କିମି ପିଛା କରି ଜେପି ନଗର ନିକଟରେ ସ୍କୁଟିକୁ ଜାଣିଶୁଣି ଧକ୍କା ଦେଇଥିଲେ । ଫଳରେ ଦର୍ଶନ ଓ ତାଙ୍କ ବନ୍ଧୀ ବରୁଣ ସଡ଼କ ଉପରେ ପଡ଼ିଯାଇଥିଲେ । ସ୍ଥାନୀୟ ଲୋକ ଦୁଇଜଣଙ୍କୁ ହସ୍ପିଟାଲରେ ଭର୍ତ୍ତି କରିଥିଲେ । ଡାକ୍ତର ଦର୍ଶନଙ୍କୁ ମୃତ ଘୋଷିତ କରିଥିବାବେଳେ ବରୁଣ ସାମାନ୍ୟ ଆହତ ହୋଇଥିଲେ । ଘଟଣା ଘଟାଇବା ପରେ ମନୋଜ ଓ ଆରତୀ ମାସ୍କ ପିନ୍ଧି ନିଜ କାରର ଭାଙ୍ଗିଥିବା କାଚ ଉଠାଇ ପଳାଇ ଥିଲେ ବୋଲି ପୁଲିସ କହିଛି । ମନୋଜ ନିଜର ଦୋଷ ତଥା ଅପରାଧ ସ୍ୱୀକାର କରିଛି ।



ତେବେ ଘଟଣା ସମୟରେ ଆରତୀ ତାଙ୍କ ସହ ଥିଲା କି ନାହିଁ ସେ ନେଇ ଯାଞ୍ଚ ଚାଲିଛି ବୋଲି ଦକ୍ଷିଣ ବେଙ୍ଗାଲୁରୁ ଡିସିପି ଲୋକେଶ ଜଗଲାସର କହିଛନ୍ତି ।

# ମୁମ୍ବାଇରେ ୩ ଘଣ୍ଟାର ଆତଙ୍କ

## ଅଡିସନ୍ ପାଇଁ ଯାଇଥିବା ୧୭ ଶିଶୁ ମୁଣ୍ଡଜାମିନ

ମୁମ୍ବାଇ, ୩୦।୧୦ (ଏଜେନ୍ସି): ଭାରତର ଆର୍ଥିକ ରାଜଧାନୀରେ ୩ ଘଣ୍ଟା ପର୍ଯ୍ୟନ୍ତ ଆତଙ୍କ ଖେଳି ଯାଇଛି । ଜଣେ ବ୍ୟକ୍ତି ମୁମ୍ବାଇର ପୱାଇ ଅଞ୍ଚଳର ସ୍ଥିତ ଏକ କୋଠାର ପ୍ରଥମ ମହଲାରେ ଥିବା ଆରଏ ଷ୍ଟୁଡିଓରେ ୧୭ ଶିଶୁଙ୍କ ସମେତ ଜଣେ ବରିଷ୍ଠ ନାଗରିକ ଏବଂ ଅନ୍ୟ ଜଣେ ବ୍ୟକ୍ତିଙ୍କୁ ବନ୍ଦୀ କରି ରଖିଛି । ଦୀର୍ଘ ଘଣ୍ଟା ପର୍ଯ୍ୟନ୍ତ ଏହି ପିଲାଙ୍କୁ ନ ଛାଡ଼ିବାରୁ ପୁଲିସ, ଦମକଳବାହିନୀ ଏବଂ ପିଲାଙ୍କପରିବାର ସଦସ୍ୟ ସେଠାରେ ପହଞ୍ଚି ଥିଲେ । ମୁଖ୍ୟ ଅଭିଯୁକ୍ତ ରାହୁଲ ଆର୍ଯ୍ୟ ଏକ ଭିଡିଓ ଜାରି କରି ନିଜ ଦାବି ରଖିଥିଲା । ସେ କିଛି ବ୍ୟକ୍ତିଙ୍କଠାରୁ ପ୍ରଶ୍ନର ଉତ୍ତର ଚାହୁଁଥିବା କହିଥିଲା ।

- **ଉଦ୍ଧାର କଲେ ପୁଲିସ ଓ ଦମକଳବାହିନୀ**
- **ଏନ୍‌କାଉଣ୍ଟରରେ ଅଭିଯୁକ୍ତ ନିହତ**

ସେଥିପାଇଁ ଏହି ଷଡ଼ଯନ୍ତ୍ର କରିଥିବା ଉଲ୍ଲେଖ କରିଥିଲା । କିନ୍ତୁ ପରେ ପୁଲିସ ସ୍ୱତନ୍ତ୍ର ଅଭିଯାନ ଆରମ୍ଭ କରିଥିଲା । ଏକ ଘଣ୍ଟାର କସରତ ପରେ ପୁଲିସ ପ୍ରଥମ ମହଲାରେ ଥିବା ଗାଧୁଆଘର ଦେଇ ଭିତରେ ପ୍ରବେଶ କରିଥିଲା । ଅଭିଯୁକ୍ତକୁ ଗୁଳି ମାଡ଼ କରି



୧୭ ଶିଶୁଙ୍କୁ ସୁରକ୍ଷିତ ଭାବେ ଉଦ୍ଧାର କରିଥିଲା । ତେବେ ଏହି ଏନ୍‌କାଉଣ୍ଟରରେ ମୁଖ୍ୟ ଅଭିଯୁକ୍ତ ରାହୁଲ ଆର୍ଯ୍ୟ ପ୍ରାଣ ହରାଇଛି । ସୂଚନା ଅନୁଯାୟୀ ଆରଏ ଷ୍ଟୁଡିଓରେ ପିଲାଙ୍କୁ ଅଭିନୟ ଶିକ୍ଷା ଦିଆଯାଉଥିଲା । ଅଡିସନ ବାହାନାରେ ପ୍ରାୟ ଶହେ ଶିଶୁଙ୍କୁ ସେଠାକୁ ଡକା ଯାଇଥିଲା । ମାତ୍ର ୧୭ ଜଣ ଏଥିପାଇଁ ପହଞ୍ଚି ଥିଲେ । ସମସ୍ତଙ୍କ ବୟସ ୮ରୁ ୧୪ ବର୍ଷ ମଧ୍ୟରେ ଥିଲା । ପୁଲିସକୁ ଏହାର ସୂଚନା ଗୁରୁବାର ଅପରାହ୍ଣ ୧ଟା ୪୫ରେ ମିଳିଥିଲା । ସଙ୍ଗେ ସଙ୍ଗେ ପୁଲିସ ଘଟଣାସ୍ଥଳରେ ପହଞ୍ଚି ଅଭିଯୁକ୍ତର ଦାବି ଜାଣିବାକୁ ଚାହିଁଥିଲା । କିନ୍ତୁ ସେ ଶିଶୁଙ୍କୁ ଛାଡିବାକୁ ମନା କରି ଦେଇଥିଲା । ଷ୍ଟୁଡିଓରେ ଲାଗିଥିବା କାଚ ଦେଇ ଶିଶୁ ବାହାରକୁ ଚାହିଁ ରହିଥିବା ଦେଖିବାକୁ ମିଳିଥିଲା । ତେବେ ଶିଶୁଙ୍କ କ୍ଷତି କରିବାକୁ ଧମକାଇବା ପରେ ପୁଲିସ ଉଦ୍ଧାର ଅଭିଯାନ ଆରମ୍ଭ କରିଥିଲା । ୩ ଘଣ୍ଟା ବନ୍ଦୀ ହୋଇ ରହିବା ପରେ ସମସ୍ତଙ୍କୁ ଉଦ୍ଧାର କରାଯାଇଥିଲା । ଘଟଣାସ୍ଥଳରୁ ଏକ ଏୟାର ଗନ୍ ଏବଂ ଅନ୍ୟ ରାସାୟନିକ ସାମଗ୍ରୀ ମିଳିଛି । ଏ ପର୍ଯ୍ୟନ୍ତ ରୋହିତର ଉଦ୍ଦେଶ୍ୟ ଜଣାପଡ଼ି ନାହିଁ । ଅଭିଯୁକ୍ତ ଜଣେ ମାନସିକ ରୋଗୀ ବୋଲି ପୁଲିସ ସନ୍ଦେହ କରୁଛି ।

ଏହା ପୂର୍ବରୁ ଅଭିଯୁକ୍ତ ଏକ ଭିଡିଓ ଜାରି କରି କହିଥିଲା ଯେ ସେ ଆତ୍ମହତ୍ୟା କରିବା ପରିବର୍ତ୍ତେ ଶିଶୁଙ୍କୁ ବନ୍ଦୀ ବନାଇ ରଖିଛି । ମୁଁ ବହୁତ ସାଧାରଣ ବ୍ୟକ୍ତି । ମୋର କିଛି ନୈତିକ ଦାବି ଏବଂ ପ୍ରଶ୍ନ ରହିଛି । କିଛି ଲୋକଙ୍କ ସହ ଆଲୋଚନା କରି ପ୍ରଶ୍ନର ଉତ୍ତର ଚାହୁଁଛି । ଏହା ବ୍ୟତୀତ ମୁଁ ଆଉ କିଛି ଚାହୁଁନାହିଁ ।

# ପରମାଣୁ ଅସ୍ତ୍ର ପରୀକ୍ଷା ପାଇଁ ନିର୍ଦ୍ଦେଶ ଦେଲେ ଟ୍ରମ୍ପ



ୱାଶିଂଟନ, ୩୦ ।୧୦(ଏଜେନ୍ସି): ଆମେରିକା ରାଷ୍ଟ୍ରପତି ଡୋନାଲ୍ଡ ଟ୍ରମ୍ପ ପ୍ରତିରକ୍ଷା ମନ୍ତ୍ରଣାଳୟ ଅର୍ଥାତ ପେଣ୍ଟାଗନକୁ ତୁରନ୍ତ ପରମାଣୁ ଅସ୍ତ୍ର ପରୀକ୍ଷଣ କରିବାକୁ ନିର୍ଦ୍ଦେଶ ଦେଇଛନ୍ତି । ଏହି ପରୀକ୍ଷଣ ଚୀନ୍ ଓ ରୁଷିଆ ସହ ବରାବର ହେବା ଉଚିତ ବୋଲି ସେ କହିଛନ୍ତି । ଅନ୍ୟ ଦେଶଗୁଡିକର ପରୀକ୍ଷଣକୁ ଦେଖି ପରମାଣୁ ଅସ୍ତ୍ରର ତୁରନ୍ତ ପରୀକ୍ଷା ପାଇଁ ନିର୍ଦ୍ଦେଶ ଦେଇଛି ବୋଲି ଟ୍ରମ୍ପ କହିଛନ୍ତି । ଆମେରିକା ପାଖରେ ସବୁଠାରୁ ଅଧିକ ପରମାଣୁ ଅସ୍ତ୍ର ରହିଛି । ରୁଷିଆ ଦ୍ୱିତୀୟ ସ୍ଥାନରେ ରହିଛି । କିନ୍ତୁ ଆଗାମୀ ୫ ବର୍ଷରେ ରୁଷ ବରାବର କରିପାରେ ବୋଲି ସେ କହିଛନ୍ତି । ରୁଷ ଓ ଚୀନ୍ ଦୁଇ ଦେଶ ପରମାଣୁ ଅସ୍ତ୍ରର ପରୀକ୍ଷା କରୁଛନ୍ତି । କିନ୍ତୁ ଆମେ ପରୀକ୍ଷଣ କରୁନାହୁଁ । ଅନ୍ୟ ଦେଶମାନେ କରୁଛନ୍ତି । ଏବେ ଆମେ ମଧ୍ୟ ପରମାଣୁ ଅସ୍ତ୍ର ପରୀକ୍ଷା କରିବୁ ବୋଲି ଟ୍ରମ୍ପ ସ୍ପଷ୍ଟ କରିଛନ୍ତି ।

ଆମେରିକା ୩୩ ବର୍ଷ ତଳେ ଏଭଳି ପରମାଣୁ ଅସ୍ତ୍ର ପରୀକ୍ଷଣ କରିଥିଲା । ଆମେରିକା ୧୯୯୨ ସେପ୍ଟେମ୍ବର ୨୩ରେ ଶେଷଥର ପାଇଁ ପରମାଣୁ ଅସ୍ତ୍ର ପରୀକ୍ଷା କରିଥିଲା । ଏହା ଆମେରିକାର ୧, ୦୩୦ତମ ପରମାଣୁ ଅସ୍ତ୍ର ପରୀକ୍ଷଣ ଥିଲା । ନାଭେଡା

**■ ୩୩ ବର୍ଷ ତଳେ ହୋଇଥିଲା ପରୀକ୍ଷଣ**

ଟେଷ୍ଟ ସାଇଟ୍‌ର ରେନିଅର ମେସା ହିଲ୍‌ସାଇଡ୍‌ରେ ୨୩୦୦ ଫୁଟ ତଳେ ଆମେରିକା ଶେଷଥର ପାଇଁ ପରମାଣୁ ଅସ୍ତ୍ର ପରୀକ୍ଷା କରିଥିଲା । ଆଣବିକ ବିକିରଣ ବାହାରକୁ ନ ବ୍ୟାପୀବା ପାଇଁ ଏପରି କରାଯାଇଥିଲା । ସେତେବେଳେ ଏହାର କୋଡ ନାମ ଡିଭାଇଡର ଥିଲା । ମାଟି ତଳେ ଏତେଜୋରରେ ବିସ୍ଫୋରଣ ହୋଇଥିଲା ଯେ, ପଥର ମଧ୍ୟ ତରଳି ଯାଇଥିଲା । ମାଟିରସ୍ତର ଗୋଟିଏ ଫୁଟ ଉପରକୁ ଉଠି ପୁଣି ତଳକୁ ଧସିଯାଇଥିଲା । ଏବେ ସେଠାରେ ୧୫୦ମିଟର ଚଉଡ଼ା ଓ ୧୦ ମିଟର ଗାତ ଦେଖିବାକୁ ମିଳିଛି । ଏହାପରେ ୧୯୯୬ରେ କମ୍ପ୍ରିହେନସିଭ ନ୍ୟୁକ୍ଲିୟାର ଟେଷ୍ଟ ବ୍ୟାନ ଟ୍ରିଟି (ସିଟିବିଟି) ସ୍ୱାକ୍ଷରିତ ହୋଇଥିଲା । ଫଳରେ ମାଟିତଳେ ପରମାଣୁ ଅସ୍ତ୍ର ପରୀକ୍ଷଣ ଉପରେ ରୋକ ଲଗାଯାଇଥିଲା । ଚୀନ୍ ଓ ଆମେରିକା ଏହି ଚୁକ୍ତିରେ ଦସ୍ତଖତ କରିଥିଲେ ମଧ୍ୟ ଏପର୍ଯ୍ୟନ୍ତ ଏହାକୁ ଔପଚାରିକ ଭାବେ ମଞ୍ଜୁରୀ ଦେଇନାହାନ୍ତି ।

# ୬ ମାସ ପାଇଁ ଚାବାହାର ବନ୍ଦର କଟକଣାରୁ ବର୍ତ୍ତିଲା ଭାରତ

ନୂଆଦିଲ୍ଲୀ, ୩୦ ।୧୦(ଏଜେନ୍ସି): ଆମେରିକା ରାଷ୍ଟ୍ରପତି ଡୋନାଲ୍ଡ ଟ୍ରମ୍ପ ଭାରତକୁ ବଡ଼ ଆଶ୍ୱସ୍ତି ପ୍ରଦାନ କରିଛନ୍ତି । ଇରାନର ଚାବାହାର ବନ୍ଦର ଉପରେ ଆମେରିକା କଟକଣା ଲାଗୁ କରିନାହିଁ । ଏହି ବନ୍ଦର ଉପରେ କଟକଣା ନେଇ ଆମେରିକା ତା'ର ରିହାତି ଅବଧିକୁ ଆଉ ୬ ମାସ ବୃଦ୍ଧି କରିଛି । ଏହି ଅବଧି ଅକ୍ଟୋବର ୨୭ରେ ଶେଷ ହେବାକୁ ଯାଉଥିଲା । ଏହାକୁ ଭାରତର ଏକ ବଡ଼ କୂଟନୈତିକ ବିଜୟ ବୋଲି କୁହାଯାଉଛି । ଏହି ବନ୍ଦରର ବ୍ୟବହାର ଏବଂ ନିର୍ମାଣ ନେଇ ୨୦୨୪ରେ ଇରାନ ସହ ଭାରତ ୧୦ ବର୍ଷ ପାଇଁ ଚୁକ୍ତି କରିଥିଲା । ଭାରତ ମଧ୍ୟ ଏଥିପାଇଁ ବହୁତ ଅର୍ଥ ନିବେଶ କରିଥିଲା । ଏହି ଚୁକ୍ତି ଅନୁସାରେ ଇଣ୍ଡିଆନ ପୋର୍ଟ୍ସ ଗ୍ଲୋବାଲ ଲିମିଟେଡ (ଆଇପିଜିଏଲ୍) ବନ୍ଦର ସହିଦ ବେହେସ୍ତି ଟର୍ମିନାଲର ପରିଚାଳନା ପ୍ରକ୍ରିୟାକୁ ନିଜ ହାତକୁ ନେଇଥିଲା । ଫଳରେ ଭାରତ ପ୍ରଥମଥର ପାଇଁ କୌଣସି ବିଦେଶୀ ବନ୍ଦରର ପରିଚାଳନା ନିଜ ହାତକୁ ନେଇଥିଲା । ଏହାପୂର୍ବରୁ ୨୦୧୬ରେ ହୋଇଥିବା ଚୁକ୍ତିର ନବୀକରଣ ପ୍ରତିବର୍ଷ କରା ଯାଉଥିଲା । ଚାବାହାର ବନ୍ଦର ଭାରତ ପାଇଁ ବିଶେଷ ଭାବେ ଗୁରୁତ୍ୱ ବହନ କରୁଛି । କାରଣ ପାକିସ୍ତାନକୁ ବାଇପାସ୍ କରି ଭାରତ ଏହି ବନ୍ଦର ମାଧ୍ୟମରେ ଆଫଗାନିସ୍ତାନ ଓ ମଧ୍ୟ ଏସୀୟ ଦେଶଗୁଡିକ ସହ ସିଧାସଳଖ ବାଣିଜ୍ୟ ଓ ବ୍ୟବସାୟ କରିବାକୁ ସକ୍ଷମ ହେଉଛି । ୨୦୨୩ରେ ଭାରତ ଏହି ପ୍ରକଳ୍ପ ନେଇ ପ୍ରସ୍ତାବ ଦେଇଥିଲା । ଏହା ଦ୍ୱାରା ଅନ୍ତର୍ଜାତୀୟ ଉତ୍ତର- ଦକ୍ଷିଣ ଟ୍ରାନ୍ସପୋର୍ଟ କରିଡର ଜରିଆରେ ଆଞ୍ଚଳିକ ଯୋଗାଯୋଗ ସୁଦୃଢ଼ ହୋଇଛି ।

# ମୁଖ୍ୟମନ୍ତ୍ରୀ ପଦ | ନୀତୀଶ କୁମାରଙ୍କୁ ନେଇ ଅନିଶ୍ଚିତତା

ପାଟନା, ୩୦।୧୦ (ଏଜେନ୍ସି): ବିହାର ବିଧାନସଭା ନିର୍ବାଚନ ପାଇଁ ଜୋରସୋରରେ ପ୍ରଚାର ଚାଲିଛି । ଏ ପର୍ଯ୍ୟନ୍ତ କ୍ଷମତାସୀନ ମେଣ୍ଟ ଏନ୍‌ଡିଏରେ ମୁଖ୍ୟମନ୍ତ୍ରୀ ପ୍ରାର୍ଥୀକୁ ନେଇ କୌଣସି ଘୋଷଣା ହୋଇନାହିଁ । ତେଣୁ ମୁଖ୍ୟମନ୍ତ୍ରୀ ନୀତୀଶ କୁମାରଙ୍କ ଆଗାମୀ ଭବିଷ୍ୟତକୁ ନେଇ ଅନିଶ୍ଚିତତା ଲାଗି ରହିଛି । ଯଦି ଏନ୍‌ଡିଏ ପୁଣି ନିର୍ବାଚନ ଜିତେ ତେବେ ସେ ମୁଖ୍ୟମନ୍ତ୍ରୀ ହୋଇ ନ ପାରନ୍ତି । ଏହାକୁ ନେଇ ବିରୋଧୀ ଇଣ୍ଡିଆ ସଦସ୍ୟ ଶାସକ ମେଣ୍ଟକୁ ସମାଲୋଚନା କରୁଥିବାବେଳେ ନୀତୀଶଙ୍କୁ ଚିଡ଼ାଇବାକୁ ଉଦ୍ୟମ କରୁଛନ୍ତି । ପୂର୍ବରୁ ବାରମ୍ବାର ପଟ ପରିବର୍ତ୍ତନର ରେକର୍ଡ ନୀତୀଶଙ୍କ ନାମରେ ରହିଛି । ଏହାର ମଧ୍ୟରେ ବିହାର ଉପ-ମୁଖ୍ୟମନ୍ତ୍ରୀ ସମ୍ରାଟ ଚୌଧୁରୀ ଏକ ସାକ୍ଷାତକାରରେ ଭିନ୍ନ ମନ୍ତବ୍ୟ ଦେଇଛନ୍ତି । ନୀତୀଶ କୁମାର ଆଗକୁ ମଧ୍ୟ ମୁଖ୍ୟମନ୍ତ୍ରୀ ରହିବେ ବୋଲି କହିଛନ୍ତି । ଏବେ ରାଜ୍ୟରେ କୌଣସି ମୁଖ୍ୟମନ୍ତ୍ରୀ ପଦ ଖାଲି ନାହିଁ ଏବଂ ଆଗକୁ ମଧ୍ୟ ଖାଲି ହେବନି ବୋଲି ଉଲ୍ଲେଖ କରିଥିଲେ । ତେବେ ସ୍ୱରାଷ୍ଟ୍ରମନ୍ତ୍ରୀ ଅମିତ ଶାହା ଆଜି ମୁଙ୍ଗେରରେ ପ୍ରଚାର କରି ଚୌଧୁରୀଙ୍କ ପାଇଁ ଭୋଟ ମାଗିଛନ୍ତି । ଶାହା କହିଥିଲେ ଯେ ଭୋଟ ଦେଇ ଜିତାଇଲେ ଆମେ ସମ୍ରାଟଙ୍କୁ ବଡ଼ ଲୋକ ବନାଇ ଦେବୁ । ଅନ୍ୟ ଅଞ୍ଚଳରେ ଲୋକେ ନିଜ ବିଧାୟକଙ୍କୁ ମନ୍ତ୍ରୀ କରିବାକୁ କହୁଥିବାବେଳେ ସେ ତାରାପୁରର ଜନତାଙ୍କୁ ଉପ-ମୁଖ୍ୟମନ୍ତ୍ରୀ ଦେଇଛନ୍ତି । ଅନ୍ୟପକ୍ଷରେ କଂଗ୍ରେସ ନେତା ରାହୁଲ ଗାନ୍ଧୀ ମହାମେଣ୍ଟ ପାଇଁ ପ୍ରଚାର ଆରମ୍ଭ କରିଛନ୍ତି । ସେ ନାଳନ୍ଦାର ନୁରସରାୟରେ କହିଥିଲେ ଯେ ପ୍ରଧାନମନ୍ତ୍ରୀ ମୋଦୀ ଜଣେ ଭୟାଳୁ ବ୍ୟକ୍ତି । ମୋଦୀଙ୍କଠାରୁ ଇନ୍ଦିରା ଅଧିକ ସାହସୀ ଥିଲେ । ଆମେରିକା ରାଷ୍ଟ୍ରପତିଙ୍କୁ ମୋଦୀ ଭୟ କରୁଛନ୍ତି । ମୋଦୀଙ୍କୁ ଧମକାଇ 'ଅପରେସନ ସିନ୍ଦୂର' ବନ୍ଦ କଲି ବୋଲି ଟ୍ରମ୍ପ ୫୦ ଥର ଟ୍ରମ୍ପ ଦାବି କଲେଣି । ସେହିପରି ପ୍ରଧାନମନ୍ତ୍ରୀ ମୋଦୀ ମୁଜଫରପୁରରେ କହିଥିଲେ ଯେ ଆରଜେଡିର ବିନାଶ ପାଇଁ କଂଗ୍ରେସ କାମ କରୁଛି । ନରେନ୍ଦ୍ର ଓ ନୀତୀଶ ଲୋକଙ୍କ ସ୍ୱପ୍ନ ପୂରଣ କରୁଥିବାବେଳେ କଂଗ୍ରେସ ଏବଂ ଆରଜେଡି ବିହାର ଓ ବିହାରୀଙ୍କୁ ଅପମାନିତ କରୁଛନ୍ତି । ତାମିଲନାଡୁରେ ଯେଉଁ ଡିଏମକେ ନେତା ବିହାରୀଙ୍କୁ ଉତ୍ପୀଡ଼ନ ଦେଉଛନ୍ତି ତାଙ୍କୁ କଂଗ୍ରେସ ପ୍ରଚାର ପାଇଁ ଡାକୁଛି ।

# କାନାଡ଼ାରେ ଭାରତୀୟ ବ୍ୟବସାୟୀଙ୍କୁ ହତ୍ୟା

ମଣ୍ଟ୍ରିଲ, ୩୦ ।୧୦(ଏଜେନ୍ସି): କାନାଡ଼ାରେ ଜଣେ ଭାରତୀୟ ବ୍ୟବସାୟୀଙ୍କୁ ପିଟି ପିଟି ହତ୍ୟା କରାଯାଇଛି । ଏହି ବ୍ୟବସାୟୀ ହେଉଛନ୍ତି ୫୫ ବର୍ଷୀୟ ଅରବି ସିଂହ ସଗ୍ଗୁ । ୧୦୯ ଷ୍ଟ୍ରିଟ୍ ଓ ୧୦୦ ଆଭେନ୍ୟୁ ନିକଟରେ ପୁଲିସକୁ ଜଣେ ବ୍ୟକ୍ତିଙ୍କ ଉପରେ ଆକ୍ରମଣ ନେଇ ସୂଚନା ମିଳିଥିଲା । ପୁଲିସ ସେଠାରେ ପହଞ୍ଚି ସଗ୍ଗୁଙ୍କୁ ଚେତାଶୂନ୍ୟ ଅବସ୍ଥାରେ ଉଦ୍ଧାର କରିଥିଲା । ତାଙ୍କୁ ହସ୍ପିଟାଲରେ ଭର୍ତ୍ତି କରାଯାଇଥିଲେ ମଧ୍ୟ ୫ ଦିନପରେ ସେ ମୃତ୍ୟୁବରଣ କରିଥିଲେ । ସଗ୍ଗୁ ଓ ତାଙ୍କ ବାନ୍ଧବୀ ରାତିରେ ଖାଇ ସାରି ନିଜ ଗାଡ଼ି ପାଖକୁ ଆସିଥିବାବେଳେ ଏପରି ହୋଇଥିଲା । ସେତେବେଳେ ଜଣେ ବ୍ୟକ୍ତି ତାଙ୍କ ଗାଡ଼ି ଉପରେ ପରିସ୍ରା କରୁଥିବା ସେ ଦେଖିଥିଲେ । ସଗ୍ଗୁ ପ୍ରଶ୍ନ କରିବା ପରେ ବ୍ୟକ୍ତି ଜଣକ ତାଙ୍କୁ ଆକ୍ରମଣ କରିଥିଲେ । ବ୍ୟକ୍ତି ଜଣକ ପ୍ରଥମେ ଗାଳିଗୁଲଜ କରିଥିଲେ ଓ ସଗ୍ଗୁ ତଳେ ପକାଇ ପିଟିବାରେ ଲାଗିଥିଲେ । ପୁଲିସ ଏହି ଘଟଣାରେ ୪୦ ବର୍ଷୀୟ କାଏଲ ପାପିନକୁ ଗିରଫ କରିଛି ।

# ଦାଉଦ୍ ଆତଙ୍କବାଦୀ ନୁହଁ: ମମତା କୁଲକର୍ଣ୍ଣୀ

ଗୋରଖପୁର, ୩୦ ।୧୦(ଏଜେନ୍ସି): ଅଭିନେତ୍ରୀରୁ ସାଧବୀ ହୋଇଥିବା ମମତା କୁଲକର୍ଣ୍ଣୀ ଗୋରଖପୁରରେ ଅଣ୍ଡରୱାର୍ଲ୍ଡ ଡନ୍ ଦାଉଦ୍ ଇବ୍ରାହିମ୍‌କୁ ନେଇ ବିବାଦୀୟ ମନ୍ତବ୍ୟ ଦେଇଛନ୍ତି । ଦାଉଦ୍ ଆତଙ୍କବାଦୀ ନ ଥିଲା ଓ କୌଣସି ବୋମା ବିସ୍ଫୋରଣ କରାଇନାହିଁ ବୋଲି ମମତା କହିଛନ୍ତି । କେବଳ ସେତିକି ନୁହେଁ, ସେ ଦାଉଦ୍ ସହ କେବେ ସାକ୍ଷାତ କରିନାହାନ୍ତି ବୋଲି ସ୍ପଷ୍ଟ କରିଛନ୍ତି । ଏହାକୁ ନେଇ ବିବାଦ ହେବାରୁ ସେ ସଫେଇ ଦେଇଛନ୍ତି । ସେ ନିଜ ମନ୍ତବ୍ୟକୁ ବଦଳାଇଛନ୍ତି । ଦାଉଦ୍ ଭାରତର ଆତଙ୍କବାଦୀ ଥିଲା ଓ ରହିବ ବୋଲି ସେ ସଫେଇ ଦେଇ କହିଛନ୍ତି । ସ୍ୱାମୀ ଭିକି ଗୋସ୍ୱାମୀଙ୍କ ବିଷୟରେ ମନ୍ତବ୍ୟ ଦେଇଥିଲି । ବିସ୍ଫୋରଣ ସହ ଭିକିଙ୍କ କୌଣସି ସମ୍ପର୍କ ନଥିଲା । ଆଜି ମୋର ତାଙ୍କ ସହ କୌଣସି ସମ୍ପର୍କ ନାହିଁ । ମୋର ମନ୍ତବ୍ୟକୁ କଦର୍ଥ କରାଯାଇଛି ବୋଲି ସେ କହିଛନ୍ତି ।

# ପତ୍ନୀ ହିନ୍ଦୁରୁ ଖ୍ରୀଷ୍ଟିଆନ ହୁଅନ୍ତୁ ଚାହାନ୍ତି ଭାନ୍ସ

ୱାସିଂଟନ, ୩୦ ।୧୦(ଏଜେନ୍ସି): ଆମେରିକା ଉପ-ରାଷ୍ଟ୍ରପତି ଜେଡି ଭାନ୍ସ ଏକ ଅଜବ ପ୍ରକାର ଇଚ୍ଛା ଜାହିର କରିଛନ୍ତି । ତାଙ୍କ ପତ୍ନୀ ଉଷା ଭାନ୍ସ ହିନ୍ଦୁ ଧର୍ମ ତ୍ୟାଗ କରି ଖ୍ରୀଷ୍ଟିଆନ ଧର୍ମ ଆପଣାନ୍ତୁ ବୋଲି ସେ କହିଛନ୍ତି । ଉଷା କ୍ୟାଥଲିକ୍ ଚର୍ଚ୍ଚ ଦ୍ୱାରା ପ୍ରେରିତ ହୋଇ ଖ୍ରୀଷ୍ଟିଆନ ହୁଅନ୍ତୁ । ସେ ମୋ ସହିତ ରବିବାର ଚର୍ଚ୍ଚକୁ ଦିନେ ଆସିବେ ବୋଲି ଆଶା ପ୍ରକାଶ କରିଛନ୍ତି । ମୋ ଭଳି ମୋ ପତ୍ନୀ ମଧ୍ୟ ଖ୍ରୀଷ୍ଟ ଧର୍ମରେ ଦକ୍ଷୀତ ହୁଅନ୍ତୁ ବୋଲି ମିସିସିପି ବିଶ୍ୱବିଦ୍ୟାଳୟରେ ରାଜନୈତିକ ତଥା ସାମାଜିକ କର୍ମୀ ସ୍ୱର୍ଗତ ଚାର୍ଲି କିର୍କଙ୍କ ସମ୍ମାନରେ ଆୟୋଜିତ କାର୍ଯ୍ୟକ୍ରମରେ ଯୋଗ ଦେଇ ସେ ଏହି କଥା କହିଛନ୍ତି । ଭବିଷ୍ୟତରେ ଉଷା ମୋର ଆଶା ପୂରଣ କରିବେ । ଆମ ପିଲାମାନଙ୍କୁ ଖ୍ରୀଷ୍ଟିଆନ୍ ଭଳି ଲାଳନ ପାଳନ କରିବୁ ବୋଲି ମଧ୍ୟ ସେ କହିଛନ୍ତି ।

# 'କ୍ଷମତା ପରିବର୍ତ୍ତନ ପାଇଁ ହୋଇଥିଲା ଦିଲ୍ଲୀ ଦଙ୍ଗା'

ନୂଆଦିଲ୍ଲୀ, ୩୦।୧୦ (ଏଜେନ୍ସି): ଅଚାନକ ଭାବେ ୨୦୨୦ରେ ଦିଲ୍ଲୀରେ ଦଙ୍ଗା ହୋଇ ନ ଥିଲା । କେନ୍ଦ୍ରରେ କ୍ଷମତା ପରିବର୍ତ୍ତନ ପାଇଁ ଷଡ଼ଯନ୍ତ୍ର କରି ଏପରି କରାଯାଇଥିଲା । ଦେଶକୁ ଦୁର୍ବଳ କରିବା ଉଦ୍ଦେଶ୍ୟରେ ଏହି ଆନ୍ଦୋଳନ ଆରମ୍ଭ ହୋଇଥିଲା । ଉମର ଖାଲିଦ ଏବଂ ସରଜିଲ ଇମାମ ଭଳି ଅଭିଯୁକ୍ତଙ୍କ ଜାମିନ ଆବେଦନ ବିରୋଧରେ ସୁପ୍ରିମକୋର୍ଟରେ ୧୭୭ ପୃଷ୍ଠାର ସତ୍ୟପାଠ ଦାଖଲ କର ଦିଲ୍ଲୀ ପୁଲିସ ପକ୍ଷରୁ ଏହି ସୂଚନା ଦିଆଯାଇଛି । ପୁଲିସ ଅନୁଯାୟୀ, ସିଏଏକୁ ଆୟୁଧ ବନାଇ ଯୋଜନାବଦ୍ଧ ଭାବେ ଏହି ଆନ୍ଦୋଳନ କରାଯାଇଥିଲା । ଏହା ମାଧ୍ୟମରେ ସାରା ଦେଶରେ ହିଂସା କରିବାକୁ ପ୍ରୟାସ ହୋଇଥିଲା । ଉତ୍ତର ପ୍ରଦେଶ, ପଶ୍ଚିମବଙ୍ଗ, କେରଳ ଏବଂ କର୍ଣ୍ଣାଟକ ଭଳି ରାଜ୍ୟରେ ହିଂସା କରିବାକୁ ପ୍ରୟାସ ହୋଇଥିଲା । ଉମର ଏବଂ ସରଜିଲ ଏହାର ଷଡ଼ଯନ୍ତ୍ରକାରୀ ଥିଲେ । ଏମାନେ ହିଂସା ପାଇଁ ଲୋକଙ୍କୁ ଉସୁକାଇ ଥିଲେ । ଦିଲ୍ଲୀ ପୁଲିସ ପକ୍ଷରୁ ସୁପ୍ରିମକୋର୍ଟରେ କୁହାଯାଇଥିଲା ଯେ ଅଭିଯୁକ୍ତ ବାରମ୍ବାର ମିଥ୍ୟା ଦାବି କରୁଛନ୍ତି । ମାମଲାର ଶୁଣାଣିରେ ବିଳମ୍ବ ପାଇଁ ଏପରି କରାଯାଉଛି । ଏହା ନ୍ୟାୟିକ ପ୍ରକ୍ରିୟାରେ ବାଧା ଦେବା ସହ ସମାନ ।

# ଝିଅ ମୃତ୍ୟୁ ଦୁଃଖଠୁ ବଳିଗଲା ଲାଞ୍ଚ ଯନ୍ତ୍ରଣା

ବେଙ୍ଗାଲୁରୁ, ୩୦।୧୦ (ଏଜେନ୍ସି): ଯନ୍ତ୍ରଣା ଜୀବନଠୁ ବଳି ଯାଇଛି । ଅଲିଅଳୀ ଝିଅକୁ ଯୁବାବସ୍ଥାରେ ହରାଇବା ଦୁଃଖରେ ଭାଙ୍ଗି ପଡ଼ିଥିବା ପରିବାରକୁ ବ୍ୟବସ୍ଥା ଦାରୁଣ କଷ୍ଟ ଦେଇଛି । ଝିଅର ମୃତ୍ୟୁରେ ଶୋକାତୁର ପରିବାରକୁ ସହାନୁଭୂତି ଦେବା ପରିବର୍ତ୍ତେ ଲୁଟିବାକ ଛାଡ଼ି ନାହାନ୍ତି ଦୁର୍ନୀତିଗ୍ରସ୍ତ ତଥା ଭ୍ରଷ୍ଟ ଅଧିକାରୀ । ମୃତଦେହ ପାଇଁ ବି ଲାଞ୍ଚ ନେବାକୁ ପଛାଇ ନାହାନ୍ତି । ମୃତଦେହକୁ ହସ୍ପିଟାଲରୁ ଘରକୁ ନେବାଠାରୁ ମୃତ୍ୟୁ ପ୍ରମାଣପତ୍ର ପାଇବା ପର୍ଯ୍ୟନ୍ତ ସବୁଠି ଲାଞ୍ଚ ଦେବାକୁ ପଡିଛି । ଆମ୍ବୁଲାନ୍ସ ଡ୍ରାଇଭର, ପୌରପାଳିକା ଏମିତିକି ପୁଲିସ ଅଧିକାରୀ ବି ଦୁଃଖରେ ମ୍ରିୟମାଣ ବାପାଠାରୁ ଲାଞ୍ଚ ନେବାକୁ ପଞ୍ଝଘୁଞ୍ଚା ଦେଇ ନ ଥିଲେ । ମାନବିକତାକୁ ମାରି ମୃତଦେହ ସହ ମୂଲଚାଲ କରୁଥିଲେ । ଏଭଳି ହୃଦୟ ବିଦାରକ ଘଟଣା ବେଙ୍ଗାଲୁରୁରୁ ସାମ୍ନାକୁ ଆସିଛି । କୌଣସି ସାଧାରଣ ନାଗରିକ ନୁହେଁ, ବଙ୍ଗ ଭାରତ ପେଟ୍ରୋଲିୟମ କର୍ପୋରେସନ ଲିମିଟେଡ (ବିପିସିଏଲ)ର ପୂର୍ବତନ ମୁଖ୍ୟ ଆର୍ଥିକ ଅଧିକାରୀ (ସିଏଫଓ)ଙ୍କ ସହ ଏଭଳି ଘଟିଛି । ବେଙ୍ଗାଲୁରରେ ରହୁଥିବା ଏହି ଅଧିକାରୀଙ୍କ ଝିଅର ମୃତ୍ୟୁ ପରେ ସମସ୍ତ ଆବଶ୍ୟକୀୟ ପଦକ୍ଷେପ ପାଇଁ ତାଙ୍କୁ ଲାଞ୍ଚ ଦେବାକୁ ବାଧ କରାଯାଇଥିଲା । ସେ ଏକ ପୋଷ୍ଟ ମାଧ୍ୟମରେ ଏହି ହୃଦୟ ବିଦାରକ ଘଟଣା ବିଷୟରେ ସାମାଜିକ ଗଣମାଧ୍ୟମରେ ସୂଚନା ଦେଇଛନ୍ତି । ଯାହା ଖୁବ ଭାଇରାଲ ହେବାରେ ଲାଗିଛି । ସ୍ୱାଧୀନତାର ଏତେ ବର୍ଷ ପରେ ବି ସ୍ଥିତି ନ ବଦଳିବା ଏବଂ ସରକାର ଦେଉଥିବା ଦୁର୍ନୀତି ବିରୋଧୀ ସ୍ଲୋଗାନର ଅସଲ ଚିତ୍ରକୁ ଏହା ପଦାରେ ପକାଇ ଦେଇଛି ।

ଗତ ୧୮ ତାରିଖରେ ବ୍ରେନ ଷ୍ଟ୍ରୋକ୍‌ରେ ଶିବକୁମାରଙ୍କ ଝିଅ ଅକ୍ଷୟା (୩୪)ଙ୍କ ମୃତ୍ୟୁ ହୋଇଥିଲା । ଆଇଆଇଏମ ଅହମଦାବାଦରୁ କମ୍ପ୍ୟୁଟର ସାଇନ୍ସରେ ବିଟେକ ଏବଂ ଏମବିଏ କରିଥିବା ଅକ୍ଷୟା ୧୧ ବର୍ଷ ହେଲା ଗୋଲ୍ଡମ୍ୟାନ ସ୍ୟାଚରେ କାମ କରୁଥିଲେ । ମୃତ୍ୟୁ ପରେ ଝିଅର ମୃତଦେହ ନେବା ପାଇଁ ଆମ୍ବୁଲାନ୍ସ ଡ୍ରାଇଭର, ଏତଲାର ନକଲ ଏବଂ ବ୍ୟବଚ୍ଛେଦ ରିପୋର୍ଟ ଦେବାକୁ ପୁଲିସ, ମୃତ୍ୟୁ ପ୍ରମାଣପତ୍ର ପାଇଁ ବୃହତ ବେଙ୍ଗାଲୁରୁ ମହାଗନର ପାଳିକା (ବିବିଏମପି)ର ଅଧିକାରୀ ମାନେ ପୀଡ଼ିତାଙ୍କ ବାପାକୁ ଖୋଲାଖୋଲି ଭାବେ ଲାଞ୍ଚ ମାଗିଥିଲେ । କେଉଁ ଭଳି ଭାବେ ଥାନାରେ ତାଙ୍କୁ ନଗଦ ଟଙ୍କା ଦେବାକୁ ବାଧ କରାଯାଇଥିଲା ତାହା ମଧ୍ୟ ଶିବକୁମାର ବର୍ଣ୍ଣନା କରିଛନ୍ତି । ଲାଞ୍ଚ ନ ଦେବାରୁ ବ୍ୟବଚ୍ଛେଦ ରିପୋର୍ଟ ଦେବା ପାଇଁ ଚାରି ଦିନ ଲଗାଇ ଦିଆଯାଇଥିଲା । ଝିଅକୁ ହରାଇବାର ଦୁଃଖରେ ମ୍ରିୟମାଣ ଥିବା ବାପା ପ୍ରତି ଏମାନେ ସହାନୁଭୂତି

## କରୁଣ କାହାଣୀ ବର୍ଣ୍ଣନା କଲେ ସିଏଫ୍‌ଓ

## ମୃତଦେହ ପାଇଁ ବି ଦେବାକୁ ପଡ଼ିଲା ଲାଞ୍ଚ

ବି ଦେଖାଇ ନ ଥିଲେ । ପାଖରେ ଟଙ୍କା ଥିବାରୁ ମୁଁ ତ ଦେଇ ଦେଲି ହେଲେ ଗରିବଙ୍କ ସହ ଏମାନେ କ'ଣ କରୁଥିବେ ବୋଲି ଶିବକୁମାର ପ୍ରଶ୍ନ ଉଠାଇଛନ୍ତି ।

ଶିବକୁମାର ଲେଖିଥିଲେ ଯେ କୋରାମଙ୍ଗଳାର ସେଣ୍ଟ ଜନ୍ସ ହସ୍ପିଟାଲରୁ କସଭାନାହାଲି ନେବା ପାଇଁ ଆମ୍ବୁଲାନ୍ସ ଡ୍ରାଇଭର ତାଙ୍କୁ ୩ ହଜାର ଟଙ୍କା ମାଗିଥିଲା । ବେଲାନ୍ଦୁର ଥାନାର ପୁଲିସ ଅଧିକାରୀ ମଧ୍ୟ କୌଣସି କାମରେ ସହାୟତା କରି ନ ଥିଲେ । ପୂର୍ବରୁ ବଡ଼ ଆଘାତ ପାଇଥିବା ବ୍ୟକ୍ତି ପ୍ରତି କୌଣସି ସହାନୁଭୂତି ନ ଦେଖାଇ ପୁଲିସ ଅଧିକାରୀ ରୁକ୍ଷ ବ୍ୟବହାର କରିଥିଲେ । ଖାଲି ଟଙ୍କା ମାଗି ଚାଲିଥିଲେ । ଏହାକୁ ନେଇ ପୁଲିସ ଅଧିକାରୀଙ୍କର ପରିବାର ଅଛି କି ନାହିଁ ବୋଲି ଶିବକୁମାର ପ୍ରଶ୍ନ ପଚାରିଛନ୍ତି । ଏତିକିରେ ତାଙ୍କ ଯନ୍ତ୍ରଣା ଶେଷ ହୋଇ ନ ଥିଲା । ମୃତ୍ୟୁ ପ୍ରମାଣପତ୍ର ପାଇବା ପାଇଁ ବି ତାଙ୍କୁ ନାକେଦମ ହେବାକୁ ପଡ଼ିଥିଲା । ଏଥିପାଇଁ ୫ ଦିନ ପର୍ଯ୍ୟନ୍ତ ବିବିଏମପି ଅଫିସକୁ ତାଙ୍କୁ ଦୌଡିବାକୁ ପଡ଼ିଥିଲା । ଉପରିସ୍ଥ ଅଧିକାରୀଙ୍କୁ ଯୋଗାଯୋଗ ପରେଧାର୍ଯ୍ୟ ମୂଲ୍ୟ ଠାରୁ ଢେର ଅଧିକ ଦେବାରୁ ପ୍ରମାଣପତ୍ର ମିଳିଥିଲା । ଏହି ଘଟଣାକୁ ନେଇ ବଡ଼ ବଡ଼ ବ୍ୟବସାୟୀଙ୍କୁ ଶିବକୁମାର ଆକୁଳ ନିବେଦନ କରିଛନ୍ତି । ନାରାୟଣ ମୂର୍ତ୍ତି, ଅଜିମ ପ୍ରେମଜୀ ଏବଂ ମଜୁମଦାରଙ୍କ ଭଳି ବଡ଼ ବଡ଼ ବ୍ୟବସାୟୀ କୋଟି କୋଟି ଟଙ୍କା ଦେଇ ସହରକୁ ବଞ୍ଚାଇ ପାରିବେ କି ବୋଲି ସେ ପ୍ରଶ୍ନ କରିଛନ୍ତି ।

## ବିଦ୍ୟୁତ୍ ତାର ଲାଗି ଚାଷୀ ମୃତ

ପାଇକମାଳ, ୩୦।୧୦ (ସମିସ): ବିଦ୍ୟୁତ୍ ତାର ଲାଗି ଚାଷୀ ମୃତ। ବରଗଡ଼ ଜିଲ୍ଲା ପାଇକମାଳ ବ୍ଲକ୍ ବୁକୁରାମୁଣ୍ଡା ଗାଁରେ ଗୁରୁବାର ଏପରି ଏକ ଘଟଣା ଘଟିଛି। ମୃତ ଚାଷୀଜଣଙ୍କ ହେଲେ, ରବି ସାହୁ। ଆଜି ବିଲରେ ସେ କୀଟନାଶକ ସିଞ୍ଚନ କରୁଥିବା ବେଳେ ଏହି ଅଘଟଣ ଘଟିଥିଲା। ସାମୁଦ୍ରିକ ବାତ୍ୟା ମୋନ୍ଥାର ପ୍ରଭାବରେ ବିଲରେ ବିଦ୍ୟୁତ୍ ତାର ଛିଣ୍ଡି ପଡ଼ିଥିଲା।



**ପବନରେ ଛିଣ୍ଡି ପଡ଼ିଥିଲା ତାର**

ଅଜାଣତରେ ଏହି ତାର ସଂସ୍ପର୍ଶରେ ଆସିବାରୁ ଘଟଣାସ୍ଥଳରେ ରବିଙ୍କର ମୃତ୍ୟୁ ଘଟିଥିଲା। ଅଭାବ ଅନଟନ ମଧ୍ୟରେ ଚଳୁଥିବା ଅଭାବୀ ଚାଷୀ ପରିବାରର ସେ ଏକମାତ୍ର ରୋଜଗାରକ୍ଷମ ବ୍ୟକ୍ତି ଥିଲେ। ତାଙ୍କର ଅକାଳ ମୃତ୍ୟୁ ତାଙ୍କ ପରିବାରକୁ ଅନିଶ୍ଚିତତା ମଧ୍ୟକୁ ଠେଲି ଦେଇଛି। ରବିଙ୍କ ପରେ ପିଲାଙ୍କ ପ୍ରତିପୋଷଣ କିଏ କରିବ, କିପରି ତେଲ ଲୁଣର ସଂସାର ଚାଲିବ, ସେଇ ଚିନ୍ତାରେ ତାଙ୍କ ସ୍ତ୍ରୀ ଏବେ ଭାଙ୍ଗି ପଡ଼ିଛନ୍ତି। ବୁକୁରାମୁଣ୍ଡା ପଞ୍ଚାୟତ ସରପଞ୍ଚ ଅନିତା ଭୋଇ ତାଙ୍କ ପରିବାରକୁ ଭେଟି ସମବେଦନା ଜଣାଇବା ସହ ତୁରନ୍ତ ମୃତକଙ୍କ ପରିବାରକୁ ବିଦ୍ୟୁତ୍ ବିଭାଗ ଓ ରାଜ୍ୟ ସରକାର ଆର୍ଥିକ କ୍ଷତିପୂରଣ ଯୋଗାଇ ଦେବାକୁ ଦାବି କରିଛନ୍ତି।

## ପଞ୍ଚୁକ ସହ ଆସିବ ଶୀତ

ଭୁବନେଶ୍ୱର, ୩୦।୧୦ (ସମିସ): ବର୍ଷା ପରେ ପରେ ରାଜ୍ୟକୁ ଆସୁଛି ଶୀତ। ଦିନକ ପରେ ପଞ୍ଚୁକ ଆରମ୍ଭ ହେଉଛି। ପଞ୍ଚୁକ ସାଙ୍ଗକୁ ରାଜ୍ୟକୁ ପହିଲି ଶୀତ ଆସିବାକୁ ଯାଉଛି। ବର୍ତ୍ତମାନ ଉତ୍ତର-ପଶ୍ଚିମ ଦିଗରୁ ଶୁଷ୍କବାୟୁ ପ୍ରବାହ ଆରମ୍ଭ ହୋଇଥିବା ବେଳେ ଆଗକୁ ଏକ ଗୁରୁଚାପବଳୟ ସୃଷ୍ଟି ହେବାର ସମ୍ଭାବନା ରହିଛି। ଏହା ପ୍ରଭାବରେ ଥଣ୍ଡା ବାୟୁର ପ୍ରବାହ ବୃଦ୍ଧି ପାଇବା ସହ ଶୀତ ବଢ଼ିବା ନେଇ ଆକଳନ କରାଯାଇଛି। ପାଣିପାଗ ବିଶେଷଜ୍ଞ ପ୍ରଫେସର୍ ସୁରେନ୍ଦ୍ରନାଥ ପଶୁପାଳକ କହିଛନ୍ତି ଯେ ରାଜ୍ୟକୁ ବର୍ତ୍ତମାନ ଉତ୍ତରା ପବନ ବହିବା ଆରମ୍ଭ ହୋଇଛି। ମେଘୁଆ ପାଗ ମଧ୍ୟ କ୍ରମଶଃ ପଳାଇଯିବ। ଫଳରେ ରାଜ୍ୟରେ ପହିଲି ଶୀତ ହେବ। ୩୧ ତାରିଖ ରାତିରୁ କନ୍ଧମାଳ (ବାଲିଗୁଡ଼ା, ଫୁଲବାଣୀ) ଓ ଗଜପତି (ଗଜାପୁର, ମୋହନା) ସର୍ବନିମ୍ନ ତାପମାତ୍ରା ୨୦ ଡିଗ୍ରୀରୁ କମିପାରେ। ନଭେମ୍ବର ୨ ତାରିଖ ରାତିରୁ ସାରା ରାଜ୍ୟରେ ତାପମାତ୍ରା ୫ ମଧ୍ୟରେ ୩-୪ ଡିଗ୍ରୀ କମିବ। ଝାରସୁଗୁଡ଼ା, ରାଉରକେଲା, ପାଲଲହଡ଼ା, ବାଦାମପାହାଡ଼, ବହଲଦାରେ ସର୍ବନିମ୍ନ ତାପମାତ୍ରା ୧୫ରୁ ୧୭ ଡିଗ୍ରିକୁ ଖସିବ। ସେହିପରି ବାଲିଗୁଡ଼ା, ଦାରିଙ୍ଗବାଡ଼ି, ଗଜାପୁର, ମୋହନାରେ ୧୭-୧୮ ଡିଗ୍ରି ରହିପାରେ। ଏହା ଉତ୍ତର ଭାରତର ଦିଲ୍ଲୀ-ଚଣ୍ଡିଗଡ଼-ଲୁଧିଆନାର ତାପମାତ୍ରା ସହିତ ସମାନ ହୋଇପାରେ। ଭୁବନେଶ୍ୱରରେ ତାପମାତ୍ରା ୫ ସୁଦ୍ଧା ୨୦ ଡିଗ୍ରୀ ତଳକୁ ଖସିବାର ସମ୍ଭାବନା ରହିଛି ବୋଲି ପ୍ରଫେସର ପଶୁପାଳକ କହିଛନ୍ତି।

## କାନ୍ଥ ଭୁଶୁଡ଼ି ମହିଳାଙ୍କ ମୃତ୍ୟୁ

କପ୍ତିପଦା, ୩୦।୧୦(ସମିସ): ଲଗାଣ ବର୍ଷାରେ କାନ୍ଥ ଭୁଶୁଡ଼ି ବୃଦ୍ଧା ମୃତ। ଏଭଳି ଏକ ଘଟଣା ଘଟିଛି କପ୍ତିପଦା ଥାନା ରେକର୍ଡରୁଆ ଗ୍ରାମରେ। ମୃତ ବୃଦ୍ଧଜଣଙ୍କ ହେଲେ, ଗ୍ରାମର ବାସନ୍ତୀ କିସ୍କୁ। ବୁଧବାର ସେ ଘରେ ଏକୁଟିଆ ଥିଲେ। ଅପରାହ୍ଣରେ ସେ ଘର ବାରଣ୍ଡାରେ ଶୋଇଥିଲେ। ଏହି ସମୟରେ ଜୋରରେ ପବନ ସହ ପ୍ରବଳ ବର୍ଷା ହୋଇଥିଲା। ଫଳରେ ଘରର ଆଜବେଷ୍ଟସ ଏବଂ କାନ୍ଥ ଦବି ଯାଇଥିଲା। ଶବ୍ଦ ଶୁଣି ବାସନ୍ତୀ ଉଠି ବାହାରିବାକୁ ଯିବାକୁ ଚେଷ୍ଟା କରୁଥିବା ବେଳେ ତାଙ୍କ ଉପରେ କାନ୍ଥ ପଡ଼ି ଯାଇଥିଲା ଏବଂ ସେ ଚାପି ହୋଇ ରହିଯାଇଥିଲେ। କିଛି ସମୟ ପରେ ପରିବାରଲୋକେ ତାଙ୍କୁ ଉଦ୍ଧାର କରି ଚିକିତ୍ସା ନିମନ୍ତେ ଉଦଳା ମେଡିକାଲରେ ଭର୍ତ୍ତି କରାଇଥିଲେ। କିନ୍ତୁ ଚିକିତ୍ସାଧୀନ ଅବସ୍ଥାରେ ସେଠାରେ ତାଙ୍କର ମୃତ୍ୟୁ ଘଟିଥିଲା। ପୁଲିସ ଘଟଣାସ୍ଥଳରେ ପହଞ୍ଚି ତଦନ୍ତ ଆରମ୍ଭ କରିଛି।

## ସବୁ ନୂଆ ରାସ୍ତାକଡ଼ରେ ବୃକ୍ଷରୋପଣ

■ ବ୍ୟୟ ହେବ ନିର୍ମାଣ ଖର୍ଚ୍ଚର ୧ ପ୍ରତିଶତ ଅର୍ଥ

ଭୁବନେଶ୍ୱର,୩୦।୧୦(ସମିସ): ଦ୍ରୁତ ସହରୀକରଣ ଓ ଜଙ୍ଗଲ ହ୍ରାସ ଯୋଗୁଁ ଏହାର କୁପ୍ରଭାବ ଜୀବଜଗତ ଉପରେ ପରିଲକ୍ଷିତ ହେଉଛି। ତେଣୁ ଏହି ସମସ୍ୟାର ମୁକାବିଲା କରିବା ଏବଂ ଓଡ଼ିଶାକୁ ପରିବେଶ ଅନୁକୂଳ ରାଜ୍ୟ ଭାବେ ଗଢ଼ିତୋଳିବାକୁ ରାଜ୍ୟ ସରକାର ଏଣିକି ସବୁ ନୂତନ ରାସ୍ତାର ଉଭୟ ପାର୍ଶ୍ୱରେ ବୃକ୍ଷରୋପଣ କରିବାକୁ ନିଷ୍ପତ୍ତି ନେଇଛନ୍ତି। ଏହି କ୍ରମରେ ସାରା ରାଜ୍ୟରେ ପୂର୍ତ୍ତ ବିଭାଗ ଅଧୀନରେ ନୂଆକରି ନିର୍ମାଣ ହେବାକୁ ଥିବା ପ୍ରତ୍ୟେକ ରାଜପଥ, ଜିଲ୍ଲା ମୁଖ୍ୟ ସଡ଼କ, ଅନ୍ୟାନ୍ୟ ସମସ୍ତ ସଡ଼କ ନିର୍ମାଣ ସମୟରେ ବୃକ୍ଷରୋପଣକୁ ବାଧ୍ୟତାମୂଳକ କରାଯିବା ପୂର୍ତ୍ତ ମନ୍ତ୍ରୀ ପୃଥ୍ୱୀରାଜ ହରିଚନ୍ଦନ ସୂଚନା ଦେଇଛନ୍ତି। ଏଥିନେଇ ବିଭାଗ ପକ୍ଷରୁ ନିର୍ମାଣ ହେବାକୁ ଥିବା ରାସ୍ତାର ଉଭୟ ପାର୍ଶ୍ୱର ଏବଂ ଡିଭାଇଡର ମଝିରେ ଥିବା ଖାଲିସ୍ଥାନରେ ବ୍ୟାପକ ବୃକ୍ଷରୋପଣ କରାଯିବା ନେଇ ଇଆଇସି (ସିଭିଲ୍ ତଥା ରୋଡସ୍), ଇଆଇସି (ଏନ୍ଏଚ୍), ଏମ୍ଡି, ଓବିସିସିଙ୍କୁ ଚିଠି ଜରିଆରେ ଅବଗତ କରାଯାଇଛି। ଗ୍ରୀନ୍ କରିଡର ବିକାଶ ଓ ପରିଚାଳନା ଲକ୍ଷ୍ୟ ନେଇ ସବୁ ରାସ୍ତାକଡ଼ରେ ବୃକ୍ଷ ରୋପଣ କରାଯିବ। ଏହି କ୍ରମରେ ରାସ୍ତା ନିର୍ମାଣ ସମୟରେ ନିର୍ମାଣ ବ୍ୟୟର ଅତିରିକ୍ତ ୧ ପ୍ରତିଶତ ଅର୍ଥରାଶି ବୃକ୍ଷରୋପଣ ଏବଂ ରକ୍ଷଣାବେକ୍ଷଣ ବାବଦରେ ଖର୍ଚ୍ଚ କରିବା ନେଇ ମାର୍ଗଦର୍ଶିକା ଜାରି କରାଯାଇଛି। ଏହାଦ୍ୱାରା ଅଙ୍ଗାରକାମ୍ଳ ଅବଶୋଷଣ ଓ ଅମ୍ଳଜାନ ସ୍ତର ବୃଦ୍ଧି ସହ ବାୟୁ ପ୍ରଦୂଷଣକୁ କମ୍ କରିହେବ। ଏହି ବୃକ୍ଷରୋପଣ ଶବ୍ଦ ପ୍ରଦୂଷଣକୁ କମ୍ କରିବା ସହ ମୃତ୍ତିକା କ୍ଷୟକୁ ରୋକିବା ଏବଂ ବାୟୁର ମାନକ ବୃଦ୍ଧି କରିବା ସହ ଖରାଦିନେ ଆଖପାଖ ଅଞ୍ଚଳରେ ଶୀତଳତା ସୃଷ୍ଟି କରିବାରେ ସହାୟକ ହେବ ବୋଲି ସରକାର ବିଚାର କରିଛନ୍ତି।

# ବଞ୍ଚି ଉଠିଲେ ହତ୍ୟାକାଣ୍ଡର ମୃତ ମହିଳା!

ବୌଦ୍ଧ, ୩୦।୧୦ (ସମିସ): ନାଡ଼ି ପରଖିବା ଦୂରେ ଥାଉ, ପାଖକୁ ବି ଗଲାନି ପୁଲିସ। ମହିଳାଙ୍କ ମୃତ୍ୟୁ ହୋଇଯାଇଥିବା ଭାବି କନଷ୍ଟେବଲଙ୍କୁ ରାତିସାରା ଜଗାଇ ସେଠାରୁ ପଳାଇଲା। ଫଳରେ କାଠଗଦା ଭିତରେ ସେମିତି ରାତିସାରା (୧୨ଘଣ୍ଟାରୁ ଊର୍ଦ୍ଧ୍ୱ) ନିଶ୍ଚଳ ଅବସ୍ଥାରେ ପଡ଼ି ରହିଲେ ମହିଳା। କିନ୍ତୁ ଆଜି ସାଇଣ୍ଟିଫିକ୍ ଟିମ୍ ଆସି ଯାଞ୍ଚ କରି ମହିଳାଜଣଙ୍କ ଜୀବିତ ଥିବା କହିବା ପରେ ସମସ୍ତଙ୍କ ଅକଲଗୁଡୁମ୍ ହୋଇଯାଇଥିଲା। ବୌଦ୍ଧ ଥାନା ଗିରାସିଙ୍ଗା ଗ୍ରାମରେ ଘଟିଥିବା ଏଭଳି ଏକ ଅଜବ ଘଟଣା ଆଜି ଜିଲ୍ଲାବ୍ୟାପୀ ଚର୍ଚ୍ଚାର ବିଷୟ ହୋଇଥିବା ବେଳେ ପୁଲିସର କାର୍ଯ୍ୟଦକ୍ଷତା ଉପରେ ପ୍ରଶ୍ନବାଚୀ ସୃଷ୍ଟି କରିଛି। ଉକ୍ତ ମହିଳାଜଣଙ୍କ ହେଲେ, ଗ୍ରାମର ଶ୍ରୀକାନ୍ତ ନାଏକଙ୍କ ପତ୍ନୀ ଲକ୍ଷ୍ମୀପ୍ରିୟା ନାଏକ। ତାଙ୍କୁ ଡାକ୍ତରଖାନାରେ ଭର୍ତ୍ତି କରାଯାଇଛି। ଖବର ଲେଖା ହେବା ବେଳକୁ ସେ ବିପଦମୁକ୍ତ ଥିବା ଡାକ୍ତର କହିଛନ୍ତି।

ସୂଚନାନୁଯାୟୀ, ଲକ୍ଷ୍ମୀପ୍ରିୟା ନିଖୋଜ ଥିବା ନେଇ ବୁଧବାର ସନ୍ଧ୍ୟାରେ ତାଙ୍କ ସ୍ୱାମୀ ଶ୍ରୀକାନ୍ତ ବୌଦ୍ଧ ଥାନାରେ ଅଭିଯୋଗ କରିଥିଲେ। ତେବେ ଏହାକୁ ନେଇ ଲକ୍ଷ୍ମୀପ୍ରିୟାଙ୍କ ବାପଘରଲୋକଙ୍କ ସନ୍ଦେହ ହୋଇଥିଲା। ଶ୍ରୀକାନ୍ତ ତାଙ୍କ ଝିଅକୁ ହତ୍ୟା କରି ନିଖୋଜ ନାଟକ ରଚୁଥିବା ନେଇ ଥାନାରେ ଆଉ ଏକ ଅଭିଯୋଗ ଦେଇଥିଲେ। ଅଭିଯୋଗ ଆଧାରରେ ପୁଲିସ ଶ୍ରୀକାନ୍ତଙ୍କ ଅଟକ ରଖି ରାତି ପ୍ରାୟ ୮ଟାରେ ଗିରାସିଙ୍ଗା ଗ୍ରାମକୁ ତଦନ୍ତ କରିବାକୁ ଯାଇଥିଲା। ସେଠାରେ ଏକ କାଠଗଦା ମଧ୍ୟରେ ଲକ୍ଷ୍ମୀପ୍ରିୟାଙ୍କ ନିଶ୍ଚଳ ଅବସ୍ଥାରେ ପଡ଼ିଥିବା ଦେଖି ତାଙ୍କୁ ମୃତ ବୋଲି ଭାବି ନେଇଥିଲା। ଶ୍ରୀକାନ୍ତ ତାଙ୍କୁ ହତ୍ୟା କରିବା ପରେ ଏଠାରେ ଲୁଚାଇ ରଖିଥିବା ସନ୍ଦେହ କରିଥିଲା। ତେଣୁ, ସେଠାରେ କିଛି ପୁଲିସ କର୍ମଚାରୀଙ୍କୁ ମୁତୟନ କରି ଚାଲିଆସିଥିଲା।



ଗୁରୁବାର ସକାଳେ ସାଇଣ୍ଟିଫିକ ଟିମ ତଦନ୍ତ ପାଇଁ ପହଞ୍ଚି ମହିଳାଙ୍କ ଦେହ ଉପରେ ଲଦାଯାଇଥିବା କାଠ ଓ ଡାଳ ବାହାର କରିବା ପରେ ମହିଳାଜଣଙ୍କ ବଞ୍ଚିଥିବା ଜାଣିବାକୁ ପାଇଥିଲା। ପରେ ପୁଲିସ ତୁରନ୍ତ ମହିଳାଙ୍କୁ ଡାକ୍ତରଖାନା ଆଣିଥିଲା। ମହିଳାଜଣଙ୍କ ଏବେ ବିପଦମୁକ୍ତ ଥିବା ଜଣାଯାଇଛି।

ଅପରପକ୍ଷେ, ଏହି ଘଟଣାକୁ ନେଇ କାର୍ଯ୍ୟଦକ୍ଷତା ଉପରେ ଅଞ୍ଚଳବାସୀ ପ୍ରଶ୍ନ ଉଠାଇଛନ୍ତି। ବିଳମ୍ବିତ ରାତି ପର୍ଯ୍ୟନ୍ତ ବିଭିନ୍ନ ପୁଲିସ ଅଧିକାରୀ ଘଟଣାସ୍ଥଳ ପରିଦର୍ଶନ କରିଥିଲେ ହେଁ ଲକ୍ଷ୍ମୀପ୍ରିୟା ଜୀବିତ ଥିବା ନେଇ କିପରି ଜାଣିପାରିଲେ ନାହିଁ। କେଉଁ ଆଧାରରେ ମୃତ ବୋଲି ଭାବି ତାଙ୍କୁ କାଠଗଦାରୁ ଉଦ୍ଧାର କଲେ ନାହିଁ? ଯଦି ଏପରି ଅବସ୍ଥାରେ ମହିଳାଙ୍କ ମୃତ୍ୟୁ ହୋଇଥା'ନ୍ତା, ତେବେ କିଏ ଦାୟୀ ହୋଇଥା'ନ୍ତା, ତାହାକୁ ନେଇ ପ୍ରଶ୍ନବାଚୀ ସୃଷ୍ଟି କରିଛି।

- ■ ୧୨ଘଣ୍ଟା କାଠଗଦା ଭିତରେ ଚାପି ହୋଇ ରହିଲେ
- ■ ମୃତ ଭାବି ରାତିରେ ଉଦ୍ଧାର କଲାନି ପୁଲିସ
- ■ ପୁଲିସର ତଦନ୍ତ ପ୍ରକ୍ରିୟା ଉପରେ ଉଠିଲା ପ୍ରଶ୍ନ

**ଦଳୀୟ କାର୍ଯ୍ୟାଳୟରେ ପୁଲିସ ପଶିବାକୁ ନେଇ ବର୍ଷିଲା କଂଗ୍ରେସ**

## ଭୋଟରଙ୍କୁ ଡରାଇବାକୁ ଅପଚେଷ୍ଟା କରୁଛି ବିଜେପି

ଭୁବନେଶ୍ୱର,୩୦।୧୦(ସମିସ): ନୂଆପଡ଼ା ଉପନିର୍ବାଚନ ପରିପେକ୍ଷୀରେ ସମସ୍ତ ରାଜନୈତିକ ଦଳ ସମସ୍ତ ଶକ୍ତି ବିନିଯୋଗ କରି ପ୍ରଚାର ପ୍ରସାର କରୁଛନ୍ତି ଏବଂ ନିଜ ବିଜୟକୁ ନେଇ ଆଶାବାଦୀ ଅଛନ୍ତି। ଘାସିରାମ ମାଝୀ ମାଟିର ପୁଅ ତାଙ୍କ ପ୍ରତି ଜନତାଙ୍କ ସମ୍ପୂର୍ଣ୍ଣ ସମର୍ଥନ ଦେଖି ବିଜେପି ପାଇଁ ମୁଣ୍ଡବ୍ୟଥା ବଢ଼ିଯାଇଛି। ଏଥିପାଇଁ ବିଜେପି ସରକାର କଂଗ୍ରେସ କାର୍ଯ୍ୟାଳୟରେ ପୁଲିସ ଦ୍ୱାରା ରେଡ୍ କରି ଲୋକଙ୍କୁ ଭୟଭୀତ କରାଇବାକୁ ଅପଚେଷ୍ଟା କରୁଛି ବୋଲି କଂଗ୍ରେସ ଅଭିଯୋଗ କରିଛି। ଦଳ ପକ୍ଷରୁ ଗୁରୁବାର କଂଗ୍ରେସ ଭବନରେ ଆୟୋଜିତ ସାମ୍ବାଦିକ ସମ୍ମିଳନୀରେ ପୂର୍ବତନ ବିଧାୟକ ତଥା ପିସିସିର ବରିଷ୍ଠ ଉପସଭାପତି ଡଃ ଲଲାଟେନ୍ଦୁ ମହାପାତ୍ର କହିଛନ୍ତି ଯେ ଦକ୍ଷିଣ ପଶ୍ଚିମାଞ୍ଚଳ ଡିଆଇଜି କନୱର ବିଶାଳ ସିଂହଙ୍କୁ ଛୁଟିରେ ପଠାଯାଇ ତାଙ୍କ ସ୍ଥାନରେ ଆଇଜି ହିମାଂଶୁ ଲାଲଙ୍କୁ ଦାୟିତ୍ୱରେ ରଖାଯାଇଛି। ଯାହାକି ନିର୍ବାଚନ ଆଚରଣ ବିଧିକୁ ଉଲଂଘନ କରିଛି। ଏହା ପୁଣି ଭୋଟ ଗ୍ରହଣ ଶେଷଦିନ ପର୍ଯ୍ୟନ୍ତ ହୋଇଥିବାରୁ କଂଗ୍ରେସ ଏହି ଘଟଣାକୁ ନେଇ ପ୍ରଶ୍ନ ଉଠାଇଛି। କଂଗ୍ରେସ ଅଫିସରେ ପୁଲିସ ପଶିବା ଘଟଣାକୁ ନିନ୍ଦା କରିବା ସହ ଗତ ଅକ୍ଟୋବର ୧୬/୧୭ ତାରିଖରେ ପୁଲିସ ୯୦ ଲକ୍ଷ ଟଙ୍କା ଜବତ କରିବା ପରେ ମଧ୍ୟ କାହିଁକି ଏବଂ ଏହା କାହାର ଟଙ୍କା ଆଜି ଯାଏ ପୁଲିସ କିମ୍ବା ଇଡି ପ୍ରକାଶ କରି ପାରିନାହିଁ ତାକୁ ନେଇ ପ୍ରଶ୍ନ କରିଛି। ଏହି ଟଙ୍କା ଜଣେ ବିଜେପି ସାଂସଦଙ୍କ ଘନିଷ୍ଠ ସହଯୋଗୀଙ୍କର ବୋଲି କଂଗ୍ରେସ କହିବା ସହ ସେଥିପାଇଁ ପୁଲିସ ଚୁପ୍ ବସିଥିବା କହିଛି। କଂଗ୍ରେସ ଲୋକପ୍ରିୟତାରେ ଆଗେଇ ଯାଇଛି, କଂଗ୍ରେସ ପ୍ରାର୍ଥୀଙ୍କୁ ଅକୁଣ୍ଠ ଜନସମର୍ଥନ ମିଳୁଛି। ଏହା ଦେଖି ବିଜେପି ଛାନିଆ ହୋଇ ପୁଲିସ ବାହିନୀ ଏବଂ ପ୍ରଶାସନକୁ ଉପଯୋଗ କରି ନିର୍ବାଚନ ଲଢ଼ିବାକୁ ଯୋଜନା କରୁଛି ବୋଲି କଂଗ୍ରେସ କହିଛି।

ରାଜ୍ୟ ମୁଖ୍ୟ ନିର୍ବାଚନ ଅଧିକାରୀ ଏହି ନିର୍ବାଚନକୁ କିଭଳି ଅବାଧ, ନିରପେକ୍ଷ ଏବଂ ସୁଚାରୁରୂପେ ସମ୍ପାଦନ କରିବେ ଏହା ତାଙ୍କ ଦାୟିତ୍ୱ। ଭୟଭୀତ ହୋଇ ଉପନିର୍ବାଚନ ପାଇଁ ବିଜେପି ଗଣ୍ଡା ଗଣ୍ଡା ମନ୍ତ୍ରୀ ବିଧାୟକ ଏପରିକି ପରାଜିତ ପ୍ରାର୍ଥୀ ଆଦିଙ୍କୁ ନିର୍ବାଚନ ପ୍ରଚାରରେ ନିୟୋଜିତ କରିଛି। ନିର୍ବାଚନ ସମୟରେ ବିଜେପିର ନେତା ମନ୍ତ୍ରୀ ମୁଖ୍ୟମନ୍ତ୍ରୀ ଆସି ୧୧୦୦ କୋଟି ଟଙ୍କାର ପ୍ୟାକେଜ ଘୋଷଣା କରିଛନ୍ତି। ତେବେ ଗତ ୧୬ ମାସ ଧରି ନୂଆପଡାକୁ ଅଣଦେଖା କାହିଁକି କରୁଥିଲେ ବୋଲି କଂଗ୍ରେସ ପ୍ରଶ୍ନ କରିଛି। ମୁଖ୍ୟମନ୍ତ୍ରୀ 'ନୂଆପଡାର ଦାୟିତ୍ୱ ମୁଁ ନେବି' ବୋଲି ଅବାନ୍ତର କଥା କହୁଛନ୍ତି' ଏହାର ଅର୍ଥ କଣ ଓଡ଼ିଶାର ବାକି ଜିଲ୍ଲା ପ୍ରତି ମୁଖ୍ୟମନ୍ତ୍ରୀଙ୍କର ଦାୟିତ୍ୱ ନାହିଁ ବୋଲି କଂଗ୍ରେସ ପ୍ରଶ୍ନ କରିଛି।



## ଓଡ଼ିଶାରେ ନିର୍ମାଣ ହେବ ୯୨ଟି ରେଳ ଓଭରବ୍ରିଜ୍

ଭୁବନେଶ୍ୱର,୩୦।୧୦(ସମିସ): ଓଡ଼ିଶାରେ ୯୨ଟି ରେଳ ଓଭରବ୍ରିଜ୍‌ର ନିର୍ମାଣ ପାଇଁ ସମ୍ପୂର୍ଣ୍ଣ ଖର୍ଚ୍ଚ କେନ୍ଦ୍ର ସରକାର ବହନ କରିବେ। ଏଥିପାଇଁ କେନ୍ଦ୍ର ରେଳ ମନ୍ତ୍ରାଳୟ ଆବଶ୍ୟକ ଅନୁମୋଦନ କରିଛନ୍ତି।

ସୂଚନାଯୋଗ୍ୟ ଯେ ପୂର୍ବରୁ ଉଭୟ ରେଳ ମନ୍ତ୍ରାଳୟ ଓ ରାଜ୍ୟ ସରକାର ଏହି ରେଳ ଓଭରବ୍ରିଜ୍ ଗୁଡ଼ିକୁ ୫୦-୫୦ ଅନୁପାତରେ ଏଥିପାଇଁ ଖର୍ଚ୍ଚ କରିବେ ବୋଲି ସ୍ଥିର ହୋଇଥିଲା। ତେବେ ରାଜ୍ୟ ସରକାରଙ୍କ ପକ୍ଷରୁ ଏହି ଖର୍ଚ୍ଚ ସମ୍ପୂର୍ଣ୍ଣ ଭାବେ ରେଳ ମନ୍ତ୍ରାଳୟ ବହନ କରିବାକୁ ଅନୁରୋଧ କରାଯାଇଥିଲା। ରାଜ୍ୟ ସରକାରଙ୍କ ଅନୁରୋଧ ରକ୍ଷା କରି କେନ୍ଦ୍ର ରେଳ ମନ୍ତ୍ରାଳୟ ରାଜ୍ୟର ବିଭିନ୍ନ ସ୍ଥାନରେ ନିର୍ମାଣ ହେବାକୁ ଥିବା ୯୨ଟି ରେଳ ଓଭର ବ୍ରିଜ୍‌ର ସମ୍ପୂର୍ଣ୍ଣ ନିର୍ମାଣ ଖର୍ଚ୍ଚ ବହନ କରିବେ ବୋଲି ପତ୍ର ମାଧ୍ୟମରେ ଜଣାଇଛନ୍ତି। ଓଡ଼ିଶାର ଭିତ୍ତିଭୂମି ବିକାଶ ପ୍ରତି କେନ୍ଦ୍ର ସରକାରଙ୍କ ଏହି ସହୃଦୟତାପୂର୍ଣ୍ଣ ପଦକ୍ଷେପ ପାଇଁ ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀ ଏବଂ କେନ୍ଦ୍ର ରେଳମନ୍ତ୍ରୀ ଅଶ୍ୱିନୀ ବୈଷ୍ଣବଙ୍କୁ ଓଡ଼ିଶାବାସୀଙ୍କ ପକ୍ଷରୁ ଧନ୍ୟବାଦ ଓ କୃତଜ୍ଞତା ଜଣାଇଛନ୍ତି। ମୁଖ୍ୟମନ୍ତ୍ରୀ କହିଛନ୍ତି ଯେ ପ୍ରଧାନମନ୍ତ୍ରୀ ସବୁ ସମୟରେ ଓଡ଼ିଶାର ବିକାଶ ପ୍ରତି ସ୍ୱତନ୍ତ୍ର ଧ୍ୟାନ ଦେଇ ଆସିଛନ୍ତି। ରେଳପଥ, ସଡକ ପଥ, ବନ୍ଦର ଓ ବିମାନ ଭିତ୍ତିଭୂମି ସହିତ ଓଡ଼ିଶାରେ ଶିଳ୍ପର ବିକାଶ ପାଇଁ ପ୍ରଧାନମନ୍ତ୍ରୀ ଓ?ଶାକୁ ସର୍ବାଧିକ ଗୁରୁତ୍ୱ ଦେଇ ଆସିଛନ୍ତି। ଓଡ଼ିଶାବାସୀଙ୍କ ପ୍ରତି ପ୍ରଧାନମନ୍ତ୍ରୀଙ୍କ ଏହି ଶ୍ରଦ୍ଧା ଓଡ଼ିଶାର ବିକାଶକୁ ତ୍ୱରାନ୍ୱିତ କରିବ ବୋଲି ମୁଖ୍ୟମନ୍ତ୍ରୀ କହିଛନ୍ତି।

- ■ ସମ୍ପୂର୍ଣ୍ଣ ଖର୍ଚ୍ଚ ବହନ କରିବ ରେଳ ବିଭାଗ
- ■ ପ୍ରଧାନମନ୍ତ୍ରୀ ଓ କେନ୍ଦ୍ର ରେଳମନ୍ତ୍ରୀଙ୍କୁ ଧନ୍ୟବାଦ ଦେଲେ ମୁଖ୍ୟମନ୍ତ୍ରୀ

## ଦିବ୍ୟାଙ୍ଗ କଲେଜ ଛାତ୍ରଛାତ୍ରୀଙ୍କ ସମସ୍ୟା ସମାଧାନ ପାଇଁ ପଦକ୍ଷେପ ନିଅ: ହାଇକୋର୍ଟ

କଟକ, ୩୦।୧୦(ସମିସ): କଟକସ୍ଥିତ ଶୈଳବାଳା ସ୍ୱୟଂଶାସିତ ମହିଳା ମହାବିଦ୍ୟାଳୟରେ ୭୭ଜଣ ଦିବ୍ୟାଙ୍ଗ ଛାତ୍ରୀଙ୍କ ପାଇଁ ଆବଶ୍ୟକ ସୁବିଧା ନଥିବା ପ୍ରସଙ୍ଗକୁ ଅଦାଲତ ଗୁରୁତ୍ୱର ସହ ଗ୍ରହଣ କରି ଶୁଣାଣି କରୁଛନ୍ତି। ତେବେ ଶୈଳବାଳା ଭଳି ରାଜ୍ୟର ସମସ୍ତ ମହାବିଦ୍ୟାଳୟରେ ଦିବ୍ୟାଙ୍ଗ ଛାତ୍ରଛାତ୍ରୀଙ୍କ ରହିଥିବା ସମସ୍ୟାକୁ ସମାଧାନ କରିବା ପାଇଁ ଆବଶ୍ୟକ ପଦକ୍ଷେପ ଗ୍ରହଣ କରିବାକୁ ରାଜ୍ୟ ଉଚ୍ଚଶିକ୍ଷା ନିର୍ଦ୍ଦେଶକଙ୍କୁ ନିର୍ଦ୍ଦେଶ ପ୍ରଦାନ କରିଛନ୍ତି ହାଇକୋର୍ଟ। କଟକ ସହର ସମସ୍ୟା ମାମଲାର ଶୁଣାଣି କରିବା ଅବସରରେ ଜଷ୍ଟିସ ସଂଗମ କୁମାର ସାହୁ ଓ ଜଷ୍ଟିସ ଭି.ନରସିଂହଙ୍କୁ ନେଇ ଗଠିତ ଖଣ୍ଡପୀଠ ଏପରି ନିର୍ଦ୍ଦେଶ ପ୍ରଦାନ କରିଛନ୍ତି। ବିଶେଷକରି, ଦିବ୍ୟାଙ୍ଗ ଛାତ୍ରଛାତ୍ରୀଙ୍କୁ ଯେପରି ସେମାନଙ୍କ ଅଧିକାରରୁ ବଞ୍ଚିତ କରାନଯିବ, ସେ ନେଇ ଖଣ୍ଡପୀଠ ଗୁରୁତ୍ୱାରୋପ କରିଛନ୍ତି। ସେହିଭଳି କେଉଁ ମହାବିଦ୍ୟାଳୟରେ କେତେ ଦିବ୍ୟାଙ୍ଗ ଛାତ୍ରଛାତ୍ରୀ ଅଧ୍ୟୟନ କରୁଛନ୍ତି, ସେ ସଂକ୍ରାନ୍ତରେ ପରବର୍ତ୍ତୀ ଶୁଣାଣି ସମୟରେ ଉଚ୍ଚଶିକ୍ଷା ନିର୍ଦ୍ଦେଶକ ଅଦାଲତଙ୍କୁ ଅବଗତ କରିବେ।

ଶୈଳବାଳା ମହିଳା ମହାବିଦ୍ୟାଳୟରେ ବାଧାମୁକ୍ତ ଚଳାଚଳ ପାଇଁ ରାମ୍ପ ସହ ଶୌଚାଳୟ ସୁବିଧା, ଲିଫ୍ଟ, ବ୍ରେଲି ପୁସ୍ତକ ଆଦି ନଥିବା ନେଇ ପୂର୍ବରୁ ଆଡଭୋକେଟ କମିଟି ପକ୍ଷରୁ ହାଇକୋର୍ଟଙ୍କ ଦୃଷ୍ଟି ଆକର୍ଷଣ କରାଯାଇଥିଲା। କଟକ ଅତିରିକ୍ତ ଜିଲ୍ଲାପାଳଙ୍କ ସହ ଆଡଭୋକେଟ କମିଟି ଶୈଳବାଳା କଲେଜ ପରିଦର୍ଶନ କରି ଆବଶ୍ୟକ ସୁବିଧା ନଥିବା ନେଇ ରିପୋର୍ଟ ଦାଖଲ କରିଥିଲେ। ଆଜି ଉଚ୍ଚ ଶିକ୍ଷା ନିର୍ଦ୍ଦେଶକ କାଳୀପ୍ରସନ୍ନ ମହାପାତ୍ର ଭର୍ଚୁଆଲ ଶୁଣାଣିରେ ଉପସ୍ଥିତ ରହି ଜବାବ ରଖିଥିଲେ। ଉକ୍ତ ରିପୋର୍ଟ ଆଧାରରେ ଉଚ୍ଚଶିକ୍ଷା ନିର୍ଦ୍ଦେଶକ, ଏସଏସଇପିଡି ବିଭାଗ ସଚିବ, ଜିଲ୍ଲା ପ୍ରଶାସନ, କଲେଜ ଅଧ୍ୟକ୍ଷ ଓ ବିଭାଗୀୟ ଯନ୍ତ୍ରୀ ମିଳିତ ବୈଠକ କରିଥିଲେ। ଶୈଳବାଳାରେ ଦିବ୍ୟାଙ୍ଗଙ୍କ ଅନୁକୂଳ ରାମ୍ପ ବ୍ୟବସ୍ଥା, ଲିଫ୍ଟ , ସ୍ୱତନ୍ତ୍ର ଶୌଚାଳୟ ,ଅଧ୍ୟୟନ ପାଇଁ ବ୍ରେଲି ପୁସ୍ତକ ଆଦି ଉପଲବ୍ଧ କରାଯିବା ପାଇଁ ଆବଶ୍ୟକ କାର୍ଯ୍ୟପନ୍ଥା ଗ୍ରହଣ କରାଯାଇଥିବା କୁହାଯାଇଛି। ଆଡଭୋକେଟ କମିଟି ଆସନ୍ତା ଏହି ମହାବିଦ୍ୟାଳୟ ପରିଦର୍ଶନ କରିବା ସହ ଅନ୍ୟ ଶିକ୍ଷାନୁଷ୍ଠାନ ମଧ୍ୟ ପରିଦର୍ଶନ କରି ରିପୋର୍ଟ ଦାଖଲ କରିବାକୁ ଅଦାଲତ ନିର୍ଦ୍ଦେଶ ଦେଇଛନ୍ତି । ମାମଲାର ପରବର୍ତ୍ତୀ ଶୁଣାଣି ଆସନ୍ତା ନଭେମ୍ବର୨୭କୁ ଧାର୍ଯ୍ୟ କରାଯାଇଛି।

**ଦୁଷ୍କର୍ମ ପରେ ମହିଳାଙ୍କୁ ପୋଡ଼ି ମାରିଦେବା ଘଟଣା**

## ଦ୍ୱନ୍ଦ୍ୱ ବଢ଼ାଇଲା ଏସ୍‌ପିଙ୍କ ବିବୃତି

ବଲାଙ୍ଗିର, ୩୦।୧୦(ସମିସ): ବଲାଙ୍ଗିର ଜିଲ୍ଲା ଦେଓଗାଁ ଥାନା ଅଞ୍ଚଳରେ ଜଣେ ମହିଳାଙ୍କୁ ଦୁଷ୍କର୍ମ ପରେ ଜାଳି ମାରିଦେବା ଘଟଣା ନୂଆମୋଡ଼ ନେଇଛି। ଦୁଷ୍କର୍ମ ଓ ହତ୍ୟା ଅଭିଯୋଗକୁ ଆଜି ବଲାଙ୍ଗିର ଏସ୍‌ପି ଅଭିଲାଷ ଜି. ଖଣ୍ଡନ କରିବା ପରେ ଏହି ମାମଲାକୁ ନେଇ ସାଧାରଣରେ ଦ୍ୱନ୍ଦ୍ୱ ସୃଷ୍ଟି ହୋଇଛି। ଆଜି ଏକ ସାମ୍ବାଦିକ ସମ୍ମିଳନୀରେ ଏସ୍‌ପି କହିଛନ୍ତି ଯେ ମହିଳାଙ୍କ ସହ ଦୁଷ୍କର୍ମ କରାଯାଇନାହିଁ କିମ୍ବା କେହି ତାଙ୍କୁ ହତ୍ୟା ମଧ୍ୟ କରିନାହାନ୍ତି। କୌଣସି ସ୍ୱାସ୍ଥ୍ୟଗତ କାରଣରୁ ମୃତ୍ୟୁ ହୋଇଛି ବୋଲି ସେ କହିଛନ୍ତି। ତେବେ ବିଲ ଭିତରକୁ ମହିଳାଙ୍କ ଅର୍ଦ୍ଧନଗ୍ନ ଶବ ଆସିଲା କେମିତି, କିଏ ତାଙ୍କ ଶାଢ଼ି ଖୋଲିଲା, ତାଙ୍କ ମୁହଁ କଳା ପଡ଼ିଲା କେମିତି, ତାହାକୁ ନେଇ ପ୍ରଶ୍ନବାଚୀ ସୃଷ୍ଟି ହୋଇଛି। ସେହିପରି, ୬ ଦିନ ଧରି ମହିଳାଙ୍କ ଶବ ପଡ଼ି ରହିଥିଲେ ହେଁ କାହାର ନଜରକୁ କିପରି ଆସିଲା ନାହିଁ, ସେ ନେଇ ମଧ୍ୟ ସନ୍ଦେହ ସୃଷ୍ଟି ହୋଇଛି। ଅପରପକ୍ଷେ, ପୁଲିସକୁ ଆଜି ମୃତ ମହିଳାଙ୍କ ପରିଚୟ ମିଳିଛି। ସେ ହେଲେ, ପାଟଣାଗଡ଼ ଅଞ୍ଚଳର କୁନ୍ତୀ ଧରୁଆ (୨୯)।

ପୁଲିସ କହିବା ଅନୁସାରେ, କୁନ୍ତୀ ୨୦୨୦ ମସିହାରୁ ମାନସିକ ରୋଗରେ ପୀଡ଼ିତ ଥିଲେ। ସେ ପୂର୍ବରୁ ମଧ୍ୟ ଘରୁ ଏକାଧିକବାର କୁଆଡ଼େ ଚାଲିଯିବାର ନଜିର ରହିଛି। ଏହି କାରଣରୁ ତାଙ୍କ ସ୍ୱାମୀ ଭଗବାନ ଧରୁଆ ତାଙ୍କୁ ବାପଘରେ ଛାଡ଼ି ଦେଇଥିଲେ। ଗତ ୫ ବର୍ଷ ହେବ ସେ ବାପା ସୁକରାମ ଧରୁଆଙ୍କ ଘରେ ରହୁଥିଲେ। ଗତ ୨୩ ତାରିଖରେ ହଠାତ୍ ସେ କୁଆଡ଼େ ନିଖୋଜ ହୋଇଯାଇଥିଲେ। ତେବେ ଯେଉଁ ଜମିରୁ କୁନ୍ତୀଙ୍କ ମୃତଦେହ ଉଦ୍ଧାର ହୋଇଛି, ତାହା ତାଙ୍କ ବାପଘରଠାରୁ ୬ କିମି ଦୂର ହୋଇଥିବା ଶାଶୂଘରଠାରୁ ୮ କିମି ବୋଲି ଜଣାପଡ଼ିଛି। ଏମିତିରେ କୁନ୍ତୀ କେଉଁ ପରିସ୍ଥିତିରେ ଜମି କିଆରିକୁ ଆସିଲେ ଓ କେମିତି ତାଙ୍କର ମୃତ୍ୟୁ ହେଲା, ତାହା ପୁଲିସ ସ୍ପଷ୍ଟ କରିନି।



ବଲାଙ୍ଗିର ଏସ୍‌ପିଙ୍କ କହିବା ଅନୁସାରେ ସେ ନିଖୋଜ ହେବାର ଦିନକ ଭିତରେ ହିଁ ତାଙ୍କର ମୃତ୍ୟୁ ହୋଇଛି ଏବଂ ତାଙ୍କ ମୃତ୍ୟୁ ସ୍ୱାସ୍ଥ୍ୟଗତ କାରଣରୁ ବୋଲି ସ୍ପଷ୍ଟ କରିଛନ୍ତି। ବ୍ୟବଚ୍ଛେଦ ସମୟରେ ପ୍ରାଥମିକ ପର୍ଯ୍ୟାୟରେ ଡାକ୍ତରଙ୍କ କହିବା ଅନୁସାରେ ଶରୀର କିମ୍ବା ତାଙ୍କ ଯୌନାଙ୍ଗରେ କୌଣସି କ୍ଷତ ଚିହ୍ନ ନାହିଁ। ଫଳରେ ତାଙ୍କୁ ହତ୍ୟା ଓ ଦୁଷ୍କର୍ମ କରାଯାଇନଥିବା ସେ କହିଛନ୍ତି। ଭିସେରା ପାଇଁ ପଠାଯାଇଛି ଉକ୍ତ ରିପୋର୍ଟ ଆସିବା ପରେ ମୃତ୍ୟୁ କାରଣ ଆହୁରି ସ୍ପଷ୍ଟ ହେବ ଏସ୍‌ପି ସୂଚନା ଦେଇଛନ୍ତି। ଉଲ୍ଲେଖଯୋଗ୍ୟ, ବୁଧବାର ଦେଓଗାଁ ଥାନା ବନ୍ଧପଡ଼ା ଫାଣ୍ଡି ଅଧୀନ ଗୋଏଲପିଟା ଗାଁ ନିକଟରେ ଥିବା ଏକ ଜମିରୁ ଅଜଣା ମହିଳାଙ୍କ ମୃତଦେହ ଉଦ୍ଧାର ହୋଇଥିଲା।


- ■ ଦୁଷ୍କର୍ମ ଓ ହତ୍ୟା ଅଭିଯୋଗକୁ ଖଣ୍ଡନ
- ■ ମୃତା ମହିଳା ମାନସିକ ରୋଗୀ

**ମା' ପ୍ରେମ ଏମିତି...**

## ନବଜାତ ହାତୀ ଶବକୁ ଜଗି ରହିଲା ମା'

ବାରିପଦା, ୩୦।୧୦(ସମିସ): ବାରିପଦା ବନଖଣ୍ଡ ଅନ୍ତର୍ଗତ ବାଙ୍ଗିରିପୋଷି ବନାଞ୍ଚଳରେ ଏକ ନବଜାତ ହାତୀ ଶାବକର ମୃତ୍ୟୁ ଘଟିଛି। ବ୍ରାହ୍ମଣଗାଁ ନିକଟ ସାତଭାୟା ଜଙ୍ଗଲରେ ଶାବକଟି ଜନ୍ମ ହେବାର ଦିନେ ନ ହେଉଣୁ ମୃତ୍ୟୁ ହୋଇଥିବା ଖବର ମିଳିଛି। ତେବେ ଶାବକର ମୃତ୍ୟୁ ପରେ ମା' ହାତୀଟି ମୃତଦେହ ପାଖରେ ଜଗି ରହିଥିଲା।

କିଛି ଦିନ ଧରି ବ୍ରାହ୍ମଣଗାଁ ପଞ୍ଚାୟତର ବିଭିନ୍ନ ସ୍ଥାନରେ ୧୨ ଟିକିଆ ହାତୀପଲ ଚଳପ୍ରଚଳ କରୁଛନ୍ତି। ଶିମିଳିପାଳ ପାଦଦେଶର ସାତଭାୟା ଜଙ୍ଗଲରେ ମାଈହାତୀଟି ବିଲ ମଝିରେ ଏକ ହାତୀ ଶାବକକୁ ଜନ୍ମ ଦେଇଥିଲା। ତେବେ ହାତୀ ଶାବକଟି ଦୁର୍ବଳ ଥିବାରୁ ମା' ହାତୀ ଓ ଅନ୍ୟ ହାତୀ ତା'ର ସୁରକ୍ଷା ପାଇଁ ଜଗି ରହିଥିଲେ। ହେଲେ ଶାବକଟି କିଛି ଘଣ୍ଟା ପରେ ବୁଧବାର ସନ୍ଧ୍ୟାରେ ମୃତ୍ୟୁବରଣ କରିଥିଲା। କିନ୍ତୁ, କାଳେ ଛୁଆ ପୁଣି ଜୀବିତ ହେବ, ସେହି ଆଶା ନେଇ ମା' ହାତୀ ଦୀର୍ଘ ସମୟ ଧରି ଜଗି ରହିଥିଲା। ଖବର ପାଇ ବନ ବିଭାଗର ଏକ ଟିମ୍ ଘଟଣାସ୍ଥଳରେ ପହଞ୍ଚି ସ୍ଥିତି ଅନୁଧ୍ୟାନ କରିଥିଲେ। କିନ୍ତୁ ହାତୀ ନିକଟକୁ ଯାଇ ପାରିନଥିଲେ। ଗୁରୁବାର ସକାଳୁ ବନ ବିଭାଗ ମା' ହାତୀକୁ ଦୂରେଇବା ପରେ ଶବ ବ୍ୟବଚ୍ଛେଦ କରାଯାଇଛି। ମୃତଦେହରୁ ନମୁନା ସଂଗ୍ରହ କରାଯାଇ ଯାଞ୍ଚ ନିମନ୍ତେ ଓୟୁଏଟିକୁ ପଠାଯାଇଛି। ରିପୋର୍ଟ ଆସିବା ପରେ ମୃତ୍ୟୁର ପ୍ରକୃତ କାରଣ ଜଣାପଡ଼ିବ ବୋଲି କର୍ତ୍ତୃପକ୍ଷ କହିଛନ୍ତି। ଶବ ବ୍ୟବଚ୍ଛେଦ କରିବା ପରେ ମୃତଦେହକୁ ପୋତି ଦିଆଯିବ ବୋଲି ବନଖଣ୍ଡ ଅଧିକାରୀଙ୍କ ସୂତ୍ରରୁ ସୂଚନା ମିଳିଛି।





■ ଦାମ୍ପତ୍ୟ ବିବାଦ ମାମଲାରେ ହାଇକୋର୍ଟଙ୍କ ଗୁରୁତ୍ୱପୂର୍ଣ୍ଣ ରାୟ

## ପିଲାଙ୍କୁ ଭେଟିବା ପାଇଁ ପିତାମାତାଙ୍କ ଭଳି ଜେଜେ-ଜେଜେମା'ଙ୍କ ଅଧିକାର ରହିଛି

କଟକ, ୩୦।୧୦ (ସମିସ): ଶିଶୁର କଲ୍ୟାଣ ପାଇଁ ପିତାମାତାଙ୍କ ଭଳି ଜେଜେ ଏବଂ ଜେଜେ-ମା'ଙ୍କ ଉପସ୍ଥିତି ମଧ୍ୟ ସମାନ ଗୁରୁତ୍ୱପୂର୍ଣ୍ଣ। ଯେଉଁଠି ପତି ଓ ପତ୍ନୀ ପରସ୍ପର ବିରୋଧରେ ବିଭିନ୍ନ ପ୍ରକାରର ମାମଲା ଲଢୁଛନ୍ତି, ସେତେବେଳ ପର୍ଯ୍ୟନ୍ତ ସେମାନଙ୍କ ନିଜ ପିଲାକୁ ଭେଟିବା ପାଇଁ ପିତାମାତା, ଜେଜେ ଓ ଜେଜେମା'ଙ୍କୁ ବଞ୍ଚିତ କରାଯାଇପାରିବ ନାହିଁ। ଦାମ୍ପତ୍ୟ ବିବାଦକୁ ନେଇ ନିମ୍ନ ଅଦାଲତରେ ମାମଲା ଚାଲୁଥିବା ବେଳେ ନିଜ ପିଲାଙ୍କୁ ଭେଟିବା ପାଇଁ ଅଭିଭାବକଙ୍କ ରହିଥିବା ଅଧିକାର ପ୍ରସଙ୍ଗରେ ହାଇକୋର୍ଟ ଆଜି ଏପରି ଏକ ଗୁରୁତ୍ୱପୂର୍ଣ୍ଣ ରାୟ ଦେଇଛନ୍ତି। ଏସ୍. ରାୟଗୁରୁଙ୍କ ତରଫରୁ ରୁଜୁ ଆବେଦନର ଶୁଣାଣି କରି ଜଷ୍ଟିସ୍ ସଂଜୟକୁମାର ମିଶ୍ର ଏପରି ରାୟ ଦେଇଛନ୍ତି। ପତ୍ନୀଙ୍କ ଜିମାରେ ଥିବା ପ୍ରାୟ ଦେଢ଼ବର୍ଷ ବୟସର ପୁଅକୁ ଭେଟିବା ଅନୁମତି ପ୍ରଦାନ ପାଇଁ ସ୍ୱାମୀ କରିଥିବା ଆବେଦନକୁ ଖାରଜ କରି ଗତ ମାର୍ଚ୍ଚ ୨୦ରେ କଟକ ପରିବାର ଅଦାଲତ ପ୍ରଦାନ କରିଥିବା ଆଦେଶକୁ ହାଇକୋର୍ଟ ରଦ୍ଦ କରିଦେଇଛନ୍ତି। ଆବେଦନକାରୀ ଓ ତାଙ୍କ ପିତାମାତା ତଥା ପିଲାର ଜେଜେ ବାପା ଜେଜେ-ମା'ଙ୍କ ସହ ମାସକୁ ଦୁଇଥର ହାଇକୋର୍ଟ ମଧ୍ୟସ୍ଥତା କେନ୍ଦ୍ରରେ ଜଣେ ମହିଳା ମଧ୍ୟସ୍ଥତାଙ୍କ ଉପସ୍ଥିତିରେ ପିଲାକୁ ସାକ୍ଷାତ କରିବାର ଅଧିକାର ପ୍ରଦାନ କରିଛନ୍ତି\ ମଧ୍ୟସ୍ଥତା କେନ୍ଦ୍ରରେ ସାକ୍ଷାତ ସମୟରେ ପିତା ଏବଂ ଜେଜେ ବାପା ଜେଜେ ମା ସେମାନଙ୍କ ପୁଅ/ନାତିଙ୍କୁ ଉପହାର ଦେଇପାରିବେ। ସେହିଭଳି ମାସର ଚତୁର୍ଥ ଶନିବାର ଏବଂ ରବିବାର ସନ୍ଧ୍ୟାରେ ହ୍ୱାଟ୍ସଆପ୍ କଲ୍ ମାଧ୍ୟମରେ ଭିଡିଓ କନଫରେନ୍ସ କରିପାରିବେ। ଏଥିପାଇଁ ପତ୍ନୀଙ୍କୁ ଆବେଦନକାରୀ ଏକ ଆଣ୍ଡ୍ରଏଡ ମୋବାଇଲ ଫୋନ ଓ ସିମ ପ୍ରଦାନ କରିବେ ବୋଲି ହାଇକୋର୍ଟ କହିଛନ୍ତି। ଆବେଦନକାରୀଙ୍କ ତରଫରୁ ବରିଷ୍ଠ ଆଇନଜୀବୀ ଗୌତମ କୁମାର ଆଚାର୍ଯ୍ୟ ମାମଲା ପରିଚାଳନା କରୁଥିବା ବେଳେ ଅର୍ପିତା ମହାପାତ୍ର ସହଯୋଗ କରିଥିଲେ।

# ଟଳିଲା ବାତ୍ୟା; ବଢ଼ିଲା ଚାଷୀଙ୍କ ଚିନ୍ତା



**ବ୍ରହ୍ମଗିରି,୩୦।୧୦(ସମିସ):** ଗତ କିଛିଦିନ ହେଲା ବାତ୍ୟା 'ମୋନ୍ଥା' ପାଇଁ ଜନସାଧାରଣ, ଚାଷୀ ଏବଂ ପ୍ରଶାସନର ନିଦ ହଜିଯାଇଥିଲା। ତେବେ ବାତ୍ୟା ଟଳିଯାଇଥିଲେ ହେଁ ଚାଷୀଙ୍କ ଚିନ୍ତା ଦ୍ୱିଗୁଣିତ ହୋଇଯାଇଛି। ତୁହାକୁ ତୁହା ବର୍ଷା ହେବା ଦ୍ୱାରା ପାଚିଲା ଧାନ ପାଣିରେ ବୁଡ଼ିକି ଅଛି। ଏହାକୁ ଦେଖି ପୁରୀ ଜିଲ୍ଲା କୃଷ୍ଣପ୍ରସାଦ ବ୍ଲକ୍‌ରେ ଚାଷୀ ମୁଣ୍ଡରେ ହାତ ଦେଇ ବସିଛନ୍ତି। ବ୍ଲକ୍‌ର କୃଷ୍ଣପ୍ରସାଦ, ଅଲଣ୍ଡା, ତିତିପ, ଗୋମୁଣ୍ଡିଆ, ବଡ଼ଖାଡ଼, ନୂଆପଡ଼ା, ବ୍ରହ୍ମପୁର, ବଡ଼ଅଁଳ, ସିଆଳ, ସିଆଣ୍ଡି, ବୁଦ୍ଧିବର, ମାଲୁଦ, ବଜ୍ରକୋଟ ଆଦି ବିଭିନ୍ନ ପଞ୍ଚାୟତରେ ଏଭଳି ଘଟଣା ଦେଖିବାକୁ ମିଳୁଥିବାବେଳେ ରାମଲେଙ୍କା ପଞ୍ଚାୟତରେ ଧାନ ଫସଲ ବ୍ୟାପକ କ୍ଷୟକ୍ଷତି ଘଟିଥିବା ଜଣାଯାଇଛି। ଚାଷୀଙ୍କ କ୍ଷୟକ୍ଷତି ଦେଖିବା ପାଇଁ ବାସୁଦେବପୁର ବିଧାୟକ ଅଶୋକ କୁମାର ଦାଶ, ଓଡ଼ିଶା ପ୍ରଦେଶ କଂଗ୍ରେସ କମିଟିର ପରିବେଶ ଓ ଜୀବିକା ସଂଯୋଜକ ସୁଧାଂଶୁ ଶେଖର ଦେଓ, ଅବସରପ୍ରାପ୍ତ ସେନା ତଥା ଯୁବ କଂଗ୍ରେସ ନେତା ଦୀପକ କୁମାର ଜେନା ଚାଷଜମି ବୁଲି ଦେଖିବା ସହିତ କ୍ଷତିପୂରଣ ବାବଦରେ ଚାଷୀମାନଙ୍କ ସହିତ ଆଲୋଚନା କରିଥିଲେ। କ୍ଷତିପୂରଣ ବାବଦ ବହନ କରିବା ପାଇଁ ସରକାରଙ୍କ ଦୃଷ୍ଟି ଆକର୍ଷଣ କରିବେ ବୋଲି ପ୍ରତିଶ୍ରୁତି ଦେଇଥିଲେ। ଏହା ସହିତ ଅଧା ଦାମ୍‌ରେ ଚାଷୀଙ୍କୁ ଚିନାବାଦାମ ଯୋଗାଇଦେବା ପାଇଁ ରାଜ୍ୟ ସରକାରଙ୍କୁ ଅନୁରୋଧ କରିବେ ବୋଲି କହିଛନ୍ତି।

ବାତ୍ୟା ମୁକାବିଲା ପାଇଁ ବ୍ଲକ୍ ପ୍ରଶାସନ ସମ୍ପୂର୍ଣ୍ଣ ପ୍ରସ୍ତୁତ ଥିବାବେଳେ ପରୀକ୍ଷାର୍ଥୀଙ୍କ ପରୀକ୍ଷାକୁ ନଜରରେ ରଖି ବିଡିଓ ଅମିୟ କୁମାର ପଣ୍ଡାଙ୍କ ପ୍ରତ୍ୟକ୍ଷ ତତ୍ତ୍ୱାବଧାନରେ ଚତୁରତାର ସହ ଚିଲିକାରେ ପରୀକ୍ଷାର୍ଥୀଙ୍କୁ ପାର୍ କରି ଏକ ନିଆରା ପ୍ରଶଂସା ସାଉଁଟିଛନ୍ତି। ବିଡିଓଙ୍କ ଏଭଳି କାର୍ଯ୍ୟକୁ ବିଭିନ୍ନ ମହଲରେ ପ୍ରଶଂସା କରାଯାଇଛି। ବାତ୍ୟା ପ୍ରଭାବ ଶେଷ ହେବା ପରେ କୃଷ୍ଣପ୍ରସାଦ ବିଡିଓ ଅମିୟ କୁମାର ପଣ୍ଡା, ତହସିଲଦାର ବିକାଶ ସେଠୀ, କୃଷି ଅଧିକାରିଣୀ ରାଜଲକ୍ଷ୍ମୀ ସାହୁ, ସହକାରୀ କୃଷି ଅଧିକାରୀ ସୌମ୍ୟ ରଞ୍ଜନ ପାତ୍ରଙ୍କ ସମେତ ରାଜସ୍ୱ କର୍ମଚାରୀମାନେ ଅଞ୍ଚଳର ବିଭିନ୍ନ ଗ୍ରାମକୁ ଯାଇ ଚାଷୀମାନଙ୍କ ସହ ଆଲୋଚନା କରିଛନ୍ତି। ବିଭିନ୍ନ ଗ୍ରାମ ବୁଲି ଲୋକମାନଙ୍କୁ ସେମାନଙ୍କର କ୍ଷୟକ୍ଷତି ସମ୍ପର୍କରେ ପଚାରି ବୁଝିଥିବା ଜଣାଯାଇଛି। ଚିଲିକାରେ ଅମାନିଆ ଡଙ୍ଗା ଚାଳକଙ୍କ ଉପରେ କୃଷ୍ଣପ୍ରସାଦ ଥାନା ପୁଲିସ ଉପଖଣ୍ଡ ଅଧିକାରୀ ଭାବଗ୍ରାହୀ ରାଉତଙ୍କ ନେତୃତ୍ୱରେ କଡ଼ା ନଜର ରଖିଥିଲେ।

**କଣାସ :** 'ମୋନ୍ଥା' ପ୍ରଭାବରେ ତିନିଦିନ ହେଲା ତୁହାକୁ ତୁହା ବର୍ଷା ସହିତ ପବନ ଜାରି ରହିଛି। ପୁରୀ ଜିଲ୍ଲାର ଭାତହାଣ୍ଡି ଭାବେ ପରିଚିତ କଣାସ ବ୍ଲକ୍‌ର ଅନେକ ଧାନ ଜମିରେ ଧନ ଥୋଡ଼ୁଅ ନେଉଥିବାବେଳେ କେତେକ ଜମିରେ ପବନ ଯୋଗୁଁ ଧାନ ଜମିରେ ଶୋଇପଡ଼ି ବର୍ଷା ଜଳରେ ବୁଡ଼ିଯାଇଛି। ତେବେ ଏହା ନଷ୍ଟ ହେବାକୁ ବସିଥିବାରୁ ଚାଷୀମାନେ ମୁଣ୍ଡରେ ହାତ ଦେଇ ବସିଛନ୍ତି। କଣାସ ବ୍ଲକ୍ ତ୍ରିଲୋଚନପୁର, କଣାସ, ସିରେଇ, ଅଣ୍ଡାଳିସିଂହ, ବିଜିପୁର, ବିନ୍ଧଣ, ଖଣ୍ଡହତା, ଗଡ଼ସାହି, ବକୁ, ଅଡାଲ,



ଦୋଛିଆଁ, ସାହୁପଡ଼ା, ଦେଇପୁର, ଗଡ଼ଖାରଦ ଗ୍ରାମପଞ୍ଚାୟତରେ ଅଧିକ ପରିମାଣର ଶାରଦ ଧାନ ଫସଲ ନଷ୍ଟ ହୋଇଥିବାରୁ ମୁଣ୍ଡରେ ହାତ ଦେଇ ବସିଛନ୍ତି। ଚାଷୀମାନେ ବିଭିନ୍ନ ବ୍ୟାଙ୍କ, ସମବାୟ ସମିତି ଓ ଗ୍ରାମ୍ୟ ମହାଜନଙ୍କଠାରୁ ଚଢ଼ା ସୁଧରେ ଋଣ ଆଣି ଫସଲ କରିଥିଲେ। କିପରି ଋଣ ସୁଝିବେ ଚାଷୀମାନଙ୍କ ଚିନ୍ତା ବଢ଼ାଇ ଦେଇଛି। ସେହିପରି ଗଡ଼ସାନପୁଟ, ଗଡ଼ବଡ଼ପୁଟ, ପାଣ୍ଡିଆକେରା, ଦୋକନ୍ଦା, ବଡାସ, ଗଡ଼ବଳଭଦ୍ରପୁର ପଞ୍ଚାୟତର ଚାଷୀମାନେ ପରିବା ଫସଲ ଉପରେ ନିର୍ଭର କରିଥାଆନ୍ତି। ପରିବା ଫସଲ ବନ୍ୟାଜଳରେ ବୁଡ଼ିଯିବାରୁ ନଷ୍ଟ ହୋଇଯାଇଛି।

## ୩ ବାଲିବୋଝେଇ ହାଇୱା ଜବତ



ଚାରିଛକ,୩୦।୧୦(ସମିସ): ଚାରିଛକ ଥାନା ପୁଲିସ ଗୁରୁବାର ୩ଟି ବେଆଇନ ବାଲିବୋଝେଇ ହାଇୱା ଗାଡ଼ିକୁ ଜବତ କରିବା ସହ ଉକ୍ତ ଗାଡ଼ି ଚାଳକମାନଙ୍କୁ ଥାନାରେ ଅଟକ ରଖିଥିବା ଜଣାପଡ଼ିଛି। ଚାରିଛକ ଥାନା ଏଏସ୍‌ଆଇ ଇନ୍ଦୁଲତା ମିଶ୍ର ପାଟ୍ରୋଲିଂ କରୁଥିବା ସମୟରେ ଗୁରୁବାର ସକାଳୁ ବେଆଇନ ଭାବେ ବାଲିବୋଝେଇ କରି ନେଉଥିବା ୩ଟି ହାଇୱା ଗାଡ଼ିକୁ ଜବତ କରିଛନ୍ତି। ଦୈନନ୍ଦିନ ଶହଶହ ବେଆଇନ ବାଲିବୋଝେଇ ଗାଡ଼ି ଏହି ସବୁ ଅଞ୍ଚଳରୁ ବିଭିନ୍ନ ସ୍ଥାନକୁ ଯାଉଥିବାବେଳେ ଜିଲ୍ଲା ଖଣି ବିଭାଗ ଅଧିକାରୀ କିଭଳି ଜାଣିପାରୁ ନାହାନ୍ତି ତାହା ଏବେ ସାଧାରଣରେ ସନ୍ଦେହ ପ୍ରକାଶ ପାଇଛି। ୩ଟି ଗାଡ଼ିର ଚାଳକଙ୍କ ବିରୋଧରେ ପୁଲିସ ଲଘୁ ଖଣିଜ ସମ୍ପଦ ବେଆଇନ ଚୋରା ଚାଲାଣ ମାମଲା ରୁଜୁ କରିଥିବା ଜଣାପଡ଼ିଛି।

## ପ୍ରଶାସନ ଶୁଣିଲାନି; ରାସ୍ତାରୁ ଜଳ ନିଷ୍କାସନ କଲେ ସମାଜସେବୀ



ନୟାହାଟ,୩୦।୧୦(ସମିସ): ଚାରିଛକରୁ କାକଟପୁର ମୁଖ୍ୟ ପିଚୁ ରାସ୍ତାର ଯୋଗେଶ୍ୱରପୁର ସରସ୍ୱତୀ ଶିଶୁ ମନ୍ଦିର ଆଗରେ ବର୍ଷା ଜଳ ନିଷ୍କାସନ ହୋଇ ନ ପାରି ରାସ୍ତା ଉପରେ ଜମି ରହୁଥିଲା। ପାଠ ପଢ଼ିବାକୁ ଯାଉଥିବା ଛୋଟ ପିଲାମାନେ ବହୁ ଅସୁବିଧାର ସମ୍ମୁଖୀନ ହେଉଥିଲେ। ଯାତ୍ରୀବାହୀ ବସ୍, ଟ୍ରକ୍ ଏହି ରାସ୍ତା ଉପରେ ଯିବାଆସିବା ସମୟରେ ପାଣି ଛିଟିକା ମାରି ବାଟରେ ଯାଉଥିବା ବାଟୋଇଙ୍କ ଉପରେ ପଡ଼ିବାରୁ ଗଣ୍ଡଗୋଳର ସୂତ୍ରପାତ ହେଉଥିଲା। ଏଠାରେ ପାଣି ଜମିବା ସମ୍ପର୍କରେ ବିଭିନ୍ନ ଗଣମାଧ୍ୟମରେ ଖବର ପ୍ରକାଶ ପାଇଥିଲେ ମଧ୍ୟ ପୂର୍ତ୍ତ ବିଭାଗ ଜଳ ନିଷ୍କାସନ ପାଇଁ କୌଣସି ପଦକ୍ଷେପ ନେଇ ନ ଥିଲା। ନୟାହାଟ ଅଞ୍ଚଳର ସମାଜସେବୀ ଅଭିମନ୍ୟୁ ସିଂହ ଗୁରୁବାର ଏକ ଜେସିବି ସାହାଯ୍ୟରେ ନିକଟରେ ଥିବା ନୟନଯୋରୀକୁ ପାଣି ନିଷ୍କାସନ କରିଥିଲେ। ଯାହା ଫଳରେ ଗାଡ଼ିମୋଟର ସହିତ ଲୋକମାନେ ସୁବିଧାରେ ଯାତାୟାତ କରିଥିଲେ।

## ବଦଳିଲା ଶ୍ରୀରାଧାଙ୍କ ପୁରୁଣା ଚାନ୍ଦି ପ୍ରଭା



ସାକ୍ଷୀଗୋପାଳ,୩୦।୧୦(ସମିସ): ଚଳିତ ବର୍ଷ ମନ୍ଦିର ପ୍ରଶାସନ ପକ୍ଷରୁ ଶ୍ରୀରାଧାଙ୍କ ବିଗ୍ରହ ସହ ରହିଥିବା ପୁରୁଣା ଚାନ୍ଦି ରୁପା ପ୍ରଭା ପରିବର୍ତ୍ତନ କରାଯାଇ ନୂତନ ପ୍ରଭା ଲାଗି କରାଯାଇଛି। ନବନିର୍ମିତ ପ୍ରଭାରେ ଓଡ଼ିଆ ସ୍ୱର୍ଣ୍ଣ ରୌପ୍ୟ ଶିଳ୍ପୀଙ୍କ ଦ୍ୱାରା ପ୍ରସ୍ଫୁଟିତ ପଦ୍ମଫୁଲ, ମୟୂର, ସେବତୀ ଫୁଲ, ଲତା ଓ କଳସ ପ୍ରଭାରେ ଶୋଭାପାଉଛି। ପୂର୍ବରୁ ରତ୍ନସିଂହାସନରେ ଶ୍ରୀରାଧାରାଣୀଙ୍କ ବିଗ୍ରହ ପଛକୁ ଲାଗିରହିଥିବା ପୁରୁଣା ପ୍ରଭା ଅପସାରଣ କରାଯାଇ ନୂଆ କାରୁକାର୍ଯ୍ୟପୂର୍ଣ୍ଣ ପ୍ରଭା ରଖାଯାଇଛି। ଅଁଳାନବମୀ ତିଥିରେ ଓଡ଼ିଆଣୀ ବେଶରେ ନୂଆ ପ୍ରଭା ଅଧିକ ଆକର୍ଷଣ ସାଜିବ ବୋଲି ସ୍ଥାନୀୟ ତହସିଲଦାର ତଥା ମନ୍ଦିର କାର୍ଯ୍ୟନିର୍ବାହୀ ଅଧିକାରୀ ସନ୍ତୋଷ କୁମାର ପାଣିଗ୍ରାହୀ କହିଛନ୍ତି। ଠାକୁରଙ୍କୁ ମିଳିଥିବା ଦାନ ରୁପାକୁ ମିଶାଇ ପ୍ରାୟ ୫ କିଲୋଗ୍ରାମ୍ ଓଜନର ପ୍ରଭା ତିଆରି କରିବାକୁ ମନ୍ଦିର ପ୍ରଶାସନ ଆନୁମାନିକ ୭୦ ହଜାର ଟଙ୍କା ବ୍ୟୟ କରାଯାଇଥିବା ଜଣାପଡ଼ିଛି।

# ସାଇବର ସୁରକ୍ଷା ସଚେତନତା କାର୍ଯ୍ୟକ୍ରମ






ଡେଲାଙ୍ଗ,୩୦।୧୦(ସମିସ): ସାଧାରଣ ଲୋକଙ୍କୁ ଫୋନ୍‌କରି ବିଭିନ୍ନ ପ୍ରଲୋଭନ ଦେଖାଇବା ସହିତ ଡିଜିଟାଲ ଆରେଷ୍ଟ ଓ ଅଶ୍ଳୀଳ ଭିଡିଓ ଭାଇରାଲ ଭଳି ମିଥ୍ୟା କଥା କହି ସାଇବର ଠକମାନେ ଲକ୍ଷାଧିକ ଟଙ୍କା ଲୁଟିନେଉଥିବା ଖବର ଦିନକୁ ଦିନ ବଢ଼ିବାରେ ଲାଗିଛି। ଏହାକୁ ଆୟତ କରିବା ପାଇଁ ଲୋକେ ସଚେତନ ହେବା ନିତାନ୍ତ ଅବଶ୍ୟକ। ତେଣୁ ପୁରୀ ଜିଲ୍ଲା ପୁଲିସ ପକ୍ଷରୁ ଡେଲାଙ୍ଗ ଷ୍ଟେସନ ବଜାରସ୍ଥିତ ରାଧାକାନ୍ତ ବିଦ୍ୟାପୀଠ ପରିସରରେ ଡେଲାଙ୍ଗ ପୁଲିସ ସହାୟତାରେ ଗୁରୁବାର ସାଇବର ସଚେତନତା କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି। ଏହି ଅବସରରେ ଆୟୋଜିତ ସାଧାରଣ ସଭାରେ ବିଦ୍ୟାଳୟର ପ୍ରଧାନଶିକ୍ଷକ ଅଜୟ କୁମାର ଭୋଇ ସଭାପତିତ୍ୱ କରିଥିବାବେଳେ ଡେଲାଙ୍ଗ ଥାନା ଅଧିକାରୀ ଶ୍ୟାମଘନ ବାରିକ, ବ୍ଲକ୍ ଶିକ୍ଷାଧିକାରୀ ଶତ୍ରୁଘ୍ନ ବେହେରା, ପ୍ରଧାନଶିକ୍ଷକ ଦେବେନ୍ଦ୍ର ମଲ୍ଲିକ, ଧ୍ରୁବଚରଣ ବରାଳ, କଳିଙ୍ଗ କେଶରୀ ମହାପାତ୍ର, ଏସ୍‌ଆଇ ଶୁଭଶ୍ରୀ ପ୍ରିୟଦର୍ଶିନୀ ନନ୍ଦ, ସାଇବର ସଚେତକ ସାନ୍ତନୁ କୁମାର ପଣ୍ଡା ପ୍ରମୁଖ ଉପସ୍ଥିତ ରହି ଛାତ୍ରଛାତ୍ରୀମାନଙ୍କୁ ମୋବାଇଲ୍‌ର ବହୁଳ ବ୍ୟବହାର କାରଣରୁ ହେଉଥିବା ସାଇବର ଠକେଇ ସମ୍ପର୍କରେ ଅବଗତ କରାଇବା ସହିତ ଏହାର ସଚେତନତା ଉପରେ ପରାମର୍ଶ ଦେଇଥିଲେ। ଠକେଇର ଶିକାର ହେଲେ ତୁରନ୍ତ ସାଇବର ସହାୟତା ନମ୍ବର ୧୯୩୦ରେ ଯୋଗାଯୋଗ କରିବାକୁ ଥାନା ଅଧିକାରୀ ଶ୍ରୀ ବାରିକ ପରାମର୍ଶ ଦେଇଥିଲେ। ବିଦ୍ୟାଳୟର ଶାରୀରିକ ଶିକ୍ଷା ଶିକ୍ଷକ ନଟବର ସେଠୀ ଅତିଥି ପରିଚୟପ୍ରଦାନ କରିବା ସହିତ ସଭା ସଂଯୋଜନା କରିଥିଲେ। ପ୍ରାରମ୍ଭରୁ ସାଇବର ସୁରକ୍ଷା ଗାଡ଼ିରେ ଲଗାଯାଇଥିବା ଏଲ୍‌ଇଡି ଟିଭିରେ ସାଇବର ଠକେଇର ବିଭିନ୍ନ ସଚେତନତା ସମ୍ପର୍କିତ ଚଳଚ୍ଚିତ୍ର ପ୍ରସାରଣ କରାଯାଇଥିବା ବେଳେ ବିଦ୍ୟାଳୟର ଛାତ୍ରମାନଙ୍କ ଦ୍ୱାରା ସାଇବର ସଚେତନତା ସମ୍ପର୍କରେ ଏକ ନାଟକ ପରିବେଷଣ କରାଯାଇଥିଲା। ଗୃହରକ୍ଷୀ କମାଣ୍ଡର ପ୍ରମୋଦ କୁମାର ସେଠୀ, ପୂର୍ବତନ ଛାତ୍ର ସ୍ୱାଗତ ବରାଳ ପ୍ରମୁଖଙ୍କ ସମେତ ଡେଲାଙ୍ଗ ଥାନା ଓ ବିଦ୍ୟାଳୟର କର୍ମକର୍ତ୍ତାମାନେ କାର୍ଯ୍ୟକ୍ରମ ପରିଚାଳନାରେ ସହଯୋଗ କରିଥିଲେ। ସେହିପରି ସର୍ଦ୍ଦାର ବଲ୍ଲଭଭାଇ ପଟେଲଙ୍କ ୧୫୦ତମ ଜୟନ୍ତୀ ଓ ରାଷ୍ଟ୍ରୀୟ ଏକତା ଦିବସ ଉପଲକ୍ଷେ ଡେଲାଙ୍ଗ ପୁଲିସ ପକ୍ଷରୁ କରାଯାଇଥିବା ଗଣଦୌଡ଼ରେ ବିଦ୍ୟାଳୟର ଛାତ୍ରଛାତ୍ରୀମାନଙ୍କ ସହିତ ପୁରାତନ ଛାତ୍ର ସଂସଦ ଓ ସ୍ଥାନୀୟ ଯୁବବର୍ଗ ସାମିଲ୍ ହୋଇଥିଲେ।

### ରାଷ୍ଟ୍ରୀୟ ଏକତା ଦିବସରେ ଗଣଦୌଡ଼

**କାକଟପୁର :** ଗୁରୁବାର କାକଟପୁର ମଙ୍ଗଳା ମହାବିଦ୍ୟାଳୟ ପରିସରରେ କାକଟପୁର ପୁଲିସ ପକ୍ଷରୁ ସାଇବର ସୁରକ୍ଷା ସଚେତନତା କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି। ଏଥିରେ ମହାବିଦ୍ୟାଳୟର ଅଧ୍ୟକ୍ଷ ଗହର ଅବେଦିନ, ଏସ୍‌ଡିପିଓ ଜନାର୍ଦ୍ଦନ ପାଢ଼ୀ, କାକଟପୁର ଥାନା ଅଧିକାରୀ ବସନ୍ତ କୁମାର ସାହୁ, ବ୍ଲକ୍ ଚେୟାରମ୍ୟାନ ଶ୍ରୀଧର ନାୟକ, ବ୍ଲକ୍ ଶିକ୍ଷା ଅଧିକାରୀ ପ୍ରମୁଖ ଯୋଗଦେଇ ସାଇବର ଠକମାନଙ୍କଠାରୁ ସୁରକ୍ଷା ସମ୍ପର୍କରେ ବିସ୍ତୃତ ଆଲୋଚନା କରାଯାଇଥିଲା। ମହାବିଦ୍ୟାଳୟର ଛାତ୍ରଛାତ୍ରୀମାନଙ୍କ ପାଇଁ ଏକ ପଥପ୍ରାନ୍ତ ନାଟକ 'ବେଳହୁଁ ସାବଧାନ' ମାଧ୍ୟମରେ ସଚେତନ କରାଯାଇଥିଲା। ପରିଶେଷରେ ମହାବିଦ୍ୟାଳୟର ବିଭିନ୍ନ ପ୍ରତିଯୋଗିତାରେ କୃତୀ ଛାତ୍ରଛାତ୍ରୀମାନଙ୍କୁ ମାନପତ୍ର ଓ ଉପଢୌକନ ଦେଇ ପୁରସ୍କୃତ କରାଯାଇଥିଲା।

## ପଶୁ ଚିକିତ୍ସକଙ୍କ ବିୟୋଗ



ନୟାହାଟ,୩୦।୧୦(ସମିସ): ନୟାହାଟ ଫାଣ୍ଡି ଅନ୍ତର୍ଗତ ଦେସ୍ଥଳି ପଞ୍ଚାୟତର ଭାରଗୋଳ ଗ୍ରାମର ବରିଷ୍ଠ ନାଗରିକ ଓ ପଶୁ ଚିକିତ୍ସକ ଧନେଶ୍ୱର ପାତ୍ର (୮୫) ଙ୍କର ବୁଧବାର ବିଳମ୍ବିତ ରାତିରେ ପରଲୋକ ହୋଇଛି। ବରିଷ୍ଠ ନାଗରିକ ମଞ୍ଚର ସଦସ୍ୟମାନେ ଉକ୍ତ ଗ୍ରାମକୁ ଯାଇ ଧନେଶ୍ୱରଙ୍କ ଶେଷ ଦର୍ଶନ କରିବା ସହିତ ତାଙ୍କ ଅମର ଆତ୍ମାର ସଦ୍‌ଗତି ପାଇଁ ପ୍ରାର୍ଥନା କରିଥିଲେ। ମଞ୍ଚର ଉପସଭାପତି ସୁରେନ୍ଦ୍ର ମୋହନ ବିଟି, କୃଷ୍ଣ ଚନ୍ଦ୍ର ବାରିକ, ପାଣୁ ଦଳେଇ, ମହମ୍ମଦ ତଇବି, ରମେଶ ଚନ୍ଦ୍ର ବିଟି, ବଟ ମହାରଣା ପ୍ରମୁଖ ଏକ ଶୋକସଭାର ଆୟୋଜନ କରିଥିଲେ। ସେ ଜଣେ ମେଳାପି ଓ ପରୋପକାରୀ ଲୋକ ଥିଲେ। ତାଙ୍କ ବିୟୋଗରେ ନୟାହାଟ ଅଞ୍ଚଳରେ ଶୋକର ଛାୟା ଖେଳିଯାଇଛି। ତାଙ୍କ ମରଶରୀରକୁ ପୁରୀ ସ୍ୱର୍ଗଦ୍ୱାରରେ ଅନ୍ତିମ ସଂସ୍କାର କରାଯାଇଛି।

# ନିମାପଡ଼ା ମଣ୍ଡଳସ୍ତରୀୟ ଶିଶୁ ମହୋତ୍ସବ 'ସୁରଭି'



ନିମାପଡ଼ା,୩୦।୧୦(ସମିସ): ନିମାପଡ଼ା ଉଚ୍ଚ ବିଦ୍ୟାଳୟ ପରିସରରେ ମଣ୍ଡଳସ୍ତରୀୟ ଶିଶୁ ମହୋତ୍ସବ 'ସୁରଭି' ଆନୁଷ୍ଠାନିକ ଭାବେ ଅନୁଷ୍ଠିତ ହୋଇଯାଇଛି। ମଣ୍ଡଳ ଶିକ୍ଷାଧିକାରୀ କୈଳାଶ ଚନ୍ଦ୍ର ପାଢ଼ୀଙ୍କ ଅଧ୍ୟକ୍ଷତାରେ ଆୟୋଜିତ କାର୍ଯ୍ୟକ୍ରମର ଉଦ୍‌ଘାଟନୀ ଉତ୍ସବରେ ମୁଖ୍ୟ ଅତିଥିଭାବେ ନିମାପଡ଼ା ବିଜ୍ଞପିତ ଅଞ୍ଚଳ ପରିଷଦ ଅଧ୍ୟକ୍ଷା ସସ୍ମିତା ସାହୁ, ମୁଖ୍ୟବକ୍ତାଭାବେ ନିମାପଡ଼ା ତହସିଲଦାର ଡ. ମନୋଜ କୁମାର ନାୟକ, ସମ୍ମାନିତ ଅତିଥିଭାବେ ଏନ୍‌ଏସି କାର୍ଯ୍ୟନିର୍ବାହୀ ଅଧିକାରୀ ଚିନ୍ମୟ କୁମାର ଦାସ, ସାଂସଦଙ୍କ ଏନ୍‌ଏସି ପ୍ରତିନିଧି ମୀନଲତା ମହାନ୍ତି, ଏବିଇଓ ପୁଷ୍ପମିତ୍ରା ମିଶ୍ର, ଏବିଇଓ ଗୀତାଞ୍ଜଳି ନାୟକ, ଏବିଇଓ ସୁଦର୍ଶନ ଭୋଇ, ନିମାପଡ଼ା ଉଚ୍ଚ ବିଦ୍ୟାଳୟର ପ୍ରଧାନଶିକ୍ଷୟିତ୍ରୀ ନନ୍ଦିତା ସାହୁ ପ୍ରମୁଖ ଯୋଗଦେଇଥିଲେ। ଏହି କାର୍ଯ୍ୟକ୍ରମ ମାଧ୍ୟମରେ ଶିଶୁମାନଙ୍କର ଅନ୍ତର୍ନିହିତ ପ୍ରତିଭାର ବିକାଶ ନିମନ୍ତେ ବିଭିନ୍ନ ପ୍ରତିଯୋଗିତା ହୋଇଥିଲା। ବ୍ଲକ୍‌ର ବିଭିନ୍ନ ବିଦ୍ୟାଳୟର ମୋଟ୍ ୪୪୭ ଜଣ ପ୍ରତିଯୋଗୀ ଭାଗ ନେଇଥିଲେ। ଉଦ୍‌ଯାପନୀ ଉତ୍ସବରେ ମୁଖ୍ୟ ଅତିଥିଭାବେ ବ୍ଲକ୍ ଅଧ୍ୟକ୍ଷ ଶଙ୍କର ଭୋଇ, ମୁଖ୍ୟବକ୍ତାଭାବେ ନିମାପଡ଼ା ସ୍ୱୟଂଶାସିତ ମହାବିଦ୍ୟାଳୟ ଅଧ୍ୟକ୍ଷା ପ୍ରଫେସର ଅମିତା ମହାନାୟକ, ସମ୍ମାନିତ ଅତିଥିଭାବେ ମଣ୍ଡଳ ସହଶିକ୍ଷାଧିକାରୀ ପୁଷ୍ପମିତ୍ରା ମିଶ୍ର, ଏବିଇଓ ଗୀତାଞ୍ଜଳି ନାୟକ ପ୍ରମୁଖ ଯୋଗଦେଇଥିଲେ। ଏଥିରେ ସମସ୍ତ ବିଭାଗରେ ପ୍ରଥମ, ଦ୍ୱିତୀୟ ଓ ତୃତୀୟ ସ୍ଥାନ ଅର୍ଜନ କରିଥିବା ଛାତ୍ରଛାତ୍ରୀଙ୍କୁ ଅତିଥିମାନଙ୍କ ଦ୍ୱାରା ପ୍ରଶଂସାପତ୍ର ଓ ପୁରସ୍କାର ପ୍ରଦାନ କରାଯାଇଥିଲା।

## ଶଙ୍କର ପରିଡ଼ାଙ୍କ ବିୟୋଗରେ ଶୋକ

ଗୋପ,୩୦।୧୦(ସମିସ): ବିଶିଷ୍ଟ କବି ତଥା ବରିଷ୍ଠ ରାଜନେତା ପୂର୍ବତନ ପୁରୀ ଜିଲ୍ଲା ପରିଷଦ ଅଧ୍ୟକ୍ଷ ଶଙ୍କର୍ଷଣ ପରିଡ଼ାଙ୍କ ଚିକିତ୍ସାଧୀନ ଅବସ୍ଥାରେ ପରଲୋକ ଘଟିଛି। ସେ ଗତ କିଛି ମାସ ଧରି ଗୁରୁତର ରୋଗରେ ପୀଡ଼ିତ ଥିଲେ। ଦିନକୁ ଦିନ ଅଧିକ ଅସୁସ୍ଥ ହେବାପରେ ତାଙ୍କୁ କ୍ୟାପିଟାଲ କ୍ୟାପିଟାଲରୁ ଏମ୍‌ସକୁ ସ୍ଥାନାନ୍ତର କରାଯାଇଥିଲା। ଗୁରୁବାର ଚିକିତ୍ସାଧୀନ ଅବସ୍ଥାରେ ତାଙ୍କର ପରଲୋକ ହୋଇଛି। ତାଙ୍କ ବିୟୋଗରେ ବିଭିନ୍ନ ମହଲରେ ଶୋକର ଛାୟା ଖେଳିଯାଇଛି। ସେ ଜଣେ ସମାଜସେବୀ, ବିଶିଷ୍ଟ ଶିକ୍ଷାବିତ୍, ସାହିତ୍ୟ ଏବଂ ଓଡ଼ିଆ ଭାଷା ପାଇଁ ତାଙ୍କ ଜୀବନ ଉତ୍ସର୍ଗ କରିଥିଲେ। ଏହାର ମର୍ଯ୍ୟାଦା ରକ୍ଷା ପାଇଁ ଆନ୍ଦୋଳନର ନେତୃତ୍ୱ ନେଉଥିଲେ। ନିମାପଡ଼ା ବିଧାନସଭା ନିର୍ବାଚନମଣ୍ଡଳୀ ପାଇଁ ବିଜେପି ପକ୍ଷରୁ ବିଧାୟକ ପ୍ରାର୍ଥୀ ହୋଇଥିଲେ।

## ଆଜି ଅଁଳାନବମୀ; ସମୀକ୍ଷା କଲେ ଏସ୍‌ପି

ସାକ୍ଷୀଗୋପାଳ,୩୦।୧୦(ସମିସ): ପୁରୀ ଜିଲ୍ଲା ସାକ୍ଷୀଗୋପାଳ ମନ୍ଦିରରେ ଅଁଳାନବମୀ ତିଥିରେ ଶ୍ରୀରାଧା ପାଦ ଦର୍ଶନ ପାଇଁ ଲକ୍ଷାଧିକ ଶ୍ରଦ୍ଧାଳୁଙ୍କ ସମାବେଶକୁ ଲକ୍ଷ୍ୟ ରଖି ପୁରୀ ଏସ୍‌ପି ପ୍ରତୀକ ସିଂ ଗୁରୁବାର ସାକ୍ଷୀଗୋପାଳ ମନ୍ଦିରରେ ପୁଲିସ ବ୍ୟବସ୍ଥା ସମ୍ପର୍କରେ ସମୀକ୍ଷା କରିଛନ୍ତି। ମନ୍ଦିର ସମ୍ମୁଖରେ ୧୧ ଥାକିଆ ଜିକ୍‌ଜାକ୍ ବ୍ୟାରିକେଡ୍, ପାଦପ୍ରକ୍ଷାଳନ, ଦୀପସ୍ଥାଣ୍ଡ,



ସାଧାରଣ ଭକ୍ତଙ୍କ ପ୍ରବେଶ, ପ୍ରସ୍ଥାନ, ଭିଆଇପି ଗେଟ୍, ମେଳା ପଡ଼ିଆ, ପାର୍କିଂ ସ୍ଥଳ ଆଦି ବୁଲି ଦେଖିଥିଲେ। ଭିଡ଼ ନିୟନ୍ତ୍ରଣ ପାଇଁ ୨ ଜଣ ଅତିରିକ୍ତ ଏସ୍‌ପି, ୧୧ ଜଣ ଡିଏସ୍‌ପି, ୨୧ ଇନ୍ସପେକ୍ଟର, ୭୧ ଜଣ ଏସ୍‌ଆଇ, ଏଏସ୍‌ଆଇ, ୯୨ ହାବିଲଦାର ଓ କନେଷ୍ଟବଳ, ୧୦ ଟ୍ରାଫିକ୍ କନେଷ୍ଟବଳ, ୨୩ ପ୍ଲାଟୁନ୍ ଫୋର୍ସ, ୨୫୦ ଗୃହରକ୍ଷୀ ମୁତୟନ କରାଯିବ। ମନ୍ଦିର ସିଂହଦ୍ୱାରରେ ମେଟାଲ ଡିଟେକ୍ଟର, ବିଭିନ୍ନ ସ୍ଥାନରେ ସିସିଟିଭି କ୍ୟାମେରା, ସନ୍ଧାନୀ କୁକୁର, ସାଦା ପୋଷାକରେ ଗୁଇନ୍ଦା ପୁଲିସ, ବୋମା ନିଷ୍କ୍ରିୟକାରୀ ଦଳ, ଟ୍ରାଫିକ୍ ନିୟନ୍ତ୍ରଣ, ପାଟ୍ରୋଲିଂ ସହିତ କଣ୍ଟ୍ରୋଲ ରୁମ୍‌ରେ ସମସ୍ତ ଦିଗ ପ୍ରତି ତୀକ୍ଷ୍ଣ ଦୃଷ୍ଟି ଦିଆଯିବ ବୋଲି ଶ୍ରୀ ସିଂ ସାମ୍ବାଦିକ ସମ୍ମିଳନୀରେ ସୂଚନା ଦେଇଛନ୍ତି। ଏସ୍‌ପିଙ୍କ ସହିତ ଅତିରିକ୍ତ ଏସ୍‌ପି ସଚିନ ପଟେଲ, ଏସ୍‌ଡିପିଓ ଦେବାଶିଷ ମିଶ୍ର, ଆଇଆଇସି ବିଜୟକେତନ ବେହେରା ସାମିଲ୍ ହୋଇଥିଲେ।

ସେହିପରି ବିଧାୟକ ଓମ୍ ପ୍ରକାଶ ମିଶ୍ର, ସତ୍ୟବାଦୀ ତହସିଲଦାର ତଥା ମନ୍ଦିର କାର୍ଯ୍ୟନିର୍ବାହୀ ଅଧିକାରୀ ସନ୍ତୋଷ ପାଣିଗ୍ରାହୀ, ଅତିରିକ୍ତ ତହସିଲଦାର ଓମ୍ ପ୍ରକାଶ ପରିଡ଼ା, ବିଡିଓ ଦେବାଶିଷ ନାୟକ ଓ ଅତିରିକ୍ତ କାର୍ଯ୍ୟନିର୍ବାହୀ ଅଧିକାରୀ ଲଲାଟେନ୍ଦୁ ମହାନ୍ତି ଶ୍ରଦ୍ଧାଳୁମାନଙ୍କ ସୁବିଧାରେ ଦର୍ଶନ, ପୂଜାର୍ଚ୍ଚନା ଏବଂ ବେଢ଼ା ପରିକ୍ରମା ନେଇ ସେବାୟତ ସଂଘ କର୍ମକର୍ତ୍ତା ଓ ସେବାୟତମାନଙ୍କ ସହ ଆଲୋଚନା କରିଥିଲେ। ସକାଳୁ ଦମକଳ ବାହିନୀ ପକ୍ଷରୁ ମନ୍ଦିର ପରିସର ପାଣିରେ ଧୋଇ ପରିଷ୍କାର କରାଯାଇଥିବାବେଳେ ମନ୍ଦିର ବେଢ଼ା ଓ ସିଂହଦ୍ୱାରରେ ଝୋଟିରେ ରଙ୍ଗୋଲି କରାଯାଇଛି। ସ୍ୱତନ୍ତ୍ର ନଟବର ବେଶ ଏବଂ ଓଡ଼ିଆଣୀ ବେଶ ପାଇଁ ମନ୍ଦିର ରିଜର୍ଭ ଭଣ୍ଡାରରୁ ସ୍ୱର୍ଣ୍ଣ ଅଳଙ୍କାରମାନ କଢ଼ାଯାଇ ଦୈନିକ ପାଳିଆ ଭଣ୍ଡାର ମେକାପଙ୍କୁ ହସ୍ତାନ୍ତର ହୋଇଛି। ମନ୍ଦିରରେ ଫୁଲ, ଆଲୋକସଜ୍ଜା କରାଯାଇଛି। ଠାକୁରଙ୍କ ପହୁଡ଼ ନୀତି ଶୀଘ୍ର କରାଯାଇ ରାତି ୧୨ରୁ ଦ୍ୱାର ଉନ୍ମୋଚନ ଓ ମଙ୍ଗଳ ଆଳତି ଆଦି ଦେବନୀତି ଆରମ୍ଭ କରାଯାଇଛି। ସକାଳ ୫ଟାରୁ ରାତି ୧୧ଟା ପର୍ଯ୍ୟନ୍ତ ସାହାଣମେଳା ଓ ସର୍ବସାଧାରଣ ଦର୍ଶନ କରାଯିବ।

# ସର୍ଦ୍ଦାର ବଲ୍ଲଭଭାଇ ପଟେଲଙ୍କ ଜୟନ୍ତୀରେ ଗଣଦୌଡ଼



ବ୍ରହ୍ମଗିରି



ବଳଙ୍ଗା




କାକଟପୁର

**ବ୍ରହ୍ମଗିରି,୩୦।୧୦(ସମିସ):** ଗୁରୁବାର ଦେଶର ପୂର୍ବତନ ଉପ ପ୍ରଧାନମନ୍ତ୍ରୀ ତଥା ଲୌହ ମାନବ ସର୍ଦ୍ଦାର ବଲ୍ଲଭଭାଇ ପଟେଲଙ୍କ ୧୫୦ତମ ଜନ୍ମବାର୍ଷିକୀକୁ ସାରା ଦେଶ ରାଷ୍ଟ୍ରୀୟ ଏକତା ଦିବସ ରୂପେ ପାଳନ କରୁଛି। ଏହି ଅବସରରେ ଗୁରୁବାର ବ୍ରହ୍ମଗିରି ପୁଲିସ ପକ୍ଷରୁ ରନ୍ ଫର୍ ୟୁନିଟ୍ ଭାବେ ଏକ ଗଣଦୌଡ଼ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି। ଏହି ଗଣଦୌଡ଼ କାର୍ଯ୍ୟକ୍ରମରେ ବିଶେଷ କରି ଯୁବକ ଓ ଛାତ୍ରଛାତ୍ରୀମାନଙ୍କୁ ସାମିଲ କରାଯାଇଥିଲା। ଅଲାରନାଥ ମନ୍ଦିରଠାରୁ ଏହି ଗଣଦୌଡ଼କୁ ବ୍ରହ୍ମଗିରି ଥାନା ଅଧିକାରୀ ପ୍ରଜ୍ଞା ମହାନ୍ତି ପତାକା ଦେଖାଇ ଶୁଭାରମ୍ଭ କରିଥିଲେ। ଅଲାରନାଥଙ୍କ ପୀଠରୁ ବାହାରି ବ୍ରହ୍ମଗିରି ବଜାର ଦେଇ ବ୍ରହ୍ମଗିରି ଥାନା ପରିସରରେ ପହଞ୍ଚିଥିଲା। ଏକ ଅଖଣ୍ଡ ଭାରତ ପାଇଁ ଦୃଢ଼ ଅନୁଷ୍ଠାନ ଅତ୍ୟାବଶ୍ୟକ। ସର୍ଦ୍ଦାର ପଟେଲ୍‌ଙ୍କ ଏହି ଦୂରଦୃଷ୍ଟି, ବିଶ୍ୱାସ ଓ ଦୃଷ୍ଟିଭଙ୍ଗୀକୁ ସର୍ବଭାରତୀୟ ସେବାଗୁଡ଼ିକ ପ୍ରମାଣିତ କରେ। ରାଷ୍ଟ୍ରକୁ ଏକତା ସୂତ୍ରରେ ବାନ୍ଧି ରଖିବାକୁ ହେଲେ ଛାତ୍ର ଓ ଯୁବକଙ୍କ ଗୁରୁତ୍ୱପୂର୍ଣ୍ଣ ଭୂମିକା ରହିଛି। ଛାତ୍ର ଓ ଯୁବ ସମାଜ ଏକାଠି ହେଲେ ଆମେ ଏକ ସମୃଦ୍ଧ ଓ ବିକଶିତ ଓଡ଼ିଶା ଗଠନ କରିପାରିବା ସହ ଏକ ବିକଶିତ ରାଷ୍ଟ୍ର ଗଠନ କରିପାରିବା ବୋଲି ବ୍ରହ୍ମଗିରି ଥାନା ଅଧିକାରୀ କହିଥିଲେ। ଏହି କାର୍ଯ୍ୟକ୍ରମରେ ବ୍ରହ୍ମଗିରି ବନ ବିଭାଗ ଅଧିକାରୀ ଚନ୍ଦ୍ରଶେଖର ସାହୁ, ବ୍ରହ୍ମଗିରି ଉଚ୍ଚ ବିଦ୍ୟାଳୟର ଏନ୍‌ସିସି ଅଧିକାରୀ ଚିତ୍ତରଞ୍ଜନ ଜେନା, ଆଇନଜୀବୀ ରମାଶଙ୍କର ପାତ୍ର ଉପସ୍ଥିତ ଥିଲେ।

**ବଳଙ୍ଗା:** ବଳଙ୍ଗା ଥାନା ଅନ୍ତର୍ଗତ ସରସ୍ୱତୀପୁର ପଞ୍ଚାୟତ ଅଧୀନ କୋଠସାହି ସରକାରୀ ପ୍ରାଥମିକ ବିଦ୍ୟାଳୟରେ ବଳଙ୍ଗା ପୁଲିସ ପକ୍ଷରୁ ସର୍ଦ୍ଦାର ବଲ୍ଲଭଭାଇ ପଟେଲଙ୍କ ୧୫୦ତମ ଜନ୍ମବାର୍ଷିକୀ ତଥା ରାଷ୍ଟ୍ରୀୟ ଏକତା ଦିବସ ପାଳିତ ହୋଇଛି। ଏହି ଅବସରରେ ବଳଙ୍ଗା ଥାନା ଆଇଆଇସି




କଣାସ

ଦିବ୍ୟରଞ୍ଜନ ପଣ୍ଡାଙ୍କ ତତ୍ତ୍ୱାବଧାନରେ କୋଠସାହି ପ୍ରାଥମିକ ବିଦ୍ୟାଳୟର ଛାତ୍ରଛାତ୍ରୀମାନେ ଜାତୀୟ ଏକତା ଦିବସ ଭାବନାକୁ ଉଜ୍ଜ୍ୱଳ କରିବା ପାଇଁ ପଦଯାତ୍ରା କରିଥିଲେ। ଏଥିରେ ଅନ୍ୟମାନଙ୍କ ମଧ୍ୟରେ ବିଦ୍ୟାଳୟର ଶିକ୍ଷକଶିକ୍ଷୟିତ୍ରୀଙ୍କ ସହଯୋଗରେ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଥିଲା।

**କାକଟପୁର:** ସର୍ଦ୍ଦାର ବଲ୍ଲଭଭାଇ ପଟେଲଙ୍କ ୧୫୦ତମ ଜୟନ୍ତୀ ଓ ରାଷ୍ଟ୍ରୀୟ ଏକତା ଦିବସ ଉପଲକ୍ଷେ କାକଟପୁର ପୁଲିସ ଦ୍ୱାରା ଗୁରୁବାର ଏକ ମାରାଥନ ଦୌଡ଼ ଆୟୋଜିତ ହୋଇଛି। ସକାଳ ୭ଟାରେ ମା' ମଙ୍ଗଳାଙ୍କ ମନ୍ଦିର ନିକଟରୁ ଆରମ୍ଭ ହୋଇ କାକଟପୁର ବସ୍‌ଷ୍ଟାଣ୍ଡ ପର୍ଯ୍ୟନ୍ତ ଆୟୋଜିତ ହୋଇଥିଲା। ଏହି ମାରାଥନ୍ ମାଧ୍ୟମରେ ଯୁବପିଢ଼ି ଓ ସାଧାରଣ ଜନତାଙ୍କ ମଧ୍ୟରେ ଏକତା, ଶିଷ୍ଟାଚାର ଓ ଶାରୀରିକ ସ୍ୱାସ୍ଥ୍ୟ ସଚେତନତା ବାଢ଼ିବା ହିଁ ମୁଖ୍ୟ ଉଦ୍ଦେଶ୍ୟ। ଏହି କାର୍ଯ୍ୟକ୍ରମରେ ୨୦୦ରୁ ଅଧିକ ଅଂଶଗ୍ରହିତା ମାରାଥନରେ ସହଭାଗୀ ହୋଇ ଉତ୍ସାହ ପ୍ରକାଶ କରିଥିଲେ। ପୁଲିସ କର୍ମଚାରୀ, ଛାତ୍ରଛାତ୍ରୀ, ଏନ୍‌ସିସି କ୍ୟାଡେଟ୍, ମହାବିଦ୍ୟାଳୟର ଛାତ୍ରଛାତ୍ରୀ ଓ ସ୍ଥାନୀୟ ନାଗରିକମାନେ ଏଥିରେ ଯୋଗଦେଇଥିଲେ।


**କଣାସ:** ପୁରୀ ଜିଲ୍ଲା କଣାସ ଥାନା ପକ୍ଷରୁ ଗୁରୁବାର ସର୍ଦ୍ଦାର ବଲ୍ଲଭଭାଇ ପଟେଲ୍‌ଙ୍କ ଜନ୍ମ ଦିବସ ଅବସରରେ ଜାତୀୟ ଏକତା ଦିବସ ଅନୁଷ୍ଠିତ ହୋଇଯାଇଛି। କଣାସ ଥାନା ଆଇଆଇସି ପ୍ରଶନ୍ନ କୁମାର ନାୟକଙ୍କ ତତ୍ତ୍ୱାବଧାନରେ ଶତାଧିକ ପିଏସ୍ କ୍ୟାରିୟରର ଛାତ୍ରଛାତ୍ରୀ ଥାନା ପରିସରରେ ଏକତ୍ରିତ ହୋଇ ଯୁବ ସମାଜ ଯେପର୍ଯ୍ୟନ୍ତ ଏକତ୍ରିତ ହୋଇନାହାନ୍ତି ଦେଶର ପ୍ରଗତି ସମ୍ଭବ ନୁହେଁ ବୋଲି ଶ୍ରୀ ନାୟକ ଉପସ୍ଥିତ ଛାତ୍ରଛାତ୍ରୀମାନଙ୍କୁ ପରାମର୍ଶ ଦେଇଥିଲେ। ଥାନା ପରିସରରୁ ଛାତ୍ରଛାତ୍ରୀମାନେ ଏକ ବ୍ୟାନର ଧରି ବଜାର ପରିକ୍ରମା କରିଥିଲେ।

# ଶ୍ରୀକ୍ଷେତ୍ର ସିଟି

୩୦/୧୦/୨୦୨୫ (ଗୁରୁବାର) ଶ୍ରୀଜଗନ୍ନାଥଙ୍କ ହୁଣ୍ଡିରେ ସମର୍ପଣ

ଟ. ୬,୧୧,୪୭୭/- ସୁନା: ୦୦.୨୦୦ ଗ୍ରାମ୍ ରୁପା: ୧୩.୬୦୦ ଗ୍ରାମ୍





### ଗୋବିନ୍ଦ ଗୋଧାମ ଗୋଶାଳାରେ ଗୋଷ୍ଠାଷ୍ଟମୀ ମହୋତ୍ସବ

## ‘ଘରେ ଘରେ ଗୋଶାଳା ହେବା ଜରୁରୀ’



**ପୁରୀ,୩୦।୧୦(ସମିସ):** ଶ୍ରୀରାମ ସୁନ୍ଦରକାଣ୍ଡ ଚାରିଟେବୁଲ ଟ୍ରଷ୍ଟ ଦ୍ୱାରା ପରିଚାଳିତ ଗୋବିନ୍ଦ ଗୋଧାମ ଗୋଶାଳା ପରିସରରେ ଗୋଷ୍ଠାଷ୍ଟମୀ ଉତ୍ସବ ପାଳିତ ହୋଇଯାଇଛି। ଟ୍ରଷ୍ଟର ପ୍ରତିଷ୍ଠାତା ଟ୍ରଷ୍ଟି ତଥା ସମ୍ପାଦକ ପଣ୍ଡିତ ବିଷ୍ଣୁ ଚରଣ ପଣ୍ଡା ତତ୍ତ୍ୱାବଧାନରେ ଦିବ୍ୟତା ସହିତ ଗୋପୂଜନ ସହିତ ଗୋମାତାଙ୍କୁ ଲଡୁ ପ୍ରସାଦ ଓ ଚାରା ବଣ୍ଟନ କରାଯାଇଥିଲା। ଏହି ଅବସରରେ ନେବଳ ଦାସ ମଠ ମହନ୍ତ ଡ. ରାମ ଚରଣ ଦାସ ମହାରାଜ କହିଥିଲେ ଯେ ଘରେ ଘରେ ଗୋଶାଳା ହେବା ଜରୁରୀ। ଗୋମୁତ୍ରରେ ବହୁ ଦୁରାରୋଗ ଭଲ ହୁଏ। ପୂର୍ବ କାଳରେ ଘରେ ଘରେ ୫ଟି ଶାଳା ରହୁଥିଲା। ଯଥା- ପାଠଶାଳା, ପାକଶାଳା, ଯଜ୍ଞଶାଳା, ଭୋଜନଶାଳା ଓ ଗୋଶାଳା। ବର୍ତ୍ତମାନ ପୁନଃ ଘରେ ଘରେ ଗୋଶାଳା ରହିବାର ଆବଶ୍ୟକତା ରହିଛି। ପଞ୍ଚଗବ୍ୟ ଓ ପଞ୍ଚାମୃତ ଦେବକାର୍ଯ୍ୟରୁ ଆରମ୍ଭ କରି ମନୁଷ୍ୟର ସମସ୍ତ ହିତସାଧନ କାର୍ଯ୍ୟରେ ଲାଗିଥାଏ। ୫ ମିନିଟ୍ ଗୋମାତାଙ୍କ ନିକଟରେ ଶୟନ କଲେ ଉଚ୍ଚ ରକ୍ତଚାପ କମ୍ ହୋଇଥାଏ। ଏହି ଉତ୍ସବରେ ମହୀ ପ୍ରକାଶ ମଠର ମହନ୍ତ ସୁଭାନନ୍ଦ ପୁରୀ, ଜିଲ୍ଲା ବିଜେପି ସଭାପତି ଡା. ଦେବେନ୍ଦ୍ର ନାଥ ତରାଇ, ରାଜ୍ୟ ବିଜେପି ମହିଳା ମୋର୍ଚ୍ଚା ସଦସ୍ୟା ରଞ୍ଜିତା ପାଢ଼ୀ, ସୂଚନା ଓ ଲୋକ ସମ୍ପର୍କ ବିଭାଗ ଉପନିର୍ଦ୍ଦେଶକ ସନ୍ତୋଷ କୁମାର ସେଠୀ, ଜିଲ୍ଲା ଶିଶୁ ସୁରକ୍ଷା ଅଧିକାରୀ ମନୋଜ କୁମାର ତ୍ରିପାଠୀ, ଜିଲ୍ଲା କ୍ରୀଡ଼ା ଅଧିକାରୀ ଚନ୍ଦନ କୁମାର ସାହୁ ପ୍ରମୁଖ ଅତିଥି ରୂପେ ଯୋଗଦେଇ ଗୋ-ପୂଜନ, ଭଜନକୀର୍ତ୍ତନରେ ସାମିଲ୍ ହୋଇଥିଲେ। କାର୍ଯ୍ୟକ୍ରମକୁ ବରିଷ୍ଠ ସାମ୍ବାଦିକ ବିଷ୍ଣୁଦତ୍ତ ଦାସ ପରିଚାଳନା କରିଥିଲେ।

### ମରାମତି କାମର ସମୀକ୍ଷା କଲେ ମୁଖ୍ୟ ପ୍ରଶାସକ

## ଖୁବ୍‌ଶୀଘ୍ର ଭକ୍ତଙ୍କ ପାଇଁ ଖୋଲିବ ଗୁଣ୍ଡିଚା ମନ୍ଦିର

ପୁରୀ,୩୦।୧୦(ସମିସ)

ଖୁବ୍‌ଶୀଘ୍ର ଭକ୍ତଙ୍କ ପାଇଁ ଖୋଲିବାକୁ ଯାଉଛି ଶ୍ରୀଗୁଣ୍ଡିଚା ମନ୍ଦିର। ଗୁରୁବାର ଶ୍ରୀମନ୍ଦିର ମୁଖ୍ୟ ପ୍ରଶାସକ ଡ. ଅରବିନ୍ଦ ପାଢ଼ୀ, ଜିଲ୍ଲାପାଳ ଦିବ୍ୟଜ୍ୟୋତି ପରିଡ଼ାଙ୍କ ସମେତ ପରିଚାଳନା କମିଟି ସଦସ୍ୟମାନେ ଗୁଣ୍ଡିଚା ମନ୍ଦିରକୁ ଯାଇ ମରାମତି କାମର ସମୀକ୍ଷା କରିଥିଲେ। ମନ୍ଦିର ଭିତର ଏବଂ ବାହାର ପାଶ୍ୱର୍ ବୁଲି ଦେଖିଥିଲେ। ସୁନ୍ଦର ଭାବେ ଗୁଣ୍ଡିଚା ମନ୍ଦିର ପରିସରରେ ମରାମତି ଏବଂ ସୌନ୍ଦର୍ଯ୍ୟକରଣ କାମ ଚାଲିଛି। କାମ ପ୍ରାୟତଃ ଶେଷ ପର୍ଯ୍ୟାୟରେ ପହଞ୍ଚିଲାଣି। ତେବେ ଖୁବ୍‌ଶୀଘ୍ର ଗୁଣ୍ଡିଚା ମନ୍ଦିର ଭକ୍ତଙ୍କ ପ୍ରବେଶ ପାଇଁ ଖୋଲିବ ବୋଲି ସୂଚନା ଦେଇଛି ପରିଚାଳନା କମିଟି ସଦସ୍ୟ ମଧୁସୂଦନ ସିଂହାରୀ। ସକାଳୁ ରାତି ୧୦ଟା ପର୍ଯ୍ୟନ୍ତ ଶ୍ରଦ୍ଧାଳୁ ମନ୍ଦିର ଭିତରକୁ ପ୍ରବେଶ କରି ମହାପ୍ରଭୁଙ୍କ ଜନ୍ମସ୍ଥଳୀ ଦେଖିପାରିବେ। ୨୦ ଜଣ ଜେଟିପି ସ୍କ୍ୱାଡ୍ ମନ୍ଦିର ଜଗିବେ। ମନ୍ଦିର ଚତୁଃପାଶ୍ୱର୍ ସଫା କରାଯିବ ଏବଂ ସମସ୍ତ ଦୋକାନ ଉଚ୍ଛେଦ କରାଯିବ ବୋଲି ପୌର କାର୍ଯ୍ୟନିର୍ବାହୀ ଅଧିକାରୀ ପ୍ରକାଶ କରିଛନ୍ତି। ଏହାକୁ ଶ୍ରୀମନ୍ଦିର ପରିଚାଳନା କମିଟି ପରିଚାଳନା କରିବ।

ଓଡ଼ିଶାରେ କୋଭିଡ୍ କଟକଣା ଲାଗୁ ହେବା ପରଠାରୁ ଗୁଣ୍ଡିଚା ମନ୍ଦିରକୁ ଭକ୍ତଙ୍କ ପ୍ରବେଶ ବନ୍ଦ ରହିଛି। ପ୍ରାୟ ୫ ବର୍ଷ ହେଲାଣି ଏହି କଟକଣା ରହିଛି। କେବଳ ରଥଯାତ୍ରା ସମୟରେ ୯ ଦିନ ପାଇଁ ଗୁଣ୍ଡିଚା ମନ୍ଦିର ଖୋଲା ରହୁଛି। ଆଡ଼ପ ମଣ୍ଡପରୁ ମହାପ୍ରଭୁ ଯିବା ପରେ ପୁଣି ବନ୍ଦ ହୋଇଯାଉଛି ମନ୍ଦିର ଦ୍ୱାର, ଯାହା ହଜାର ହଜାର ଜଗନ୍ନାଥପ୍ରେମୀଙ୍କୁ ନିରାଶ କରିଛି। ପ୍ରଚାରପ୍ରସାର ଅଭାବରୁ ପ୍ରତିଦିନ ଶହ ଶହ ଭକ୍ତ, ପର୍ଯ୍ୟଟକ ଗୁଣ୍ଡିଚା ମନ୍ଦିର ଆସି ନିରାଶ ହୋଇ ଫେରୁଛନ୍ତି। ପୁରୀକୁ ଆସୁଥିବା ଭକ୍ତ ଓ ତୀର୍ଥଯାତ୍ରୀ ଶ୍ରୀମନ୍ଦିର ସହ ମହାପ୍ରଭୁଙ୍କ ଜନ୍ମବେଦୀ ଗୁଣ୍ଡିଚା ମନ୍ଦିରକୁ ଯିବାକୁ ଭୁଲି ନ ଥା’ନ୍ତି। ଅନେକ ପର୍ଯ୍ୟଟକ ମଧ୍ୟ ଗୁଣ୍ଡିଚା ମନ୍ଦିର ପରିଦର୍ଶନ କରିବାର ଆଗ୍ରହ ରଖିଥା’ନ୍ତି। କିନ୍ତୁ ୫ ବର୍ଷରୁ ଊର୍ଦ୍ଧ୍ୱ ହେବ ଏହା ବନ୍ଦ ରହିଛି। ଶ୍ରୀଗୁଣ୍ଡିଚା ମନ୍ଦିର ଖୋଲିବାକୁ ବିଭିନ୍ନ ମହଲରୁ ବାରମ୍ବାର ଦାବି ହୋଇଆସୁଛି। ବାହାରୁ ଆସୁଥିବା ଭକ୍ତ ବିଶେଷକରି ପଶ୍ଚିମବଙ୍ଗର ଶ୍ରଦ୍ଧାଳୁ ଗୁଣ୍ଡିଚା ମନ୍ଦିର ପରିଦର୍ଶନ କରିବାକୁ ଅଧିକ ଆଗ୍ରହ ଦେଖାଇଥା’ନ୍ତି। ହେଲେ ବର୍ଷ ବର୍ଷ ଧରି ବନ୍ଦ ପଡ଼ିଥିବାରୁ ସେମାନେ ମଧ୍ୟ ଅସନ୍ତୋଷ ବ୍ୟକ୍ତ କରିଆସୁଛନ୍ତି। ୨୦୨୨ରେ ଶ୍ରୀମନ୍ଦିର ପରିଚାଳନା କମିଟି ବୈଠକରେ ଭକ୍ତଙ୍କ ପାଇଁ ଗୁଣ୍ଡିଚା ମନ୍ଦିର ଖୋଲିବାକୁ ନିଷ୍ପତ୍ତି ନିଆଯାଇଥିଲା। ମନ୍ଦିରରେ ଚାଲିଥିବା ମରାମତି କାମ ସରିଲେ ଏହାକୁ ଖୋଲାଯିବ ବୋଲି କୁହାଯାଇଥିଲା। ହେଲେ ଏପର୍ଯ୍ୟନ୍ତ ଖୋଲିଲା ନାହିଁ।



ଗୁରୁତ୍ୱପୂର୍ଣ୍ଣ କଥା ହେଉଛି ଗୁଣ୍ଡିଚା ମନ୍ଦିର ପରିଦର୍ଶନ ବାହାନାରେ ପ୍ରତିଦିନ ଶହ ଶହ ସଂଖ୍ୟାରେ ଭକ୍ତ, ପର୍ଯ୍ୟଟକ ଶୋଷଣର ଶିକାର ହେଉଛନ୍ତି। ପୁରୀକୁ ଆସୁଥିବା ଶ୍ରଦ୍ଧାଳୁ ଏବଂ ପର୍ଯ୍ୟଟକଙ୍କ ମଧ୍ୟରୁ ଅନେକ ବିଭିନ୍ନ ହୋଟେଲରେ ରହିଥା’ନ୍ତି। ପୁଣି କେହି ସକାଳେ ଟ୍ରେନ୍, ବସ୍ ଯୋଗେ ପହଞ୍ଚିଥାନ୍ତି। ସେମାନଙ୍କୁ ବିଭିନ୍ନ ମଠ, ମନ୍ଦିର ଏବଂ ଦର୍ଶନୀୟ ସ୍ଥାନ ବୁଲାଇବା ପାଇଁ ଅଟୋ, ଇ-ଅଟୋ, କାର୍ ଆଦି ବିଭିନ୍ନ ଗାଡ଼ି ଷ୍ଟେସନ, ବସ୍‌ଷ୍ଟାଣ୍ଡ ଏବଂ ବିଭିନ୍ନ ହୋଟେଲରେ ସମ୍ମୁଖରେ ପହଞ୍ଚନ୍ତି। ବାହାରୁ ଆସିଥିବା ଭକ୍ତ, ପର୍ଯ୍ୟଟକ ଗୁଣ୍ଡିଚା ମନ୍ଦିର ବନ୍ଦ ଥିବା ସମ୍ପର୍କରେ ଜାଣି ନ ଥାନ୍ତି। ଯଦି ସେମାନେ ଗୁଣ୍ଡିଚା ମନ୍ଦିର ବୁଲିବାକୁ ବାହାରନ୍ତି ତେବେ ବନ୍ଦ ଥିବା ଜାଣି ମଧ୍ୟ ବିଭିନ୍ନ ଗାଡ଼ିର ଚାଳକ କିଛି କୁହନ୍ତି ନାହିଁ। ସେମାନଙ୍କୁ ଗାଡ଼ିରେ ଧରି ମନ୍ଦିର ସମ୍ମୁଖରେ ପହଞ୍ଚିଯା’ନ୍ତି। ହେଲେ ଗାଡ଼ିରୁ ଓହ୍ଲାଇବା ପରେ ଗୁଣ୍ଡିଚା ମନ୍ଦିର ବନ୍ଦ ଥିବା ଦେଖନ୍ତି। ନିକଟସ୍ଥ ଦୋକାନରେ ପଚାରି ବୁଝନ୍ତି। ୫ବର୍ଷ ହେବ ବନ୍ଦ ଥିବା ଶୁଣିବା ପରେ ମନଦୁଃଖରେ ଫେରନ୍ତି। ଅନେକ ମଧ୍ୟ ମନ୍ଦିର ଆଗରେ ଠିଆ ହୋଇ ମୋବାଇଲରେ ସ୍ମୃତି ସାଉଣ୍ଟି ଫେରିଥାନ୍ତି।

### କେନ୍ଦ୍ରୀୟ ସଂସ୍କୃତ ବିଶ୍ୱବିଦ୍ୟାଳୟ ଶ୍ରୀସଦାଶିବ ପରିସର

## ଉଡ଼ିଲା ୧୧୦ ଫୁଟ୍ ଉଚ୍ଚତାର ହାଇମାଷ୍ଟ ଜାତୀୟ ପତାକା

ପୁରୀ,୩୦।୧୦(ସମିସ)

କେନ୍ଦ୍ରୀୟ ସଂସ୍କୃତ ବିଶ୍ୱବିଦ୍ୟାଳୟ ଶ୍ରୀସଦାଶିବ ପରିସରରେ ୧୧୦ ଫୁଟ୍ ଉଚ୍ଚତା ବିଶିଷ୍ଟ ହାଇମାଷ୍ଟ ଜାତୀୟ ପତାକା ଓ ପଣ୍ଡିତ ହରିହର ଦାଶଙ୍କ ପ୍ରତିମୂର୍ତ୍ତି ବିଶ୍ୱବିଦ୍ୟାଳୟର କୁଳପତି ପ୍ରଫେସର ଶ୍ରୀନିବାସ ବରଖେଡ଼ି ଓ କୁଳସଚିବ ପ୍ରଫେସର ଆର୍.ଜି. ମୁରଲୀକ୍ରିଷ୍ଣାଙ୍କ କରକମଳରେ ଉନ୍ମୋଚିତ ହୋଇଛି। ଏଥିସହ ପରିସରର ଜୟଦେବ ସଭାଗାରଠାରେ ଭାରତୀୟ ଜ୍ଞାନ ପରମ୍ପରା କେନ୍ଦ୍ର ଉଦ୍‌ଘାଟିତ ହୋଇଯାଇଛି। ଆୟୋଜିତ ସଭାରେ ବିଶ୍ୱବିଦ୍ୟାଳୟର କୁଳପତି ଅଧ୍ୟକ୍ଷତା କରିଥିବାବେଳେ ମୁଖ୍ୟ ଅତିଥି ଭାବେ ଶାନ୍ତିନିକେତନ ପଶ୍ଚିମବଙ୍ଗ, ସଂସ୍କୃତ ବିଭାଗର ପ୍ରାକ୍ତନ ବିଭାଗ ମୁଖ୍ୟ ପ୍ରଫେସର ଅରୁଣ କୁମାର ମିଶ୍ର ଓ ବିଶିଷ୍ଟ ଅତିଥି ଭାବେ ବିଶ୍ୱବିଦ୍ୟାଳୟର କୁଳସଚିବ ପ୍ରଫେସର ମୁରଲୀକ୍ରିଷ୍ଣା ଯୋଗଦେଇଥିଲେ। ଏଥିରେ ପରିସରର ନିର୍ଦ୍ଦେଶକ ପ୍ରଫେସର ପ୍ରଭାତ କୁମାର ମହାପାତ୍ର ସ୍ୱାଗତ ଭାଷଣ ଦେଇଥିଲେ। ଭାରତୀୟ ଜ୍ଞାନ ପରମ୍ପରା ସନ୍ଧାନ କେନ୍ଦ୍ର ଶ୍ରୀସଦାଶିବ ପରିସରର ପର୍ଯ୍ୟବେକ୍ଷକ ଡ. ଜିତେନ୍ଦ୍ର କୁମାର ରାୟଗୁରୁ ପ୍ରସ୍ତାବିକ ଅଭିଭାଷଣ ଦେଇଥିଲେ। ଡ. ବେଣୁଧର ଦାଶ ବେଦପାଠ କରିଥିବାବେଳେ ଧନ୍ୟବାଦ ଅର୍ପଣ କରିଥିଲେ ଡ. ମହେଶ କୁମାର ପାଣିଗ୍ରାହୀ ଓ ମଞ୍ଚ ସଞ୍ଚାଳକ ଥିଲେ ଶିକ୍ଷାଶାସ୍ତ୍ର ବିଦ୍ୟାଶାଖାର ସହକାରୀ ପ୍ରଫେସର ଡ. ସୁଶାନ୍ତ କୁମାର ରାୟ।



ଏହି ଅବସରରେ ଭାରତୀୟ ଜ୍ଞାନାତ୍ମକ ବିଜ୍ଞାନ ଏବଂ ଭାଷଣ ପରମ୍ପରା ଶୀର୍ଷକ ଏକଦିବସୀୟ ଜାତୀୟ ସମ୍ମାନ ଆୟୋଜିତ ହୋଇଥିଲା। ଶ୍ରୀଜଗନ୍ନାଥ ସଂସ୍କୃତ ବିଶ୍ୱବିଦ୍ୟାଳୟ ନ୍ୟାୟ ବିଭାଗର ସହକାରୀ ପ୍ରଫେସର ତିନିଟି ବୈଷୟିକ ଅଧିବେଶନରେ ପ୍ରଫେସର ଅନୁପମା ପୃଷ୍ଟି, ପ୍ରଫେସର ବିଜୟପାଲ କଚ୍ଛୱା, ପ୍ରଫେସର ଗୌରପ୍ରିୟା ଦାଶ ଅଧ୍ୟକ୍ଷତା କରିଥିବାବେଳେ ଆଲୋଚକ ଭାବେ ଡ. ଜି. ଜୟମାଣିକ୍ୟ ଶାସ୍ତ୍ରୀ, ଆଇଆଇଟି ଭୁବନେଶ୍ୱରର ସହକାରୀ ପ୍ରଫେସର ଡ. ଅପର୍ଣ୍ଣା ପାଣ୍ଡେ, କେନ୍ଦ୍ରୀୟ ବିଶ୍ୱବିଦ୍ୟାଳୟ ଶିକ୍ଷାଶାସ୍ତ୍ର ବିଦ୍ୟାଶାଖାର ବିଭାଗ ମୁଖ୍ୟ ଡ. ଭରତ କୁମାର ପଣ୍ଡା, ଶିକ୍ଷାଶାସ୍ତ୍ରୀ ବିଦ୍ୟାଶାଖା ଶ୍ରୀଜଗନ୍ନାଥ ସଂସ୍କୃତ ବିଶ୍ୱବିଦ୍ୟାଳୟର ସହକାରୀ ପ୍ରଫେସର ଡ. ଲକ୍ଷ୍ମୀଧର ପଣ୍ଡା, ଶିକ୍ଷାଶାସ୍ତ୍ରୀ ବିଦ୍ୟାଶାଖା ଶ୍ରୀସଦାଶିବ ପରିସରର ପ୍ରଫେସର ବି.ଏସ୍. ବି. ଭାସ୍କରରେଡ୍ଡୀ ପ୍ରମୁଖ ବକ୍ତବ୍ୟ ପ୍ରଦାନ କରିଥିଲେ। ଉଦ୍‌ଯାପନୀରେ ଡ. ରାଜେନ୍ଦ୍ର ପ୍ରସାଦ କୃଷି ବିଶ୍ୱବିଦ୍ୟାଳୟ ବିହାରର ପ୍ରାକ୍ତନ କୁଳପତି ପ୍ରଫେସର ପ୍ରଫୁଲ୍ଲ କୁମାର ମିଶ୍ର ମୁଖ୍ୟଅତିଥି, ବିଶିଷ୍ଟ ଅତିଥିଭାବେ ଶ୍ରୀସଦାଶିବ ପରିସରର ପ୍ରାକ୍ତନ ନିର୍ଦ୍ଦେଶକ ପ୍ରଫେସର ଖଗେଶ୍ୱର ମିଶ୍ର ଯୋଗଦେଇଥିଲେ। ଅଧ୍ୟକ୍ଷତା କରିଥିଲେ ପରିସର ଧର୍ମଶାସ୍ତ୍ର ବିଭାଗର ବିଭାଗ ମୁଖ୍ୟ ପ୍ରଫେସର ଲଳିତ କୁମାର ସାହୁ।

## ରାଷ୍ଟ୍ରୀୟ ଏକତା ଦିବସରେ ମାରାଥନ

ପୁରୀ,୩୦।୧୦(ସମିସ)

ସର୍ଦ୍ଦାର ବଲ୍ଲଭଭାଇ ପଟେଲଙ୍କ ୧୫୦ତମ ଜୟନ୍ତୀ ଓ ରାଷ୍ଟ୍ରୀୟ ଏକତା ଦିବସ ଉପଲକ୍ଷେ ପୁରୀ ପୁଲିସ ପକ୍ଷରୁ ମାରାଥନ ଅନୁଷ୍ଠିତ ହୋଇଯାଇଛି। ଗୁରୁବାର ସକାଳ ୭ଟାରେ ଦିଗବାରେଣୀ ଛକରୁ ସମୁଦ୍ରକୂଳ ରାସ୍ତାରେ ମାରାଥନ ହୋଇଥିଲା। ଏସ୍‌ପି ପ୍ରତୀକ ସିଂହ ଏହାକୁ ଉଦ୍‌ଘାଟନ କରି କହିଥିଲେ ଯେ, ସର୍ଦ୍ଦାର ବଲ୍ଲଭଭାଇ ପଟେଲ ଭାରତର ଏକତା ଓ ଅଖଣ୍ଡତାର ପ୍ରତୀକ ଥିଲେ। ତାଙ୍କ ଜୀବନ ଓ ତ୍ୟାଗ ଆଜି ମଧ୍ୟ ଆମ ସମସ୍ତଙ୍କ ପାଇଁ ପ୍ରେରଣା। ଏହି ମାରାଥନ ମାଧ୍ୟମରେ ଯୁବପିଢ଼ି ଓ ସାଧାରଣ ଜନତାଙ୍କ ମଧ୍ୟରେ ଏକତା, ଶିଷ୍ଟାଚାର ଓ ଶାରୀରିକ ସ୍ୱାସ୍ଥ୍ୟ ସଚେତନତା ବାଢ଼ିବା ହିଁ ମୁଖ୍ୟ ଉଦ୍ଦେଶ୍ୟ। ଏଥିରେ ୫୦୦ରୁ ଊର୍ଦ୍ଧ୍ୱ ଅଂଶଗ୍ରହଣ କରିଥିଲେ। ପୁଲିସ କର୍ମଚାରୀ, ଛାତ୍ରଛାତ୍ରୀ ଓ ସ୍ଥାନୀୟ ସହରବାସୀ ଏଥିରେ ଦୌଡ଼ିଥିଲେ। ଏହି ଅବସରରେ ଅତିରିକ୍ତ ଏସ୍‌ପି ସୁଶିଲ କୁମାର ମିଶ୍ର, ଦେବ ପ୍ରତାପ, ସଚିନ ପଟେଲ ଓ ସୌମ୍ୟରଞ୍ଜନ ମଲ୍ଲିକ, ସିଟି ଡିଏସ୍‌ପି ପ୍ରଶାନ୍ତ ସାହୁ, ଟ୍ରାଫିକ୍ ଡିଏସ୍‌ପି ରାଜକୁମାର ପରିଡ଼ା, ଟାଉନ ଆଇଆଇସି ଗୋକୁଳ ରଞ୍ଜନ ଦାସ, ସିଂହଦ୍ୱାର ଆଇଆଇସି ଶ୍ୱେତପଦ୍ମା ଦାଶ, ବାସେଳିସାହି ଥାନାଧିକାରୀ ବିକ୍ରମ ଜେନା, ଟ୍ରାଫିକ୍ ଆଇଆଇସି ଜୟଦୀପ ମହାନ୍ତି, ବଳିଆପଣ୍ଡା ଆଇଆଇସି ସଙ୍ଗୀତା ଦାଶ, ତାଳବଣିଆ ଆଇଆଇସି ଗୀତାଞ୍ଜଳି ନାୟକ ଏବଂ ଆର୍‌ଆଇ ଚିତ୍ତରଞ୍ଜନ ମହାନ୍ତି ଉପସ୍ଥିତ ଥିଲେ। ମାରାଥନ ଶେଷରେ ପ୍ରଥମ, ଦ୍ୱିତୀୟ ଓ ତୃତୀୟ ସ୍ଥାନ ଅଧିକାର କରିଥିବା ତିନି ବିଜେତାଙ୍କୁ ପ୍ରଶଂସାପତ୍ର ଓ ସ୍ମୃତି ଚିହ୍ନ ପ୍ରଦାନପୂର୍ବକ ସମ୍ମାନିତ କରାଯାଇଥିଲା। ଏହି ଅବସରରେ ସମସ୍ତ ଅଧିକାରୀ ଓ ସହଭାଗୀମାନେ ଏକତା ଓ ଜାତୀୟ ସଂହତି ପ୍ରତି ସଂକଳ୍ପ ଗ୍ରହଣ କରିଥିଲେ। ପୁରୀ ପୁଲିସ ଦ୍ୱାରା ଏହି ଅଭିଯାନ ମାଧ୍ୟମରେ ଏକତା, ସୁସ୍ଥ ଜୀବନ ଓ ସକାରାତ୍ମକ ସନ୍ଦେଶ ଦିଆଯାଇଛି।




## ଜିଲ୍ଲା ମଧ୍ୟସ୍ଥତା କେନ୍ଦ୍ର ମାଧ୍ୟମରେ ଏକାଠି ହେଲେ ଦମ୍ପତି

ପୁରୀ,୩୦।୧୦(ସମିସ)

ତାଳବଣିଆ ଥାନା ଅଧୀନ ଶ୍ରୀରାମନଗର ବାସିନ୍ଦା ଅଂଶୁମାନ ମିଶ୍ର ଓ ଉପାସନା ଦାଶ ୨୦୨୨ରେ ଭୁବନେଶ୍ୱରରେ ବୈଦିକ ହିନ୍ଦୁ ରୀତି ଅନୁଯାୟୀ ବିବାହ କରିଥିଲେ। ଗତ ସେପ୍ଟେମ୍ବର ୧୬ରୁ ସ୍ତ୍ରୀ ନିଜ ବାପଘରକୁ ଯାଇଥିଲେ। କିଛିଦିନ ବିତିଗଲା ପରେ ସେ ନିଜ ଶାଶୂ ଘରକୁ ଫେରି ନ ଥିଲେ। ଶାଶୂଘର ଲୋକେ ପଚାରିବାରୁ ତାଙ୍କୁ କୌଣସି ପ୍ରତିଉତ୍ତର ମିଳି ନ ଥିଲା। ଏହିଭଳି ପରିସ୍ଥିତିରେ ଅଂଶୁମାନ ପୁରୀ ଜିଲ୍ଲା କୋର୍ଟ ପରିସରରେ ଥିବା ଜିଲ୍ଲା ମଧ୍ୟସ୍ଥତା କେନ୍ଦ୍ରରେ ଏକ ପ୍ରାକ୍ ମୋକଦ୍ଦମା (ନଂ.୦୪/୨୫) ଦରଖାସ୍ତ ଦ୍ୱାରା ଆପୋଷ ସମାଧାନ ପାଇଁ ଆବେଦନ କରିଥିଲେ। ଇତିମଧ୍ୟରେ ଏହି ବିବାଦର ସମାଧାନ ପାଇଁ ଅକ୍ଟୋବର ୩୦ ତାରିଖ ଧାର୍ଯ୍ୟ କରାଯାଇଥିଲା। ଏହି କେସ୍ ପରିଚାଳନା ପାଇଁ ପୁରୀର ବରିଷ୍ଠ ଓକିଲ ତଥା ତାଲିମପ୍ରାପ୍ତ ମଧ୍ୟସ୍ଥି ସତ୍ୟବ୍ରତ ରଥଙ୍କୁ ନିୟୋଜିତ କରାଯାଇଥିଲା। ଗୁରୁବାର ଉଭୟ ପକ୍ଷ ମଧ୍ୟସ୍ଥତା କେନ୍ଦ୍ରରେ ଉପସ୍ଥିତ ରହିଥିଲେ। ଜିଲ୍ଲା ମଧ୍ୟସ୍ଥତା କେନ୍ଦ୍ର ସଚିବ ଓ ସଂଯୋଜକ ପରିତୋଷ କୁମାର ସେଠୀଙ୍କ ତତ୍ତ୍ୱାବଧାନରେ ତାଲିମପ୍ରାପ୍ତ ମଧ୍ୟସ୍ଥ ଶ୍ରୀ ରଥ ଉଭୟ ପକ୍ଷଙ୍କୁ ବୁଝାଇଥିଲେ। ଦୁଇପକ୍ଷ ବିଗତ ଦିନର ମନାନ୍ତରକୁ ଭୁଲି ଆପୋଷ ସମାଧାନ ପାଇଁ ରାଜି ହୋଇ ଖୁସିରେ ଚଳିବା ପାଇଁ ସମ୍ମତି ପ୍ରକାଶ କରିଥିଲେ।

### ■ ବେଆଇନ ମଦ କାରବାର

## ୭୦୯ ମାମଲା ରୁଜୁ; ୭୦୯ ଅଭିଯୁକ୍ତ ଗିରଫ

**ପୁରୀ,୩୦।୧୦(ସମିସ):** ଜିଲ୍ଲାରେ ବେଆଇନ ନିଶା କାରବାର ଉପରେ ରୋକ୍ ଲଗାଇବା ପାଇଁ ପୁରୀ ପୁଲିସ ପକ୍ଷରୁ ସ୍ୱତନ୍ତ୍ର ଅଭିଯାନ ଚାଲିଛି। ଅପରେସନ ଚକ୍ର ମାଧ୍ୟମରେ ଅପରାଧୀଙ୍କୁ ଦମନ ଏବଂ ନିଶା କାରବାରରେ ସମ୍ପୃକ୍ତ ବ୍ୟକ୍ତିଙ୍କୁ କାବୁ କରାଯାଉଛି। ଚଳିତବର୍ଷ ଏବେସୁଦ୍ଧା ପୁଲିସ ଜିଲ୍ଲାର ବିଭିନ୍ନ ଥାନାରେ ୭୦୯ ମାମଲା ରୁଜୁ କରିଥିବାବେଳେ ୭୦୯ ଅଭିଯୁକ୍ତଙ୍କୁ ଗିରଫ କରିଛି। ସଦର ସବ୍‌ଡିଭିଜନରେ ୨୬୦, ନିମାପଡ଼ା ସବ୍ ଡିଭିଜନରେ ୧୯୮, ସହର ସବ୍ ଡିଭିଜନରେ ୧୦୬ ଏବଂ ପିପିଲି ସବ୍ ଡିଭିଜନରେ ୧୪୫ ଜଣ ଅଭିଯୁକ୍ତଙ୍କୁ ଗିରଫ କରାଯାଇଛି।

### ପ୍ରଶାସନର ପଞ୍ଜୁକ ପ୍ରସ୍ତୁତି

## ସିଂହଦ୍ୱାରରେ ପ୍ରବେଶ, ଅନ୍ୟ ୩ ଦ୍ୱାରରେ ପ୍ରସ୍ଥାନ

**ପୁରୀ,୩୦।୧୦(ସମିସ):** ଆଉ ଦୁଇଦିନ ପରେ ପଞ୍ଚୁକ। ଶ୍ରୀମନ୍ଦିରରେ ଭକ୍ତଙ୍କ ପ୍ରବଳ ଭିଡ଼ ହେବ। ଶ୍ରଦ୍ଧାଳୁମାନେ ଯେପରି ଶୃଙ୍ଖଳିତ ଭାବେ ଦର୍ଶନ କରିପାରିବେ, ନିର୍ଦ୍ଧାରିତ ସମୟରେ ମହାପ୍ରସାଦ ବାହାରିବ ତା’ ଉପରେ ଗୁରୁତ୍ୱ ଦେଇଛି ଶ୍ରୀମନ୍ଦିର ପ୍ରଶାସନ। ଏ ନେଇ ଗୁରୁବାର ଶ୍ରୀମନ୍ଦିର କାର୍ଯ୍ୟାଳୟ ମୁଖ୍ୟ ପ୍ରଶାସନ ଡ. ଅରବିନ୍ଦ ପାଢ଼ୀଙ୍କ ଅଧ୍ୟକ୍ଷତାରେ ପ୍ରସ୍ତୁତି ବୈଠକ ଅନୁଷ୍ଠିତ ହୋଇଯାଇଛି। ନିଷ୍ପତ୍ତି ଅନୁଯାୟୀ, ପଞ୍ଚୁକରେ କେବଳ ସିଂହଦ୍ୱାରରେ ଭକ୍ତମାନେ ପ୍ରବେଶ ଏବଂ ଅନ୍ୟ ତିନି ଦ୍ୱାରରେ ପ୍ରସ୍ଥାନ କରିବେ। ପ୍ରସ୍ଥାନ ପଥରେ ଭକ୍ତମାନଙ୍କୁ ମାଗଣା ମହାପ୍ରସାଦ ବଣ୍ଟନ କରାଯିବ। କିନ୍ତୁ ସେବାୟତ ଏବଂ ଶ୍ରୀମନ୍ଦିର କର୍ମଚାରୀଙ୍କ ପାଇଁ ପ୍ରବେଶ ନେଇ କୌଣସି କଟକଣା ରହିବ ନାହିଁ। ସେମାନେ ଯେକୌଣସି ଦ୍ୱାର ଦେଇ ମନ୍ଦିରକୁ ପ୍ରବେଶ କରିପାରିବେ। ଚଳିତ ବର୍ଷ ପଞ୍ଚୁକ ୪ ଦିନ ପଡୁଛି। ପଞ୍ଚୁକର ପ୍ରଥମ ୩ଦିନ ଭକ୍ତମାନେ କେବଳ ବାହାର କାଠରୁ ହିଁ ଦର୍ଶନ କରିବେ। ଅର୍ଥାତ୍ ଏହି ତିନିଦିନ ଭିତରକାଠ ଦର୍ଶନ ବନ୍ଦ ରହିବ। ଶେଷ ଦିବସରେ ଶ୍ରଦ୍ଧାଳୁମାନେ ଭିତରକାଠରୁ ଦର୍ଶନ ସୁଯୋଗ ପାଇବେ। ଭିଡ଼ ଭିତରେ ଭକ୍ତମାନେ ସମ୍ପର୍କୀୟଙ୍କଠାରୁ ବିଚ୍ଛେଦ ହେବାର ସମ୍ଭାବନା ରହିଛି। ତେଣୁ ଦୋଳବେଦୀ କୋଣଠାରେ ହଜିବା ଖୋଜିବା ପାଇଁ ସୂଚନା କେନ୍ଦ୍ର କରାଯିବ। ନୀତିକାନ୍ତି ଯେପରି ନିର୍ଘଣ୍ଟ ସମୟରେ ଏବଂ ଶୃଙ୍ଖଳିତ ଭାବେ ସମ୍ପନ୍ନ ହେବ ତା’ ଉପରେ ବିଶେଷ ଧ୍ୟାନ ଦିଆଯିବ। ଶ୍ରୀମନ୍ଦିର ପରିଚାଳନା କମିଟି ସଦସ୍ୟ ଏବଂ ଅଧିକାରୀମାନେ ନୀତିକାନ୍ତିର ତଦାରଖ କରିବେ। ପଞ୍ଚୁକରେ ଯେପରି ମହାପ୍ରଭୁଙ୍କର ରାତ୍ର ପହୁଡ଼ ହେବ ସେ ନେଇ ମଧ୍ୟ ଗୁରୁତ୍ୱ ଦିଆଯାଇଛି। ବୈଠକରେ ଜିଲ୍ଲାପାଳ ଦିବ୍ୟଜ୍ୟୋତି ପରିଡ଼ାଙ୍କ ସମେତ ପରିଚାଳନା କମିଟି ସଦସ୍ୟ ଏବଂ ଅନ୍ୟ ଅଧିକାରୀମାନେ ଉପସ୍ଥିତ ଥିଲେ।



### ଶିକ୍ଷୟିତ୍ରୀଙ୍କ ବଦଳି ବାତିଲ୍‌କୁ ବିରୋଧ

## ଥାନାର ଦ୍ୱାରସ୍ଥ ହେଲେ ଛାତ୍ରଛାତ୍ରୀ

ପୁରୀ,୩୦।୧୦(ସମିସ)

ଶିକ୍ଷୟିତ୍ରୀଙ୍କ ବଦଳି ବାତିଲ୍‌କୁ ବିରୋଧ କରି ଥାନାର ଦ୍ୱାରସ୍ଥ ହୋଇଛନ୍ତି ଛାତ୍ରଛାତ୍ରୀ। ଏମିତି ଏକ ଅଭାବନୀୟ ଦୃଶ୍ୟ ଦେଖିବାକୁ ମିଳିଛି ଚନ୍ଦନପୁର ଥାନାରେ। ଗୁରୁବାର ପୂର୍ବାହ୍ଣରେ ରଘୁରାଜପୁରର କପୋତେଶ୍ୱର ଯୁଜି ହାଇସ୍କୁଲର ଶତାଧିକ ଛାତ୍ରଛାତ୍ରୀ ଥାନାରେ ପହଞ୍ଚି ପୂର୍ବରୁ ଆଇଆଇସି ଦେଇଥିବା ଆଶ୍ୱାସନା ଫଳପ୍ରଦ ହୋଇ ନ ଥିବାରୁ ଦୃଷ୍ଟି ଆକର୍ଷଣ କରିଥିଲେ। ପରେ ଆଇଆଇସି ସ୍ଥାନୀୟ ସରପଞ୍ଚଙ୍କୁ ଥାନାକୁ ଡାକିଥିଲେ। ସରପଞ୍ଚଙ୍କଠାରୁ ପ୍ରତିଶ୍ରୁତି ପାଇବା ପରେ ପିଲାମାନେ ଥାନାରୁ ଫେରିଯାଇଛନ୍ତି।

କପୋତେଶ୍ୱର ଯୁଜି ହାଇସ୍କୁଲର ଶିକ୍ଷୟିତ୍ରୀ ରଶ୍ମିତା ସାହୁଙ୍କ ବଦଳି ହୋଇଯାଇଛି। ହେଲେ ତାଙ୍କ ବଦଳିକୁ ନେଇ ଛାତ୍ରଛାତ୍ରୀଙ୍କ ମଧ୍ୟରେ ଅସନ୍ତୋଷ ପ୍ରକାଶ ପାଇଛି। ବଦଳିକୁ ବିରୋଧ କରି ଗତ ସୋମବାର ସ୍ଥାନୀୟ ତିନିମୁହାଣି ଛକରେ ଛାତ୍ରଛାତ୍ରୀମାନେ ରାସ୍ତାରୋକ କରିଥିଲେ। ଫଳରେ ଯାନବାହନ ଚଳାଚଳ ବ୍ୟାହତ ହୋଇଥିଲା। ଖବର ପାଇବା ପରେ ବ୍ଲକ୍ ଶିକ୍ଷାଧିକାରୀ ଓ ଚନ୍ଦନପୁର ଥାନା ଆଇଆଇସି ଭୁବନାନନ୍ଦ ସାମନ୍ତରାୟ ପହଞ୍ଚିଥିଲେ। ରାସ୍ତାରୋକ ନ କରିବା ପାଇଁ ଛାତ୍ରଛାତ୍ରୀଙ୍କୁ ବୁଝାଶୁଝା କରିଥିଲେ। ସେଦିନ ରାସ୍ତାରୋକ ହଟିଥିଲା। ହେଲେ ଏପର୍ଯ୍ୟନ୍ତ ତାଙ୍କ ଶିକ୍ଷୟିତ୍ରୀଙ୍କ ବଦଳି ବାତିଲ୍ ହୋଇ ନ ଥିବାରୁ ଗୁରୁବାର ଛାତ୍ରଛାତ୍ରୀମାନେ ଚନ୍ଦନପୁର ଥାନାରେ ପହଞ୍ଚି ଶିକ୍ଷୟିତ୍ରୀଙ୍କ ବଦଳି ବାତିଲ୍ କାହିଁକି ହୋଇନାହିଁ ବୋଲି ପଚାରିଥିଲେ। ଶେଷରେ ଆଇଆଇସି ମାଳତୀପାଟପୁର ସରପଞ୍ଚ ମହେନ୍ଦ୍ରଙ୍କୁ ଥାନାକୁ ଡାକିଥିଲେ। ସରପଞ୍ଚ ସମ୍ପୃକ୍ତ ଶିକ୍ଷୟିତ୍ରୀଙ୍କୁ ୩ ମାସ ପାଇଁ ବିଦ୍ୟାଳୟକୁ ଡେପୁଟେସନରେ ଅଣାଯିବ। ସେ ଚଳିତ ବର୍ଷର ଯାହା ବି ପାଠ ରହିଯାଇଛି ତାହାକୁ ଶେଷ କରିବେ ବୋଲି ପ୍ରତିଶ୍ରୁତି ଦେବା ପରେ ପିଲାମାନେ ଥାନାରୁ ଫେରିଥିବା ଆଇଆଇସି ଶ୍ରୀ ସାମନ୍ତରାୟ କହିଛନ୍ତି।

ସୂଚନାଥାଉ କି, କପୋତେଶ୍ୱର ବିଦ୍ୟାଳୟରେ ପ୍ରଥମରୁ ଦଶମ ପର୍ଯ୍ୟନ୍ତ ୪୯୨ ଛାତ୍ରଛାତ୍ରୀ ପାଠ ପଢୁଛନ୍ତି। ୧୭ ଜଣ ଶିକ୍ଷକଶିକ୍ଷୟିତ୍ରୀ ପାଠ ପଢ଼ାଉଛନ୍ତି। ଶିକ୍ଷୟିତ୍ରୀ ରଶ୍ମିତା ପିଲାଙ୍କୁ ଇଂରାଜୀ ଓ ସାହିତ୍ୟ ପଢ଼ାଇଥା’ନ୍ତି। ଆଗକୁ ପିଲାମାନଙ୍କର ପରୀକ୍ଷା ଥିବାରୁ ଏବେ ଶିକ୍ଷୟିତ୍ରୀଙ୍କର ବଦଳି ନ କରି ପରେ କରାଯାଉ ବୋଲି ଛାତ୍ରଛାତ୍ରୀ ଜିଦ୍ ଧରିଛନ୍ତି। ରଶ୍ମିତାଙ୍କ ପଢ଼ାଶୈଳୀ ସହ ଛାତ୍ରଛାତ୍ରୀଙ୍କ ପ୍ରତି ମାତୃତୁଲ୍ୟ ବ୍ୟବହାର ପିଲାମାନଙ୍କୁ ଆକୃଷ୍ଟ କରିଛି। ମାତ୍ର ରଶ୍ମିତାଙ୍କର ସୁଆଣ୍ଡୋ ସ୍କୁଲକୁ ବଦଳି ହୋଇଥିବା ନେଇ ବିଜ୍ଞପ୍ତି ପ୍ରକାଶ ପରେ ଛାତ୍ରଛାତ୍ରୀଙ୍କ ମଧ୍ୟରେ ଅସନ୍ତୋଷ ଦେଖିବାକୁ ମିଳିଛି।




**ସରପଞ୍ଚଙ୍କଠାରୁ ପ୍ରତିଶ୍ରୁତି ପାଇ ଫେରିଲେ**


### ● ଶ୍ରୀମନ୍ଦିର ଜମି ବିକ୍ରି ପ୍ରସଙ୍ଗ

## ବେଞ୍ଚ୍ ମାର୍କ ଭାଲ୍ୟୁ ଅନୁସାରେ ବିକ୍ରି ହେବ

**ପୁରୀ,୩୦।୧୦(ସମିସ):** ମହାପ୍ରଭୁଙ୍କ ନାଁରେ ରାଜ୍ୟର ବିଭିନ୍ନ ଜିଲ୍ଲା ଏପରିକି ରାଜ୍ୟ ବାହାରେ ବି ଜମି ରହିଛି। ତେବେ ସରକାରୀ ହେଉ କିମ୍ବା ବେସରକାରୀ କୌଣସି କାର୍ଯ୍ୟ ପାଇଁ ଜମି ନେବା ଲାଗି ଆବେଦନ ଆସିଥାଏ। ତେବେ କାହାକୁ ଏବଂ କେଉଁ ଆଧାରରେ ଜମି ବିକ୍ରି କରାଯିବ ଏବଂ ମହାପ୍ରଭୁଙ୍କ ଜମିର ସୁରକ୍ଷା କିପରି ନିଆଯିବ ସେ ନେଇ ଗୁରୁବାର ଲ୍ୟାଣ୍ଡ ସବ୍ କମିଟି ବୈଠକ ଅନୁଷ୍ଠିତ ହୋଇଯାଇଛି। ଶ୍ରୀମନ୍ଦିର ପ୍ରଶାସନ କାର୍ଯ୍ୟାଳୟରେ ମୁଖ୍ୟ ପ୍ରଶାସକ ଡ. ଅରବିନ୍ଦ ପାଢ଼ୀଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ଏହି ବୈଠକରେ ମହାପ୍ରଭୁଙ୍କ ଜମି ସଂକ୍ରାନ୍ତରେ କେତେକ ଗୁରୁତ୍ୱପୂର୍ଣ୍ଣ ନିଷ୍ପତ୍ତି ନିଆଯାଇଛି। ବୈଠକରେ ଜମି ବିକ୍ରି ଉପରେ ବିଶେଷ ଆଲୋଚନା କରାଯାଇଥିଲା। ବେଞ୍ଚ୍ ମାର୍କ ଭାଲ୍ୟୁ ଅନୁସାରେ ମହାପ୍ରଭୁଙ୍କ ଜମି ବିକ୍ରି କରାଯିବ। କାହାକୁ କେଉଁ ଜମି କିପରି ଦିଆଯିବ ତାହା ପରିଚାଳନା କମିଟି ବୈଠକରେ ପ୍ରଥମେ ଆଲୋଚନା କରାଯାଇ ଚୂଡ଼ାନ୍ତ ହେବ। ଏହାପରେ ରାଜ୍ୟ ସରକାରଙ୍କ ପାଖକୁ ପଠାଯିବ। ସରକାରଙ୍କଠାରୁ ଅନୁମୋଦନ ମିଳିବା ପରେ ଜମି ବିକ୍ରି କରାଯିବ। ମହାପ୍ରଭୁଙ୍କ ଜମିର ସୁରକ୍ଷା ପାଇଁ ସବୁ ଜିଲ୍ଲାପାଳଙ୍କ ଚିଠି କରାଯିବ। ଏତଦ୍‌ବ୍ୟତୀତ ଠାକୁରଙ୍କ ଜମି ନେଇ ହାଇକୋର୍ଟଙ୍କର ଯାହା ନିର୍ଦ୍ଦେଶ ରହିଛି ତାହା ଅନୁପାଳନ କରାଯିବ। ସେହିପରି ମହାପ୍ରଭୁଙ୍କ ଜମିରୁ ଆସୁଥିବା ରାଜସ୍ୱ ଆୟ ସଂକ୍ରାନ୍ତରେ ମଧ୍ୟ ବୈଠକରେ ଆଲୋଚନା କରାଯାଇଥିଲା। ଲ୍ୟାଣ୍ଡ ସବ୍ କମିଟି ବୈଠକରେ ଯାହା ଆଲୋଚନା ଏବଂ ନିଷ୍ପତ୍ତି ହୋଇଛି ଆସନ୍ତା ପରିଚାଳନା କମିଟି ବୈଠକରେ ସଦସ୍ୟମାନଙ୍କ ଅବଗତି ନିମନ୍ତେ ଏହା ଉପସ୍ଥାପିତ କରାଯିବ।

ସକାଳ
THE SAKALA

# ସମ୍ପାଦକୀୟ



ବିଶ୍ୱାସ ହେଉଛି ସେଭଳି ଏକ ପକ୍ଷୀ, ଯିଏ ଅରୁଣୋଦୟ ପୂର୍ବରୁ ଆଲୋକ ଦେଖିପାରେ।
-ରବୀନ୍ଦ୍ରନାଥ ଟାଗୋର।

## ଦୁର୍ନୀତି ଦାନବର ଦୌରାତ୍ମ୍ୟ

ଏକ ରାଷ୍ଟ୍ରାୟତ୍ତ ଉଦ୍ୟୋଗର ପୂର୍ବତନ ବିତ୍ତ ଅଧିକାରୀ ସାମାଜିକ ଗଣମାଧ୍ୟମରେ ବର୍ଣ୍ଣନା କରିଥିବା ଅଙ୍ଗେନିଭା ଘଟଣାର ହୃଦୟବିଦାରକ କାହାଣୀ ଜାତୀୟସ୍ତରରେ ଆଲୋଡ଼ନ ସୃଷ୍ଟି କରିଛି। ବେଙ୍ଗାଲୁରୁ ନିବାସୀ କେ ଶିବକୁମାରଙ୍କ ସହିତ ଘଟିଥିବା ଘଟଣା ଯେତିକି ହୃଦୟବିଦାରକ ତାଙ୍କ ଟିପ୍ପଣୀ ତା'ଠାରୁ ଅଧିକ ଚିନ୍ତାଜନକ। ୩୪ବର୍ଷୀୟା ଝିଅର ମୃତ୍ୟୁ ପରେ ଡାକ୍ତରଖାନାରୁ ପୋଷ୍ଟମର୍ଟମ ଏପରିକି ଶ୍ମଶାନ ପର୍ଯ୍ୟନ୍ତ ପ୍ରତିଟି ସ୍ତରରେ କିଭଳି ଲାଞ୍ଚ ଦେବାକୁ ପଡ଼ିଛି, ତାହା ଶିବକୁମାର ଉଲ୍ଲେଖ କରିବା ପରେ ଦୁଇ ପୁଲିସ କର୍ମଚାରୀଙ୍କୁ ନିଲମ୍ବନ କରାଯାଇଛି। ଚିରାଚରିତ ଭାବେ ଏହାକୁ ନେଇ ରାଜନୀତି ଆରମ୍ଭ ହୋଇସାରିଛି। ଶେଷରେ ଶିବକୁମାର ଲେଖିଛନ୍ତି 'ଆର୍ଥିକ ସ୍ୱଚ୍ଛଳ ଥିବାରୁ ମୁଁ ସେମାନଙ୍କ ଦାବି ପୂରଣ କରିପାରିଲି; କିନ୍ତୁ ଗରିବଟିଏ କ'ଣ କରିବ?' ସମାଜିକ ଗଣମାଧ୍ୟରେ ଶିବକୁମାରଙ୍କ ଏହି ମର୍ମଭେଦୀ ବର୍ଣ୍ଣନା ଓ ବେଦନା ଏଭଳି ସମୟରେ ଆସିଛି ଯେତେବେଳେ ସାରା ଦେଶ ଦୁର୍ନୀତି ନିବାରଣ ସପ୍ତାହ ପାଳନ କରୁଛି।

ଆମ ଦେଶରେ ଦୁର୍ନୀତିର ଚେର କେତେ ଗଭୀରକୁ ଯାଇସାରିଛି ଏବଂ ଏହାର ସ୍ୱରୂପ କେତେ କୁତ୍ସିତ ଓ ବୀଭତ୍ସ ହୋଇସାରିଛି, ଉପରୋକ୍ତ ଘଟଣା ତାହାର କେବଳ ଏକ ଉଦାହରଣ ମାତ୍ର। ଆମ ଶାସନ ବ୍ୟବସ୍ଥାର ଏକ ବିଡ଼ମ୍ବନା ହେଉଛି ସରକାର ବଦଳିଲେ ଅଧୁଆ ମୂଳା ଧୁଆ ମୂଳା ହୋଇଯାଏ ଏବଂ ଦୁର୍ନୀତିଗୁଡ଼ିକ ନୀତି ପାଲଟି ଯାଏ। ଏଭଳି କାଦୁଅ ପିଙ୍ଗା ରାଜନୀତିର ପରିବେଶରେ ପରିପୁଷ୍ଟ ହୋଇ ଦୁର୍ନୀତି ତା'ର କାୟା ବିସ୍ତାର କରିଚାଲେ। ଗରିବର ଜାତି ନାହିଁ କି ଦୁର୍ନୀତି ରାଜନୀତି ମାନେ ନାହିଁ। ଯେତେବେଳ ପର୍ଯ୍ୟନ୍ତ ମାନବ ଦୁର୍ନୀତି-ଦାନବ କୋଳରେ ବସିବାକୁ ସୁଖ ମଣୁଥିବ, କୌଣସି ଶାସନ, ପ୍ରଶାସନ ଯେତେ ସାଧ ସାଧନା କଲେ ମଧ୍ୟ ବ୍ୟବସ୍ଥାରୁ ଦୁର୍ନୀତି ହଟିବ ନାହିଁ। ତେଣୁ ଦୁର୍ନୀତିରେ ଅତିଷ୍ଠ ହୋଇ ପୂର୍ବତନ ମୁଖ୍ୟମନ୍ତ୍ରୀ ତଥା ପ୍ରବାଦ ପୁରୁଷ ବିଜୁ ପଟ୍ଟନାୟକ ମାଡ଼ ତତ୍ତ୍ୱ ଆପଣେଇବା ପାଇଁ ଜନସାଧାରଣଙ୍କୁ ଆହ୍ୱାନ ଦେଇଥିଲେ।

କେବଳ ବଜାରରେ କିଣାବିକାକୁ ଛାଡ଼ିଦେଲେ ଆଜି ଏଭଳି କୌଣସି କ୍ଷେତ୍ର ଦୁର୍ନୀତି-ଦାନବର କବଳରୁ ବର୍ତ୍ତି ନାହିଁ। ସରକାରୀ ଫାଇଲ୍ ଦୂରର କଥା ହାତଗୁଞ୍ଜା ନ ଦେଲେ ଅନେକ ସ୍ଥାନରେ ଡାକ୍ତର ରୋଗୀ ଦେଖୁନାହିଁ କି ପୁଲିସ୍ ଅଭିଯୋଗ ରଖୁନାହିଁ। ଶିକ୍ଷା ଅଧିକାର ଏବଂ ଖାଦ୍ୟ ସୁରକ୍ଷା ଆଇନ୍ ପରି ମହତାକାଂକ୍ଷା ଯୋଜନା ମଧ୍ୟ ଲାଞ୍ଚ ବିନା ଆଗକୁ ବଢ଼ିପାରୁନାହିଁ। ଏପରିକି ବିନା ହାତଗୁଞ୍ଜାରେ ବିଚାରପତିଙ୍କ ରାୟ ମଧ୍ୟ କାର୍ଯ୍ୟକାରୀ ହୋଇପାରୁନାହିଁ। ଅପରପକ୍ଷରେ ଏହି ହାତଗୁଞ୍ଜାରେ ଶିଳ୍ପପତିମାନେ ସାମ୍ରାଜ୍ୟ ତୋଳିପାରୁଛନ୍ତି।

ଦୁର୍ନୀତି ଦାନବ ଟଙ୍କା, ସୁନା, ରୁପା, ସୌଖୀନ ଓ ମୂଲ୍ୟବାନ ସାମଗ୍ରୀ, ଆସବାବପତ୍ର, ପାନ, ଚକୋଲେଟ୍, ମିଠାଇ ପ୍ୟାକେଟ୍ ଆଦି ରୂପରେ ସର୍ବସାଧାରଣଙ୍କ ଆଖିଆଗରେ ନିର୍ଭୟରେ ଗୋଟିଏ ହାତରୁ ଅନ୍ୟ ହାତକୁ ଡେଇଁ ଚାଲିଛି। ଜନସାଧାରଣ କେବଳ ନିରବ ଦ୍ରଷ୍ଟା ହୋଇ ସାଲିସ୍ କରିବା କିମ୍ବା ଦୁର୍ନୀତି ଦାନବର ତାଡ଼ନାରେ ଅତିଷ୍ଠ ହେବା ବ୍ୟତୀତ ବିକଳ୍ପ ନାହିଁ। ଯେଉଁ କେତେକ ଧରପଗଡ଼ ହେଉଛି ତାହା ସମୁଦ୍ର ବାଲିରୁ ଚିମୁଟାଏ ମାତ୍ର। ପରିସ୍ଥିତି ଏପରି ହେଲାଣି ଯେ ହାତଗୁଞ୍ଜା ସଂସ୍କୃତି ଶାସନ ପ୍ରଶାସନ ଓ ବ୍ୟବସ୍ଥାର ସୀମା ଡେଇଁ ପରିବାରକୁ ଧସେଇ ପଶିଲାଣି। ଦୁର୍ନୀତି ନିବାରଣ ସପ୍ତାହ ପାଳନ ଓ ସଂକଳ୍ପ ଗ୍ରହଣ କେବଳ ଔପଚାରିକରେ ସୀମିତ ରହିଥିବା ପର୍ଯ୍ୟନ୍ତ ଦୁର୍ନୀତି-ଦାନବର ଦୌରାତ୍ମ୍ୟରୁ ତ୍ରାହି ପାଇବାର ସମ୍ଭାବନା ନାହିଁ।

## ମେରୁ ମିଳନ

ସାମ୍ପ୍ରତିକ ବିଶ୍ୱ ଭୂରାଜନୈତିକ ପରିସ୍ଥିତିରେ ବିଶ୍ୱର ଦୁଇ ମହାଶକ୍ତି ଓ ଦୁଇ ମେରୁ(ଉତ୍ତର ବିଶ୍ୱ ଓ ଦକ୍ଷିଣ ବିଶ୍ୱ)ର ଅଧିପତି ବୋଲାଉଥିବା ଆମେରିକା ଓ ଚୀନ୍ ରାଷ୍ଟ୍ରମୁଖ୍ୟ ପରସ୍ପରକୁ ଭେଟିବା ନିଶ୍ଚୟ ବିଶ୍ୱ ଶାନ୍ତି ଓ ସମୃଦ୍ଧି ପାଇଁ ଅନେକ ଗୁରୁତ୍ୱ ବହନ କରେ। ଏହି ସାକ୍ଷାତ ଆଲୋଚନାକୁ ଆମେରିକା ରାଷ୍ଟ୍ରପତି ଡୋନାଲ୍ଡ ଟ୍ରମ୍ପ 'ଜି-୨' ଆଖ୍ୟା ଏବଂ ମୋଟ ୧୦ ନମ୍ବରରୁ ୧୨ ନମ୍ବର ଦେବା ପରେ 'ଦ୍ୱିଧ୍ରୁବୀୟ ବିଶ୍ୱ ସମୀକରଣ' ଆହୁରି ସ୍ପଷ୍ଟ ହୋଇଛି। 'ଆମେରିକା ଫାଷ୍ଟ' ନୀତିକୁ ପ୍ରାଧାନ୍ୟ ଦେଇଆସୁଥିବା ଟ୍ରମ୍ପ ଏବେ 'ଚୀନ୍ ଫାଷ୍ଟ' ନୀତି ଘୋଷଣା କରି ଆମେରିକା ସହଯୋଗୀ ରାଷ୍ଟ୍ରଙ୍କୁ ହରଡ଼ ଘଣାରେ ପକାଇଛନ୍ତି। ବିଶେଷକରି ଭାରତର ଭବିଷ୍ୟ କୂଟନୈତିକ ରଣନୀତି ଆହୁରି ଜଟିଳ ହେବାକୁ ଯାଉଛି।

ଚୀନ୍‌କୁ ରଣନୈତିକ ପ୍ରତିଯୋଗୀ ଦୃଷ୍ଟିରେ ଦେଖି ଆସୁଥିବା ଟ୍ରମ୍ପ ନିଜ ଦ୍ୱିତୀୟ ପାଳିରେ ସେହି ଦେଶ ବିରୋଧରେ ଯେଉଁ ବିଶାଳ ଶୁଳ୍କ ଯୁଦ୍ଧ ଆରମ୍ଭ କରିଥିଲେ ସେଥିରେ ସମଗ୍ର ବିଶ୍ୱର ଆର୍ଥିକ, ବାଣିଜ୍ୟିକ ଓ ସାମାଜିକ ନିରାପତ୍ତା ଅସ୍ଥିର ଓ ଜଟିଳ ହୋଇପଡ଼ିଥିଲା। କିନ୍ତୁ ଟ୍ରମ୍ପଙ୍କ ଆଭିମୁଖ୍ୟରେ ହଠାତ୍ ଏହି ପରିବର୍ତ୍ତନ ଆଶାର ନୂଆ କିରଣଟିଏ ସୃଷ୍ଟି କରିଛି। ସାମ୍ପ୍ରତିକ ସେମିକଣ୍ଡକ୍ଟର ପରିଚାଳିତ ବିଶ୍ୱରେ ବିରଳ ମୃତ୍ତିକା ନିର୍ଣ୍ଣାୟକ ଭୂମିକାରେ ଅବତୀର୍ଣ୍ଣ ହୋଇଛି। ତେଣୁ ଟ୍ରମ୍ପଙ୍କ ଯେସାକୁ ତେସା ନୀତିର ଜବାବ୍ ଦେଇ ଚୀନ୍ ମଧ୍ୟ ଆମେରିକାକୁ ବିରଳ ମୃତ୍ତିକା ରପ୍ତାନୀ କାଣ୍ଟଛାଣ୍ଟ କରିବା ପରେ ହଠାତ୍ ଟ୍ରମ୍ପଙ୍କ ଦମ୍ଭ ଭାଙ୍ଗିଛି ଏବଂ ସେ ଚୀନ ରାଷ୍ଟ୍ରପତି ସି ଜିନ୍‌ପିଙ୍ଗଙ୍କ ସହିତ ସାଲିସ୍ ମୁଦ୍ରାରେ ଅବତୀର୍ଣ୍ଣ ହୋଇଛନ୍ତି। ଅପରପକ୍ଷରେ ଆମେରିକାର ଏହି ପରିବର୍ତ୍ତିତ ଆଭିମୁଖ୍ୟରେ ଜାପାନ୍, ଦକ୍ଷିଣ କୋରିଆ ଆଦି ପୁରୁଣା ବନ୍ଧୁ ରାଷ୍ଟ୍ରଗୁଡ଼ିକ ସେମାନଙ୍କ ନିବେଶର ଭବିଷ୍ୟତ ନେଇ ସନ୍ଦୀହାନ ହୋଇପଡ଼ିଛନ୍ତି।

ଏହି ପୃଷ୍ଠଭୂମିରେ ବିଶ୍ୱର ଦୁଇ କଡ଼ା ପ୍ରତିଦ୍ୱନ୍ଦ୍ୱୀ-ସହଯୋଗୀ ଶକ୍ତି ସହିତ ଭାରତ କିଭଳି ସମନ୍ୱୟ ରକ୍ଷା କରିବ ତାହା ଉପରେ ଭାରତର ଅର୍ଥନୈତିକ ଅଭିବୃଦ୍ଧି ଓ ସାର୍ବଭୌମର ଗରିମା ରକ୍ଷା ନିର୍ଭର କରୁଛି। ଚୀନ୍ ବହୁପୂର୍ବରୁ ପାକିସ୍ତାନକୁ ଆଶ୍ରୟ ଦେଇ ଭାରତ ବିରୋଧରେ ପ୍ରୟୋଗ କରିଚାଲିଛି। 'ଅପରେସନ୍ ସିନ୍ଦୂର' ପରେ ଆମେରିକା ମଧ୍ୟ ପାକିସ୍ତାନ ପଟକୁ ଢଳିଛି। ବାଂଲାଦେଶ ଉଭୟ ଚୀନ୍ ଓ ପାକିସ୍ତାନ ପାଇଁ ନିଜ ଘରର କବାଟ ଖୋଲିସାରିଛି। ଏବେ ଟ୍ରମ୍ପଙ୍କ ଜିନ୍‌ପିଙ୍ଗ ସୁହାଗ ଭାରତକୁ ଅନେକ ଦିଗରେ ଦୋଛକିରେ ଠିଆ କରିଛି। ଦକ୍ଷିଣ ସାଗରରେ ଚୀନର ଆଧିପତ୍ୟ ହ୍ରାସ ପାଇଁ ଭାରତକୁ ସଦସ୍ୟ ରୂପେ ନେଇ ଆମେରିକା ଚତୁଃରାଷ୍ଟ୍ରୀୟ ସଂଗଠନ(କ୍ୱାଡ୍) ଗଠନ କରିଥିବା ବେଳେ ନୂଆ ଜି-୨ ସମୀକରଣରେ 'କ୍ୱାଡ୍'ର ଭବିଷ୍ୟତ ଓ ତହିଁରେ ଭାରତର ଭୂମିକା ଉପରେ ପ୍ରଶ୍ନ ଚିହ୍ନ ଲାଗିଛି।

ଏସବୁର ଊର୍ଦ୍ଧ୍ୱରେ ତର୍ଜମା କଲେ ଉଭୟ ଆମେରିକା ଓ ଚୀନ୍ ଭରସାଯୋଗ୍ୟ ରାଷ୍ଟ୍ର ନୁହନ୍ତି। ସ୍ୱାର୍ଥପର ଭାବରେ ଦୁହିଁଙ୍କ ସ୍ୱଭାବ ସମାନ। ପଦାର୍ଥ ବିଜ୍ଞାନର ମୌଳିକ ତତ୍ତ୍ୱ ଅନୁଯାୟୀ ସମମେରୁ ପରସ୍ପରକୁ ବିକର୍ଷଣ ଏବଂ ବିଷମ ମେରୁ ଆକର୍ଷଣ କରେ। ତେଣୁ ଏବେ 'ବ୍ୟବସାୟ ପ୍ରଥମ' ନୀତିରେ ଆକର୍ଷିତ ହୋଇଥିବା ସମଭାବାପନ୍ନ ଦୁଇମେରୁର ବିକର୍ଷଣ ମଧ୍ୟ ବିଶ୍ୱ ଖୁବ୍ ଶୀଘ୍ର ଦେଖିବ। ସେ ପର୍ଯ୍ୟନ୍ତ ଭାରତ ଧୈର୍ଯ୍ୟର ସହ ଅପେକ୍ଷା କରିବାକୁ ପଡ଼ିବ।

# ଆମ ଉତ୍ତରପିଢ଼ିର କଥା ଓ ବ୍ୟଥା

ସଲିଳା ତ୍ରିପାଠୀ




ଏଇ ବୋଧେ ପ୍ରଥମ ପିଢ଼ି, ଯେଉଁମାନେ ରାଗ-ଅନୁରାଗ, ମାନ-ଅଭିମାନ ଆଉ ଅନୁଶାସନ ଠାରୁ ବହୁ ଦୂରରେ। ସେମାନଙ୍କର ବୁଝାମଣାଟି ଖୁବ୍ ସରଳ ଆଉ ସିଧା। ଜନ୍ମ ହେବାଟା ସେମାନଙ୍କର ହାତରେ ନଥିଲା। ମାତ୍ର ଜୀବନଟା କେବଳ ତାଙ୍କର ତାକୁ ଉପଭୋଗ କରିବା ପାଇଁ ମନ ମଧ୍ୟରେ ଅନେକ ଲାଳସା। ଯୁବକ ହେବା ପୂର୍ବରୁ ଯୌବନର ଉଦ୍ଦାମତା ସେମାନଙ୍କ ପାଖରେ ଭରିଯାଇଛି। ବୌଦ୍ଧିକ, ନୈତିକ ଓ ସର୍ବୋପରି ଆତ୍ମିକ ଜ୍ଞାନର ଧାର ଧାରିବାକୁ ସେମାନେ ଅନିଚ୍ଛୁକ। ଯଦି କେତେଜଣ ହାତଗଣତି ବାହାରିବେ ସେଇମାନେ ଆକାଶରେ ଚନ୍ଦ୍ର, ସୂର୍ଯ୍ୟ ହୋଇ ଆଲୋକିତ କରିବେ। ମାତ୍ର ସେପ୍ରକାର ଇଚ୍ଛାଶକ୍ତି ସେମାନଙ୍କର ହେବ ବା କାହିଁକି? ପିତାମାତାଗଣ ଏବେ ନାଚାର। ନିଜ ଜୀବନର ସଂଘର୍ଷ, ସଂସ୍କାର ଏବେ ପ୍ରହେଳିକା ଭଳି ଲାଗୁଛି। ପିଲାମାନେ ଉପଦେଶକୁ ଅଯଥା ହସ୍ତକ୍ଷେପ ବୋଲି ଭାବୁଛନ୍ତି।

ସ୍କୁଲ ଯିବା ପାଇଁ ପାଞ୍ଚଟଙ୍କିଆ ଅଖା ବ୍ୟାଗ୍ ଏବେ ଆମେରିକାନ୍ ଟୁରିଷ୍ଟର୍‌ରେ ପରିଣତ ହୋଇଛି। ପରଟା ଆଳୁଭଜାର ଟିଫିନ୍‌ରେ ଏବେ ବାସି ପିଜା, ବର୍ଗର ପଶୁଛି। ସୁଜି, ସିମେଇକୁ ପଚାରେ କିଏ? ଚିନି ପରଟାର ଆନନ୍ଦକୁ ଏମାନେ ଆଡ଼ଆଖିରେ ଅନେଇବେନି। ଦଉଡ଼ିଆ ଖଟ ଆଉ କନ୍ଥାର ନିଦକୁ ଏମାନେ ଝୁରିବେନି। ଜେଜେଙ୍କର ଗୋଡ଼ ଘଷି ଦେଇ ୨୦ ପଇସି, ଚାରଣା ପାଇବାକୁ ମନ କରିବେନି। ବରଂ ପକେଟ୍ ମନି ପାଇବାର ଅଧିକାରପଣରେ ପିତାମାତାଙ୍କୁ ବିପର୍ଯ୍ୟସ୍ତ କରି ଚାଲିଥିବେ। ଷ୍ଟ୍ରିଟ୍ ଲାଇଟ୍‌ର ଆଲୁଅରେ ପାଠପଢ଼ି ବଡ଼ ମଣିଷ ହେବାର ଆବଶ୍ୟକତା ଏମାନଙ୍କୁ ନାହିଁ। ଏମାନେ ସଞ୍ଜ ହେଲେ ଲଣ୍ଠନ, ଡିବିର ଧୂଆଁକୁ ଖୋଜି ପାଇବେନି। ଇନ୍‌ଭର୍ଟର ଆଉ ଏୟାର କଣ୍ଡିସନ୍ ଯୁଗରେ ଏ.ସି. ରୁମ୍‌ରୁ ବାହାରି ମା'ର ରନ୍ଧାଘରେ ପଶି କାମରେ ସାହାଯ୍ୟ କରିବାକୁ ଚାହିଁବେ ନାହିଁ। ବାପାଙ୍କର ଫେରିବା ବାଟକୁ ଆତୁର ହୋଇ ଚାହିଁ ଛୋଟ ମୋଟ ଦରବଟିଏ ପାଇଁ ଅଳି କରିବେ ନାହିଁ, ବରଂ ମାସ ଶେଷକୁ ହଜାର ହଜାର ଖର୍ଚ୍ଚ କରି ସାରିଲା ପରେ ପିତାମାତା ଅଯୋଗ୍ୟ ପ୍ରମାଣିତ ହେବାଟା ଦେହସୁହା ହେବା ସାର ହେବ। ମା' ବାପାଙ୍କର ଆଖିର ଲୁହ ଏମାନଙ୍କୁ ଛଳନା ପରି ଲାଗିବ।

ବର୍ଷା ଛାଡ଼ିଗଲା ପରେ ମାଟି ରାସ୍ତାର ପାଣି ସୁଅରେ କାଗଜ ଡଙ୍ଗା ଭସାଇବାର ଆନନ୍ଦକୁ ଅନୁଭବ କରିବେ ନାହିଁ; ବରଂ ବର୍ଷାରେ ଓଦା ହେଲେ ଥଣ୍ଡା ଧରିବ ଓ ଇନ୍‌ଫେକ୍ସନ୍ ହେବା ଭୟରେ ଟ୍ୟାବ୍ ଓ ମୋବାଇଲ ନହେଲେ ଲାପ୍‌ଟପ୍ ଧରି ଘରେ ପଥର ମୂର୍ତ୍ତି ପରି ବସି ରହିବେ। ଭାଇ ଭଉଣୀମାନେ ଏକାଠି ହେଲେ ତାସ୍, ଲୁଡୁ କିମ୍ବା ଗପସପ ନକରି ସମସ୍ତେ ଗୋଟେଗୋଟେ ସ୍ମାର୍ଟଫୋନ୍ ଧରି ସେଇ ଅନ୍‌ଲାଇନ୍ ଗେମ୍ ବାବଦରେ କଥା ହେବେ। ଘରକୁ କୁଣିଆ ଆସିଲେ ପାଦ ତଳେ ଲାଗୁ ନଥିବାର ଖୁସିକୁ ନ ବୁଝି ଉପହାର ଆଶାରେ ଅନାଇ ରହିବେ। ଅର୍ଥର ସାଗରରେ ବୁଡ଼ିରହି ଜୀବନର ଲକ୍ଷ୍ୟକୁ ଉପଭୋଗ ଛଡ଼ା ଆଉ କିଛି ଭାବିବା ପାଇଁ ସମୟ ପାଇବେ ନାହିଁ। ଛୁଟିମାନଙ୍କରେ ପିଉସୀ, ମାଉସୀ ଆଉ ମାମୁଁ ଘରକୁ ଯାଇ ବିଭିନ୍ନ ପରିବେଶରେ ଖାପଖୁଆଇ ଚଳିବାର ଆଦବ କାଇଦାକୁ ଶିଖିବାକୁ ଚାହିଁବେ ନାହିଁ। ବରଂ ହଲିଡେ ଟୁର୍‌ରେ ଦେଶ ବିଦେଶକୁ ଯିବା ପାଇଁ ଏମାନେ ବ୍ୟାକୁଳ। ଉଡ଼ାଜାହାଜର ଶବ୍ଦକୁ ଶୁଣି ତା'କୁ ଦେଖିବା ପାଇଁ ବିକଳ ମନ ଏବେ ସେଥିରେ ବସିବା ପାଇଁ ଝଗଡ଼ା କରିବାକୁ ପଛଘୁଞ୍ଚା ଦିଅନ୍ତି ନାହିଁ।

କୋଉ ବରଷ ବରଷରେ ଷ୍ଟୁଡିଓକୁ ଯାଇ କିମ୍ବା ସ୍କୁଲର ଶେଷବର୍ଷଗୁଡ଼ିକରେ ଫଟୋ ଉଠା ହେବାର ସୁଖକୁ ଏମାନେ ପ୍ରତି ମୁହୂର୍ତ୍ତରେ ସ୍ମାର୍ଟଫୋନ୍‌ରେ ଫଟୋ ଉଠାଇ ପୁଣି ସେଲ୍‌ଫି ନେଇ ନିଜ ସୌନ୍ଦର୍ଯ୍ୟର ରୂପରେଖକୁ ହାତରେ ତୋଳି ଧରିବାର ଖୁସିରେ ବିଭୋର ହେବେ। ଜୀବନର ସମସ୍ତ ସୁଖକୁ କ୍ଷଣିକରେ ପାଇନେବାର ଆକାଂକ୍ଷାରେ ଏମାନେ ପାଗଳ ହୋଇ ଘୂରିବୁଲିବେ। ଶିକ୍ଷାକୁ ନୈତିକ ମୂଲ୍ୟବୋଧର ଆଧାର ବୋଲି ମନେ ନକରି ମୁଠାମୁଠା ଟଙ୍କାର ସ୍ୱପ୍ନ ଦେଖିବେ। ରଙ୍ଗର ନାମ ଜାଣିବାକୁ ଇନ୍ଦ୍ରଧନୁକୁ ଦେଖିବା ପାଇଁ ଚାତକ ପରି ଅନାଇ ବସିବେ ନାହିଁ; ବରଂ ଭିନ୍ନଭିନ୍ନ ପ୍ରକାର ରଙ୍ଗ ପେନ୍‌ସିଲ୍ ସେମାନଙ୍କ ହାତମୁଠାରେ। ସେମାନେ ଯେମିତି ଚାହିଁବେ ସେମିତି ରଙ୍ଗ କରିପାରିବେ। ତେଣିକି ଚିତ୍ର ଆଙ୍କିବାର କ୍ଷମତା ଥାଉ ବା ନଥାଉ। ଆକାଶର ରଙ୍ଗକୁ ନୀଳ ବଦଳରେ ଗୋଲାପୀ ଦେଲେ ସେଇଟା ହେବ ସେମାନଙ୍କର ସୃଜନଶୀଳତା।

ସରକାରୀ ହେଉ ଅବା ବେସରକାରୀ ସମସ୍ତେ ସ୍କୁଲ ଯିବେ ଆଉ ସମାନ ସୁବିଧା ଲାଭ କରିବେ। ସବୁରି କଣ୍ଠ ଗୀତ ଗାଇବ, ସମସ୍ତେ ତୂଳୀ ଧରିବେ, ସମସ୍ତେ ମଧ୍ୟ ପାଦରେ ତାଳ ଦେଇ ନୃତ୍ୟ କରିବେ। ସବୁଠାରୁ ଭଲ ଖୋଜିବା ପାଇଁ ବିଚାରକମାନେ ବ୍ୟତିବ୍ୟସ୍ତ ହୋଇପଡ଼ିବେ। ପ୍ରତ୍ୟେକ ନିଜ ପିଲାକୁ ପ୍ରଥମ ସ୍ଥାନରେ ଦେଖିବା ପାଇଁ ଆଉ ସୋସିଆଲ୍ ମିଡିଆରେ ବିଜ୍ଞାପିତ କରିବା ପାଇଁ ଶିକ୍ଷକ ଶିକ୍ଷୟିତ୍ରୀଙ୍କ ସାଥିରେ ରୀତିମତ ଝଗଡ଼ା କରିବେ। ମୋହଗ୍ରସ୍ତ ପିତାମାତା ଧୃତରାଷ୍ଟ୍ର-ଗାନ୍ଧାରୀଙ୍କ ପରି ଆଖିରେ ପଟି ବାନ୍ଧି ପିଲାମାନଙ୍କୁ ନିଜର ସର୍ବଶ୍ରେଷ୍ଠ ଅହଂକାର ରୂପେ ବ୍ୟବହାର କରିବେ। ଅବଶ୍ୟ ଏହା ଯୁଗ ଯୁଗ ଧରି ଚାଲିଆସିଛି 'ମୋ ପିଲା ଭଲ' ବାକ୍ୟଟି ପିତାମାତାଙ୍କର ପ୍ରମୁଖ ଅସ୍ତ୍ର।

ଏଇ ପିଢ଼ି ରିଅଲ୍ ଲାଇଫ୍‌କୁ ରିଲ୍‌ସ ବନାଇବାରେ ଆନନ୍ଦିତ ହେବେ। ମାତ୍ର ବାସ୍ତବ ଜୀବନର ମର୍ମକୁ ବୁଝିବା ପାଇଁ ଅବହେଳା କରିବେ। ଏମାନଙ୍କ ପାଖରେ ଅନେକ ଭାବର ଅଭାବ ରହିଯିବ। ମାତ୍ର ସେମାନେ ଜୀବନକୁ ପଶାପାଲିର ଗୋଟିରେ ଖେଳେଇ ଚାଲିଥିବେ। ମୁହୂର୍ତ୍ତକୁ ନେଇ ବଞ୍ଚିବାରେ ଥିବା ଆନନ୍ଦକୁ ବୁଝିନେବା ଏମାନଙ୍କ ପାଇଁ ସହଜ ହୋଇଯିବ। ହେଲେ ଆନ୍ତରିକତା ଆଉ ଭାବପ୍ରବଣତାକୁ ଏମାନେ ହେୟଜ୍ଞାନ କରିବେ। ପ୍ରତ୍ୟେକଟି କଳାକୌଶଳ ଶିଖିବା ପାଇଁ ଅର୍ଥ ବିନିଯୋଗ କରିବାକୁ ପଡୁଥିବା ଏଇ ସମୟରେ ବଞ୍ଚିବାର କଳାଟିକୁ ଏମାନଙ୍କୁ କିଏ ଶିଖାଇବ? ଅଭାବ ଅନଟନ ଭିତରୁ ମୁଣ୍ଡ ଟେକିଥିବା ଏମାନଙ୍କର ପିତାମାତା ସେମାନଙ୍କୁ ସମସ୍ତ ସ୍ୱାଚ୍ଛନ୍ଦ୍ୟ ଦେଉଦେଉ ନିଜେ ଦିନେ ଅପଚରା ହୋଇ ରହିବେ ସେକଥା ଜାଣି ମଧ୍ୟ ପୂର୍ବ ଓ ପର ପିଢ଼ି ମଧ୍ୟରେ ନିଜର ଅସ୍ତିତ୍ୱକୁ ହରାଇ ବସିବେ।

ସେମାନଙ୍କର ପିତାମାତା କ'ଣ ସେମାନଙ୍କର ଦୁଃଖକୁ ବୁଝି ପାରିବେ? ସେମାନେ ତ କହିବେ ତୁମେମାନେ ଅଯୋଗ୍ୟ, ଅପାରଗ ଆମ ଭଳି ପିଲାମାନଙ୍କୁ ଅନୁଶାସନରେ ବାନ୍ଧିପାରିଲ ନାହିଁ। ଭୁଲ୍‌ଟିଏ କଲେ ଅପରାଧୀ ଭଳି ଦଣ୍ଡ ଭୋଗୁଥିବା ପିଲାଦିନ ଏବେ ପରିବର୍ତ୍ତିତ। ଏବେ ସେଇ ପିଲାମାନଙ୍କ ହାତରେ ଜିଭ ଭଳି ଅପରାଧୀର ଛୁରୀ, ଯାହା ଏପରି ତୀକ୍ଷ୍ଣ ଯେ ସବୁକିଛି କାଟି ଦେଇ ହେବ। ପୁଣି କଥା କଥାକେ ମୃତ୍ୟୁକୁ ଆପଣେଇବାର ମିଠା ଧମକ। ସେମାନଙ୍କୁ ସମ୍ଭାଳିବା ପାଇଁ ଆମ୍ଭେମାନେ ଅସମର୍ଥ ଆଉ ଦୁର୍ବଳ। ଆଉ ଆମ ପିଲାମାନେ ସୁଖ, ସ୍ୱାଚ୍ଛନ୍ଦ୍ୟ, ବିଳାସ ଏବଂ ସର୍ବୋପରି ଯାନ୍ତ୍ରିକ ଦ୍ରବ୍ୟ ପାଖରେ ପଣବନ୍ଦୀ।

ଏବେ ବି କ'ଣ ସେମାନଙ୍କୁ ବନ୍ଦୀ ଜୀବନରୁ ମୁକୁଳାଇ ଆତ୍ମସମୀକ୍ଷା ଏବଂ ଖୋଲା ଆକାଶକୁ ଟାଣି ଆଣିବାର ସମୟ ଆସିନାହିଁ? କାରଣ ମୂଲ୍ୟବୋଧ ବିନା ଜୀବନ ବୃଥା। ଯେମିତି ସ୍ପନ୍ଦନ ବିନା ହୃଦୟ। ସମସାମୟିକ ପିତାମାତାଗଣ ଏବେ ତ୍ରିଶଙ୍କୁ ସମ। ପୋଥିଗତ ଆଦର୍ଶ ଆଉ ଯୁଗୋପଯୋଗୀ ହେବାର ମଝିଦରିଆରେ ବୁଡି ମରିବା ହିଁ ସେମାନଙ୍କର ଭାଗ୍ୟ। ହୁଏତ ଏକ ଦୃଢ଼ ଆହ୍ୱାନ; ନଚେତ୍ ଆନ୍ଦୋଳନକୁ ଅପେକ୍ଷା, ଯାହା ସେମାନଙ୍କୁ ଭବିଷ୍ୟତ ବଂଶଧରକୁ ସଜାଡ଼ିବା ପାଇଁ ଶକ୍ତି ଯୋଗାଇବ। କାହିଁକି ନା ସେମାନେ ତ ସମସ୍ତଙ୍କୁ ନେଇ ବାଟ ଚାଲିବାର ଶପଥ ନେଇଛନ୍ତି। ସେମାନଙ୍କ ପାଇଁ ଅତୀତ ଓ ଭବିଷ୍ୟତ ଉଭୟ ପ୍ରିୟ। ନୁହେଁ କି?

ବୋଲଗଡ଼, ମୋ: ୮୭୬୩୭୮୮୬୧୪

# ଭବିଷ୍ୟବାଣୀ ଓ ବାସ୍ତବତା

ମନୋରଞ୍ଜନ ମହାନ୍ତି

ଏବେ ଅଧିକ ସଂଖ୍ୟକ ଲୋକ ନିଜ ଭବିଷ୍ୟତ ସମ୍ପର୍କରେ ଜାଣିବା ପାଇଁ ଭବିଷ୍ୟତବକ୍ତାମାନଙ୍କ ନିକଟକୁ ଯାଉଛନ୍ତି। ପୁଅଝିଅମାନେ କେଉଁ ପାଠ ପଢ଼ିଲେ କୃତିତ୍ୱ ଅର୍ଜନ କରିବେ, କିପରି ଚାକିରି ପାଇବେ, ପ୍ରଚୁର ଅର୍ଥ ଉପାର୍ଜନ କରିବେ, ସମାନ ସ୍ତରରେ ବିବାହ କରିବେ ଇତ୍ୟାଦି ଜାଣିବା ପାଇଁ ଭବିଷ୍ୟତବକ୍ତାମାନଙ୍କ ପରାମର୍ଶ ଗ୍ରହଣ କରାଯାଉଛି। ଏପରିକି ଘର ଖଣ୍ଡେ ତିଆରି କରିବା ସମୟରେ କେଉଁଠି ଠାକୁର ଘର, ରୋଷେଇ ଘର, ଶୋଇବା ଘର, ଶୌଚାଳୟ, ଜଳାଶୟ ଇତ୍ୟାଦି ରହିବ ଜାଣିବା ପାଇଁ ସଂପୃକ୍ତ ବିଜ୍ଞାନୀମାନଙ୍କ ସହିତ ଯୋଗାଯୋଗ ରକ୍ଷା କରାଯାଉଛି। ଘରପ୍ରତିଷ୍ଠାର ଶୁଭଦିନ ସ୍ଥିର କରି ହୋମକ୍ରିୟା ପାଇଁ ପୁରୋହିତଙ୍କ ଉପରେ ଦାୟିତ୍ୱ ନ୍ୟସ୍ତ କରାଯାଏ। ଗଭୀର ଭାବରେ ଚିନ୍ତା କରି କେହି କେହି କହନ୍ତି, ମଣିଷ ତା'ର ଆତ୍ମସନ୍ତୋଷ ପାଇଁ ଏସବୁ କରିଥାଏ।

ଭବିଷ୍ୟତବକ୍ତାମାନଙ୍କ କଥା ବେଳେବେଳେ ସତ୍ୟ ହୁଏ, ବେଳେବେଳେ ହୁଏ ନାହିଁ। ବିଜ୍ଞାନୀମାନଙ୍କ ସହିତ ପରାମର୍ଶ କରି ଘର ତିଆରି କଲେ ବି ଅନେକ ସମୟରେ ଘରେ ଅଭାବ, ଅଶାନ୍ତି ସୃଷ୍ଟି ହୁଏ। ବିଧିବିଧାନ ଅନୁଯାୟୀ ଯେତେ ହୋମଯଜ୍ଞ ଆୟୋଜନ କଲେ ବି ମଣିଷ ଯାବତୀୟ ଅଶୁଭ ଅମଙ୍ଗଳର ସମ୍ମୁଖୀନ ହୁଏ। ୟା'ର ଅର୍ଥ ନୁହେଁ ଯେ ଭବିଷ୍ୟତବକ୍ତା, ଗୃହନିର୍ମାଣ-ବିଜ୍ଞାନୀ, ପୁରୋହିତଙ୍କ ପରାମର୍ଶ ଲୋଡ଼ିବା ଉଚିତ ନୁହେଁ। କିନ୍ତୁ ସେମାନଙ୍କ ଉପରେ ସମ୍ପୂର୍ଣ୍ଣ ନିର୍ଭର କରିବା, ସେମାନଙ୍କ କଥାକୁ ଶେଷକଥା ବୋଲି ଗ୍ରହଣ କରିବା ବିଜ୍ଞତା, ବିଚାରବୋଧର ସୂଚନା ନୁହେଁ।

ତେନ୍‌ଜିଂଙ୍କ ଆତ୍ମଚରିତ 'ଦି ଟାଇଗର୍ ଅଫ୍ ଦି ସ୍ନୋଜ୍'ରେ ଏକ ଭାବୋଦ୍ଦୀପକ, ପ୍ରଭାବଶାଳୀ ବର୍ଣ୍ଣନା ରହିଛି। ଏଭରେଷ୍ଟ ଆରୋହଣ କରିବା ପୂର୍ବରୁ ତେନ୍‌ଜିଂ ଓ ନିଉଜିଲାଣ୍ଡର ଏଡ୍‌ମଣ୍ଡ ହିଲାରି କାଠମାଣ୍ଡୁସ୍ଥିତ ପଶୁପତିନାଥ ମନ୍ଦିରର ମୁଖ୍ୟ ପୁରୋହିତ (ଯିଏ ଜଣେ ଭବିଷ୍ୟତବକ୍ତା ମଧ୍ୟ)ଙ୍କୁ ସାକ୍ଷାତ କଲେ। ପୁରୋହିତ ସେମାନଙ୍କ ହସ୍ତରେଖାକୁ ଅନୁଧ୍ୟାନ କରି କହିଲେ ସେମାନଙ୍କ ମଧ୍ୟରୁ କେହି ହେଲେ ସାଗରମଥା (ନେପାଳି ଭାଷାରେ ଏଭରେଷ୍ଟକୁ ସାଗରମଥା ବୋଲି କୁହାଯାଏ)ରେ ପହଞ୍ଚି ପାରିବେ ନାହିଁ ଏବଂ ଆରୋହଣ କରିବା ସମୟରେ ଦୁଇଜଣଙ୍କ ମଧ୍ୟରୁ ଜଣେ ମୃତ୍ୟୁବରଣ କରିବେ। କିନ୍ତୁ ଦୁଇଜଣଯାକ ପୁରୋହିତଙ୍କ କଥାରେ ଗୁରୁତ୍ୱ ନଦେଇ ଏଭରେଷ୍ଟ ଆରୋହଣ କଲେ ଏବଂ ୧୯୫୩ ମସିହା ମେ ୨୯ ତାରିଖରେ ପୃଥିବୀର ସର୍ବୋଚ୍ଚ ପର୍ବତ-ଶୃଙ୍ଗରେ ପହଞ୍ଚିପାରିଲେ।

ଯୁବକ ଜହିରୁଦ୍ଦିନ୍ ବାବର ୧୫୨୬ ଖ୍ରୀଷ୍ଟାବ୍ଦରେ ପ୍ରଥମ ପାନିପଥ ଯୁଦ୍ଧ ପାଇଁ ପ୍ରସ୍ତୁତ ହେଲାବେଳେ ଜଣେ ନୁଜୁମୀ (ଆରବୀ ଭାଷାରେ ନୁଜୁମୀର ଅର୍ଥ ଭବିଷ୍ୟତବକ୍ତା) କହିଲେ ସେ ଯୁଦ୍ଧରେ ପରାସ୍ତ ହେବେ, ଏପରିକି ମୃତ୍ୟୁବରଣ କରିପାରନ୍ତି। ବାବର ଏକଥାକୁ ଆଦୌ ଭ୍ରୂକ୍ଷେପ କଲେ ନାହିଁ, ଯୁଦ୍ଧରେ ଅବତୀର୍ଣ୍ଣ ହେଲେ ଏବଂ ଜୟ ଲାଭ କରି ଭାରତରେ ମୋଗଲ ସାମ୍ରାଜ୍ୟ ପ୍ରତିଷ୍ଠା କଲେ, ଯେଉଁ ସାମ୍ରାଜ୍ୟ ୧୮୫୭ ଖ୍ରୀଷ୍ଟାବ୍ଦ ପର୍ଯ୍ୟନ୍ତ ଦୃଢ଼ମୂଳ ହୋଇ ରହିଲା। ବାର୍ବାଦୋସ୍ ନିକଟରେ ଏକ ଦରିଦ୍ର ପରିବାରରେ ଗୋଟିଏ ଶିଶୁ ଜନ୍ମ ହେଲା। ଜନ୍ମ ସମୟରୁ ତା'ର ଥିଲା ଛଅଟି ଆଙ୍ଗୁଳି ଓ ଦୁଇଟି ଦାନ୍ତ। ଗାଁର ଜଣେ ଭବିଷ୍ୟତବକ୍ତା ତା'ର ମୁହଁକୁ ଦେଖି କହିଲେ 'ସେ ଗୋଟେ ପିଶାଚର ସନ୍ତାନ, ଦଶବର୍ଷ ବୟସ ହେବା ପୂର୍ବରୁ ମୃତ୍ୟୁବରଣ କରିବ।' ଆଶ୍ଚର୍ଯ୍ୟର କଥା, ସେହି ଶିଶୁ ଏବେ ୮୧ବର୍ଷର ବୃଦ୍ଧ, କ୍ରୀଡ଼ଜଗତର ଜଣେ କିମ୍ବଦନ୍ତୀ ପୁରୁଷ, ପଶ୍ଚିମ ଭାରତୀୟ କ୍ରିକେଟ ଖେଳାଳି ଗାର୍‌ଫିଲ୍ଡ୍ ସୋବର୍ସ୍।

ପାଣିନିଙ୍କ ବାପା ମା'ଙ୍କୁ ଜଣେ ଭବିଷ୍ୟତବକ୍ତା କହିଲେ, 'ପାଣିନିଙ୍କ କପାଳରେ ପାଠ ନାହିଁ। ସେ ଆଦୌ ପଢ଼ାପଢ଼ି କରିବେ ନାହିଁ।' ସମସ୍ତଙ୍କ ମନରେ ଦୁଃଖ ହେଲା। ପାଣିନି ଚିନ୍ତିତ ହୋଇ ଗୋଟିଏ ପୋଖରୀ କୂଳରେ ବସିଥିବା ବେଳେ ଦେଖିଲେ କୂଳରେ ଗୋଟିଏ ସ୍ଥାନରେ ମାଟି ଦବିଯାଇ ଗୋଲ ଆକାର ଧାରଣ କରିଛି। ପୋଖରୀକୁ ପାଣିନେବା ପାଇଁ ଆସୁଥିବା ପ୍ରତ୍ୟେକ ଲୋକ ମାଠିଆରେ ପାଣି ଭରି ପ୍ରଥମେ ସେହି ସ୍ଥାନରେ ରଖୁଛନ୍ତି; ତା'ପରେ କାଖକୁ ବା କାନ୍ଧକୁ ଉଠାଇ ଘରକୁ ଫେରୁଛନ୍ତି। ପାଣିନି ଜଣଙ୍କୁ ପଚାରିଲେ, 'ଏହି ସ୍ଥାନରେ ମାଟି ଦବିଲା କିପରି ଏବଂ ଏହା ଗୋଲ ଆକାର ଧାରଣ କଲା କିପରି?' ଉତ୍ତର ମିଳିଲା, 'ସ୍ଥାନଟି ପ୍ରଥମେ ସମତଳ ଥିଲା। ସବୁଲୋକ ଏଠି ମାଠିଆ ରଖିରଖି କ୍ରମାଗତ ଚାପ ହେତୁ ମାଟି ଦବିଯାଇ ଗୋଲାକାର ହୋଇଗଲା।' ପାଣିନି ଚିନ୍ତା କଲେ, 'କ୍ରମାଗତ ଚାପ ହେତୁ ଯଦି ସମତଳ ଭୂମିଟି ପରିବର୍ତ୍ତିତ ହେଉଛି, ଅର୍ଥାତ୍ ଦବିଯାଇ ଗୋଲ ଆକାର ଧାରଣ କରିପାରୁଛି, କ୍ରମାଗତ ଉଦ୍ୟମ କଲେ ମୋର ମଧ୍ୟ ପରିବର୍ତ୍ତନ ହେବ। ଅର୍ଥାତ୍ ମୁଁ ପାଠ ପଢ଼ିପାରିବି, ଭଲ ପଢ଼ିପାରିବି।' ଘରକୁ ଫେରିଗଲେ ଓ ପାଠପଢ଼ାରେ ମନୋନିବେଶ କରି ଶ୍ରେଷ୍ଠ ବୈୟାକରଣିକ ଭାବରେ ଖ୍ୟାତି ଅର୍ଜନ କଲେ।

ସୁତରାଂ ଆମର ଭବିଷ୍ୟତ ସମ୍ପର୍କରେ ଭବିଷ୍ୟତବକ୍ତାମାନଙ୍କ କଥା ଗୁରୁତ୍ୱପୂର୍ଣ୍ଣ ହେଉ ବା ନହେଉ, ସବୁଠାରୁ ବେଶି ଗୁରୁତ୍ୱପୂର୍ଣ୍ଣ ହେଉଛି ଆମର ଜୀବନ-ଗଠନର ସଂକଳ୍ପ ଓ ସାଧନା। ତେନ୍‌ଜିଂ, ହିଲାରି, ବାବର, ଗାର୍‌ଫିଲ୍ଡ୍ ସୋବସ୍‌ର୍, ପାଣିନି ଓ ଆହୁରି ଅନେକ ବ୍ୟକ୍ତି ଭବିଷ୍ୟତବକ୍ତାମାନଙ୍କ କଥାକୁ ଆଦୌ ଗୁରୁତ୍ୱ ନଦେଇ ନିଜ ନିଜ ଜୀବନର ଲକ୍ଷ୍ୟ ଧାର୍ଯ୍ୟ କରିଛନ୍ତି। ସେହି ଲକ୍ଷ୍ୟସ୍ଥଳରେ ପହଂଚିବା ପାଇଁ ଆବଶ୍ୟକ ସାଧନା ନିରତ ହୋଇଛନ୍ତି ଓ ପହଞ୍ଚି ପାରିଛନ୍ତି। ଠିକ୍ ସେହିପରି ଆମେ ବାସଗୃହ ନିର୍ମାଣ କଲା ବେଳେ ଠାକୁର ଘର, ଜଳାଶୟ, ଶୋଇବା ଘର, ରୋଷେଇ ଘର, ଶୌଚାଳୟ ଇତ୍ୟାଦିର ଦିଗ ନିର୍ଣ୍ଣୟ ସମ୍ପର୍କରେ ବିଜ୍ଞାନୀମାନଙ୍କ କଥା ଗୁରୁତ୍ୱପୂର୍ଣ୍ଣ ହେଉ ବା ନହେଉ; ସବୁଠାରୁ ବେଶି ଗୁରୁତ୍ୱପୂର୍ଣ୍ଣ ହେଉଛି ଆମେ ସତ୍‌ପନ୍ଥାରେ ଆୟ କରି ସତ୍‌ପନ୍ଥାରେ ବ୍ୟୟ କରିବା ଏବଂ ପରିବାରରେ ସମସ୍ତଙ୍କ ମଧ୍ୟରେ ସଦ୍‌ଭାବର ପରିବେଶ ରଚନା କରିବା।

(ଅବସରପ୍ରାପ୍ତ ଇଂରାଜୀ ପ୍ରାଧ୍ୟାପକ)
ଧର୍ମଶାଳା(ଯାଜପୁର), ମୋ: ୯୮୫୩୨୮୨୯୬୨

# ଦୁର୍ଯ୍ୟୋଧନଙ୍କ ନାମରେ ପୈଠ ହୁଏ ଖଜଣା

## ବିଚିତ୍ର ବିଶ୍ୱାସ

ଓଜସ୍ୱିନୀ

ହସ୍ତିନାପୁରର ରାଜା ଧୃତରାଷ୍ଟ୍ର ଓ ଗାନ୍ଧାରୀଙ୍କ ୧୦୦ ପୁତ୍ର ମଧ୍ୟରେ ଜ୍ୟେଷ୍ଠ ଦୁର୍ଯ୍ୟୋଧନ ହେଉଛନ୍ତି ଅହଂକାର ଓ କ୍ରୋଧର ପ୍ରତୀକ। କିନ୍ତୁ ଆସୁରିକ ପ୍ରବୃତ୍ତି ଯୁକ୍ତ ଦୁର୍ଯ୍ୟୋଧନଙ୍କୁ କେରଳର ଗୋଟିଏ ସ୍ଥାନରେ ଜଣେ ଦୟାଳୁ ଓ ରକ୍ଷକ ଦେବତା ଭାବେ ପୂଜା କରାଯାଉଛି। ସ୍ଥାନୀୟ ଗ୍ରାମବାସୀମାନେ ଦୁର୍ଯ୍ୟୋଧନଙ୍କୁ 'ଅପୁପା' ବୋଲି କହିଥା'ନ୍ତି। 'ଅପୁପା'ର ଅର୍ଥ ହେଉଛି ଜେଜେ। ଏହାବ୍ୟତୀତ ଦେବଭୂମି ଉତ୍ତରାଖଣ୍ଡର ଜଖୋଲ ଗାଁରେ ମଧ୍ୟ ଦୁର୍ଯ୍ୟୋଧନଙ୍କ ଏକ ମନ୍ଦିର ଅଛି।

କେରଳର କୋଲମ୍‌ଠାରେ ଶକୁନି ମନ୍ଦିର ନିକଟରେ ଅଛି ଦୁର୍ଯ୍ୟୋଧନଙ୍କ ବିଶାଳ ଓ ଭବ୍ୟ ମନ୍ଦିର। 'ପୋରୁବାଝି ପେରୁଭିରୁଥି ମଲନାଡ଼ା' ନାମକ ଏହି ମନ୍ଦିରର ବିଶେଷତ୍ୱ ହେଉଛି, ଏଠାରେ ଦୁର୍ଯ୍ୟୋଧନଙ୍କର କୌଣସି ମୂର୍ତ୍ତି ନାହିଁ, ବରଂ ତାଙ୍କର ପ୍ରିୟ ଅସ୍ତ୍ର ଗଦାକୁ ପୂଜାର୍ଚ୍ଚନା କରି ନିଜର ମଙ୍ଗଳକାମନା କରିବା ସହିତ ମନସ୍କାମନା ପୂର୍ଣ୍ଣ ହେବା ପାଇଁ ଆଶିଷ ମାଗିଥା'ନ୍ତି। ଜାତିଧର୍ମବର୍ଣ୍ଣ ନିର୍ବିଶେଷରେ ଏଠାକୁ ଆସୁଥବା ଶ୍ରଦ୍ଧାଳୁଙ୍କର ସମସ୍ତ ମନସ୍କାମନା ଦୁର୍ଯ୍ୟୋଧନ ପୂରଣ କରିଥା'ନ୍ତି ବୋଲି ଜନଶ୍ରୁତି ରହିଛି। ଏଠାରେ ଭୋଗ ସ୍ୱରୂପ ତାଡ଼ି (ତାଳରସରେ ପ୍ରସ୍ତୁତ ଏକପ୍ରକାର ମାଦକଦ୍ରବ୍ୟ) ପୂଜା କରାଯାଏ ଏବଂ ଏହି ପ୍ରସାଦକୁ ତୀର୍ଥ ପ୍ରସାଦ ଭାବେ ଶ୍ରଦ୍ଧାଳୁଙ୍କୁ ମଧ୍ୟ ଦିଆଯାଏ। 'ମଲନାଡ଼ା' ଦୁଇଟି ଶବ୍ଦର ସମଷ୍ଟି। 'ମଲା' ହେଉଛି ପାହାଡ଼ ଏବଂ 'ନାଡ଼ା' ଅର୍ଥ ମନ୍ଦିର। ତେଣୁ କୌରବ ୧୦୦ ଭାଇଙ୍କ ମନ୍ଦିରଗୁଡ଼ିକ ଛୋଟ ଛୋଟ ପାହାଡ଼ ବା ମୁଣ୍ଡିଆ ଉପରେ ନିର୍ମାଣ କରାଯାଇଥିବାରୁ ଏହାର ନାମ 'ମଲନାଡ଼ା' ହୋଇଛି।

ଲୋକକଥା ଅନୁସାରେ, ଏକଦା ଦୁର୍ଯ୍ୟୋଧନ ତାଙ୍କର ୯୯ ଭାଇଙ୍କ ସହିତ ପାଣ୍ଡବମାନଙ୍କ (ଅଜ୍ଞାତବାସରେ ଥିବା ସମୟରେ) ସନ୍ଧାନ କରି କୋଲମ୍‌ଠାରେ ପହଞ୍ଚିଲେ। ତାଙ୍କୁ ବହୁତ ଶୋଷ ଲାଗୁଥିଲା। ତେଣୁ ସେ ନିକଟସ୍ଥ ଏକ ଗାଁକୁ ପାଣି ମାଗିବାକୁ ଯାଇଥିଲେ। ସେଠାରେ ଜଣେ ବୃଦ୍ଧା ତାଙ୍କୁ ପାଣି ପରିବର୍ତ୍ତେ ତାଡ଼ି ଦେଇଥିଲେ। ଏଥିରେ ଦୁର୍ଯ୍ୟୋଧନଙ୍କ ଶୋଷ ମେଣ୍ଟିବା ସହ ଏହା ତାଙ୍କୁ ଖୁବ୍ ସ୍ୱାଦିଷ୍ଟ ଲାଗିଥିଲା। ତେଣୁ ସେ ଖୁସି ହୋଇ ଗାଁବାସୀଙ୍କ ଉଦ୍ଦେଶ୍ୟରେ ଚାଷଜମି ଦାନ କରିବା ସହ ଜମିଗୁଡ଼ିକ ସବୁବେଳେ ଫସଲରେ ଶସ୍ୟଶାମଳା ହେଉ ବୋଲି ଆଶୀର୍ବାଦ ଦେଇଥିଲେ। ଆଶ୍ଚର୍ଯ୍ୟର କଥା ଯେ, ବର୍ତ୍ତମାନ ସମୟରେ ମଧ୍ୟ ଏହି ଜମିର କର (ଟ୍ୟାକ୍ସ) ଦୁର୍ଯ୍ୟୋଧନଙ୍କ ନାମରେ ପଇଠ କରାଯାଉଛି। ଦୁର୍ଯ୍ୟୋଧନ ସେହି ଗାଁକୁ ଶୁକ୍ରବାର ଦିନ ଆସିଥିଲେ ଏବଂ ଆସନ୍ତା ଶୁକ୍ରବାରକୁ ସେ ଗାଁ ଫେରିବେ ବୋଲି ପ୍ରତିଶ୍ରୁତି ଦେବା ସହ କହିଥିଲେ ଯେ, ସେ ଯଦି ନଫେରନ୍ତି, ତେବେ ଗ୍ରାମବାସୀ ତାଙ୍କର ଅନ୍ତିମ ସଂସ୍କାର କରିଦେବେ। ଗୋଟିଏ ସପ୍ତାହ ଅପେକ୍ଷା କରିବା ପରେ ଦୁର୍ଯ୍ୟୋଧନ ଫେରି ନଥିବା ଦେଖି ଗାଁର ଲୋକମାନେ ତାଙ୍କର ଶେଷକୃତ୍ୟ ସମ୍ପନ୍ନ କଲେ ଏବଂ ତାଙ୍କର ଆତ୍ମା ଫେରିଆସିଥିବାର ବିଶ୍ୱାସ କରି ମନ୍ଦିର ନିର୍ମାଣ କରାଇ ଥିଲେ। ତେଣୁ ଏବେ ମଧ୍ୟ ଦୁର୍ଯ୍ୟୋଧନଙ୍କ ଆତ୍ମାର ଅସ୍ତିତ୍ୱକୁ ବିଶ୍ୱାସ କରି ପ୍ରତ୍ୟେକ ଶୁକ୍ରବାରଦିନ ସେଠାରେ ବିଶେଷ ପୂଜାର୍ଚ୍ଚନା କରାଯିବା ସହ ତାଡ଼ି ଭୋଗ ଅର୍ପଣ କରାଯାଉଛି। ପ୍ରତିବର୍ଷ ଏକ ନିର୍ଦ୍ଦିଷ୍ଟ ସମୟରେ ଦୁର୍ଯ୍ୟୋଧନଙ୍କ ଉଦ୍ଦେଶ୍ୟରେ 'ମଲନାଡ଼ା ମହୋତ୍ସବ'ର ଆୟୋଜନ ହୋଇଥାଏ, ଯେଉଁଥିରେ ପ୍ରକୃତିର ସୁରକ୍ଷା ଓ ଭଲ ଫସଲ ଉତ୍ପାଦନ ପାଇଁ ଆଶିଷ ଭିକ୍ଷା କରାଯାଏ। ୮ ଦିନ ଧରି ଚାଲୁଥିବା ଏହି ଉତ୍ସବରେ ଲକ୍ଷାଧିକ ଭକ୍ତ ଯୋଗ ଦିଅନ୍ତି।

ଦୁର୍ଯ୍ୟୋଧନଙ୍କ ସହିତ ଅନ୍ୟ କୌରବ ଭାଇ ଓ ଭଗ୍ନୀ ଦୁଶଳାଙ୍କର ମନ୍ଦିର ମଧ୍ୟ କୋଲମଠାରେ ଅଛି। ମହାଭାରତ ଯୁଦ୍ଧ ପରେ ଦୁଶଳା ଭୋକଶୋଷରେ ଅତିଷ୍ଠ ହୋଇ ରାଜ୍ୟ ଛାଡ଼ି ପଳାଇ ଆସିଥିଲେ। କୋଲମଠାରେ ପହଞ୍ଚିବା ପରେ ସେ ଗୋଟିଏ ଜମିରେ କାଠି ଦ୍ୱାରା ଭୂମିରୁ ପାଣିର ଉତ୍ସ ସୃଷ୍ଟି କରିଥିଲେ ଏବଂ ସେହି କାଠିକୁ ଉକ୍ତ ଜମିରେ ପୋତି ଦେଇଥିଲେ ବୋଲି ଲୋକକଥା ଅଛି। ତେଣୁ ଉକ୍ତ ଜମିରେ ଦୁଶଳାଙ୍କର ଗୋଟିଏ ମନ୍ଦିର ନିର୍ମାଣ କରାଯାଇ ପୂଜାର୍ଚ୍ଚନା କରାଯାଉଛି। ଏହି ମନ୍ଦିର ଦୁର୍ଯ୍ୟୋଧନ ମନ୍ଦିରଠାରୁ ମାତ୍ର ୬ କି.ମି. ଦୂର ଏବଂ ଏହି ଜମିରୁ ହେଉଥିବା ଫସଲ କେବଳ ଠାକୁରଙ୍କ ଭୋଗ ପାଇଁ ପାଇଁ ଉଦ୍ଦିଷ୍ଟ।

ଉତ୍ତରାଖଣ୍ଡରେ ଥିବା ଦୁର୍ଯ୍ୟୋଧନଙ୍କ ମନ୍ଦିର ସ୍ଥାନୀୟ ଲୋକକଥା ଅନୁସାରେ ନିର୍ମାଣ କରାଯାଇଛି। ଏକଦା ଦୁର୍ଯ୍ୟୋଧନ ଉତ୍ତରାଖଣ୍ଡର ଜୋନ୍‌ସୋର୍-ବାବର କ୍ଷେତ୍ରର ହନୋଲ୍ ଯାତ୍ରାରେ ଆସିଥିଲେ। ଏଠାକାର ପ୍ରାକୃତିକ ସୁନ୍ଦରତାରେ ସେ ବିମୋହିତ ହୋଇ ସ୍ଥାନୀୟ ଦେବତା ମହାସୁଙ୍କୁ ହିମାଳୟ ପାର୍ଶ୍ୱବର୍ତ୍ତୀ ଅଞ୍ଚଳର ଗୋଟିଏ ଘାଟି ମାଗିଲେ। ମହାସୁ ଦୁର୍ଯ୍ୟୋଧନଙ୍କୁ ଘାଟି ଦେବା ପାଇଁ ଗୋଟିଏ ସର୍ତ୍ତ ରଖିଲେ ଯେ, ସବୁବେଳେ ସେ ସ୍ଥାନୀୟ ଲୋକଙ୍କୁ ସୁରକ୍ଷା ଦେବା ସହିତ ତାଙ୍କର ଦୁଃଖକଷ୍ଟ ହରଣ କରିବେ। ଏଥିରେ ଦୁର୍ଯ୍ୟୋଧନ ରାଜି ହୋଇଗଲେ। ସେବେଠାରୁ ଆଜି ପର୍ଯ୍ୟନ୍ତ ଦୁର୍ଯ୍ୟୋଧନ ଉତ୍ତରକାଶୀ ଜିଲ୍ଲା ଅନ୍ତର୍ଗତ ଜଖୋଲ୍ ଗାଁର ରକ୍ଷକ ଦେବତା ଭାବେ ପୂଜା ପାଇ ଆସୁଛନ୍ତି। କୁହାଯାଏ ଯେ, ଦୁର୍ଯ୍ୟୋଧନଙ୍କ ମୃତ୍ୟୁରେ ଲୋକମାନେ ଏତେମାତ୍ରାରେ କାନ୍ଦିଥିଲେ ଯେ, ସେମାନଙ୍କ ଲୁହରୁ ତମସ ନାମକ ନଦୀର ଉତ୍ପତ୍ତି ହୋଇଥିଲା, ଯାହାକୁ ଏବେ ଟୋସ୍ ନଦୀ କୁହାଯାଉଛି। ଏହା ବ୍ୟତୀତ ଦୁର୍ଯ୍ୟୋଧନଙ୍କ ମନ୍ଦିର ନିର୍ମାଣକୁ ନେଇ ଏକାଧିକ ଲୋକକଥା ଅଛି। ଏହି ମନ୍ଦିରକୁ ବର୍ତ୍ତମାନ ସମୟରେ ଗୋଟିଏ ଶୈବପୀଠ ବୋଲି କୁହାଯାଉଛି।

ଭୁବନେଶ୍ୱର, ମୋ: ୯୦୯୦୯୯୪୯୪୩

ସକାଳ
THE SAKALA
ଯୋଗାଯୋଗ ଠିକଣା
NEWS & INFO
news@thesakala.com
CIRCULATION
circulation@thesakala.com
ADVERTISEMENT
advt@thesakala.com
THE SAKALA
(A Unit of Nandighosha Network Pvt. Ltd.)
At: IDCO Plot No. 90 & 91, Bhagabanpur I/E, BBSR-751019
Ph.: 0674-2954342 | 2955342



ଦୈନିକ 'ସକାଳ' ଓ ଏହାର ବିଶେଷ ଅଧିପତ୍ର, ପତ୍ରିକା ଆଦିରେ ପ୍ରକାଶିତ ଆଲେଖ୍ୟର ଉଦ୍ଧୃତି, ତଥ୍ୟ, ମତାମତ, ବିଶ୍ଳେଷଣ ସମ୍ପୃକ୍ତ ଲେଖକଙ୍କ ସମ୍ପୂର୍ଣ୍ଣ ନିଜସ୍ୱ। ସେଥିପାଇଁ 'ସକାଳ' କର୍ତ୍ତୃପକ୍ଷ ଉତ୍ତରଦାୟୀ ହେବେ ନାହିଁ।


# ସବୁ ସ୍କୁଲରେ ତୃତୀୟ ଶ୍ରେଣୀରୁ ଏଆଇ ପାଠ୍ୟକ୍ରମ

**ନୂଆଦିଲ୍ଲୀ,୩୦।୧୦(ଏଜେନ୍ସି):** ଦେଶର ସବୁ ବିଦ୍ୟାଳୟରେ ତୃତୀୟ ଶ୍ରେଣୀରୁ ଏଆଇ ଶିକ୍ଷା ପାଠ୍ୟକ୍ରମର ଶୁଭାରମ୍ଭ କରାଯିବ। ତୃତୀୟ ଶ୍ରେଣୀରୁ ଏହି ବୈଷୟିକ ଶିକ୍ଷା ଆରମ୍ଭ ହେବା ଫଳରେ ମୌଳିକ ସ୍ତରରେ ଏହାକୁ ସାମିଲ କରାଯାଇପାରିବ। ନିଷ୍ପତ୍ତି ଅନୁଯାୟୀ ୨୦୨୬-୨୭ ଶିକ୍ଷା ବର୍ଷ ଠାରୁ ଜାତୀୟ ଶିକ୍ଷା ନୀତି ୨୦୨୦ ଅନୁରୂପ ଆର୍ଟିଫିସିଆଲ୍ ଇଣ୍ଟେଲିଜେନ୍ସ ଏବଂ କମ୍ପ୍ୟୁଟେସନାଲ୍ ଥିଙ୍କିଙ୍ଗ ପାଠ୍ୟକ୍ରମର ଶୁଭାରମ୍ଭ କରାଯିବ। ଏଥିପାଇଁ ଚଳିତ ବର୍ଷ ଡିସେମ୍ବର ସୁଦ୍ଧା ସମ୍ବଳ ସାମଗ୍ରୀ, ହ୍ୟାଣ୍ଡବୁକ, ଡିଜିଟାଲ ସମ୍ବଳ ବିକଶିତ କରାଯିବ। ଏଥିପାଇଁ ଅନୁଷ୍ଠିତ

**୨୦୨୬-୨୭ ଶିକ୍ଷା ବର୍ଷରୁ ଲାଗୁ**

ଏକ ବୈଠକରେ ସିବିଏସଇ, ଏନ୍‌ସିଇଆରଟି, କେନ୍ଦ୍ରୀୟ ବିଦ୍ୟାଳୟ ସଂଗଠନ ଏବଂ ନବୋଦୟ ବିଦ୍ୟାଳୟ ସଂଗଠନ ସମେତ ବିଶେଷଜ୍ଞ ଏବଂ ଅନ୍ୟ ଅଂଶୀଦାରମାନେ ଯୋଗଦେଇଥିଲେ। ଆର୍ଟିଫିସିଆଲ୍ ଇଣ୍ଟେଲିଜେନ୍ସ ଏବଂ କମ୍ପ୍ୟୁଟେସନାଲ୍ ଥିଙ୍କିଙ୍ଗ ପାଠ୍ୟକ୍ରମ ବିକଶିତ କରିବା ଲାଗି ଆଇଆଇଟି ମାଡ୍ରାସର ପ୍ରଫେସର କାର୍ତ୍ତିକ ରମଣଙ୍କ ଅଧ୍ୟକ୍ଷତାରେ ଏକ ବିଶେଷଜ୍ଞ କମିଟି ଗଠନ କରାଯାଇଛି। ବିଦ୍ୟାଳୟ ଶିକ୍ଷା ସଚିବ ସଞ୍ଜୟ କୁମାର କହିଛନ୍ତି, କୃତ୍ରିମ ବୁଦ୍ଧିମତ୍ତା ଶିକ୍ଷାକୁ ଆମ ଚାରିପାଖର ଦୁନିଆ ସହ ଜଡିତ ଏକ ମୌଳିକ ସାର୍ବଜନୀନ ଦକ୍ଷତା ଭାବରେ ବିବେଚନା କରାଯିବା ଉଚିତ । ନିଷ୍ଟାର ଶିକ୍ଷକ ତାଲିମ ମଡ୍ୟୁଲ୍ ଏବଂ ଭିଡିଓ-ଆଧାରିତ ଶିକ୍ଷା ସମ୍ବଳ ସମେତ ଶିକ୍ଷକ ତାଲିମ ଏବଂ ଶିକ୍ଷା-ଶିକ୍ଷଣ ସାମଗ୍ରୀ ପାଠ୍ୟକ୍ରମ କାର୍ଯ୍ୟକାରିତାର ଆଧାର ହେବ। ସୂଚନା ଏବଂ ପ୍ରଯୁକ୍ତିବିଦ୍ୟା ମନ୍ତ୍ରଣାଳୟର ଯୁଗ୍ମ ସଚିବ ପ୍ରାଚୀ ପାଣ୍ଡେ ପାଠ୍ୟକ୍ରମର ବିକାଶ ଏବଂ କାର୍ଯ୍ୟକାରିତା ଲାଗି ନିର୍ଦ୍ଧାରିତ ସମୟସୀମା ଅନୁସରଣ କରିବାକୁ ପରାମର୍ଶ ଦେଇଥିଲେ।

# ନୀରବିଗଲେ କବି ତଥା ରାଜନେତା ଶଙ୍କର ପରିଡ଼ା



**ପୁରୀ,୩୦।୧୦(ସମିସ):** ବିଶିଷ୍ଟ କବି ତଥା ପ୍ରବୀଣ ରାଜନେତା ଶଙ୍କର୍ଷଣ (ଶଙ୍କର) ପରିଡ଼ାଙ୍କ ୬୬ବର୍ଷ ବୟସରେ ପରଲୋକ ହୋଇଯାଇଛି। ସେ ଫୁସ୍‌ଫୁସ୍ ଜନିତ କ୍ୟାନ୍ସରରେ ପୀଡ଼ିତ ହୋଇ ଦୀର୍ଘଦିନ ଧରି ଚିକିତ୍ସିତ ହେଉଥିଲେ। ବମ୍ବେରେ ଚିକିତ୍ସିତ ହୋଇ ଭୁବନେଶ୍ୱର ଘରକୁ ଫେରିଥିଲେ। ମାତ୍ର ସ୍ୱାସ୍ଥ୍ୟାବସ୍ଥା ପୁଣି ବିଗିଡ଼ିବାରୁ ତାଙ୍କୁ କ୍ୟାପିଟାଲ ହସ୍ପିଟାଲ ଏବଂ ପରେ ମଙ୍ଗଳବାର ରାତିରେ ଏମ୍‌ସକୁ ସ୍ଥାନାନ୍ତର କରାଯାଇଥିଲା। ଭେଣ୍ଟିଲେଟର୍‌ରେ ଚିକିତ୍ସାଧୀନ ଥିବାବେଳେ ଗୁରୁବାର ତାଙ୍କର ପରଲୋକ ଘଟିଛି। ଭୁବନେଶ୍ୱରରୁ ତାଙ୍କ ମରଶରୀରକୁ ଏକ ବିରାଟ ଶୋଭାଯାତ୍ରାରେ ପ୍ରଥମେ ତାଙ୍କ ଜନ୍ମମାଟି ପୁରୀ ସଦର ବ୍ଲକ୍ ବାଲିପୁଟ ପଞ୍ଚାୟତ ମାର୍କଣ୍ଡପୁର ଗାଁକୁ ନିଆଯାଇଥିଲା। ସେଠାରୁ ପୁରୀ ବାସଭବନ 'ଇନ୍ଦ୍ରପ୍ରସ୍ଥ'କୁ ଅଣାଯାଇଥିଲା। ବହୁ ବିଶିଷ୍ଟ ବ୍ୟକ୍ତି ତାଙ୍କ ଶେଷ ଦର୍ଶନ କରିବା ପରେ ସ୍ୱର୍ଗଦ୍ୱାରରେ ଅନ୍ତିମ ସଂସ୍କାର କରାଯାଇଛି। ସାନଭାଇ ଗୋଲକ ପରିଡ଼ା ମୁଖାଗ୍ନି ଦେଇଥିବା ବେଳେ ପାଖରେ ୨ କନ୍ୟା ଉପସ୍ଥିତ ଥିଲେ। ଏହି ଅବସରରେ ବହୁ ବିଶିଷ୍ଟ ବ୍ୟକ୍ତି, ଶୁଭେଚ୍ଛୁ, ସମ୍ପର୍କୀୟ, ସାହିତ୍ୟିକ, କବି ସ୍ୱର୍ଗଦ୍ୱାରରେ ଉପସ୍ଥିତ ରହି ଶେଷ ଶ୍ରଦ୍ଧାଞ୍ଜଳି ଜଣାଇଥିଲେ।

ପୁରୀ ସଦର ବ୍ଲକ୍ ବାଲିପୁଟ ପଞ୍ଚାୟତ ମାର୍କଣ୍ଡପୁର ଗାଁରେ ୧୯୬୧ ମସିହାରେ ଜନ୍ମିତ ଶଙ୍କର ପୁରୀ ଏସ୍‌ସିଏସ୍ କଲେଜରୁ ବିଏ ପାସ୍ କରିଥିଲେ। ଏଜୁକେସନରେ ଏମ୍‌ଏ କରିଥିବା ଶଙ୍କର ଓଡ଼ିଶାର ଜଣେ ତରୁଣ କବି ଭାବେ ପରିଚୟ ସାଉଁଟିଥିଲେ। ସେ ଥିଲେ ଶବ୍ଦର କବି। ତାଙ୍କର ପ୍ରକାଶିତ କବିତା ପୁସ୍ତକ ମଧ୍ୟରେ 'ମାୟାମଞ୍ଚ', 'ଶବ୍ଦ ଦର୍ପଣ', 'ନିଜ ପାଇଁ ନାନାବାୟା ଗୀତ', 'ସମୟର ସ୍ୱରବର୍ଣ୍ଣ', 'ଚିତ୍ରାକ୍ଷର' ଏବଂ 'କବିତା କଣିକା' ଥିଲା ଅନ୍ୟତମ। କେବଳ କବିତାରେ ନୁହେଁ, ଜଣେ ରାଜନେତା ଭାବେ ସେ ବେଶ୍ ପରିଚୟ ସୃଷ୍ଟି କରିପାରିଥିଲେ। ବାଲିପୁଟ ପଞ୍ଚାୟତରୁ ନିର୍ଦ୍ୱନ୍ଦ୍ୱରେ ନିର୍ବାଚିତ ଜନପ୍ରତିନିଧି, ପୁରୀ ସଦର ବ୍ଲକ୍‌ର ପୂର୍ବତନ ଅଧ୍ୟକ୍ଷ, ପୁରୀ ଜିଲ୍ଲା ପରିଷଦର ପୂର୍ବତନ ଅଧ୍ୟକ୍ଷ, ରାଜ୍ୟ କତା ଶିଳ୍ପ ନିଗମର ପୂର୍ବତନ ଅଧ୍ୟକ୍ଷ, ଓଡ଼ିଶା ରାଜ୍ୟ ପଞ୍ଚାୟତ ପରିଷଦର ସଭାପତି ରହିଥିଲେ। ପଞ୍ଚାୟତିରାଜ ଉପରେ ଜାତୀୟସ୍ତରରେ ଏକଦା ସମସ୍ତଙ୍କ ଦୃଷ୍ଟି ଆକର୍ଷଣ କରିଥିବା ବିରାଟ ବ୍ୟକ୍ତିତ୍ୱ, ପ୍ରଚଣ୍ଡ ବାଗ୍ମୀ ପୁରୁଷ, ବିଶିଷ୍ଟ ସମାଲୋଚକ, ରାଜନୈତିକ ସମୀକ୍ଷକ ସ୍ୱର୍ଗତ ପରିଡ଼ା ସାମାଜିକ ଗଣମାଧ୍ୟମ ଜରିଆରେ ବ୍ୟାପକ ଜନସଚେତନତା ସୃଷ୍ଟି କରୁଥିଲେ। ୮ ବର୍ଷ ଧରି ରାଷ୍ଟ୍ରମନ୍ତ୍ରୀ ପାହ୍ୟାରେ ଅବସ୍ଥାପିତ ହୋଇ ସେବା ଦେଇଛନ୍ତି। ଓଡ଼ିଆ ଯୁବ ଲେଖକ ସମ୍ମିଳନୀର ସଭାପତି, ଅଭିନନ୍ଦନିକାର ଉପଦେଷ୍ଟା ଓ ଶ୍ରୀକ୍ଷେତ୍ର ପୁସ୍ତକ ମେଳାର ଉପଦେଷ୍ଟା ଭାର ତୁଲାଇଛନ୍ତି। ସେ ହିଁ ଏକମାତ୍ର ରାଜନେତା ଯାହାଙ୍କ ବିଜୟରେ ଖୁସି ହୋଇ ପୂର୍ବତନ ମୁଖ୍ୟମନ୍ତ୍ରୀ ପ୍ରବାଦ ପୁରୁଷ ବିଜୁ ପଟ୍ଟନାୟକ ତାଙ୍କୁ ୧ଲକ୍ଷ ଟଙ୍କାର ପୁରସ୍କାର ରାଶି ପ୍ରଦାନ କରିଥିଲେ। ଅକ୍ଟୋବର ୧୭ରେ ଶେଷ ଜନ୍ମଦିନ ହସ୍ପିଟାଲ ବେଡ୍‌ରେ ପାଳନ ବେଳେ ଲେଖିଥିଲେ ଶେଷ କବିତା 'ଆଜି ହାସ୍‌ପାତାଳରେ ଜନ୍ମଦିନ'।

ମରଶରୀର ନିକଟରେ ପତ୍ନୀ ଶୁଭ୍ରା ନାୟକ ପରିଡ଼ା, ଝିଅ ଶକ୍ତି ସ୍ୱରୂପା, ଶକ୍ତି ସମ୍ପନ୍ନାଙ୍କ ସମେତ ଅନ୍ୟ ପରିବାରବର୍ଗ ଉପସ୍ଥିତ ଥିଲେ। ରକ୍ଷକ ନାୟକ, ବଦ୍ରି ମିଶ୍ର, ଶ୍ୟାମପ୍ରକାଶ ସେନାପତି, ପବିତ୍ର ମୋହନ ଦାଶ, ଚିନ୍ମୟ ବିବେକ, ମଧୁସୂଦନ ମିଶ୍ର, ବୀରେନ୍ଦ୍ର ଭୂଷଣ ହୋତା, ଅଜୟ ପ୍ରଧାନ, ବ୍ରଜକିଶୋର ସାହୁ, ମାନମୟୀ ରଥ ପ୍ରମୁଖ ବହୁ ବିଶିଷ୍ଟ ବ୍ୟକ୍ତି ଶ୍ରଦ୍ଧାଞ୍ଜଳି ଅର୍ପଣ କରିଛନ୍ତି।

# ଲକ୍ଷ୍ମୀପୁରରେ ବାଘ ଆତଙ୍କ



**ଛତ୍ରପୁର,୩୦।୧୦(ସମିସ):** ଜଙ୍ଗଲ ଛାଡ଼ି ଜନବସତିମୁହାଁ ହୋଇଛି ବାଘ। ଗଞ୍ଜାମ ଜିଲ୍ଲା ଛତ୍ରପୁର ବ୍ଲକ ଅନ୍ତର୍ଗତ ଲକ୍ଷ୍ମୀପୁର ଗ୍ରାମର ଚାଷ ଜମିରେ ବାଘ ବୁଲୁଥିବା ଅଭିଯୋଗ ହୋଇଛି। ଗୁରୁବାର ସକାଳୁ ଗ୍ରାମର କିଛି ଲୋକ ମନ୍ଦିରରୁ ଫେରିବା ସମୟରେ ଚାଷ ଜମିରେ ବାଘ ବୁଲୁଥିବା ଦେଖି ପ୍ରଥମେ ଗ୍ରାମବାସୀଙ୍କୁ ଖବର ଦେଇଥିଲେ। ପରେ ଛତ୍ରପୁର ବନବିଭାଗକୁ ଖବର ଦିଆଯାଇଥିଲା। ଛତ୍ରପୁର ଫରେଷ୍ଟ ଅଫିସର୍ ବାବୁ ସେଠୀଙ୍କ ସମେତ ବନ ବିଭାଗ କର୍ମଚାରୀ ପହଞ୍ଚି ତଦନ୍ତ କରିବା ସହିତ ପାଦ ଚିହ୍ନ ଏବଂ ଲୋମ ଆଦି ସଂଗ୍ରହ କରିଛନ୍ତି। ଏହା ସହ ପାଦ ଚିହ୍ନକୁ ମଧ୍ୟ ଏକ ସ୍କେଲ ଯୋଗେ ମପାଯାଇଛି। ତେବେ ପ୍ରକୃତରେ ବାଘ ନା ଆଉ କେଉଁ ବନ୍ୟଜନ୍ତୁ, ତାକୁ ନେଇ ତଦନ୍ତ ଜାରି ରଖାଯାଇଥିବା ଫରେଷ୍ଟ ଅଫିସର ଶ୍ରୀ ସେଠୀ କହିଛନ୍ତି। ଅନ୍ୟପଟେ ଗ୍ରାମରେ ଦୁଇ ଦିନ ଧରି ବାଘ ଆତଙ୍କ ଲାଗି ରହିଥିବା ବେଳେ ଗ୍ରାମର ଛେଳି, କୁକୁଡ଼ା ଆଦିକୁ ଖାଇ ଦେଉଥିବା ଅଭିଯୋଗ କରିଛନ୍ତି ଗ୍ରାମବାସୀ। ଉକ୍ତ ରାସ୍ତାଟି ମୁଖ୍ୟ ରାସ୍ତା ହୋଇଥିବାରୁ ଲୋକେ ରୀତିମତ ସେହି ରାସ୍ତା ଦେଇ ଯିବା ଆସିବା କରୁଛନ୍ତି। ଏଣୁ ଏହାର ତଦନ୍ତ କରି ବାଘକୁ ଘଉଡ଼ାଇବା ପାଇଁ ଦାବି ହୋଇଛି।

# ପୋଲରୁ ଖସି ଗାର୍ଡୱାଲରେ ଲାଖିଲା ବସ୍



**କୋଣାର୍କ, ୩୦।୧୦ (ସମିସ):** ଗୁରୁବାର କୋଣାର୍କ ଥାନା ଅନ୍ତର୍ଗତ କାଦୁଆ ପଞ୍ଚାୟତ ସନ୍ତରସମା ବ୍ରିଜ୍‌ପାର୍ଶ୍ୱରେ ଏକ 'ମୁଖ୍ୟମନ୍ତ୍ରୀ ବସ୍' ଭାରସାମ୍ୟ ହରାଇ ଖସି ପଡ଼ିଥିଲା। ତେବେ ସୌଭାଗ୍ୟକୁ ନଦୀର ଗାର୍ଡୱାଲ୍‌ରେ ବସ୍‌ଟି ଅଟକିଯିବାରୁ ୧୪ ଜଣ ଯାତ୍ରୀ ଅଳ୍ପକେ ବର୍ତ୍ତିଯାଇଛନ୍ତି।

କାକଟପୁରରୁ କୋଣାର୍କ ଅଭିମୁଖେ ୧୪ଜଣ ଯାତ୍ରୀଙ୍କୁ ନେଇ 'ମୁଖ୍ୟମନ୍ତ୍ରୀ ବସ୍' ବାହାରିଥିଲା। ବ୍ରିଜ୍ ପାର୍ଶ୍ୱରେ ବସ୍‌ଟି ଭାରସାମ୍ୟ ହରାଇ ଖସି ପଡ଼ିଥିଲା। କିନ୍ତୁ ନଦୀର ଗାର୍ଡୱାଲ୍‌ରେ ବସ୍‌ଟି ଅଟକିଯାଇଥିଲା। ଫଳରେ ୫ ମହିଳାଙ୍କ ସମେତ ୧୪ଜଣ ଯାତ୍ରୀ ଅଳ୍ପକେ ବର୍ତ୍ତିଯାଇଛନ୍ତି। ସ୍ଥାନୀୟ ଲୋକେ ସେମାନଙ୍କୁ ଉଦ୍ଧାର କରିଥିଲେ। ବସ୍‌ର ଷ୍ଟିୟରିଂ କଟିଯିବାରୁ ଏହି ଅଘଟଣ ଘଟିଥିବା କୁହାଯାଉଛି। ଅନ୍ୟପକ୍ଷରେ ଅଣଓସାରିଆ ରାସ୍ତାରେ ଦ୍ରୁତଗତିରେ ଗାଡ଼ି ଚାଳନା ଯୋଗୁଁ ଏଭଳି ଦୁର୍ଘଟଣା ଘଟିଥିବା ସ୍ଥାନୀୟ ଲୋକେ ଅଭିଯୋଗ କରିଛନ୍ତି। ରାସ୍ତାର ଉଭୟ ପାର୍ଶ୍ୱରେ ଅନାବନା ଗଛ ରାସ୍ତା ଉପରକୁ ମାଡ଼ି ଆସିଥିବାରୁ ବାରମ୍ବାର ଛୋଟବଡ଼ ଦୁର୍ଘଟଣା ଘଟୁଛି।

## ପ୍ରଥମ ପୃଷ୍ଠାର ଅବଶିଷ୍ଟାଂଶ...

### ଜେଲ୍ ଜଗିବେ...

ପୂରିବାକୁ ଯାଉଛି। ଦୁଇ କୁଖ୍ୟାତ ବିହାରୀ ଅପରାଧୀ ରାଜା ସାହାଣୀ ଓ ମଧୁକାନ୍ତ କୁମାରଙ୍କର ପତ୍ତା ପୁଲିସ ପାଇନାହିଁ। ଏପରିକି ଏହି ଫେରାର୍ ଘଟଣା ପଛରେ କୁଖ୍ୟାତ ଅପରାଧୀ ସୁବ୍ରତ ସିଂହ ସହ ରାଜ୍ୟର କିଛି ଜେଲ୍ କର୍ମଚାରୀଙ୍କ ବୁଝାମଣା ଅଭିଯୋଗର ତଦନ୍ତ ହୋଇନାହିଁ। ସେହିପରି କିଛି ଦିନ ତଳେ ସୋର ଜେଲରୁ ଜଣେ ଚକମା ଦେଇ ଖସି ଯାଇଥିବାବେଳେ ଚୌଦ୍ୱାର ଜେଲରେ ଗୋଷ୍ଠୀ ସଂଘର୍ଷ, ନୟାଗଡ଼ ଜେଲରେ ବନ୍ଦୀମାନଙ୍କ ମଧ୍ୟରେ ମୁହାଁମୁହିଁ ଘଟଣା ଜେଲସୁରକ୍ଷାକୁ ନେଇ ପ୍ରଶ୍ନବାଚୀ ସୃଷ୍ଟି କରିଛି। ତେଣୁ ନିଜ ଛବି ସୁଧାରିବାକୁ ଜେଲ୍ ବିଭାଗ ହୋମ୍‌ଗାର୍ଡ଼ମାନଙ୍କୁ ଜେଲରେ ନିଯୁକ୍ତି ଦେବାକୁ ଯୋଜନା କରିଛି। ମାତ୍ର ଏହାପରେ ଯଦି କୌଣସି ଜେଲରୁ କଏଦୀ ବା ଅପରାଧୀ ଫେରାର ହୁଅନ୍ତି; ସେଥିପାଇଁ ଉତ୍ତରଦାୟୀ କିଏ ହେବ ? ଜେଲ୍‌ରେ ନିଯୁକ୍ତ ହୋମ୍‌ଗାର୍ଡ଼ ନା ଜେଲ୍ ବିଭାଗ ଅଧିକାରୀ ? ଏ ସମ୍ପର୍କରେ ଜେଲ୍ ବିଭାଗ ପକ୍ଷରୁ କୌଣସି ନିର୍ଦ୍ଦେଶନାମା ପ୍ରକାଶ ପାଇନାହିଁ।

### ଖଣି ପଟ୍ଟାଦାରଙ୍କ...

ପର୍ଯ୍ୟନ୍ତ ସମ୍ପୂର୍ଣ୍ଣ କ୍ଷତିପୂରଣ ରାଶି ଆଦାୟ ହୋଇପାରି ନ ଥିବାରୁ ଏ ସଂକ୍ରାନ୍ତରେ ସୁପ୍ରିମକୋର୍ଟଙ୍କ ଦ୍ୱାରସ୍ଥ ହୋଇଥିଲା। ଯାହାକୁ ନେଇ ସୁପ୍ରିମକୋର୍ଟ ଅସନ୍ତୋଷ ପ୍ରକାଶ କରିଛନ୍ତି। ଅପରପକ୍ଷେ ଓଡ଼ିଶା ପକ୍ଷରୁ ମାମଲା ପରିଚାଳନା କରୁଥିବା ଏଜି ପୀତାମ୍ବର ଆଚାର୍ଯ୍ୟ ତୁରନ୍ତ ସୁଧାରମୂଳକ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯିବ ବୋଲି ସର୍ବୋଚ୍ଚ ଅଦାଲତଙ୍କୁ ଜଣାଇଥିଲେ। ସେ ବ୍ୟକ୍ତିଗତ ଭାବରେ ଏନେଇ ମୁଖ୍ୟ ଶାସନ ସଚିବଙ୍କ ସହ ଆଲୋଚନା କରିବେ ଏବଂ ଯେଉଁ ଆଇନଗତ ପଦକ୍ଷେପ ଆବଶ୍ୟକ, ତାହା ଗ୍ରହଣ କରାଯିବ ବୋଲି ଶ୍ରୀ ଆଚାର୍ଯ୍ୟ ଖଣ୍ଡପୀଠଙ୍କୁ ଅବଗତ କରିବା ପରେ ସୁପ୍ରିମକୋର୍ଟ ପରବର୍ତ୍ତୀ ଶୁଣାଣି ପାଇଁ ୮ ସପ୍ତାହ ସମୟ ଦେଇଛନ୍ତି। ଆସନ୍ତା ଡିସେମ୍ବର ୩ ତାରିଖରେ ମାମଲାର ପରବର୍ତ୍ତୀ ଶୁଣାଣି କରାଯିବାକୁ ନେଇ ତାରିଖ ଧାର୍ଯ୍ୟ ହୋଇଛି।

### ଜଷ୍ଟିସ୍ ସୂର୍ଯ୍ୟକାନ୍ତ...

୨୦ ବର୍ଷର କାର୍ଯ୍ୟକାଳରେ ଜଷ୍ଟିସ ସୂର୍ଯ୍ୟକାନ୍ତ ଏକାଧିକ ମାମଲାରେ ଐତିହାସିକ ରାୟ ଶୁଣାଇଛନ୍ତି। ପେଗାସସ୍ ଗୁପ୍ତଚର ମାମଲାର ବିଚାର କରିଥିବା ଖଣ୍ଡପୀଠରେ ସେ ସଭ୍ୟ ଥିଲେ। ସେ ସାଇବର ବିଶେଷଜ୍ଞଙ୍କ କମିଟି ଗଠନ କରି ଏହି ମାମଲାର ଯାଞ୍ଚ କରିବାକୁ ନିର୍ଦ୍ଦେଶ ଦେଇଥିଲେ। ସେ ହରିୟାଣାର ପ୍ରଥମ ବ୍ୟକ୍ତି ଭାବେ ପ୍ରଧାନ ବିଚାରପତି ଭାବେ ନିଯୁକ୍ତି ପାଇଛନ୍ତି। ସେ ବିହାର ଏସ୍‌ଆଇଆର୍ ମାମଲରେ ମଧ୍ୟ ଶୁଣାଣି କରିଥିଲେ। ସୂଚନାଯୋଗ୍ୟ ଯେ ମାଟ୍ରିକ ପରୀକ୍ଷା ଦେବାକୁ ଯିବା ବେଳେ ସେ ପ୍ରଥମଥର ପାଇଁ ସହର ଦେଖିଥିଲେ।

### ଆଣବିକ ଗବେଷଣା...

ହୋଇଥିବା ପରମାଣୁ ତଥ୍ୟ ଓ ସମ୍ବେଦନଶୀଳ କାଗଜପତ୍ର ଏହି ନେଟ୍‌ୱର୍କକୁ ସେ ବିକ୍ରି କରିବାକୁ ଚେଷ୍ଟା କରୁଥିବା ସନ୍ଦେହ କରାଯାଉଛି। ଅଖତାର କୁତ୍‌ବୁଦ୍ଦିନ ଗତ କିଛିବର୍ଷ ହେବ ଭିନ୍ନ ଭିନ୍ନ ନାମରେ ନିଜର ପରିଚୟ ସୃଷ୍ଟି କରୁଥିଲା। ।

### ନବୀନଙ୍କ ଇଙ୍ଗିତ...

ରୋଡ୍ ପର୍ଯ୍ୟନ୍ତ ନବୀନଙ୍କ ଶୋଭାଯାତ୍ରା ପୂର୍ବରୁ ତାଙ୍କର ଟ୍ୱିଟ୍ ଦଳୀୟ କର୍ମୀ ଓ କର୍ମକର୍ତ୍ତାଙ୍କୁ ପୂରା ଉତ୍ସାହିତ କରିଛି। ନବୀନଙ୍କ ଏହି ଗସ୍ତ ସବୁ ରାଜନୈତିକ ସମୀକରଣକୁ ବଦଳାଇଦେବ ବୋଲି ରାଜନୈତିକ ସମୀକ୍ଷକମାନେ ମତବ୍ୟକ୍ତ କରିଛନ୍ତି। ଦଳୀୟ ପ୍ରାର୍ଥୀ ରୂପେ ସ୍ନେହାଙ୍ଗିନୀଙ୍କୁ ମନୋନୀତ କରି ନବୀନଙ୍କ ନିଷ୍ପତ୍ତି ବିରୋଧୀଙ୍କୁ ଚକିତ କରିଥିଲା। ସେହିପରି ଦଳର ରଣନୀତିକୁ କାର୍ଯ୍ୟକାରୀ କରିବାକୁ ପଶ୍ଚିମ ଓଡ଼ିଶାର ଦମଦାର ନେତାମାନଙ୍କୁ ପ୍ରଚାର ଏବଂ ନିର୍ବାଚନ ଦାୟିତ୍ୱ ନ୍ୟସ୍ତ କରିଛନ୍ତି। ବିଶେଷକରି ପଞ୍ଚାୟତଠାରୁ ଆରମ୍ଭ କରି ବ୍ଲକ, ଏନ୍‌ଏସିଯାଏଁ ନିର୍ଦ୍ଦିଷ୍ଟ ନେତାଙ୍କୁ ନିର୍ଦ୍ଦିଷ୍ଟ ଦାୟିତ୍ୱ ପ୍ରଦାନ କରାଯାଇଛି। ନୂଆପଡ଼ା ରାଜନୀତି ପାଣିପାଗକୁ ମାପି ନବୀନ ପ୍ରଥମେ ଷ୍ଟିୟରିଂ କମିଟି, ଜୋନାଲ କମିଟି ଏବଂ ଲୋକାଲ ଆକ୍ସନ କମିଟି କରିଥିଲେ। ଏହାପରେ ପରେ ଦଳର ଆଗଧାଡ଼ିର ନେତାଙ୍କୁ ବିଭିନ୍ନ ଦାୟିତ୍ୱ ନ୍ୟସ୍ତ କରିଥିବା ବେଳେ ଦଳ ସୁଚିନ୍ତିତ ଢଙ୍ଗରେ ନିଜର ପ୍ରଚାର କାର୍ଯ୍ୟକ୍ରମକୁ ଜାରି ରଖିଛି। ବଡ଼ ବଡ଼ ସଭା ବଦଳରେ ଦଳୀୟ ନେତାମାନେ ଗୋଟିଏ ଦିନରେ ପ୍ରାୟ ୨୦ରୁ ଅଧିକ ସଭା କରୁଛନ୍ତି। ଏପରିକି ବିଜେଡିର ଜଣେ ନେତାଙ୍କୁ ଜଗିବା ପାଇଁ ଶାସକ ବିଜେପି ୩ ଜଣଙ୍କୁ ଲଗାଇଥବା ନେଇ ସ୍ଥାନୀୟ ଅଞ୍ଚଳର ରାଜନୈତିକ ବିଶେଷଜ୍ଞ ମତପ୍ରକାଶ କରିଛନ୍ତି। ସେହିପରି ନିଜେ ପ୍ରାର୍ଥୀ ସ୍ନେହାଙ୍ଗିନୀ ଏକାଧିକ ସ୍ଥାନରେ ପଦଯାତ୍ରା କରି ନିଜ ପାଇଁ ଭୋଟ ମାଗୁଛନ୍ତି। ଏପଟେ ନବୀନ ଦଳରୁ ଦୂରେଇ ରହିଥିବା ଟାଣୁଆ ନେତାଙ୍କୁ ପୁଣିଥରେ ଦଳକୁ ଫେରାଇ ଦଳର ଶକ୍ତି ବୃଦ୍ଧି କରିଛନ୍ତି।

ସ୍ଥାନୀୟ ଅଞ୍ଚଳରେ ଦଳର ଟାଣୁଆ ନେତା ଭାନୁପ୍ରତାପ ସିଂହ ପ୍ରତ୍ୟକ୍ଷ ଭାବରେ ପ୍ରଚାରରେ ନିଜକୁ ସାମିଲ କରିଛନ୍ତି ଓ ସ୍ନେହାଙ୍ଗିନୀଙ୍କୁ ନୂଆପଡ଼ା ରାଜନୀତିର ସବୁ ଦାଓପେଞ୍ଚ ସମ୍ପର୍କରେ ଅବଗତ କରିଛନ୍ତି। ରାଜନୈତିକ ପର୍ଯ୍ୟବେକ୍ଷକଙ୍କ ମତରେ କ୍ଷମତାରେ ନ ଥିଲେ ବି ନୂଆପଡ଼ାରେ ନବୀନଙ୍କର ସ୍ୱତନ୍ତ୍ର କ୍ରେଜ ରହିଛି। ନୂଆପଡ଼ା ଜିଲ୍ଲାରେ ଯାହା କିଛି ବିକାଶ ହୋଇଛି, ତାହା ନବୀନଙ୍କ ସମୟରେ ହିଁ ହୋଇଛି। ନବୀନ ନିଜେ ପ୍ରଚାର ମଞ୍ଚ ଧରିଲେ ଏହାର ପ୍ରଭାବ ନିଶ୍ଚୟ ଅନୁଭୂତ ହେବ ବୋଲି ବିରୋଧୀ ଦଳର ସମର୍ଥକମାନେ ମଧ୍ୟ ମତ ଦେଉଛନ୍ତି। ନବୀନ ପ୍ରଚାର ମଇଦାନକୁ ଓହ୍ଲାଇବା ପରେ ନୂଆପଡ଼ା ପ୍ରଚାର ରାଜନୀତି ଆହୁରି ଉଷ୍ମତା ଧରିବ ବୋଲି ଏବେ ସାଧାରଣରେ ମତପ୍ରକାଶ ପାଉଛି।

### ଅଷ୍ଟ୍ରେଲିଆକୁ ହରାଇ...

ହାସଲ କରି ଭାରତ ବିଶ୍ୱ ରେକର୍ଡର ଅଧିକାରୀ ହୋଇଛି। ଚଳିତ ବିଶ୍ୱକପର ଲିଗ୍ ପର୍ଯ୍ୟାୟରେ ଭାରତ ବିପକ୍ଷରେ ଅଷ୍ଟ୍ରେଲିଆ ୩୩୧ ରନର ଲକ୍ଷ୍ୟକୁ ହାସଲ କରିଥିଲା। ଏଥିସହ ଭାରତ ତୃତୀୟଥର ଲାଗି ବିଶ୍ୱକପ୍ ଫାଇନାଲରେ ପହଞ୍ଚିଛି।

### ଜେଲ୍‌ରୁ ମୁକୁଳିଲେ...

କେସ୍ ଡାଏରୀ ଦାଖଲ କରିଥିଲେ। କିନ୍ତୁ ଜାମିନ ଆବେଦନର ଶୁଣାଣି ବେଳେ କ୍ରାଇମବ୍ରାଞ୍ଚ ଗିରଫ ୧୧୪ଜଣ ଆଶାୟୀ ଛାତ୍ରଛାତ୍ରୀଙ୍କ ବିରୋଧରେ ଆବଶ୍ୟକ ତଥ୍ୟ ପ୍ରମାଣ କୋର୍ଟରେ ଉପସ୍ଥାପନ କରିବାରେ ବିଫଳ ହୋଇଥିଲା। ଫଳରେ କୋର୍ଟ ସମସ୍ତ ୧୧୪ଜଣ ଆଶାୟୀ ଛାତ୍ରଛାତ୍ରୀଙ୍କୁ ସର୍ତ୍ତମୂଳକ ଜାମିନ ପ୍ରଦାନ କରିଥିଲେ। ଅନ୍ୟପକ୍ଷରେ କୌଣସି ଭୁଲ୍ ନକରି ପିଲାଙ୍କୁ ଜେଲ୍ ଯିବାକୁ ପଡ଼ିଛି। ସେମାନେ ସାର୍ଟିଫିକେଟ୍ କିମ୍ବା ଟଙ୍କା ମଧ୍ୟ ଦେଇନାହାନ୍ତି। ରାକେଟ ଚଳାଉଥିବା ଦଲାଲ୍‌ଙ୍କୁ ଛାଡ଼ି ପୁଲିସ ଆଶାୟୀ ପରୀକ୍ଷାର୍ଥୀଙ୍କୁ ଗିରଫ କରିଥିବା ବେଳେ ସେମାନଙ୍କ ବିରୁଦ୍ଧରେ କୌଣସି ଠୋସ୍ ପ୍ରମାଣ ମଧ୍ୟ ଯୋଗାଡ଼ କରିପାରିନାହିଁ। ତେଣୁ କୋର୍ଟରେ କ୍ରାଇମବ୍ରାଞ୍ଚ ପ୍ରମାଣ ଦାଖଲ କରିପାରିଲା ନାହିଁ। ନିରୀହ ଛାତ୍ରଛାତ୍ରୀଙ୍କ ଅପେକ୍ଷା ପ୍ରକୃତ ଦଲାଲଙ୍କୁ ପୁଲିସ ଗିରଫ କରୁ ବୋଲି ଅଭିଭାବକମାନେ ଦାବି କରିଛନ୍ତି। ପୁଲିସ ଏସ୍‌ଆଇ କେଳେଙ୍କାରୀ ମାମଲାର ତଦନ୍ତ ପ୍ରଥମେ ପୁଲିସ ଓ ପରେ କ୍ରାଇମବ୍ରାଞ୍ଚ କରୁଥିବା ବେଳେ ଘଟଣାର ତଦନ୍ତଭାର ବର୍ତ୍ତମାନ ସିବିଆଇକୁ ଦିଆଯାଇଛି। ଖୁବଶୀଘ୍ର ସିବିଆଇ ପରୀକ୍ଷାର୍ଥୀଙ୍କୁ ପଚରାଉଚରା କରିବ। ଏହି ଚାକିରି ବିକ୍ରି ଘଟଣାରେ ୧୨୩ ଜଣଙ୍କ ମଧ୍ୟରେ ୯ ଜଣ ଦଲାଲ ସାମିଲ ଅଛନ୍ତି। ଜାମିନ ଆବେଦନ କରିଥିବା ୧୨୧ଜଣଙ୍କ ମଧ୍ୟରୁ ୧୧୪ଜଣ ଚାକିରି ଆଶାୟୀ ଥିବାବେଳେ ଅବଶିଷ୍ଟ ୭ଜଣ ଦଲାଲ୍ ଥିଲେ। ଜାମିନ ଆବେଦନ କରିଥିବା ୭ଜଣ ଦଲାଲଙ୍କ ଆବେଦନ ଖାରଜ ହୋଇଯାଇଛି। ଗିରଫ ଦୁଇ ଦଲାଲ ବିଶ୍ୱଜିତ ହରିଚନ୍ଦନ ଓ ତଫିନ୍ ଅହମ୍ମଦ ଖାନ୍ କୌଣସି କାରଣରୁ ଜାମିନ ଆବେଦନ କରି ନ ଥିବା ସରକାରୀ ଓକିଲ ରଜତ କୁମାର ଦାଶ ସୂଚନା ଦେଇଛନ୍ତି।

### ଗୋଟିଏ ଦେଶ...

ସୂଚନାଯୋଗ୍ୟ ଯେ ୨୦୨୨ ଅକଟୋବରରେ ରାଜ୍ୟ ଗୃହ ବିଭାଗ ସଚିବମାନଙ୍କର ଚିନ୍ତନ ଶିବିରରେ ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀ ପ୍ରଥମେ ଏହି ପ୍ରସ୍ତାବ ଦେଇଥିଲେ। ଏହାପରେ ୨୦୨୩ରେ କେନ୍ଦ୍ର ସ୍ୱରାଷ୍ଟ୍ର ବିଭାଗ ସମସ୍ତ ରାଜ୍ୟ ଓ କେନ୍ଦ୍ର ଶାସିତ ଅଞ୍ଚଳ ସରକାରଙ୍କୁ ଚିଠି ଲେଖି ମତାମତ ଲୋଡ଼ିଥିଲା। ଦେଶବ୍ୟାପୀ ପୁଲିସ କର୍ମଚାରୀଙ୍କ ପରିଚୟ, ଦାୟିତ୍ୱବୋଧ ଓ ଦକ୍ଷତା ବୃଦ୍ଧି ଉଦ୍ଦେଶ୍ୟରେ ଏହା ଜରୁରୀ ବୋଲି ପ୍ରଧାନମନ୍ତ୍ରୀ କହିଥିଲେ।

### ଜୀବନ ନେଉଛି...

ଫଳରେ ଏଭଳି ଅଘଟଣ ଘଟିଛି। ଅଗ୍ନିଶମ ବିଭାଗ ସୂଚନା ଅନୁସାରେ, ଗତ ୧୬ ତାରିଖରେ ଭୁବନେଶ୍ୱରରେ ରହୁଥିବା କେନ୍ଦୁପାଟଣା ଅଞ୍ଚଳର ଶିଶିକାନ୍ତ ସାହୁ(୩୭) ନିଜ କାର୍ ଆସି ମୁଣ୍ଡଳୀବ୍ରିଜ୍ ଉପରେ ମହାନଦୀକୁ ଡେଇଁ ପଡ଼ିଥିଲେ। ୩ଦିନ ପରେ ତାଙ୍କ ମୃତ ଉଦ୍ଧାର କରାଯାଇଥିଲା। ଗତ ୧୭ ତାରିଖ ରାତିରେ ଗୋପାଳପୁର ନିକଟ କାଠଯୋଡ଼ି ବ୍ରିଜ୍ ଉପରେ ଅଶୁରେଶ୍ୱର ଅଞ୍ଚଳର ଅବିନାଶ ମହାପାତ୍ର(୩୩) ନଦୀକୁ ଡେଇଁ ପଡ଼ିଥିଲେ। ନଦୀରେ ପାଣି କମ୍ ଥିବାରୁ ତାଙ୍କୁ ଅଗ୍ନିଶମ କର୍ମଚାରୀ ଉଦ୍ଧାର କରିବାରେ ସଫଳ ହୋଇଥିଲେ। ଗତ ୨୩ ତାରିଖରେ ଜଗତପୁର ଥାନା ଅଞ୍ଚଳରେ ଶିବାନୀ ମଲ୍ଲିକ(୨୫) ଯୋବ୍ରା ବ୍ରିଜ୍ ଉପରୁ ଡେଇଁ ଆତ୍ମହତ୍ୟା କରିଥିଲେ। ତାଙ୍କ ମୃତଦେହକୁ ୨୪ ତାରିଖ ପୂର୍ବାହ୍ନରେ ଚିତ୍ରୋତ୍ପଳା ନଦୀରୁ ଉଦ୍ଧାର କରାଯାଇଥିଲା। ଗତ ୨୭ ତାରିଖରେ ବକ୍ସିବଜାର ଅଞ୍ଚଳର ମହେଶ୍ୱରୀ ପାଣ୍ଡେ(୩୬) ଯୋବ୍ରା ବ୍ୟାରେଜ୍ ଉପରେ ସ୍କୁଟି ରଖି ନଦୀକୁ ଡେଇଁଥିଲେ। ତାଙ୍କୁ ଜୀବିତ ଅବସ୍ଥାରେ ଉଦ୍ଧାର କରାଯାଇଥିଲା। ଆଜି ନଦୀରେ ଜଣେ ନାବାଳକ ଗାଧେଇବା ଅବସ୍ଥାରେ ବୁଡ଼ି ଯାଇଛି। ମୋଟ୍ ୧୫ଦିନ ମଧ୍ୟରେ ୫ଜଣ ନଦୀରେ ବୁଡ଼ି ଯାଇଥିବା ବେଳେ ୨ଜଣଙ୍କୁ ଉଦ୍ଧାର କରାଯାଇଛି। ସେହିପରି ଗତବର୍ଷ ୩୯ ଜଣ ମହାନଦୀ ଓ କାଠଯୋଡ଼ିରେ ବୁଡ଼ି ଯାଇଥିବା ବେଳେ ସେମାନଙ୍କ ମଧ୍ୟରୁ ୨୭ ଜଣଙ୍କ ମୃତ୍ୟୁ ଘଟିଥିଲା।

ଗତବର୍ଷ ନଦୀକୁ ଡେଇଁ ଆତ୍ମହତ୍ୟା କରିବା ଓ ନଦୀରେ ବୁଡ଼ିଯିବା ଘଟଣାକୁ ଲକ୍ଷ୍ୟ ରଖି ବ୍ରିଜ୍ ବାଡ଼ରେ ୬ଫୁଟ୍ ଉଚ୍ଚତାର ତାରଜାଲି ଲଗାଯିବା ଯୋଜନା କରାଯାଇଥିଲା। ବ୍ରିଜ୍ ମଧ୍ୟରେ ସିସି କ୍ୟାମେରା ଲଗାଯିବା ସହିତ ପୁଲିସ ପାଟ୍ରୋଲିଂକୁ କଡ଼ାକଡ଼ି କରାଯିବ ବୋଲି ବି କୁହାଯାଇଥିଲା। କଟକ ସହରରେ ଥିବା ସମସ୍ତ ବ୍ରିଜ୍‌ରେ ଆତ୍ମହତ୍ୟାନିରୋଧ ବିକଳ୍ପ ବ୍ୟବସ୍ଥା କରାଯିବାକୁ ଉଭୟ ଜିଲ୍ଲା ପ୍ରଶାସନ, ମହାନଗର ନିଗମ, ଜଳସମ୍ପଦ ବିଭାଗ ମିଳିତ ଭାବେ ପ୍ରକ୍ରିୟା ଆରମ୍ଭ କରିଥିଲା। ମୁଣ୍ଡଳୀ, ନରାଜ, ସୁଭାଷ ସେତୁ, ମଧୁ ସେତୁ ଓ ଜାତୀୟ ରାଜପଥରେ ମହାନଦୀ ଓ କାଠଯୋଡ଼ିରେ ଥିବା ସେତୁରେ ତାରଜାଲି ଲଗାଯିବାକୁ ସମସ୍ତ ପୂର୍ବପ୍ରସ୍ତୁତି ହୋଇଥିଲା। ଏହା ଭିତରେ ୧ ବର୍ଷ ବିତିଯାଇଛି। ଚିହ୍ନଟ ସ୍ଥାନରେ ସିସି କ୍ୟାମେରା ଲଗାଯିବା ତ ଦୂରର କଥା ତାର ଜାଲି ଲଗାଯାଇ ପାରିନାହିଁ। ଏହା ଉପରେ ତୁରନ୍ତ ଦୃଷ୍ଟି ଦେବାକୁ ବିଭିନ୍ନ ମହଲରେ ଦାବି ଉଠିଛି।


**NOTICE**

By virtue of an affidavit sworn before the Notary Public, Cuttack, dated 28.10.2025, I, Chanda Murmu, aged about 33 years, W/o Bhuktu Marndi, resident of At-Nusadihi, Badada, PS-Rairangpur, Dist-Mayurbhanj, Odisha, Pin-757043, have changed my son's name from Piru Marandi to Piru Marndi. Henceforth, he shall be known as Piru Marndi for all purposes.

Chanda Murmu

**NOTICE**

By virtue of an affidavit sworn before the Notary Public, Sunabeda dated 27/10/2025 I, Sri Raghu Guntha, S/o-Chaitan Guntha, Vill.-Badaput, Po.- Semala, Ps.-Nandapur, District- Koraput, Odisha declare that, I have changed my son's name from **Parshu Guntha** to **Porsuram Guntha**. Henceforth, my son shall be known as **Porsuram Guntha** for all purposes.

Sd/- Raghu Guntha

**AFFIDAVIT**

By virtue of an affidavit sworn before the Executive Magistrate, Padampur, I, Yashraj Gupta, At-Padampur W.No.1, Po-Rajborasambar, Ps-Padampur, Dist-Bargarh, Odisha-768036 have changed my name from S. Rajkumar Gupta to Yashraj Gupta. Henceforth I shall be known as Yashraj Gupta for all purposes.

Sd/- Yashraj Gupta

**PUJA OFFER SALE**

Book Now 2/3 BHK Flats Price Starts from 72 Lakhs Gadhwal Heights, Goutam Nagar, Gadhwal Grand 4, Jagamara, Gadhwal SB Homes, Ghatikia, Bhpl Krishna, Bharatpur, Bhpl Rudra, Ghatikia, Ready to move RJ Palace, Samantarapur, Bhubaneswar. Contact Gadhwal Group.

**9437015112**

**AFFIDAVIT**

By virtue of an affidavit executed by Executive Magistrate . Athgarh on Dtd.27 . 10 .2025. I Govinda Sundi S/O Turi Sundi of Village..Orda .P/O.. Gobara P/S.. Gurudijhatia Dist. Cuttack declare that my actual name is Gobinda Sundi but in my Adharcard it was wrongly mentioned as bhuGobind Sundi instead of Gobinda Sundi. Henceforth I Shall be known as Gobinda Sundi in all purpose.

Sd/- Gobinda Sundi

**AFFIDAVIT**

By virtue of an affidavit sworn before the Executive Magistrate, Bhawanipatna, Kalahandi, I, Ashutosh Purohit, Village/Po-Kaudola, Ps- Ampani, Dist-Kalahandi, Odisha, Pin-766019, do hereby that my minor son's correct name is SRINIBAS PUROHIT, but in his Aadhaar wrongly mentioned as SRINIBASH PUROHIT. That both the names are same and one person.

Sd/- Ashutosh Purohit

**ପୂର୍ବ ତଟ ରେଳପଥ**

ଇ-ଟେଣ୍ଡର ବିଜ୍ଞପ୍ତି ସଂ. SNTPBBS-122025-OFC

**କାର୍ଯ୍ୟର ନାମ :** ପୂର୍ବ ତଟ ରେଳପଥର ଖୋର୍ଦ୍ଧା ରୋଡ଼ ମଣ୍ଡଳର ଝାରସୁଗୁଡ଼ା ରୋଡ଼(RD)-ସିଙ୍ଗାପୁର ରୋଡ଼(RD) ଜଂକ୍ସନ(Ex), ଲାଖୋଲି(Ex) - ଟିଟିଲାଗଡ଼ ଏବଂ ସମ୍ବଲପୁର ଜଂକ୍ସନ - କେରେଜଙ୍ଗା(Ex) ସେକ୍ସନରେ କବଚ ଏବଂ LTE ନିମନ୍ତେ ଯୋଗାଯୋଗ ବ୍ୟାକ୍‌ବୋନ୍ ଭାବେ ଅପ୍ଟିକାଲ ଫାଇବର କେବୁଲର ଯୋଗାଣ, ପରିବହନ, ଗର୍ତ୍ତ ଖନନ, ବିଛାଇବା, ସଂସ୍ଥାପନ, ପରୀକ୍ଷଣ ଏବଂ ପ୍ରଚଳନ।

**ଆନୁମାନିକ ମୂଲ୍ୟ (₹) :** 33,90,01,238/-, EMD (₹) : 18,45,000/-, କାର୍ଯ୍ୟ ଶେଷ ହେବା ଅବଧି : 18 (ଅଠର) ମାସ।

**ଟେଣ୍ଡର ବନ୍ଦ ହେବା ତାରିଖ ଓ ସମୟ :** ତା.23.12.2025 ରିଖ 1030 ଘଟିକା।

ଏହି ଇ-ଟେଣ୍ଡରଗୁଡ଼ିକ କ୍ଷେତ୍ରରେ ଡାକ/କୋରିୟର/ଫାକ୍ସ ମାଧ୍ୟମରେ କିମ୍ବା ବ୍ୟକ୍ତିଗତ ରୂପେ ପଠାଯାଇଥିବା କୌଣସି ପ୍ରକାର ମାନୁଆଲ ଅଫର ଗ୍ରହଣଯୋଗ୍ୟ ହେବ ନାହିଁ, ଯଦ୍ୟପି ଏଗୁଡ଼ିକ ଫାର୍ମ (Firm)ର ଲେଟର ହେଡ୍‌ରେ ଦାଖଲ କରାଯାଇଥିବ ଏବଂ ଯଥା ସମୟରେ ଗ୍ରହଣ କରାଯାଇଥିବ। ଏହିଭଳି ସମସ୍ତ ମାନୁଆଲ ଅଫରଗୁଡ଼ିକ ଅବୈଧ ବୋଲି ଧରାଯିବ ଏବଂ କୌଣସି ବିଚାର ବିନା ବିଧିବଦ୍ଧ ରୂପେ ନାକଚ କରାଯିବ।

ଉପରୋକ୍ତ ଇ-ଟେଣ୍ଡରର ସମସ୍ତ ବିବରଣୀ ଇ-ଟେଣ୍ଡର ନଥିପତ୍ର ସହିତ ୱେବ୍‌ସାଇଟ୍ www.ireps.gov.in ରେ ଉପଲବ୍ଧ ଅଟେ।

ଦ୍ରଷ୍ଟବ୍ୟ: ଏହି ଇ-ଟେଣ୍ଡର ନିମନ୍ତେ ଜାରି କରାଯାଇଥିବା କୌଣସି ପରିବର୍ତ୍ତନ/ଶୁଦ୍ଧିପତ୍ରକୁ ଧ୍ୟାନ ଦେବା ନିମନ୍ତେ ଟେଣ୍ଡର ବନ୍ଦ ହେବା ତାରିଖର 15(ପନ୍ଦର) ଦିନ ପୂର୍ବରୁ ୱେବ୍‌ସାଇଟକୁ ପୁନଃ ପରିଦର୍ଶନ କରିବା ପାଇଁ ଆଶାୟୀ ଟେଣ୍ଡରଦାତାମାନଙ୍କୁ ପରାମର୍ଶ ଦିଆଯାଉଅଛି।

ଉପ ମୁଖ୍ୟ ସଂକେତ ଏବଂ ଦୂରସଂଚାର ଯନ୍ତ୍ରୀ, (T&NW), ଭୁବନେଶ୍ୱର

PR-149/CI/25-26

**NOTICE**

By virtue of an affidavit sworn before the Notary Public, Cuttack, dated 27.10.2025, I, Anuradha Sahoo, W/o Gyanaranjan Acharya, D/o Harihar Sahoo, permanent resident of At/P.O. - Batira, Dist-Kendrapara, Odisha, Pin-754140 and presently residing at At-Nuabazar, P.O. – Paradeep, Dist-Jagatsinghpur, Odisha, Pin-754142, have changed my name and surname from Anuradha Acharya to Anuradha Sahoo. Henceforth, I shall be known as Anuradha Sahoo for all purposes.

Sd/- Anuradha Sahoo

**Notice**
**(Above 18 years of age)**

By virtue of an affidavit sworn before the Excutive Magistrate,(K) Udala, Mayurbhnaj, dated 13-10-2025 I, Uday Nath Hansdah, Address At/ Po- Gayalmara , Ps- Khunta, Dist- Mayurbhanj, Pin- 757104 declare that I have changed my name Udaya Hansadaha to Uday Nath Hansdah. Henceforth I shall be known as Uday Nath Hansdah for all purposes.

Uday Nath Hansdah

**AFFIDAVIT**

By virtue of an affidavit sworn before the Executive Magistrate, Sambalpur, I, Meenakshi Hota, W/o- Subodh Hota, D/o Sharad Kumar Panda, resident of New Telecom Colony, Modipada, Sambalpur, Odisha, do hereby declare that my name has been wrongly mentioned as Minakhi Hota in my Aadhaar Card No. 2449 6953 4547. My correct name is **Meenakshi Hota** and both names refer to the same person.

**AFFIDAVIT**

By virtue of an affidavit sworn before the Addl. Tahasildar-cum-Executive Magistrate, Boudh, I SUSHIL MEHER, age -27, S/o - Dwaru Meher, resident of Vill.: Jamatangi, Po-Manupali, Ps- Manamunda, Dist.: Boudh-762015 declare by this affidavit no 1495 dated 30/10/2025 my father shall be known as **DUARU MEHER** for all future purposes.

**AFFIDAVIT**

By virtue of an affidavit no-2807 sworn before the Executive Magistrate, Sukinda on dtd-29/10/2025, I **Bhanumati Mohanta,** W/o- Nilamber Mohanta resident of At- Sansailo Tata Colony, Po-Sansailo, Ps- Sukinda, Dist- Jajpur, Pin-755018, I have changed my name from **Bhanumani Mohanta** (old name) to **Bhanumati Mohanta** (new name). Henceforth both the name **Bhanumani Mohanta** and **Bhanumati Mohanta** is one & same person & I shall be known as **Bhanumati Mohanta** for all future purposes.

**Bhanumati Mohanta**

**AFFIDAVIT**

By virtue of an affidavit sworn before the Notary Public, Baripada, District- Mayurbhanj, dated- 30/10/2025, I **Prativa Manjari Dan,** aged 60yrs, W/o- Suresh Chandra Pradhan, resident of At/Po- Takatpur, Ps- Baripada, District- Mayurbhanj, Pin- 757003, Odisha declare that **Prativa Manjari Dan** & **Prativa Manjari Pradhan** is one and same person. The same is mentioned in my daughter's Certificates, daughter's name **Ipsita Pradhan,** and Henceforth shall be used for all purpose.

**AFFIDAVIT**

I Biplab Kumar Jena, age- 48 , of Resident-At/Po- Durpal,Ps-Kamarda,Dist-Balasore , Odisha, declared by affidavit before In The Court of Executive Magistrate , Remuna, No.1143, dtd-17/10/2025 that as per Aadhar my actual name is Biplab Kumar Jena ,wife's name is Madhusmita Dutta and my daughter's name is Akarsha Jena, which has wrongly mentioned in my daughter Birth certificate that Kumari Akarsha Jena , D/o- Biplab Kumar and Madhusmita Jena . Hence I Declared that Kumari Akarsha Jena & Akarsha Jena , Biplab Kumar & Biplab Kumar Jena, Madhusmita Jena & Madhusmita Dutta same and one person for all future purpose.

**AFFIDAVIT**

I, Susmita Behera, W/o- Manoj Kumar Behera, resident of Good Will Residency, Flat No. 201, Block-B, Jail Road, Jharpada, PO- Budheswari Colony, Bhubaneswar, Dist- Khurda, PIN- 751006, Odisha declare by this affidavit No. 289, dtd- 30.10.2025 that now onwards I shall be known as **SASMITA BEHERA** for all future purposes.

OFFICE OF THE PRINCIPAL
**Kusum Devi Satsang Women's Degree College, Darakhapatna, Cuttack - 753013**
Email: kdswomensdegreecollege@gmail.com

**WANTED**

As per letter of the Regional Director of Education vide no. 6961 Dt. 28.10.2025, some guest faculties in subjects like Odia, Political Science, Sanskrit are required for engagement. Retired faculties below the age of 69 years may apply through the HIMS Portal on or before 31.10.2025 (Friday).

**Sd/- Principal-cum-Secretary**
Kusum Devi Satsang Women's Degree College, Darakhapatna, Cuttack - 753013

OFFICE OF THE PRINCIPAL
**PRIYADARSHINI INDIRA DEGREE COLLEGE**
**JUNAGARH, DIST: KALAHANDI**
E-mail: pidmahavidyalaya@gmail.com

**WANTED**

Engagement of Guest Faculty Lecturers in the subject of Odia and Education including 01 no. of Junior Clerk, 01 no. of Demonstrator in Geography are wanted on contractual and temporary basis. The retired faculties and Non-Teaching members below the age of 69 years may apply through HIMS portal on or before 31.10.2025 as per letter No. 57198 and No.- 57203 dated 23.10.2025, the remuneration for the above positions shall be paid as per the approved norms.

**Sd/- Principal-cum-Secretary**
P.I. Degree College, Junagarh

OFFICE OF THE PRINCIPAL
**MANGALPUR WOMEN'S DEGREE COLLEGE**
**MANGALPUR, JAJPUR**

**WANTED**

As per the notification of DHE, Odisha vide letter no. 57198 and 57203, dtd. 23.10.2025, applications are invited from the eligible retired candidates for engagement of guest faculties in the subject of political science & non teaching posts of Asst. Librarian, Jr. Clerk on contractual basis. Vacancies of said posts are already uploaded in HIMS portal of the college interested candidates shall apply only through HIMS portal before 01.11.2025

NB: The eligibility, remuneration & tenure of contractual engagement shall be made as per Government notification.

**Sd/- Principal-cum-Secretary**
Mangalpur Womens degree college.

ସକାଳ THE SAKALA



www.sakalaepaper.com

# ଭିନ୍ନକ୍ଷମ ସାମର୍ଥ୍ୟ ଶିବିର: ୩୦୭ ଜଣଙ୍କ ନାଁ ପଞ୍ଜିକୃତ

## ଲୋଭରେ ଅଯୋଗ୍ୟ ହିତାଧିକାରୀଙ୍କ ଲମ୍ବା ଲାଇନ

ଖଣ୍ଡପଡ଼ା,୩୦।୧୦(ସମିସ)



ଜିଲ୍ଲା ସାମାଜିକ ସୁରକ୍ଷା ଓ ଭିନ୍ନକ୍ଷମ ସଶକ୍ତୀକରଣ ବିଭାଗ ଆନୁକୂଲ୍ୟରେ ଖଣ୍ଡପଡ଼ା ବ୍ଲକ୍ କାର୍ଯ୍ୟାଳୟ ପରିସରରେ ଗୁରୁବାର ବ୍ଲକ୍‌ସ୍ତରୀୟ ଭୀମଭୋଇ ଭିନ୍ନକ୍ଷମ ସାମର୍ଥ୍ୟ ଶିବିର ଅନୁଷ୍ଠିତ ହୋଇଛି। ବିଡିଓ ଅଙ୍କୁର ଅଭିଲାଷଙ୍କ ପ୍ରତ୍ୟକ୍ଷ ତତ୍ତ୍ୱାବଧାନରେ ପୂର୍ବାହ୍ଣରେ ମୁଖ୍ୟ ଅତିଥି ଭାବେ ବ୍ଲକ୍ ଅଧକ୍ଷା ଉପମା ବେହେରା ଯୋଗଦେଇ ଆନୁଷ୍ଠାନିକ ଭାବେ ଶିବିରକୁ ଉଦ୍‌ଘାଟନ କରିଥିବାବେଳେ ସମ୍ମାନିତ ଅତିଥି ଭାବେ ସାଂସଦଙ୍କ ବ୍ଲକ୍ ପ୍ରତିନିଧି ଚନ୍ଦ୍ରକାନ୍ତ ବଳିଆରସିଂହ ଉପସ୍ଥିତ ରହି ବିଭିନ୍ନ କ୍ୟାମ୍ପ୍‌କୁ ଯାଇ ଲୋକଙ୍କ ସମସ୍ୟା ବୁଝିଥିଲେ। ସେହିପରି ଜିଲ୍ଲା ସାମାଜିକ ସୁରକ୍ଷା ଅଧିକାରୀ ସର୍ବେଶ୍ୱର ପାଣିଗ୍ରାହୀ ଉପସ୍ଥିତ ରହି ଡାକ୍ତରୀ ପରୀକ୍ଷାରେ କିଭଳି ସ୍ୱଚ୍ଛତା ରହିବ ସେ ଦିଗରେ ଦୃଷ୍ଟି ଦେଇଥିଲେ। ଶିବିରରେ ୩୦୭ ଜଣଙ୍କର ନାମ ପଞ୍ଜିକୃତ ହୋଇଥିବା ସୂଚନା ମିଳିଛି। ନୟାଗଡ଼ ଏବଂ ଭୁବନେଶ୍ୱରରୁ ଆସିଥିବା ଡା. ଶତ୍ରୁଘ୍ନ ନାୟକ, ଡ. ପୀତବାସ ନାୟକ, ଡ. ପିପି ସାହୁ, ଡ. ସଞ୍ଜୟ ଦେବ, ଡ. ସାବିତ୍ରୀ ବରାଡ଼, ଡ. ତପସ୍ୱିନୀ ଆଚାର୍ଯ୍ୟ, ଡ. ନିଷ୍ଠା ରଞ୍ଜନ ଦାସ, ଡ. ପ୍ରଭୁଦତ୍ତ ପଣ୍ଡା ପ୍ରମୁଖ ଉପସ୍ଥିତ ରହି ଭିନ୍ନକ୍ଷମ ହିତାଧିକାରୀ ଓ ଆବେଦନକାରୀଙ୍କ ପରୀକ୍ଷାନିରୀକ୍ଷା କରିଥିଲେ। ଅସ୍ଥିଶଲ୍ୟ ବିଭାଗରେ ୧୫୬ ଜଣ ପଞ୍ଜିକୃତ କରିଥିବାବେଳେ ଶ୍ରବଣବାଧିତରେ ୭୧, ଦୃଷ୍ଟିବାଧିତ ୪୦, ମାନସିକ ଅନଗ୍ରସରରେ ୪୦ ଜଣଙ୍କର ପରୀକ୍ଷା କରାଯାଇଥିବା ବ୍ଲକ୍ ସାମାଜିକ ସୁରକ୍ଷା ଅଧିକାରୀ ଅରୁଣ କୁମାର ନାୟକ ସୂଚନା ଦେଇଛନ୍ତି।

ସେହିପରି ହ୍ୱିଲ୍ ଚେୟାର ୫ଟି, ସିପି ଚେୟାର ୧ଟି, ଟ୍ରାଇସାଇକଲ ୨ଟି ସହ ୩ଜଣ ଭିନ୍ନକ୍ଷମଙ୍କୁ ବ୍ଲକ୍ ପ୍ରଶାସନ ପକ୍ଷରୁ ପ୍ରଣାମପତ୍ର ବଣ୍ଟନ କରାଯାଇଥିବା ବିଭାଗୀୟ ଅଧିକାରୀଙ୍କଠାରୁ ସୂଚନା ମିଳିଛି। ଗୁରୁତ୍ୱପୂର୍ଣ୍ଣ କଥା ହେଉଛି ସମଗ୍ର ଜିଲ୍ଲାରେ ଜାଲ୍ ଭିନ୍ନକ୍ଷମ ପ୍ରମାଣପତ୍ର ହାତେଇ ଶତାଧିକ ଅଯୋଗ୍ୟ ହିତାଧିକାରୀ ବର୍ଷ ବର୍ଷ ଧରି ଭତ୍ତା ପାଉଥିବାବେଳେ ଗୁରୁବାର ଖଣ୍ଡପଡ଼ା ବ୍ଲକ୍‌ରେ ଆୟୋଜିତ ଏହି ଶିବିରରେ ବହୁ ସଂଖ୍ୟାରେ ବିଭିନ୍ନ ବିଭାଗ ଅଯୋଗ୍ୟ ହିତାଧିକାରୀ ଭତ୍ତା ପାଇବା ଲୋଭରେ ଲମ୍ବା ଲାଇନ୍ ଲଗେଇଥିବା ଦେଖିବାକୁ ମିଳିଥିଲା। ସ୍ଥିତି ଏପରି ଥିଲା ଯେ, ଡାକ୍ତରଙ୍କ ସମ୍ମୁଖରେ ଅନେକ ମହିଳା, ପୁରୁଷ ଓ ଯୁବକ ମାନସିକ ଅନଗ୍ରସର, ଦୃଷ୍ଟିବାଧିତ, ଶ୍ରବଣବାଧିତ ବୋଲି ନିଜକୁ କହି ଖୁବ୍ ସୁନ୍ଦର ଅଭିନୟ କରୁଥିବା ଦେଖିବାକୁ ମିଳିଥିଲା। ଏ ସମସ୍ତ ଦିଗକୁ ନିୟୋଜିତ ଡାକ୍ତରମାନେ କିଭଳି ଦୃଷ୍ଟି ଦେବେ ସେନେଇ ବଡ଼ ପ୍ରଶ୍ନବାଚୀ ସୃଷ୍ଟି ହୋଇଛି। ଏହି କାର୍ଯ୍ୟକ୍ରମରେ ବିଭାଗୀୟ କନିଷ୍ଠ କିରାଣି ସୁନୀଲ କୁମାର ନିଶଙ୍କ, ପ୍ରୋଗ୍ରାମ ଆସିଷ୍ଟାଣ୍ଟ ମିତାଲି ମିଶ୍ରଙ୍କ ସମେତ ସମସ୍ତ ବ୍ଲକ୍ କର୍ମଚାରୀ ସକ୍ରିୟ ସହଯୋଗ କରିଥିଲେ।

## ବିଦ୍ୟୁତ୍ ଆଘାତରେ ଜଣେ ମୃତ

**ଓଡ଼ଗାଁ,୩୦।୧୦(ସମିସ):** ନୟାଗଡ଼ ଜିଲ୍ଲା ଓଡ଼ଗାଁ ଥାନା କୁରାଳ ଚଣ୍ଡୀ ଛକଠାରେ ଗୃହ ନିର୍ମାଣ କାର୍ଯ୍ୟ ଚାଲିଥିବାବେଳେ ଗୁରୁବାର ବିଦ୍ୟୁତ୍ ଆଘାତରେ ଜଣେ ଶ୍ରମିକଙ୍କ ମୃତ୍ୟୁ ଘଟିଛି। ମୃତକ ଜଣକ ହେଲେ ସ୍ଥାନୀୟ ପାଣ୍ଡେରିପଡ଼ା ପଞ୍ଚାୟତ ମଦନପୁର ଗ୍ରାମର ବିଶ୍ୱନାଥ ବେହେରା।

ମଦନପୁର ଗ୍ରାମର ଗଙ୍ଗାଧର ସାହୁଙ୍କ କୁରାଳଠାରେ ଗୃହ ନିର୍ମାଣ ପାଇଁ ଜଣେ ମିସ୍ତ୍ରିଙ୍କୁ ଦାୟିତ୍ୱ ଦେଇଥିଲେ। ପ୍ରତିଦିନ ପରି ଗୁରୁବାର ଗୃହ ନିର୍ମାଣ କାର୍ଯ୍ୟ ଚାଲିଥିଲା। ପୂର୍ବାହ୍ଣ ପ୍ରାୟ ୧୧ଟା ସମୟରେ ବିଶ୍ୱନାଥ ଗୃହକାର୍ଯ୍ୟକୁ ପାଣି ଯୋଗାଇବା ପାଇଁ ପାଣିପମ୍ପ୍ ଚାଳନା କରୁଥିବାବେଳେ ଅସାବଧାନତା ଯୋଗୁଁ ବିଦ୍ୟୁତ୍ ସଂସ୍ପର୍ଶରେ ଆସିଥିଲେ। ଗୁରୁତର ଅବସ୍ଥାରେ ବିଶ୍ୱନାଥଙ୍କୁ ଓଡ଼ଗାଁ ଡାକ୍ତରଖାନାକୁ ଅଣାଯାଇଥିଲା। ସେଠାରେ ଡାକ୍ତର ତାଙ୍କୁ ମୃତ ଘୋଷଣା କରିଥିଲେ। ମୃତ ବିଶ୍ୱନାଥଙ୍କ ବାପା ଏନେଇ ଓଡ଼ଗାଁ ଥାନାରେ ଅଭିଯୋଗ କରିବା ପରେ ଓଡ଼ଗାଁ ପୁଲିସ ଏକ ମାମଲା ରୁଜୁ କରି ଶବ ଜବତ କରି ବ୍ୟବଚ୍ଛେଦ କରାଇ ପରିବାର ଲୋକଙ୍କୁ ହସ୍ତାନ୍ତର କରିଥିଲେ।

## ଯୁବ ଆଇନଜୀବୀଙ୍କ ପରଲୋକ



**ଖଣ୍ଡପଡ଼ା,୩୦।୧୦(ସମିସ):** ଖଣ୍ଡପଡ଼ା ସହର ୧ନଂ ୱାର୍ଡର ଯୁବ ଆଇନଜୀବୀ ରଶ୍ମିରଞ୍ଜନ ପଣ୍ଡା (୪୨)ଙ୍କର ଗୁରୁବାର ଭୁବନେଶ୍ୱରଠାରେ ପରଲୋକ ହୋଇଯାଇଛି। ଦୀର୍ଘ ମାସ ଧରି ଯକୃତଜନିତ ରୋଗରେ ସେ ପୀଡ଼ିତ ଥାଇ ସେଠାରେ ଚିକିତ୍ସିତ ହେଉଥିଲେ। ତାଙ୍କ ବିୟୋଗରେ ଖଣ୍ଡପଡ଼ା ସହରରେ ଶୋକପ୍ରକାଶ ପାଇଛି। ରଶ୍ମିରଞ୍ଜନ ଭୁବନେଶ୍ୱରରେ ରହି ଓକିଲାତି କରୁଥିବାବେଳେ ସେ ଖଣ୍ଡପଡ଼ା ସହରର ବରିଷ୍ଠ ଆଇନଜୀବୀ ଜଗବନ୍ଧୁ ପଣ୍ଡାଙ୍କ ସାନପୁଅ ଅଟନ୍ତି।

## ଶିବ ମନ୍ଦିର ରାସ୍ତାରେ ଡ୍ରେନ୍ ପାଣି



**ଗଣିଆ,୩୦।୧୦(ସମିସ):** ମନ୍ଦିରକୁ ପୂଜା କରିବା ପାଇଁ ଭକ୍ତଟିଏ ଶୁଦ୍ଧପୂତ ଭାବରେ ଯାଏ ଠାକୁରଙ୍କୁ ପୂଜାର୍ଚ୍ଚନା କରି ପ୍ରଭୁକୃପା ଲାଭ କରିବାକୁ। କିନ୍ତୁ ମନ୍ଦିର ଯିବା ବାଟରେ ଜମି ରହୁଥିବା ଡ୍ରେନ୍ ପାଣି ମଧ୍ୟରେ ଚାଲିକି ଯିବାକୁ ପଡୁଥିବାରୁ ଭକ୍ତଙ୍କ ମଧ୍ୟରେ ଅସନ୍ତୋଷ ଦେଖାଦେଇଛି। ଏଭଳି ଘଟଣା ଦେଖିବାକୁ ମିଳିଛି ଗଣିଆ ପଞ୍ଚାୟତ ପାଇକସାହିଠାରେ ଥିବା ଶିବ ମନ୍ଦିର ରାସ୍ତାରେ। ଏହି ଶିବ ମନ୍ଦିରକୁ ଗଣିଆ ପଞ୍ଚାୟତର ୧୧ଟି ୱାର୍ଡ ତଥା ଆଖପାଖ ଗ୍ରାମର ଭକ୍ତମାନେ ପୂଜା କରିବାକୁ ଆସନ୍ତି। ମନ୍ଦିରକୁ ଯିବା ରାସ୍ତାରେ ଜମି ରହୁଛି ଡ୍ରେନ୍ ପାଣି। ରାସ୍ତା ପାଖକୁ ଲାଗି ନିର୍ମାଣ ହୋଇଥିବା ଡ୍ରେନ୍‌ରେ ଜଳ ନିଷ୍କାସନ ଠିକ୍ ଭାବେ ହେଉ ନ ଥିବାରୁ ସାମାନ୍ୟ ବର୍ଷା ହେଲେ ଡ୍ରେନ୍‌ରେ ପାଣି ଭର୍ତ୍ତି ହେବା ସହିତ ରାସ୍ତା ଉପରେ ପାଣି ଜମା ହୋଇ ରହୁଛି। ଫଳରେ ସେଠାରେ ପୂତିଗନ୍ଧମୟ ପରିବେଶ ସୃଷ୍ଟି ହେଉଛି। ଏହି ରାସ୍ତା ଦେଇ ମନ୍ଦିରକୁ ଯାଉଥିବା ଭକ୍ତଙ୍କ ମଧ୍ୟରେ ଅସନ୍ତୋଷ ଦେଖାଦେଇଛି। ବର୍ଷା ହେଲେ ଡ୍ରେନ୍‌ରେ ପାଣି ଭର୍ତ୍ତି ହୋଇ ରାସ୍ତାରେ ଜମା ହୋଇ ରହୁଛି। ଏ ନେଇ ବାରମ୍ବାର ଅଭିଯୋଗ କରିଥିଲେ ମଧ୍ୟ କିଛି ବି ଫରକ୍ ପଡୁନାହିଁ। ତେବେ ବ୍ଲକ୍ କର୍ତ୍ତୃପକ୍ଷ ଏଥିପ୍ରତି ଦୃଷ୍ଟି ଦେବାକୁ ସାଧାରଣରେ ଦାବି ହେଉଛି।

## ଶରଣକୁଳ ପଞ୍ଚାୟତରେ କେଳେଙ୍କାରୀ ଅଭିଯୋଗ

# ରାସ୍ତା ନିର୍ମାଣରେ ଫଲ୍ସ ବିଲ୍ ମସୁଧା



**ନୟାଗଡ଼,୩୦।୧୦(ସମିସ):** ନୟାଗଡ଼ ଜିଲ୍ଲା ଓଡ଼ଗାଁ ବ୍ଲକ୍ ଶରଣକୁଳ ପଞ୍ଚାୟତରେ ବ୍ୟାପକ କେଳେଙ୍କାରୀ ହେଉଥିବା ଅଭିଯୋଗ ହୋଇଛି। ସ୍ଥାନୀୟ ନେତୃତ୍ୱ, ପିଇଓ ଏବଂ ଯନ୍ତ୍ରୀଙ୍କ ମିଳିଭଗତରେ ଅନିୟମିତତା ଅଭିଯୋଗ ହେଉଛି। ଶରଣକୁଳ ପଞ୍ଚାୟତ କଟରାଝରୀ ଗାଁରେ କିଛିଦିନ ତଳେ ପଞ୍ଚାୟତ କର୍ତ୍ତୃପକ୍ଷଙ୍କ ଦ୍ୱାରା କଂକ୍ରିଟ ରାସ୍ତା ନିର୍ମାଣ କରାଯାଇଛି। ଏହି ରାସ୍ତା ନିର୍ମାଣ ପାଇଁ ୨୦୨୨-୨୩ରୁ ୧ ଲକ୍ଷ ଟଙ୍କା ଅନୁଦାନ ରହିଥିଲା। କିନ୍ତୁ ରାସ୍ତା ନିର୍ମାଣ ପରେ ଦୁଇଟି ଫଳକ ଲଗାଯାଇଥିବା ସ୍ଥାନୀୟ ଲୋକେ ଦେଖିବାକୁ ପାଇଛନ୍ତି। ଦ୍ୱିତୀୟ ଫଳରେ ସମାନ ଅନୁଦାନରୁ ୨୦୨୫-୨୬ରେ ୧ ଲକ୍ଷ ଟଙ୍କା ଅନୁମୋଦନ ହୋଇଛି। ଏସ୍‌ଏଫ୍‌ସି ପାଣ୍ଠିରୁ ଏହି ରାସ୍ତା ନିର୍ମାଣ କରାଯାଇଥିବାବେଳେ ୨ଟି ଫଳକରେ ୨ ଲକ୍ଷ ଟଙ୍କା ବ୍ୟୟ କରାଯାଇଥିବା ଉଲ୍ଲେଖ କରାଯାଇଛି। ଏନେଇ ଶରଣକୁଳ ପଞ୍ଚାୟତ ଯନ୍ତ୍ରୀ ସଂଘମିତ୍ରା ସାହୁଙ୍କୁ ପଚାରିବାରେ, ଯେତିକି ରାସ୍ତା ନିର୍ମାଣ ହୋଇଛି ତାହା ୨ଲକ୍ଷ ମୂଲ୍ୟର ବୋଲି କହିଛନ୍ତି। ସ୍ଥାନୀୟ ବାସିନ୍ଦା ଏହି ଘଟଣାର ତଦନ୍ତ ଦାବି କରିଛନ୍ତି।

## ଡ୍ରେନ୍ ନିର୍ମାଣରେ ଅନିୟମିତତା ଘଟଣା

# ତଦନ୍ତ ପରେ ନିଆଯିବ କାର୍ଯ୍ୟାନୁଷ୍ଠାନ: ସିଡିଓ

**ଗଣିଆ,୩୦।୧୦(ସମିସ):** ଗଣିଆ ପଞ୍ଚାୟତ ଅନ୍ତର୍ଗତ ତେଲିସାହି ୫ନଂ ୱାର୍ଡର ପଛପାଖ ଡ୍ରେନ୍ ନିର୍ମାଣ ନିମନ୍ତେ ୨୦୨୪-୨୫ ଆର୍ଥିକ ବର୍ଷରେ ସିଏଫ୍‌ସି ପାଣ୍ଠିରୁ ୮୦ ହଜାର ଟଙ୍କା ମଞ୍ଜୁର ହୋଇଥିଲା। କିନ୍ତୁ ୫ନଂ ୱାର୍ଡରେ କାର୍ଯ୍ୟ ନ ହୋଇ ୪ ନମ୍ବର ୱାର୍ଡରେ କାର୍ଯ୍ୟ ହୋଇଥିବା ଫଟୋକୁ ଦର୍ଶାଇ ୫ନଂ ୱାର୍ଡର ବିଲ୍ ପଇଠ କରାଯାଇଥିବା ସମିତିସଭ୍ୟ ଫକୀର ମୋହନ ଡାକୁଆ ଲିଖିତ ଅଭିଯୋଗ କରିଛନ୍ତି। ଏହାର ଏକକିତା ନକଲ ଉପଜିଲ୍ଲାପାଳ, ଜିଲ୍ଲାପାଳ, ଜିଲ୍ଲା ପ୍ରକଳ୍ପ ନିର୍ଦ୍ଦେଶକଙ୍କୁ ପ୍ରଦାନ କରିଛନ୍ତି। ଏପରିକି ଯଦି ୭ ଦିନ ଭିତରେ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରା ନ ଯାଏ, ତେବେ ସେ ବ୍ଲକ୍ ସମ୍ମୁଖରେ ଅନଶନ କରିବେ ବୋଲି ଚେତାବନୀ ଦେଇଛନ୍ତି। ଏ ସମ୍ପର୍କରେ ଜିଲ୍ଲା ପରିଷଦ ମୁଖ୍ୟ ଉନ୍ନୟନ ଅଧିକାରୀ ଲଗ୍ନଜିତ୍ ରାଉତଙ୍କୁ ପଚାରିବାରୁ ସମିତିସଭ୍ୟ ଦେଇଥିବା ଅଭିଯୋଗ ତାଙ୍କର ହସ୍ତଗତ ହୋଇଥିବା ସେ ପ୍ରକାଶ କରିବା ସହିତ ତଦନ୍ତ ପରେ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯିବ ବୋଲି ପ୍ରତିଶ୍ରୁତି ଦେଇଛନ୍ତି। ଉକ୍ତ ଘଟଣା ଭୁଲ୍‌ବଶତଃ ହୋଇଥିବା ତଥା ଉକ୍ତ କାର୍ଯ୍ୟର ବିଲ୍ ପଇଠ କରାଯାଇ ନ ଥିବା ସରପଞ୍ଚ ତାଙ୍କ ପ୍ରତିକ୍ରିୟାରେ ପ୍ରକାଶ କରିଛନ୍ତି। ଏପରିକି ରାଜନୈତିକ ଉଦ୍ଦେଶ୍ୟ ରଖି ସମିତିସଭ୍ୟ ଏଭଳି ଅଭିଯୋଗ ଆଣିଥିବା ସେ ଜଣାଇଛନ୍ତି।

ଏଠାରେ ପ୍ରଶ୍ନ ଉଠୁଛି, ୫ନଂ ୱାର୍ଡରେ ଫଳକଟିଏ ଲାଗି ନ ଥିଲେ ମଧ୍ୟ ତତ୍କାଳୀନ କନିଷ୍ଠ ଯନ୍ତ୍ରୀ ଏବଂ ସହକାରୀ ଯନ୍ତ୍ରୀ କାର୍ଯ୍ୟ ହେଉଥିବା ସ୍ଥାନକୁ ନ ଯାଇ, ତଦାରଖ ନ କରି କିଭଳି ବିଲ୍ ଫର୍ମ ପ୍ରସ୍ତୁତ କଲେ ଏବଂ ୭୪ ହଜାର ୨୩୬ ଟଙ୍କା ବିଲ୍ କଲେ। କେଉଁ ଆଧାରରେ କନିଷ୍ଠ ଯନ୍ତ୍ରୀ ଏବଂ ସହକାରୀ ଯନ୍ତ୍ରୀ ମହୋଦୟ ଏଭଳି ବେଆଇନ କାର୍ଯ୍ୟ କରିଛନ୍ତି ତାହା ଏବେ ପ୍ରଶ୍ନବାଚୀ ସୃଷ୍ଟି ହୋଇଛି। ଆଉ ଗୋଟିଏ କଥା ପଞ୍ଚାୟତ କାର୍ଯ୍ୟନିର୍ବାହୀ ଅଧିକାରୀଙ୍କ ନାମରେ ଉକ୍ତ କାର୍ଯ୍ୟର କାର୍ଯ୍ୟାଦେଶ ଥିଲେ ମଧ୍ୟ ସିଏ କିଭଳି ଏହା ଜାଣିପାରିଲେ ନାହିଁ। ଏହାର ବିଧିବଦ୍ଧ ତଦନ୍ତ କରି ପ୍ରକୃତ ଘଟଣା ପଦାକୁ ଆଣିବା ସହିତ ଦୋଷୀଙ୍କ ବିରୁଦ୍ଧରେ ଦୃଢ଼ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରିବାକୁ ଅଞ୍ଚଳବାସୀ ଦାବି କରିଛନ୍ତି। ଗଣିଆ ବିଡିଓ ପ୍ରତିବାଳା ରଣା, କନିଷ୍ଠ ଯନ୍ତ୍ରୀ ନେତ୍ର ରଞ୍ଜନ ମିଶ୍ର ଏବଂ ସହକାରୀ ଯନ୍ତ୍ରୀ ମହେଶ ପ୍ରସାଦ ନାୟକଙ୍କୁ ଉକ୍ତ ଘଟଣାର ତଦନ୍ତ କରି ତଥ୍ୟ ପ୍ରଦାନ କରିବାକୁ ନିର୍ଦ୍ଦେଶ ଦେଇଥିବା ଜଣାପଡ଼ିଛି।

## କମ୍ପାନୀ ଦଖଲରୁ ମୁକ୍ତ ହେବ ଗୋଚର ଜମି

**ଓଡ଼ଗାଁ,୩୦।୧୦(ସମିସ):** ନୟାଗଡ଼ ଜିଲ୍ଲା ଓଡ଼ଗାଁ ବ୍ଲକ୍ କେତେକ ଗ୍ରାମକୁ ମହାନଦୀରୁ ପାନୀୟଜଳ ଯୋଗାଣ ନିମନ୍ତେ ବିଗତ ସରକାରଙ୍କ ସମୟରେ ଯୋଜନା ପ୍ରସ୍ତୁତ ହୋଇ କାର୍ଯ୍ୟାରମ୍ଭ ହୋଇଥିଲା। ଏନେଇ ଏକ ଅଣ ଓଡ଼ିଶା ଠିକାଦାର ସଂସ୍ଥା ମାଧ୍ୟମରେ ଗାଁମାନଙ୍କରେ ପାଇପ୍‌ବିଛା କାର୍ଯ୍ୟାରମ୍ଭ ହୋଇଥିଲା। ମହାନଦୀ ପାଣି ଗାଁରେ ପହଞ୍ଚିବା ସାତସପନ ହୋଇଯାଇଛି। ସମ୍ପୃକ୍ତ ଠିକା ସଂସ୍ଥା ପ୍ରାୟ ୩ ବର୍ଷ ଧରି ଭୂତଳ ପାଇପ୍ ଲାଇନ୍ ବିଛାଇବା କାର୍ଯ୍ୟ ପାଇଁ ଗାଁ ଦାଣ୍ଡ ଖୋଳି ପକାଇଥିବାବେଳେ ଏଥିପାଇଁ ବ୍ୟବହୃତ ବହୁ ପରିମାଣର ପ୍ଲାଷ୍ଟିକ୍ ପାଇପ୍ କୁରାଳ ପଞ୍ଚାୟତ ଦାଣ୍ଡୋର ଗ୍ରାମର ପ୍ରାୟ ୫ଏକର ଗୋଚର ଜମିକୁ ମନଇଚ୍ଛା ଗୋଦାମ ରୂପେ ବ୍ୟବହାର କରୁଥିବା ନେଇ ବହୁବାର ଅଭିଯୋଗ ହୋଇଥିଲା। ତହସିଲ୍‌ଦାର ଡ. ମାନସ ରଞ୍ଜନ ଭୋଇ ପାଇପ୍‌ବିଛା କାର୍ଯ୍ୟ ଭଳି ଉନ୍ନୟନ କାର୍ଯ୍ୟରେ ବାଧା ଉପୁଜିବା ଆଶଙ୍କାରେ ଗୁରୁବାର ଦାଣ୍ଡୋର ଗ୍ରାମବାସୀଙ୍କ ସମେତ ସମ୍ପୃକ୍ତ ଠିକା ସଂସ୍ଥା ପ୍ରତିନିଧିଙ୍କୁ ନିଜ ଅଦାଲତରେ ହାଜିର୍ କରି ଆଲୋଚନା କରିଥିଲେ। ସମସ୍ତ କ୍ଷେତ୍ରକୁ ବିଚାର କରି ଠିକା ସଂସ୍ଥା ଉପରେ ଦୁଇ ବର୍ଷ ଜବରଦଖଲ ନିମନ୍ତେ ଆବଶ୍ୟକ ଜରିମାନା ଧାର୍ଯ୍ୟ କରିବା ସହିତ ବର୍ତ୍ତମାନଠାରୁ ଉପଯୁକ୍ତ ରାଜସ୍ୱ ଜମା ଦେବାକୁ ନିଷ୍ପତ୍ତି ନିଆଯାଇଥିଲା। ଦେଢ଼ ଏକର ଜାଗାରେ ପାଇପ୍ ଗୋଦାମ କରି ଅବଶିଷ୍ଟ ଜାଗାକୁ ଗ୍ରାମବାସୀଙ୍କ ବ୍ୟବହାର ନିମନ୍ତେ ୧୫ ଦିନ ମଧ୍ୟରେ ଖାଲି କରିବାକୁ ତହସିଲ୍‌ଦାର ନିର୍ଦ୍ଦେଶ ଦେଇଥିଲେ। କାହ୍ନୁଚରଣ ପରିଡ଼ା, ସନ୍ୟାସୀ ମିଶ୍ର, ଗୋପିଆ ଗୌଡ଼, ଗୋବିନ୍ଦ ଚୌଧୁରୀ, ମାଧବ ସାହୁଙ୍କ ସମେତ ୬୦ରୁ ଊର୍ଦ୍ଧ୍ୱ ଗ୍ରାମବାସୀ ତହସିଲ୍‌ଦାରଙ୍କ କୋର୍ଟରେ ହାଜିର୍ ହୋଇ ଆଲୋଚନାରେ ଅଂଶଗ୍ରହଣ କରିଥିଲେ।

## ସାଇବର ସୁରକ୍ଷା ସଚେତନତା କାର୍ଯ୍ୟକ୍ରମ

**ନୟାଗଡ଼,୩୦।୧୦(ସମିସ):** ନୟାଗଡ଼ ଜିଲ୍ଲା ପୁଲିସ ପକ୍ଷରୁ ସାଇବର ସୁରକ୍ଷା ସଚେତନତା କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି। ନୟାଗଡ଼ ଏସ୍‌ପି ଏସ୍ ସୁଶ୍ରୀଙ୍କ ଅଧ୍ୟକ୍ଷତାରେ ନୟାଗଡ଼ ପୁରୁଣା ସହର ଯଦୁମଣି ମଣ୍ଡପଠାରେ ଆୟୋଜିତ ସଭାରେ ମୁଖ୍ୟ ଅତିଥି ଭାବେ ନୟାଗଡ଼ ଜିଲ୍ଲାପାଳ ଅକ୍ଷୟ ସୁନିଲ ଅଗ୍ରୱାଲ, ନୟାଗଡ଼ ପୌର ପରିଷଦ ଅଧ୍ୟକ୍ଷା ନିରୁପମା ଖଟେଇ, ଜିଲ୍ଲା ପରିଷଦ ମୁଖ୍ୟ ଉନ୍ନୟନ ଅଧିକାରୀ ଲଗ୍ନଜିତ୍ ରାଉତ, ଉପଜିଲ୍ଲାପାଳ କର୍ଣ୍ଣଦେବ ସମାଦ୍ଦାର, ଜିଲ୍ଲା ମୁଖ୍ୟ ଚିକିତ୍ସାଧିକାରୀ ଡା. ସୁଶାନ୍ତ କୁମାର ଦାଶ ପ୍ରମୁଖ ମଞ୍ଚାସୀନ ଥିଲେ। ଏହି ଅବସରରେ ଜିଲ୍ଲାପାଳଙ୍କ ନିକଟରେ ତାଙ୍କ ନାମରେ ଫେକ୍ ଆକାଉଣ୍ଟ ଖୋଲି ଠକେଇ ଉଦ୍ୟମ କରାଯାଇଥିବା ବିଷୟ ଉପସ୍ଥାପନ କରିବା ସହ କିଭଳି ସଚେତନ




ରହିବେ ସେ ନେଇ ମତ ଦେଇଥିଲେ। ନୟାଗଡ଼ ଏସ୍‌ପି ସାଇବର କ୍ରାଇମ୍ ଉପରେ ଆଲୋକପାତ କରି ପାସ୍‌ୱାର୍ଡ ହେଉଛି ଡିଜିଟାଲ ଆକାଉଣ୍ଟ ଚାବି ବୋଲି କହିଥିଲେ। ଏହି ଅବସରରେ ଦସ୍ତଖତ ଅଭିଯାନ ସହ ଅତିଥିମାନେ ସାଇବର ସୁରକ୍ଷା ଉପରେ ମତ ଦେଇଥିଲେ। ଆୟୋଜିତ କାର୍ଯ୍ୟକ୍ରମରେ ଅତିରିକ୍ତ ଆରକ୍ଷୀ ଅଧୀକ୍ଷକ ସୁବାସ ଚନ୍ଦ୍ର ପଣ୍ଡା, ସାଇବର ସୁରକ୍ଷା ଅଭିଯାନ ସଂଯୋଜକ ତଥା ଡିଏସ୍‌ପି ସୁଶାନ୍ତ କୁମାର ପାତ୍ର, ନୟାଗଡ଼ ଏସ୍‌ଡିପିଓ ଜ୍ୟୋତିରଞ୍ଜନ ସାମନ୍ତରାୟ, ଖଣ୍ଡପଡ଼ା ଏସ୍‌ଡିପିଓ ମଦନ ମୋହନ ପ୍ରଧାନଙ୍କ ସମେତ ବହୁ ବରିଷ୍ଠ ଅଧିକାରୀ ଯୋଗଦେଇଥିଲେ। କବି ଓ ଅନୁବାଦକ ଶରତ ଚନ୍ଦ୍ର ଆଚାର୍ଯ୍ୟ କାର୍ଯ୍ୟକ୍ରମ ସଂଯୋଜନା କରିଥିଲେ।

## ଅଧା ବର୍ଷ ଗଲାଣି; ମିଳିନାହିଁ ସାଇକଲ ଟଙ୍କା

**ଭାପୁର,୩୦।୧୦(ସମିସ):** ରାଜ୍ୟର ହାଇସ୍କୁଲରେ ପାଦ ଦେଉଥିବା ଛାତ୍ରଛାତ୍ରୀଙ୍କୁ ରାଜ୍ୟ ସରକାର ସାଇକଲ ଚଢ଼ିବା ପାଇଁ ସହାୟତା ଯୋଗାଇ ଆସୁଛନ୍ତି। ପୂର୍ବ ସରକାର ସମୟରେ ଏହି ସହାୟତା ରାଶି ଶିକ୍ଷା ବର୍ଷ ପ୍ରାରମ୍ଭରେ ଆସୁଥିବାବେଳେ ବର୍ତ୍ତମାନ ୨ ବର୍ଷ ହେଲା ଏହି ଅର୍ଥ ପାଇବାକୁ ଛାତ୍ରଛାତ୍ରୀଙ୍କୁ ମାସ ମାସ ଧରି ଅପେକ୍ଷା କରିବାକୁ ପଡୁଛି। ବର୍ତ୍ତମାନ ଶିକ୍ଷା ବର୍ଷ ଅଧା ସରିଥିଲେ ହେଁ ଆଜି ପର୍ଯ୍ୟନ୍ତ ସହାୟତା ଅର୍ଥ ମିଳିପାରି ନାହିଁ। ନୟାଗଡ଼ ଜିଲ୍ଲା ଭାପୁର ବ୍ଲକ୍‌ର ୨୩ଟି ହାଇସ୍କୁଲରେ ନବମ ଶ୍ରେଣୀରେ ୭୦୩ ଜଣ ବାଳକ ଓ ୬୩୧ ଜଣ ବାଳିକା ଅଧ୍ୟୟନ କରୁଛନ୍ତି। ମୋଟ୍ ୧୩୩୪ ଛାତ୍ରଛାତ୍ରୀ ଏବର୍ଷ ସରକାରଙ୍କଠାରୁ ସାଇକଲ ସହାୟତା ଅର୍ଥ ପାଇନାହାନ୍ତି। ଅନେକ ଅଭିଭାବକ ସରକାରୀ ସହାୟତା ମିଳିଲେ ପିଲମାନଙ୍କ ପାଇଁ ସାଇକଲ କିଣିବା ପାଇଁ ଚାତକ ପରି ଚାହିଁଛନ୍ତି। ରାଜ୍ୟ ସରକାର ତୁରନ୍ତ ଛାତ୍ରଛାତ୍ରୀଙ୍କୁ ସହାୟତା ଟଙ୍କା ଦେବାକୁ ଦାବି ହେଉଛି।

## ● ଆର୍‌ଆଇ ଅଫିସ୍ ଗୃହ ନିର୍ମାଣ ଦାବି

# ପ୍ରଶାସନକୁ ଫେରାଦ ହେଲେ ଶଙ୍ଖେଇବାସୀ



**ନୟାଗଡ଼,୩୦।୧୦(ସମିସ):** ନୟାଗଡ଼ ଜିଲ୍ଲା ସଦର ବ୍ଲକ୍ ନୋତର ଗ୍ରାମରେ ଆର୍‌ଆଇ ଅଫିସ୍ କାର୍ଯ୍ୟକାରୀ ହେବାକୁ ରାଜ୍ୟ ସରକାର ଅନୁମୋଦନ କରିଥିଲେ। ସେହି ଅନୁସାରେ ୨୦୨୦ରୁ ନୋତର ଆର୍‌ଆଇ ଅଫିସ କାର୍ଯ୍ୟକାରୀ ହେଉଛି। କିନ୍ତୁ ଆର୍‌ଆଇ ଅଫିସ୍ ପାଇଁ ଶଙ୍ଖେଇ ଗ୍ରାମରେ ସ୍ଥାନ ଚିହ୍ନଟ ହୋଇଥିବାରୁ ନୋତର ଗ୍ରାମର ଶତାଧିକ ଲୋକ କିଛିଦିନ ତଳେ ଜିଲ୍ଲା ପ୍ରଶାସନ ନିକଟରେ ଫେରାଦ୍ ହୋଇଥିଲେ। ଗୁରୁବାର ଶଙ୍ଖେଇ ଗ୍ରାମର ଶତାଧିକ ଲୋକ ନୟାଗଡ଼ ଜିଲ୍ଲାପାଳଙ୍କ କାର୍ଯ୍ୟାଳୟକୁ ଆସି ଶଙ୍ଖେଇରେ ଆର୍‌ଆଇ ଅଫିସ୍ ନିର୍ମାଣ କରିବାକୁ ଦାବି କରିଛନ୍ତି। ନିର୍ଦ୍ଧାରିତ ହୋଇଥିବା ପ୍ଲଟ୍ ନଂ ୭୩୫ରେ ଆର୍‌ଆଇ ଅଫିସ କାର୍ଯ୍ୟ ଚାଲୁ ରଖିବା ପାଇଁ ଗ୍ରାମବାସୀ ଦାବି କରିଛନ୍ତି। ନୋତର ସରପଞ୍ଚ ଦେବାଶିଷ ଦଳେଇଙ୍କ ସମେତ ଦେଢ଼ ଶହରୁ ଊର୍ଦ୍ଧ୍ୱ ଲୋକ ଜିଲ୍ଲାପାଳଙ୍କ କାର୍ଯ୍ୟାଳୟକୁ ଆସି ଜିଲ୍ଲାପାଳଙ୍କ ଅନୁପସ୍ଥିତିରେ ଅତିରିକ୍ତ ଜିଲ୍ଲାପାଳଙ୍କୁ ଦାବିପତ୍ର ପ୍ରଦାନ କରିଛନ୍ତି।

## ● ନବମ ଓ ଦଶମ ଛାତ୍ରଛାତ୍ରୀଙ୍କୁ କମ୍ପ୍ୟୁଟର ଶିକ୍ଷା

# ଡିଜିଟାଲ ଶିକ୍ଷା ପ୍ରସାର କାର୍ଯ୍ୟକ୍ରମକୁ ଜିଲ୍ଲାପାଳଙ୍କ ଗୁରୁତ୍ୱ

**ନୟାଗଡ଼,୩୦।୧୦(ସମିସ):** ନୟାଗଡ଼ ଜିଲ୍ଲାର ୨୨୫ ଉଚ୍ଚ ବିଦ୍ୟାଳୟର ନବମ ଓ ଦଶମ ଶ୍ରେଣୀ ଛାତ୍ରଛାତ୍ରୀଙ୍କୁ କମ୍ପ୍ୟୁଟର ଶିକ୍ଷା ପ୍ରଦାନ ପାଇଁ ଜିଲ୍ଲା ପ୍ରଶାସନ ଓ ଜିଲ୍ଲା ଶିକ୍ଷା ବିଭାଗ ପକ୍ଷରୁ ବ୍ୟବସ୍ଥା କରାଯାଇଛି। ଏଥିପାଇଁ ଦୀର୍ଘଦିନ ତଳୁ ଯୋଜନା ପ୍ରସ୍ତୁତ କରି ଜିଲ୍ଲାପାଳ ଅକ୍ଷୟ ସୁନୀଲ ଅଗ୍ରୱାଲ ଏହାକୁ କାର୍ଯ୍ୟକାରୀ କରାଇଛନ୍ତି। ନୟାଗଡ଼ ଜିଲ୍ଲାର ଉଚ୍ଚ ବିଦ୍ୟାଳୟଗୁଡ଼ିକରେ ପୂର୍ବରୁ ସରକାରଙ୍କ ଦ୍ୱାରା ପ୍ରଦତ୍ତ କମ୍ପ୍ୟୁଟରଗୁଡ଼ିକ ଅବ୍ୟବହୃତ ହୋଇ ପଡ଼ି ରହିଥିଲା। ଯାହାକୁ ନେଇ ଜିଲ୍ଲାପାଳ ଶିକ୍ଷା ବିଭାଗ ସହ ଆଲୋଚନା କରି ପ୍ରତ୍ୟେକ ବିଦ୍ୟାଳୟରୁ ଜଣେ, ଦୁଇ ଜଣ ଶିକ୍ଷକଙ୍କୁ କମ୍ପ୍ୟୁଟର୍ ତାଲିମ ନେବାକୁ ନିର୍ଦ୍ଦେଶ ଦେଇଥିଲେ। ସେହି ଶିକ୍ଷକମାନେ ସେମାନଙ୍କ ବିଦ୍ୟାଳୟରେ ଅଧ୍ୟୟନ କରୁଥିବା ନବମ ଓ ଦଶମ ଛାତ୍ରଛାତ୍ରୀଙ୍କୁ ଶିକ୍ଷା ଦେବା ପାଇଁ ବ୍ୟବସ୍ଥା କରାଯାଇଛି। ନୟାଗଡ଼ ଜିଲ୍ଲାପାଳ ଅକ୍ଷୟ ସୁନୀଲ ଅଗ୍ରୱାଲ ଗୁରୁବାର ନୂଆଗାଁ ବ୍ଲକ୍ ମହିପୁର ଉଚ୍ଚ ବିଦ୍ୟାଳୟ ଓ ଚାହାଳୀ ଜନଶକ୍ତି ଉଚ୍ଚ ବିଦ୍ୟାଳୟକୁ ଯାଇ ଡିଜିଟାଲ ଶିକ୍ଷା ପ୍ରସାର(ଦୀପା) କାର୍ଯ୍ୟକ୍ରମର ତଦାରଖ କରିଛନ୍ତି। ଉଚ୍ଚ ବିଦ୍ୟାଳୟ ଉତ୍ତୀର୍ଣ୍ଣ ହେଉଥିବା ଛାତ୍ରଛାତ୍ରୀ କମ୍ପ୍ୟୁଟର ବିଷୟରେ ଜ୍ଞାନ ଆହରଣ କରି ଆଗକୁ ବଢ଼ିବା ମୁଖ୍ୟ ଉଦ୍ଦେଶ୍ୟ ରହିଛି। ଛାତ୍ରଛାତ୍ରୀଙ୍କୁ ଶିକ୍ଷା ଦିଆଯିବା ସହ ସାଇବର ସୁରକ୍ଷା ଦିଗରେ ସଚେତନ ରହିବା ପାଇଁ ଶିକ୍ଷା ଦିଆଯିବାକୁ ବ୍ୟବସ୍ଥା କରାଯାଇଥିବା ଜିଲ୍ଲାପାଳ କହିଛନ୍ତି। ରାଜ୍ୟରେ ପ୍ରଥମ ଥର ପାଇଁ ନୟାଗଡ଼ ଜିଲ୍ଲାରେ ଏଭଳି କାର୍ଯ୍ୟକ୍ରମ ହାତକୁ ନିଆଯାଇଥିବା ସୂଚନା ମିଳିଛି। ଏହି କାର୍ଯ୍ୟକ୍ରମକୁ ଅଧିକ କ୍ରିୟାଶୀଳ କରାଯିବା ଉପରେ ଜିଲ୍ଲାପାଳ ଗୁରୁତ୍ୱ ଦେଇଛନ୍ତି। ଜିଲ୍ଲାପାଳଙ୍କ ସହ ଜିଲ୍ଲା ଶିକ୍ଷା ଅଧିକାରୀ ଚିତ୍ତରଞ୍ଜନ ପାଣ୍ଡେ, ନୂଆଗାଁ ବିଇଓ ଭକ୍ତିବିନୋଦ ଶଳ, ବିଜ୍ଞାନ ନିରୀକ୍ଷକ ଶରତ କୁମାର ସାହୁ, ଏବିଇଓ ଜ୍ୟୋତ୍ସ୍ନାରାଣୀ ସେଠୀ ଏବଂ ଶିକ୍ଷା ବିଭାଗ କର୍ମଚାରୀମାନେ ସାମିଲ୍ ହୋଇଛନ୍ତି।



## ଖଣ୍ଡପଡ଼ା-ଫତେଗଡ଼ ପୂର୍ତ୍ତ ରାସ୍ତା ସମ୍ପ୍ରସାରଣ ଅଧପନ୍ତରିଆ

# ହୋଇପାରୁନି ପଥପାର୍ଶ୍ୱ ବୃକ୍ଷରୋପଣ

ଖଣ୍ଡପଡ଼ା,୩୦।୧୦(ସମିସ)



ଜୀବନ୍ତ ତଥା ସବୁଜ ବୃକ୍ଷକୁ ବନ ବିଭାଗର ବିନା ଅନୁମତିରେ କାଟିବା ଆଇନ ଅନୁଯାୟୀ ଦଣ୍ଡନୀୟ। ଯଦି ଆବଶ୍ୟକ ପଡ଼େ ବନ ବିଭାଗ ଅନୁମତି ପରେ ବୃକ୍ଷ କଟାଯିବାର ନିୟମ ରହିଛି। ଖଣ୍ଡପଡ଼ାଠାରୁ ଫତେଗଡ଼କୁ ସଂଯୋଗ କରୁଥିବା ମୁଖ୍ୟ ରାସ୍ତାଟି ପୂର୍ତ୍ତ ବିଭାଗ ଅଧୀନରେ ରହିଛି। ଉକ୍ତ ୨୦ କିଲୋମିଟର ରାସ୍ତା ଗତ ବର୍ଷ ସମ୍ପ୍ରସାରଣ କାର୍ଯ୍ୟ ଆରମ୍ଭ ହୋଇଥିବାବେଳେ ଏବେ ଅସମ୍ପୂର୍ଣ୍ଣ ରହିଛି। ରାସ୍ତା ପାର୍ଶ୍ୱରେ ରାଜାରାଜୁଡ଼ା ଅମଳରୁ ଶତାଧିକ ଆମ୍ବ ଗଛ ଲଗାଯାଇଥିଲା। ରାସ୍ତା ସମ୍ପ୍ରସାରଣବେଳେ ଅଧିକାଂଶ ସ୍ଥାନରେ ଆମ୍ବ ଗଛଗୁଡ଼ିକ କଟାଯାଇଛି। ସେହିପରି ବଡ଼ ଚାକୁଣ୍ଡା, କୃଷ୍ଣଚୂଡ଼ା, ରାଧାଚୂଡ଼ା, ଅର୍ଜୁନ, କଦମ୍ବ ଆଦି ଶହ ଶହ ଛାୟା ପ୍ରଦାନକାରୀ ଗଛ ରାସ୍ତାର ଉଭୟ ପାର୍ଶ୍ୱରୁ କଟାଯାଇ ସଫା କରାଯାଇଛି। ଖଣ୍ଡପଡ଼ା-ଫତେଗଡ଼ ପୂର୍ତ୍ତ ରାସ୍ତା ସମ୍ପ୍ରସାରଣ କାର୍ଯ୍ୟ ଅଧପନ୍ତରିଆ ଯୋଗୁଁ ପଥପାର୍ଶ୍ୱ ବନୀକରଣ ଅଟକିଥିବା ଉଭୟ ପୂର୍ତ୍ତ ବିଭାଗ ଏବଂ ଜଙ୍ଗଲ ବିଭାଗ ପକ୍ଷରୁ ସୂଚନା ମିଳିଛି।

ରାସ୍ତାର ପ୍ରଶସ୍ତୀକରଣ ଓ ଦୋହରାକରଣ ପାଇଁ ଗଛ କାଟିବା ଯଥାର୍ଥ ହେଲେ ଗତ ଗ୍ରୀଷ୍ମ ଋତୁରେ ଡହଡହ ଖରାରେ ପଥଚାରୀ କିମ୍ବା ବାଇକ୍ ଆରୋହୀମାନେ ଦୁର୍ଦ୍ଦଶା ଭୋଗିଥିବା ଦେଖିବାକୁ ମିଳିଥିଲା। ସେହିପରି ରାସ୍ତାପାର୍ଶ୍ୱ ବୃକ୍ଷ ଶୂନ୍ୟ ଦେଖି ପରିବେଶବିତ୍‌ମାନେ ଉଦ୍‌ବେଗ ପ୍ରକାଶ କରୁଛନ୍ତି। କାର୍ଯ୍ୟ ହାତେଇଥିବା ଠିକା ସଂସ୍ଥା ମନ୍ଥରତା ନା ପୂର୍ତ୍ତ ବିଭାଗ ଅସହଯୋଗ ପାଇଁ ଉକ୍ତ ରାସ୍ତାଟି ଦେଢ଼ବର୍ଷ ବିତିଗଲା ପରେ ବି ଶେଷ ହେଉନାହିଁ ବୋଲି ସାଧାରଣରେ ପ୍ରଶ୍ନବାଚୀ ସୃଷ୍ଟି ହୋଇଛି। ଯଥାଶୀଘ୍ର ଖଣ୍ଡପଡ଼ା-ଫତେଗଡ଼ ପୂର୍ତ୍ତ ରାସ୍ତା ସମ୍ପ୍ରସାରଣ କାର୍ଯ୍ୟ ଶେଷ କରିବା ସହିତ ରାସ୍ତାର ଉଭୟ ପାର୍ଶ୍ୱରେ ବନୀକରଣ ପାଇଁ ଜନସାଧାରଣ, ପରିବେଶବିତ୍ ଓ ଜନପ୍ରତିନିଧିମାନେ ଜିଲ୍ଲା ପ୍ରଶାସନ ନିକଟରେ ଦାବି ଜଣାଇଛନ୍ତି।

## ଓସ୍ତପୁର-କୋଟପଲା ବଜାରରୁ ହଟିଲା କଟକଣା

ବେଗୁନିଆ,୩୦।୧୦(ସମିସ): ବାଘମାରୀ ଥାନା ଅନ୍ତର୍ଗତ କୋଟପଲା-ଓସ୍ତପୁର ବଜାର ନାମକରଣକୁ ନେଇ ଗତ ଅଗଷ୍ଟ ମାସ ୭ ତାରିଖରେ ଉଭୟ ଗ୍ରାମ ମଧ୍ୟରେ ବିବାଦ ଉପୁଜି ଦୋକାନବଜାର ଭଙ୍ଗାରୁଜା ହୋଇଥିଲା। ଏହି ବିବାଦଟି ସମାଧାନ ହୋଇ ନ ପାରିବାରୁ ପ୍ରଶାସନ ପକ୍ଷରୁ ଭାରତୀୟ ନ୍ୟାୟ ସଂହିତାର ୧୬୩ ଧାରା ଲାଗୁ ହୋଇଥିଲା। ପ୍ରାରମ୍ଭିକ ପର୍ଯ୍ୟାୟରେ ଜନସାଧାରଣଙ୍କ ହିତ ଦୃଷ୍ଟିରୁ ୬୦ ଦିନ ପୂରଣ ହୋଇଯିବାରୁ ଥାନା ଅଧିକାରୀ ଶମ୍ଭୁନାଥ ନାୟକ ଜିଲ୍ଲା ପ୍ରଶାସନ ଓ ତହସିଲ୍ଦାରଙ୍କୁ ଅବଗତ କରିବା ପରେ ବଜାର ଖୋଲିବା ପାଇଁ ପ୍ରାରମ୍ଭିକ ନିଷ୍ପତ୍ତି ଅନୁଯାୟୀ ଗତ ୭ ତାରିଖରେ ପୂର୍ବାହ୍ଣ ୯ଟାରୁ ଅପରାହ୍ଣ ୧ଟା ପର୍ଯ୍ୟନ୍ତ ଶାନ୍ତିପୂର୍ଣ୍ଣ ଭାବରେ ଦୋକାନଗୁଡ଼ିକ ଖୋଲାଯାଇ ବ୍ୟବସାୟ ଆରମ୍ଭ ହୋଇଥିଲା। ତେବେ ଗୁରୁବାର ପ୍ରଶାସନ ପକ୍ଷରୁ ବିଏନ୍ଏସ୍ ୧୬୩ ଧାରାକୁ ସମ୍ପୂର୍ଣ୍ଣ ଭାବେ ପ୍ରତ୍ୟାହାର କରାଯାଇଥିବାରୁ ସ୍ଥାନୀୟ ଅଞ୍ଚଳରେ ଜନସାଧାରଣ ଓ ବ୍ୟବସାୟୀ ଆଶ୍ୱସ୍ତି ଲାଭ କରିଛନ୍ତି।

## ଗଣ୍ଡଗୋଳରେ ଦୁଇ କିନ୍ନରଙ୍କ ସମେତ ୩ ଆହତ

ବାଲୁଗାଁ,୩୦।୧୦(ସମିସ): ବାଲୁଗାଁ ଗାନ୍ଧୀ ଛକଠାରେ ଗୁରୁବାର ସକାଳେ କମେଣ୍ଟମରାକୁ କେନ୍ଦ୍ରକରି କିନ୍ନର ଓ ଶ୍ରମିକଙ୍କ ମଧ୍ୟରେ ଗଣ୍ଡଗୋଳ ଲାଗିଥିବାବେଳେ ଏଥିରେ ଦୁଇ ଜଣ କିନ୍ନରଙ୍କ ସମେତ ୩ଜଣ ଆହତ ହୋଇ ଚିକିତ୍ସା ପାଇଁ ଡାକ୍ତରଖାନାରେ ଭର୍ତ୍ତି ହୋଇଛନ୍ତି। ଉଭୟ ପକ୍ଷରୁ ବାଲୁଗାଁ ଥାନାରେ ଅଭିଯୋଗ ହୋଇଥିବାବେଳେ ଏ ନେଇ ବାଲୁଗାଁ ପୁଲିସ କେସ୍ ନଂ ୩୫୫/୨୫ ଓ ୩୫୭/୨୫ରେ ଦୁଇଟି ପୃଥକ୍ ମାମଲା ରୁଜୁ କରି ତଦନ୍ତ ଜାରି ରଖିଛି।


ଅଭିଯୋଗ ଅନୁସାରେ, ବାଲୁଗାଁ ଅଞ୍ଚଳର ପ୍ରିୟଙ୍କା କିନ୍ନର ନିଜ ସାଥୀଙ୍କ ସହ ଗୁରୁବାର ସକାଳେ ବାଲୁଗାଁ ଗାନ୍ଧୀ ଛକଠାରେ ଛିଡ଼ା ହୋଇଥିବାବେଳେ ସେହି ସମୟରେ ବାଣପୁର ବିଷରପାଟଣା ଗ୍ରାମରେ ରହି ଦିନ ମଜୁରିଆ ଭାବେ କାର୍ଯ୍ୟ କରୁଥିବା ଜାନକୀ ବଲ୍ଲଭ ମିଶ୍ର କିନ୍ନରଙ୍କୁ ଅଶ୍ଳୀଳ ଇଙ୍ଗିତ ପ୍ରଦର୍ଶନ କରିଥିଲେ। ପ୍ରିୟଙ୍କା ଏହାର ପ୍ରତିବାଦ କରିବାରୁ ଏହାକୁ ନେଇ ଉଭୟଙ୍କ ମଧ୍ୟରେ ପ୍ରଥମେ ବଚସା ଓ ପାଟିତୁଣ୍ଡ ହୋଇ ପରବର୍ତ୍ତୀ ମୁହୂର୍ତ୍ତରେ ଜାନକୀ ପାଖରେ ରଖିଥିବା ଏକ ମାରଣାସ୍ତ୍ରରେ କିନ୍ନରଙ୍କୁ ଆକ୍ରମଣ କରିଥିଲେ। ଆକ୍ରମଣରେ ପ୍ରିୟଙ୍କା ଓ ତାଙ୍କ ସାଥୀ କବିତା ଆହତ ହୋଇଥିଲେ। ଅନ୍ୟପକ୍ଷେ କିନ୍ନରଙ୍କ ଆକ୍ରମଣରେ ଜାନକୀ ମଧ୍ୟ ଗୁରୁତର ଆହତ ହୋଇଥିବା ନେଇ ତାଙ୍କ ପତ୍ନୀ ନମିତା ମିଶ୍ର ଥାନାରେ ପାଲଟା ଅଭିଯୋଗ କରିଛନ୍ତି।

## ସମାଜସେବୀଙ୍କ ପରଲୋକ

ଟାଙ୍ଗୀ,୩୦।୧୦(ସମିସ): ଟାଙ୍ଗୀ ତଳସାହିର ଲକ୍ଷ୍ମୀଧର ପଟ୍ଟନାୟକ (୮୭)ଙ୍କର ଗତ ରବିବାର ସନ୍ଧ୍ୟାରେ ପରଲୋକ ଘଟିଛି। ହଠାତ୍ ଅସୁସ୍ଥ ହୋଇପଡ଼ିବାରେ ତାଙ୍କୁ ଟାଙ୍ଗୀ ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ରରେ ପ୍ରାଥମିକ ଚିକିତ୍ସା ପରେ ଭୁବନେଶ୍ୱର ଏମ୍ସକୁ ନେବା ବାଟରେ ପରଲୋକ ଘଟିଥିବା ଜଣାପଡ଼ିଛି। ସେ ଜଣେ ସରଳ, ପରୋପକାରୀ, ସମାଜସେବୀ ଭାବେ ବେଶ୍ ପରିଚିତ ଥିଲେ। ଟାଙ୍ଗୀ ଶ୍ମଶାନରେ ତାଙ୍କର ଅନ୍ତିମ ସଂସ୍କାର କରାଯାଇଛି।

# ଧାନ ଫସଲକୁ ବାର୍‌ହା ଭୟ; ପଙ୍କରେ ଲୋଟୁଛି ସୁନାର ଫସଲ

ଖୋର୍ଦ୍ଧା,୩୦।୧୦(ସମିସ)



ନିଆଁହୁଳା ଧରି ଟିଣ ବାଡ଼ଉଛନ୍ତି ଚାଷୀ

ବେଳକୁ ବେଳ ଖୋର୍ଦ୍ଧା ବନଖଣ୍ଡ ଅଧୀନ ଗାଁଗୁଡ଼ିକରେ ଜଙ୍ଗଲୀ ବାର୍‌ହାପଲ୍ଲଙ୍କ ଉତ୍ପାତ ବଢୁଛି। ମୁହଁ ଅନ୍ଧାର ହେଲେ ବାର୍‌ହାପଲ୍ଲ ଜମିରେ ପଶି ବ୍ୟାପକ ଧାନ ଫସଲ ନଷ୍ଟ କରୁଛନ୍ତି। ବାର୍‌ହା ଘଉଡ଼ାଇବାକୁ ସାରା ରାତି ଅନିଦ୍ରା ହୋଇ ନିଆଁହୁଳା ଧରି ଟିଣ ବାଡ଼ଉଛନ୍ତି ଚାଷୀ। ହାତରେ ନିଆଁହୁଳା, ଟାୟାର, ଟିଣ, ଠେଙ୍ଗା ଧରି ରାତିସାରା ଚାଷ ଜମି ଚାରିପଟେ ବୁଲୁଛନ୍ତି ଚାଷୀ। ଏକର ଏକର ଚାଷ ଜମିର ଚାଷୀ ବାର୍‌ହା ଆତଙ୍କରେ ଆତଙ୍କିତ। ଚାଷୀମାନେ ରାତି ତମାମ ଜଗି ରହି ନିଆଁହୁଳା ଜାଳି, ବାଜା ଓ ମାଇକ୍ ବଜାଇ ବାର୍‌ହା ତଡୁଛନ୍ତି। ଧାନ ବିଲରେ ଫଳିବା ସମୟରେ ବାତ୍ୟା ଯୋଗୁଁ ବର୍ଷା ପବନ ଆଉ ଏବେ ପୁଣି ବାର୍‌ହା ଦ୍ୱାରା ନଷ୍ଟ ଯୋଗୁଁ ବ୍ୟାପକ କ୍ଷତି ସହୁଛି ଚାଷୀ। ଯାହାକୁ ନେଇ ଚିନ୍ତାରେ ଅଛନ୍ତି ଚାଷୀ।

ଘଟଣାରୁ ଜଣାଯାଇଛି, ବେଗୁନିଆ, ବୋଲଗଡ଼, ଖୋର୍ଦ୍ଧା, ଟାଙ୍ଗୀ, ଜଟଣୀ ଓ ଭୁବନେଶ୍ୱର ବ୍ଲକ୍‌ର ଉପକଣ୍ଠ ଅଞ୍ଚଳରେ ଥିବା ବିଭିନ୍ନ ଗ୍ରାମରେ ପ୍ରତିବର୍ଷ ଭଳି ଚଳିତବର୍ଷ ମଧ୍ୟ ହାତୀ ଉତ୍ପାତ ଲାଗି ରହିଥିବାବେଳେ ଏବେ ପୁଣି ବାର୍ହାପଲ୍ଲଙ୍କ ଉପଦ୍ରବ ଚାଷୀ ପାଇଁ ବୋଝ ଉପରେ ନଳିତା ବିଡ଼ା ଭଳି ଅବସ୍ଥା ସୃଷ୍ଟି କରିଛି। ଖାଦ୍ୟ ଅନ୍ୱେଷଣରେ ଆସି ଜଙ୍ଗଲୀ ବାର୍‌ହାପଲ୍ଲ ଜନବସତିମୁହାଁ ହୋଇ କନ୍ଦାଜାତୀୟ ଖାଦ୍ୟ ସହ ଗହୀରରେ ହୋଇଥିବା ଧାନ ଫସଲକୁ ନଷ୍ଟ କରୁଥିବା ଚାଷୀ ଅଭିଯୋଗ କରିଛନ୍ତି। ଗ୍ରାମ ନିକଟସ୍ଥ ଜଙ୍ଗଲରେ ଶହ ଶହ ବାର୍ହା ରହୁଥିବାବେଳେ ସେମାନେ ଧାନ ବିଲରେ ପଶି ନଷ୍ଟ କରିବା ସହ ବିଭିନ୍ନ ଲୋକଙ୍କ ବାରିପଟେ ପନିପରିବା ଫସଲକୁ ଖାଇଯାଉଥିବା ଅଧିକାଂଶ ଚାଷୀ ଅଭିଯୋଗ କରିଛନ୍ତି। ବାର୍‌ହାପଲ୍ଲ ଧାନ ବିଲ ଦଳାଚକଟା କରି ରାତିରେ ଫସଲ ନଷ୍ଟ କରୁଛନ୍ତି।

ଅନ୍ୟପକ୍ଷରେ ଚାଷୀ ବହୁ କଷ୍ଟରେ ବିଲରେ ସୁନାର ଫସଲ କରିଥିବାବେଳେ ତା'ର ସୁରକ୍ଷା ଲାଗି କେତେକ ଚାଷୀ ଏକ ହୋଇ ରାତିଭରି ଉଜାଗର ରହି ଫସଲକୁ ବାର୍‌ହା ଦାଉରୁ ରକ୍ଷା କରିବାକୁ ପ୍ରୟାସ କରୁଛନ୍ତି। ଏପରିସ୍ଥଳେ ଅଦିନିଆ ବର୍ଷା, ବାତ୍ୟା ଯୋଗୁଁ ଚାଷ ଜମିରେ ୨ ଫୁଟ୍ ଉଚ୍ଚର ପାଣିରେ ଭିଜୁଛି ଧାନ ଫସଲ। ଗୋଟେ ରାତି ମଧ୍ୟ ଶୋଇ ପାରୁନୁ ବୋଲି କହିଛନ୍ତି ଚାଷୀ। ବର୍ଷକଯାକ ପରିଶ୍ରମ କରି ଫଳ ଫଳିଲାବେଳକୁ ଏହି ଦୁର୍ଦ୍ଦଶା। ସରକାର ଯଦି କିଛି ବ୍ୟବସ୍ଥା ନ କରିବେ, ଆମ ଫସଲ ସବୁ ଉଜୁଡ଼ିଯିବ ବୋଲି କହିଛନ୍ତି ଚାଷୀ ସୁବାସ ନାୟକ। ସେହିପରି ଚାଷୀ ରମେଶ ନାୟକ କୁହନ୍ତି, ଋଣ କରି ଚାଷ କରିଛୁ। ଅମଳ ବେଳକୁ ବନ୍ୟଜନ୍ତୁ ରଖାଇଦେଉ ନାହାନ୍ତି। ଋଣ କିପରି ସୁଝିବୁ ସେ ଚିନ୍ତାରେ ଚିନ୍ତା ଘାରୁଛି। ଏନେଇ ଚାଷୀମାନେ ବନପାଳ କାର୍ଯ୍ୟାଳୟ ସହ ଯୋଗାଯୋଗ କରିଥିଲେ ହେଁ ସେଇ ଚିରାଚରିତ ଉତ୍ତର ଅନୁକମ୍ପା ଆପ୍‌ରେ ରେଜିଷ୍ଟ୍ରେସନ କରିଲେ ତଦନ୍ତ କରି ତୁରନ୍ତ ପଦକ୍ଷେପ ଗ୍ରହଣ କରାଯିବ। ବନ ବିଭାଗର ଖାମଖିଆଲି ନୀତି ଯୋଗୁଁ ବେଳକୁ ବେଳ ବାର୍‌ହା ଉତ୍ପାତ ବୃଦ୍ଧି ପାଉଛି। ଫଳରେ ବଡ଼ ଚାଷୀଙ୍କଠାରୁ ଆରମ୍ଭ କରି ବାଡ଼ିରେ ଫସଲ କରି ପରିବାର ପୋଷୁଥିବା କ୍ଷୁଦ୍ର ଚାଷୀ ବାର୍‌ହା ଉତ୍ପାତ ଯୋଗୁଁ ହତାଶ ହୋଇଛନ୍ତି। ବାର୍‌ହାମାନେ ଚାଷଜମିରେ ପଶି ଫସଲ ନଷ୍ଟ କରିବା ସହ ବିଲ ହୁଡ଼ା ତାଡ଼ି ଦୋରସ୍ତ କରୁଛନ୍ତି। ବାର୍‌ହାଙ୍କୁ ଘଉଡ଼ାଇବା ପାଇଁ ବନ ବିଭାଗ ପକ୍ଷରୁ ଲୋକଙ୍କୁ ବାଣ କି ଲାଇଟ୍ ଯୋଗାଇ ଦିଆଯାଉ ବୋଲି କ୍ଷତିଗ୍ରସ୍ତ ଚାଷୀମାନେ ଦାବି କରିଛନ୍ତି।

## କେନାଲ ବନ୍ଧ ଭାଙ୍ଗି ଧାନବିଲରେ ଲହଡ଼ି ମାରୁଛି ପାଣି

ନିରାକାରପୁର,୩୦।୧୦(ସମିସ): ଖୋର୍ଦ୍ଧା ଜିଲ୍ଲା ଟାଙ୍ଗୀ ତହସିଲ୍ ନିରାକାରପୁର ଅଞ୍ଚଳରେ ବାତ୍ୟା 'ମୋନ୍ଥା'କୁ ନେଇ ଚାଷଜମି ପାଣି ଜମି ଫସଲ ନଷ୍ଟ ହେବାର ଆଶଙ୍କା ସୃଷ୍ଟି କରିଛି। ବାତ୍ୟା ଟଳିଯାଇଛି ସତ ମାତ୍ର ଏହା ପ୍ରଭାବରେ ତୁହାକୁ ତୁହା ବର୍ଷା ଯୋଗୁଁ ପ୍ରାୟ ଜମିରେ ଧାନଗଛ ସବୁ ଶୋଇପଡ଼ିଛି। ଧାନ ପାଚିଲା ଆରମ୍ଭ ବେଳକୁ ଧାନ ଗଛ ପାଣିରେ ପଡ଼ିବା ଫଳରେ ଧାନ ଗଜା ହେବାର ସମ୍ଭାବନା ଦେଖାଦେଇଛି। ପ୍ରବଳ ବର୍ଷା ପ୍ରଭାବରେ ନିରାକାରପୁର ଝରପୋଖରୀ ନିକଟ କେନାଲ ବନ୍ଧ ଭାଙ୍ଗିଯାଇ ଚାଷ ଜମି ଉପରେ ଏକ ଫୁଟ୍‌ର ପାଣି ପ୍ରବାହିତ ହେଉଥିବା ଦେଖିବାକୁ ମିଳିଛି। ଫଳରେ କେନାଲ ପାଖାପାଖି ଏକର ଏକର ଚାଷଜମିରେ ପାଣି ଭର୍ତ୍ତି ହୋଇ ରହିଛି। ଯାହାଦ୍ୱାରା ବ୍ୟାପକ ଫସଲ ନଷ୍ଟ ହେବାର ସୂଚନା ମିଳିଛି। ଏ ବିଷୟରେ କ୍ଷୁଦ୍ର ଜଳସେଚନ ପ୍ରକଳ୍ପ ଏସଡିଓ କୃଷ୍ଣ ଚନ୍ଦ୍ର ସେଠୀଙ୍କୁ ଯୋଗାଯୋଗ କରିବାରୁ ସେ ଏ ସମ୍ବନ୍ଧରେ ଅବଗତ ଅଛନ୍ତି ଏହାର କିପରି ପ୍ରତିକାର ହୋଇପାରିବ ବୋଲି ଉଦ୍ୟମ କରୁଥିବା ଜଣାଇଥିଲେ। ବାତ୍ୟା ଅତିକ୍ରମ କରିବା ପରେ କୃଷି ବିଭାଗ ତରଫରୁ କ୍ଷୟକ୍ଷତି ଆକଳନ କରିବା ପାଇଁ କୃଷି ବିଭାଗ କର୍ମଚାରୀ ପରିଦର୍ଶନ କରୁଥିବା ଜଣାପଡ଼ିଛି।



## ଟାଙ୍ଗୀ, ଚିଲିକା ବ୍ଲକ୍‌ରେ ୯୮୦ ହେକ୍ଟରର ଧାନ ଚାଷ କ୍ଷତିଗ୍ରସ୍ତ

ଟାଙ୍ଗୀ,୩୦।୧୦(ସମିସ): ବାତ୍ୟା 'ମୋନ୍ଥା'ର ପ୍ରାଦୁର୍ଭାବରେ ଟାଙ୍ଗୀ ଓ ଚିଲିକା ବ୍ଲକ୍‌ର ଧାନ ଚାଷୀ ବ୍ୟାପକ କ୍ଷତିଗ୍ରସ୍ତ ହୋଇଥିବା ଜଣାପଡ଼ିଛି। ଥୋଡ଼ୁଅ ଫୁଲ ନେଉଥିବା ଧାନ ଗଛ ପବନ ସାଙ୍ଗକୁ ବର୍ଷା ଯୋଗୁଁ ଶୋଇ ପଡ଼ିବା ଫଳରେ ଫସଲ ନଷ୍ଟ ହୋଇଥିବା ଚାଷୀ ଅଭିଯୋଗ କରିଛନ୍ତି। ବୁଧବାର ସୁଦ୍ଧା ଟାଙ୍ଗୀ ଓ ଚିଲିକା ବ୍ଲକ୍‌ରେ ସମୁଦାୟ ୯୮୦ ହେକ୍ଟରର ଜମିରେ ପାଣିରେ ଧାନଗଛ ଶୋଇ ପଡ଼ିଥିବା ଆଖିଦେଖା ଆକଳନ କରାଯାଇଥିବା ଜଣାପଡ଼ିଛି।



ସୂଚନାଯୋଗ୍ୟ, 'ମୋନ୍ଥା'ର ପ୍ରକୋପରେ ଟାଙ୍ଗୀ ବ୍ଲକ୍ ସମୁଦାୟ ୮୭୨୦ ହେକ୍ଟରର ଧାନ ଜମିରୁ ୧୦ ପ୍ରତିଶତ ଗତ ୨୯ ତାରିଖ ସୁଦ୍ଧା କ୍ଷତିଗ୍ରସ୍ତ ହୋଇଥିବାବେଳେ ୨୮ ତାରିଖରେ ୩ ମିଲିମିଟର ଓ ୨୯ ତାରିଖରେ ୨୨ ମିଲିମିଟର ବର୍ଷା ସରକାରୀ ଭାବେ ରେକର୍ଡ ହୋଇଥିବା ଟାଙ୍ଗୀ ବ୍ଲକ୍ କୃଷି ଅଧିକାରୀ ସୌମେନ୍ଦ୍ର ବେହେରା ସୂଚନା ଦେଇଛନ୍ତି। ସେହିପରି ଚିଲିକା ବ୍ଲକର ସମୁଦାୟ ଚଳିତ ବର୍ଷ ୮୨୧୬ ହେକ୍ଟର ଧାନଚାଷ କରାଯାଇଥିବା ବେଳେ ବାତ୍ୟାରେ ପ୍ରଭାବିତ ହୋଇ ଗତ ୨୮ ତାରିଖ ସୁଦ୍ଧା ୧୦୮ ହେକ୍ଟର ଧାନଚାଷ କ୍ଷତିଗ୍ରସ୍ତ ହୋଇଥିବା ଆଖିଦେଖା ଆକଳନ କରାଯାଇ ସରକାରଙ୍କ ଦୃଷ୍ଟି ଆକର୍ଷଣ କରାଯାଇଥିବା ଚିଲିକା ବ୍ଲକ୍ କୃଷି ଅଧିକାରୀ ଭାନୁପ୍ରିୟା ମିଶ୍ର ସୂଚନା ଦେଇଛନ୍ତି। ଚିଲିକା ବ୍ଲକରେ ଗତ ୨୮ ଓ ୨୯ ତାରିଖରେ ସର୍ବାଧିକ ୨୯ ମିଲିମିଟର ବର୍ଷା ହୋଇଥିବା ସରକାରୀ ଭାବେ ଆକଳନ କରାଯାଇଛି। ଟାଙ୍ଗୀ ବ୍ଲକ୍‌ର ବିଭିନ୍ନ ଅଞ୍ଚଳରେ ଚିଲିକା ବ୍ଲକ୍‌ର ଚିଲିକାକୂଳିଆ ଜରିପଡ଼ା, କଳକଳେଶ୍ୱର ପଞ୍ଚାୟତ ସମେତ ବିଭିନ୍ନ ପଞ୍ଚାୟତରେ ଧାନଗଛଗୁଡ଼ିକ ପାଣିରେ ଶୋଇରହିଛି। ବର୍ତ୍ତମାନ ପରିସ୍ଥିତିରେ ଧାନଗଛ ପାଇଁ ପାଣିର ଆବଶ୍ୟକତା ନ ଥିବାବେଳେ ଆଗରୁ ଚାଷଜମିଗୁଡ଼ିକରେ ଥିବା ବର୍ଷା ପାଣିରେ ଗଛଗୁଡ଼ିକ ବୁଡ଼ି ରହିଥିବାବେଳେ ଗୁରୁବାର ଦିନ ତମାମ ତୁହାକୁ ତୁହା ବର୍ଷା ଲାଗିରହିବାରୁ ଧାନ ବିଲରେ ପାଣି ଫୁଲ୍ ହୋଇ ରହିଛି। ତେବେ ଯୁଗ୍ମ କ୍ଷେତ୍ର ପରିଦର୍ଶନ ପରେ କ୍ଷୟକ୍ଷତିର ଆକଳନ ସ୍ପଷ୍ଟ ହେବ ବୋଲି ଉଭୟ ଟାଙ୍ଗୀ ଓ ଚିଲିକା ବ୍ଲକ୍ କୃଷି ଅଧିକାରୀ ସୂଚନା ଦେଇଛନ୍ତି। ଏଥିସହିତ ବାତ୍ୟାରେ ହୋଇଥିବା କ୍ଷୟକ୍ଷତି ଅଭିଯୋଗ ନିମନ୍ତେ ଟୋଲ୍ ଫ୍ରି' ନମ୍ବର ୧୪୪୪୭ରେ ଯୋଗାଯୋଗ କରିବା ପାଇଁ ସରକାରୀ ଭାବେ ସୂଚନା ଦିଆଯାଇଛି।

## ସୁନ୍ଦରାକାଣ୍ଡ ଓ ପ୍ରବଚନ ଜ୍ଞାନଯଜ୍ଞ ଉଦ୍‌ଯାପିତ



ବେଗୁନିଆ,୩୦।୧୦(ସମିସ): ବାଙ୍କୀ ଉପଖଣ୍ଡ ପୁଇଁଚା ପଞ୍ଚାୟତ ଅନ୍ତର୍ଗତ ପଣ୍ଡାଲମ ଗ୍ରାମର ବରିଷ୍ଠ ଶିକ୍ଷାବିତ୍ ଲୋକନାଥ ପଣ୍ଡାଙ୍କ ତତ୍ତ୍ୱାବଧାନ ଓ ଗ୍ରାମବାସୀଙ୍କ ସହଯୋଗରେ ଆରାଧ୍ୟ ଦେବତା ରାଧାମୋହନ ଦେବ ମନ୍ଦିର ସମ୍ମୁଖରେ ତିନି ଦିନ ଧରି ଚାଲିଥିବା ଦଶମ ବାର୍ଷିକ ସୁନ୍ଦରାକାଣ୍ଡ ଓ ପ୍ରବଚନ ଜ୍ଞାନଯଜ୍ଞ ଉଦ୍‌ଯାପିତ ହୋଇଛି। ଏଥିରେ ବୈଦିକ ରୀତିନୀତି ଅନୁଯାୟୀ, ଆଚାର୍ଯ୍ୟ ଅଶୋକ କୁମାର ମିଶ୍ରଙ୍କ ନେତୃତ୍ୱରେ କର୍ତ୍ତା ନିତ୍ୟାନନ୍ଦ ପାଣିଗ୍ରାହୀ ଓ ପତ୍ନୀ ସ୍ନେହଲତା ଭାବେ ଉପବେସନ କରିବା ପରେ ଅଙ୍କୁରାରୋପଣ, ମଣ୍ଡଳକରଣ, କଳସ ଯାତ୍ରା, ଅଗ୍ନିସ୍ଥାପନ, ଆହୁତି, ସୂର୍ଯ୍ୟପୂଜା, ଗୋ ପୂଜା ସହ ପୂର୍ଣ୍ଣାହୁତି କାର୍ଯ୍ୟ ସମ୍ପାଦନ ହୋଇଥିଲା। ପ୍ରତ୍ୟହ ସନ୍ଧ୍ୟାରେ ପଣ୍ଡିତ କୈଳାସ ଚନ୍ଦ୍ର ପଣ୍ଡା, ଗୁରୁ ପ୍ରସାଦ ମହାପାତ୍ର, ସନ୍ତୋଷ କୁମାର ପସା ପ୍ରମୁଖ ଉପସ୍ଥିତ ରହି ପ୍ରବଚନ ଦେଇଥିଲେ।

## ମାର୍ଶାଲ ଆର୍ଟ୍ସ ପ୍ରତିଯୋଗିତାରେ ଭୂଷଣ୍ଡପୁର ଖେଳାଳିଙ୍କ ସଫଳତା



ଭୂଷଣ୍ଡପୁର,୩୦।୧୦(ସମିସ): ଖୋର୍ଦ୍ଧା ଜିଲ୍ଲା ଟାଙ୍ଗୀ ବ୍ଲକ୍ ଅଧୀନସ୍ଥ ଭୂଷଣ୍ଡପୁର ପଞ୍ଚାୟତର ଖେଳାଳିମାନେ ଖୋର୍ଦ୍ଧା ସ୍କାଏ ମାର୍ଶାଲ ଆର୍ଟ୍ସ ଆସୋସିଏସନ ତରଫରୁ ଝାରସୁଗୁଡ଼ାଠାରେ ଅନୁଷ୍ଠିତ ୨୦ତମ ପ୍ରତିଯୋଗିତାରେ ଅଂଶଗ୍ରହଣ କରି ବିଶେଷ ସଫଳତା ଅର୍ଜନ କରିଛନ୍ତି। ସମଗ୍ର ରାଜ୍ୟରୁ ୨୫ଟି ଜିଲ୍ଲା ଗତ ୨୫ ଓ ୨୬ ତାରିଖରେ ଝାରସୁଗୁଡ଼ାଠାରେ ଅନୁଷ୍ଠିତ ପ୍ରତିଯୋଗିତାରେ ଅଂଶଗ୍ରହଣ କରିଥିଲେ। ଏଥିରେ ଖେଳାଳି ସୌମ୍ୟରଞ୍ଜନ ନାୟକ, ବିଦ୍ୟୁ ବିଶ୍ୱାସ, ଅନବୀର ଖାଁ, ଶୁଭଙ୍କର ଦାସ, ଆଲୋକ ପ୍ରଧାନ, ଅନିମେଶ ସର୍ଦ୍ଦାର, ଆଦର୍ଶ କୁମାର ସାହୁ, ଲିଜା ଦଳାଇ, ଦେବସ୍ମିତା ମଣ୍ଡଳ ଭାଗ ନେଇ ବିଭିନ୍ନ ସ୍ତରରେ ସ୍ୱର୍ଣ୍ଣ ଏବଂ ରୌପ୍ୟ ପଦକ ହାସଲ କରିଥିଲେ। ଆସୋସିଏସନ୍ ସଭାପତି ଦୀପଙ୍କର ସର୍ଦ୍ଦାର, କୋଚ୍ ସୌମ୍ୟ ରଞ୍ଜନ ନାୟକ, ପରିଚାଳକ ବିକାଶ ଦାସଙ୍କ ସହିତ ପ୍ରତିଷ୍ଠାତା ଏସ୍କେ ସୋଲାଦିନ ସହଯୋଗ କରିଥିଲେ।

## ଖୋର୍ଦ୍ଧା ରୋଡ୍ ରେଳମଣ୍ଡଳ ଦ୍ୱାରା ସତର୍କତା ସଚେତନତା

ଜଟଣୀ,୩୦।୧୦(ସମିସ): ପୂର୍ବତଟ ରେଳପଥ ଖୋର୍ଦ୍ଧା ରୋଡ୍ ରେଳମଣ୍ଡଳ ପକ୍ଷରୁ ଚଳିତ ବର୍ଷ ସତର୍କତା ସଚେତନତା ସପ୍ତାହ ପାଳନ କରାଯାଇଛି। ଗୁରୁବାର ରେଳମଣ୍ଡଳ କନଫରେନ୍ସ ହଲ୍‌ରେ 'ସତର୍କତା-ଆମର ସାମୂହିକ ଦାୟିତ୍ୱ' ବିଷୟବସ୍ତୁ ଉପରେ ଏକ ଆଲୋଚନାଚକ୍ର ଅନୁଷ୍ଠିତ ହୋଇଥିଲା। ଅତିଥିଭାବେ ସାମାଜିକ କର୍ମୀ ତଥା ଓଡ଼ିଶାର ପୂର୍ବତନ ରାଜ୍ୟ ସୂଚନା କମିଶନର ଜଗଦାନନ୍ଦ ଯୋଗଦେଇ ସତର୍କତାରୁ କାର୍ଯ୍ୟକୁ ପରିବର୍ତ୍ତନ ସମ୍ବନ୍ଧରେ ଗୁରୁତ୍ୱାରୋପ କରିଥିଲେ। ସତର୍କତାର ତିନିଟି ସ୍ତମ୍ଭ- ପ୍ରସ୍ତୁତି, ଅଂଶଗ୍ରହଣ ଏବଂ ଉଦ୍ଦେଶ୍ୟ ଉପରେ ସେ ଆଲୋକପାତ କରିଥିଲେ। ଶ୍ରୀ ଜଗଦାନନ୍ଦ ମଧ୍ୟ ନୈତିକ ନେତୃତ୍ୱ ଏବଂ ନୈତିକ ଦିଗ୍‌ଦର୍ଶିକାର ଗୁରୁତ୍ୱ ଉପରେ ବକ୍ତବ୍ୟ ରଖିଥିଲେ। ଏହି କାର୍ଯ୍ୟକ୍ରମରେ ଖୋର୍ଦ୍ଧା ରୋଡ୍ ରେଳମଣ୍ଡଳର ଅତିରିକ୍ତ ମଣ୍ଡଳ ରେଳ ପ୍ରବନ୍ଧକ (ପରିଚାଳନା) ପ୍ରଦୀପ କୁମାର ବେହେରା ଏବଂ ବରିଷ୍ଠ ଅଧିକାରୀ ଓ କର୍ମଚାରୀମାନେ ଯୋଗ ଦେଇଥିଲେ। ମଣ୍ଡଳ କାର୍ମିକ ଅଧିକାରୀ ପ୍ରମୋଦ କୁମାର ବେହେରା ଅତିଥିଙ୍କୁ ସ୍ୱାଗତ କରିବା ସହ ସତର୍କତା ସଚେତନତା ସପ୍ତାହ ପାଳନ ସମ୍ବନ୍ଧରେ କହିଥିଲେ।

## ପୁଲିସ ପକ୍ଷରୁ ରାଷ୍ଟ୍ରୀୟ ଏକତା ଦିବସ

ବେଗୁନିଆ,୩୦।୧୦(ସମିସ): ବାଘମାରୀ ଥାନା ପକ୍ଷରୁ ଥାନା ଅଧିକାରୀ ଶମ୍ଭୁନାଥ ନାୟକଙ୍କ ତତ୍ତ୍ୱାବଧାନରେ ସ୍ଥାନୀୟ ରଘୁନାଥ ଦେବ ସରକାରୀ ଉଚ୍ଚ ବିଦ୍ୟାଳୟ ପରିସରରେ ସର୍ଦ୍ଦାର ବଲ୍ଲଭ ଭାଇ ପଟେଲଙ୍କ ଜୟନ୍ତୀ ଅବସରରେ ରାଷ୍ଟ୍ରୀୟ ଏକତା ଦିବସ ପାଳନ ହୋଇଛି। ଏଥିରେ ଛାତ୍ରଛାତ୍ରୀମାନଙ୍କ ମଧ୍ୟରେ 'ସର୍ଦ୍ଦାର ବଲ୍ଲଭ ଭାଇ ପଟେଲ'ଙ୍କ ଜୀବନୀ ଶୀର୍ଷକ ପ୍ରବନ୍ଧ ଓ ଚିତ୍ରାଙ୍କନ ପ୍ରତିଯୋଗିତା ଆୟୋଜନ କରାଯାଇ କୃତୀ ପ୍ରତିଯୋଗୀଙ୍କୁ ସ୍ଥାନୀୟ ସରପଞ୍ଚ ମାନସ ରଞ୍ଜନ ବିଶ୍ୱାଳ ଅତିଥି ଭାବେ ଉପସ୍ଥିତ ରହି ପୁରସ୍କୃତ କରିଥିଲେ। କାର୍ଯ୍ୟକ୍ରମକୁ ଶିକ୍ଷକଶିକ୍ଷୟିତ୍ରୀମାନେ ପରିଚାଳନା କରିଥିବାବେଳେ ପୁଲିସ କର୍ମଚାରୀମାନେ ସହଯୋଗ କରିଥିଲେ। ଶେଷରେ ମହିଳା ଉପନିରୀକ୍ଷକ ପୁଷ୍ପଲତା ଲେଙ୍କା ଧନ୍ୟବାଦ ଅର୍ପଣ କରିଥିଲେ।

ବାଲୁଗାଁ: ବାଲୁଗାଁ ପୁଲିସ ପକ୍ଷରୁ ରାଷ୍ଟ୍ରୀୟ ଏକତା ଦିବସ ଅବସରରେ ଗୁରୁବାର ବାଲୁଗାଁ ସରକାରୀ ଉଚ୍ଚ ବିଦ୍ୟାଳୟରେ ଏକ ବକ୍ତୃତା ପ୍ରତିଯୋଗିତା ଅନୁଷ୍ଠିତ ହୋଇଯାଇଛି। ଆୟୋଜିତ କାର୍ଯ୍ୟକ୍ରମରେ ବାଲୁଗାଁ ଏସ୍‌ଡିପିଓ ସଞ୍ଜୟ ପଟ୍ଟନାୟକ, ଥାନା ଅଧିକାରୀ ଜୟପ୍ରକାଶ ପରିଡ଼ା, ଇନ୍ସପେକ୍ଟର ସୌମ୍ୟରଞ୍ଜନ ପାଣିଗ୍ରାହୀଙ୍କ ସମେତ ବିଦ୍ୟାଳୟର ପ୍ରଧାନଶିକ୍ଷୟିତ୍ରୀ ସ୍ୱାଧୀନାମଞ୍ଜରୀ ବେହେରା ଓ ଶିକ୍ଷକଶିକ୍ଷୟିତ୍ରୀ ପ୍ରମୁଖ ଉପସ୍ଥିତ ରହି ରାଷ୍ଟ୍ରୀୟ ଏକତା ଦିବସର ତାତ୍ପର୍ଯ୍ୟ ସମ୍ପର୍କରେ ଆଲୋକପାତ କରିଥିଲେ। ଏହି ଅବସରରେ ପିଲାମାନଙ୍କ ମଧ୍ୟରେ ସର୍ଦ୍ଦାର ପଟେଲଙ୍କ ଜୀବନୀ ତଥା ଅଖଣ୍ଡ ଭାରତ ଓ ଏକତା ନେଇ ତାଙ୍କର ଅତୁଳନୀୟ ଅବଦାନ ସମ୍ପର୍କରେ ବକ୍ତୃତା ପ୍ରତିଯୋଗିତା କରାଯାଇଥିଲା। ବାଲୁଗାଁ ପୁଲିସ ତରଫରୁ କୃତୀ ପ୍ରତିଯୋଗୀଙ୍କୁ ପୁରସ୍କୃତ କରାଯିବା ସହ ପୁଲିସ ତରଫରୁ ଏହି ଅବସରରେ ଏକ ଗଣଦୌଡ଼ କାର୍ଯ୍ୟକ୍ରମର ଆୟୋଜନ କରାଯାଇଛି। ଶୁକ୍ରବାର ସକାଳେ ବାଲୁଗାଁ ମହାବିଦ୍ୟାଳୟଠାରୁ ଗାନ୍ଧୀ ଛକ ପର୍ଯ୍ୟନ୍ତ ଏହି ଗଣଦୌଡ଼ରେ ବିଭିନ୍ନ ଶିକ୍ଷାନୁଷ୍ଠାନର ଛାତ୍ରଛାତ୍ରୀ ସାମିଲ ହୋଇଥିଲେ।

## ଏକ୍ସଆଇଏମ୍ ବିଶ୍ୱବିଦ୍ୟାଳୟରେ ବ୍ୟାବସାୟିକ ସମ୍ମିଳନୀ 'ପ୍ରିଭିଟି-୨୫'




ଜଟଣୀ,୩୦।୧୦(ସମିସ): ଜଟଣୀ ନିକଟସ୍ଥ ନିଜିଗଡ଼ କୁର୍ଖୀଠାରେ ଥିବା ଏକ୍ସଆଇଏମ୍ ବିଶ୍ୱବିଦ୍ୟାଳୟ ନୂତନ କ୍ୟାମ୍ପସରେ ଗୁରୁବାର ସ୍କୁଲ୍ ଅଫ୍ କମର୍ସ ପକ୍ଷରୁ ଚଳିତ ବର୍ଷର ବ୍ୟାବସାୟିକ ସମ୍ମିଳନୀ 'ପ୍ରିଭିଟି-୨୫' ଆୟୋଜିତ ହୋଇଯାଇଛି। ଏହି କାର୍ଯ୍ୟକ୍ରମର ମୁଖ୍ୟ ଉଦ୍ଦେଶ୍ୟ ହେଉଛି, ଆସନ୍ତାକାଲିର ବଜାର ଗଢ଼ଣି ମଧ୍ୟରେ ପ୍ରଯୁକ୍ତି, ଆସ୍ଥା ଓ ପରିବର୍ତ୍ତନଭିତ୍ତିକ ବ୍ୟବସ୍ଥା ବିଶ୍ୱ ଆର୍ଥିକ ପରିପ୍ରେକ୍ଷୀକୁ ପୁନର୍ଗଠିତ କରୁଛି, ସେ ନେଇ ଆଲୋଚନା ହୋଇଛି। ଏହି କାର୍ଯ୍ୟକ୍ରମକୁ ସ୍କୁଲ ଅଫ୍ କମର୍ସ ଡିନ୍ ପ୍ରଫେସର ପ୍ରଦ୍ୟୁମ୍ନ କୁମାର ମହାନ୍ତି ଯୋଗଦେଇ ଉଦ୍‌ଘାଟନ କରିଥିଲାବେଳେ ଅନ୍ୟତମ ଅତିଥି ଭାବେ ଡ. ଫା.କେ.ଏସ୍ କାଶୀମୀର ଏବଂ ଫା.ଏସ୍. ଆଣ୍ଟନିରାଜ ରେଜିଷ୍ଟ୍ରର ଯୋଗଦେଇଥିଲେ। ସ୍କୁଲ ଅଫ୍ କମର୍ସ ପ୍ରଫେସର ଅଭିମନ୍ୟୁ ସାହୁ ବୈଷୟିକ ଅର୍ଥର ବିକଶିତ ଗତିଶୀଳତା ଉପରେ ଆଲୋକପାତ କରିଥିଲେ। ଏହି କାର୍ଯ୍ୟକ୍ରମରେ ମୁଖ୍ୟବକ୍ତା ଭାବେ ବାର୍କ୍ଲେଜ୍ ଭାଇସ୍ ପ୍ରେସିଡେଣ୍ଟ ରାହୁଲ ରାଘବନ୍, ଆକ୍ସିସ୍ କ୍ୟାପିଟାଲ ଲିମିଟେଡ୍ର ଭାଇସ୍ ପ୍ରେସିଡେଣ୍ଟ ମାଜ୍ ଅନ୍ସାରୀ, ବିଏନ୍ୱାଇର ସିନିୟର୍ ଭାଇସ୍ ପ୍ରେସିଡେଣ୍ଟ ମହମ୍ମଦ ଇବ୍ରାହିମ୍, ବିୟୋଣ୍ଡ ଆଇଆଇଆର୍ ଏବଂ ଲେଭୂପ୍ର ପ୍ରତିଷ୍ଠାତା ଅନୁପ୍ରିତ୍ ଚୌଧୁରୀ ଓ ଫିନ୍ଟିକ୍ସ ରିସର୍ଚ୍ଚ ଆଣ୍ଡ ଆନାଲିଟିକ୍ସ ପ୍ରତିଷ୍ଠାତା ପବ୍ଲିନ୍ ବାଜପେୟୀ ପ୍ରମୁଖ ଯୋଗଦେଇ ସେମାନଙ୍କ ନିଜ ନିଜର ମତପୋଷଣ କରିଥିଲେ।

# ସରକାରୀ କଟକଣାକୁ ଫୁଁ'; ପଲିଥିନ୍‌ର ଅବାଧ ବ୍ୟବହାର

ବାଲୁଗାଁ,୩୦।୧୦(ସମିସ)



ରାଜ୍ୟରେ ପ୍ଲାଷ୍ଟିକ୍ ଓ ପଲିଥିନ୍ ବ୍ୟବହାରକୁ ସରକାର ସମ୍ପୂର୍ଣ୍ଣ ନିଷିଦ୍ଧ ନିମନ୍ତେ କଡ଼ାକଡ଼ି ନିର୍ଦ୍ଦେଶନାମା ଜାରି କରିଥିବାବେଳେ ବାଲୁଗାଁ ଏନ୍ଏସି ଅଞ୍ଚଳରେ ଏହାର ବ୍ୟତିକ୍ରମ ଦେଖାଦେଇଛି। ସରକାରୀ ନିର୍ଦ୍ଦେଶକୁ ବେଖାତିର୍ କରି ଅଞ୍ଚଳରେ ଚାଲିଛି ପ୍ଲାଷ୍ଟିକ୍ ଓ ପଲିଥିନ୍‌ର ଅବାଧ ବ୍ୟବହାର। ଏହାକୁ ରୋକିବା ଦିଗରେ ପ୍ରଶାସନ ବିଫଳ ହୋଇଥିବା ଜଣାଯାଇଛି। ସ୍ଥାନୀୟ ପ୍ରଶାସନ ଓ ଏନ୍ଏସି ପକ୍ଷରୁ ସଚେତନତା ରାଲି ସହ ବିଭିନ୍ନ ସଂଗଠନ ପକ୍ଷରୁ ସ୍ୱଚ୍ଛ ଭାରତ କାର୍ଯ୍ୟକ୍ରମ କରାଯାଇ ଜନସାଧାରଣଙ୍କୁ ପ୍ଲାଷ୍ଟିକ୍‌ର ଭୟାବହତା ସମ୍ପର୍କରେ ଅବଗତ କରାଯିବା ସହ ଅଞ୍ଚଳକୁ ପ୍ଲାଷ୍ଟିକ୍‌ମୁକ୍ତ ଅଞ୍ଚଳ କରିବାକୁ ସରକାର ବିପୁଳ ଅର୍ଥ ବିନିମୟ କରି ବିଭିନ୍ନ କାର୍ଯ୍ୟକ୍ରମ କରୁଥିବାବେଳେ ସରକାରୀ ମାଲ୍ ଦରିଆ ମେ' ଡାଲ୍ ସଦୃଶ ହୋଇପଡ଼ିଛି। ବାଲୁଗାଁ ବାଣପୁର ଅଞ୍ଚଳରେ ପ୍ଲାଷ୍ଟିକ୍ ଓ ପଲିଥିନ୍‌ର ବହୁଳ ବ୍ୟବହାର ହେଉଥିବାବେଳେ ଏଥିପ୍ରତି ପ୍ରଶାସନ ସବୁ ଦେଖି କିଛି ନ ଦେଖିଲା ଭଳି ଚୁପ୍ ବସିଛି। ଫଳତଃ ବାଲୁଗାଁ, ବାଣପୁର ଅଞ୍ଚଳର ବଜାର, ରାସ୍ତା, ଗଳି ଚାରିଆଡ଼େ କୁଢ଼ କୁଢ଼ ବ୍ୟବହୃତ ପଲିଥିନ୍ ପଡ଼ିରହି ପରିବେଶ ଦୂଷିତ ହେଉଥିବାବେଳେ ଅଞ୍ଚଳର ସ୍ୱଚ୍ଛତା ଉପରେ ବାଧା ଉପୁଜୁଛି। ବିଭିନ୍ନ ବଳକା ଖାଦ୍ୟ ସାମଗ୍ରୀକୁ ଲୋକେ ପଲିଥିନ୍ରେ ବାନ୍ଧି ଏଣେତେଣେ ଫୋପାଡ଼ି ଦେଉଥିବାବେଳେ ଗାଈଗୋରୁ ସେହି ପଲିଥିନ୍ ସହ ଖାଦ୍ୟ ଖାଇ ଅସୁସ୍ଥ ହୋଇ ମୃତ୍ୟୁ ମୁଖରେ ପଡୁଥିବା ବହୁ ନଜିର୍ ରହିଛି। ତତ୍ ସହିତ ଏହି ପଲିଥିନ୍ ନିର୍ମାଣରେ ବ୍ୟବହୃତ କେମିକାଲ ମଣିଷ ଜୀବନ ପ୍ରତି ହାନୀକାରକ ହୋଇଥିବାବେଳେ ପଲିଥିନ୍‌ରେ ଖାଦ୍ୟ ପଦାର୍ଥ ନେଇ ଲୋକେ ଖାଇ ବିଭିନ୍ନ ମାରାତ୍ମକ ରୋଗରେ ପଡୁଥିବା ଜଣାଯାଇଛି।

ପ୍ଲାଷ୍ଟିକ୍ ଦ୍ୱାରା ବଢୁଥିବା ବିପଦକୁ ପ୍ରତିହତ କରିବା ପାଇଁ ଜଙ୍ଗଲ ଓ ପରିବେଶ ବିଭାଗ ପକ୍ଷରୁ ମଧ୍ୟ ବିଜ୍ଞପ୍ତି ପ୍ରକାଶ ପାଇଛି। ବାରମ୍ବାର ସଚେତନତା କାର୍ଯ୍ୟକ୍ରମ କରାଯାଉଥିଲେ ମଧ୍ୟ ଲୋକମାନେ ପଲିଥିନ୍‌କୁ ଦୂରେଇ ପାରୁ ନ ଥିବା ବାଲୁଗାଁ ଅଞ୍ଚଳରେ ଦେଖିବାକୁ ମିଳୁଛି। ଅନ୍ୟପକ୍ଷେ ପ୍ରଶାସନ ପକ୍ଷରୁ ମଧ୍ୟ କୌଣସି ସ୍ଥାନରେ ଚଢ଼ଉ କରି କାର୍ଯ୍ୟାନୁଷ୍ଠାନ ନିଆଯାଉଥିବା ଦେଖିବାକୁ ମିଳୁନାହିଁ। ଏହି ପଲିଥିନ୍ ବ୍ୟବହାର ପାଇଁ ୩ରୁ ୭ ହଜାର ଟଙ୍କା ପର୍ଯ୍ୟନ୍ତ ଜରିମାନା ବ୍ୟବସ୍ଥା ରହିଛି। ୫୦ ମାଇକ୍ରନ୍ରୁ କମ୍ ମୋଟାଇ ପଲିଥିନ୍, ୫୦୦ ମିଲିଲିଟର ପାଣିବୋତଲ, ଥର୍ମୋକୁଲ, ପ୍ଲାଷ୍ଟିକ୍ ଚାମଚ, କପ୍, ପ୍ଲେଟ୍, ଗ୍ଲାସ୍, ଥାଳିଆ, ପାଣି ପାଉଚ୍ ଆଦି ସାମଗ୍ରୀ ଉପରେ ରାଜ୍ୟ ସରକାରଙ୍କ ତରଫରୁ ବିଭିନ୍ନ କଟକଣା ଜାରି କରାଯାଇଛି। ସରକାରଙ୍କ ତରଫରୁ ପଲିଥିନ୍ ନିର୍ମାଣକୁ ବନ୍ଦ ନ କରି ପ୍ରଶାସନ ପକ୍ଷରୁ ଛୋଟମୋଟ ବ୍ୟାବସାୟିକ ପ୍ରତିଷ୍ଠାନ ଉପରେ କାଁ ଭାଁ ଚଢ଼ଉ କରି ପଲିଥିନ୍ ଧରପଗଡ଼ କରାଯାଇ ପଲିଥିନ୍ ବ୍ୟବହାର ଉପରେ ଜରିମାନା ବ୍ୟବସ୍ଥା କରାଯାଉଥିଲେ ମଧ୍ୟ ଏହାର ଅବାଧ ବ୍ୟବହାର ଖୁଲମଖୁଲା ଚାଲିଛି। ତୁରନ୍ତ ପ୍ରଶାସନ ଏ ଦିଗରେ ପଦକ୍ଷେପ ନେବା ସହ ସରକାରୀସ୍ତରରେ ପଲିଥିନ୍ ଫ୍ୟାକ୍ଟ୍ରି ନିର୍ମାଣ ଉପରେ କଟକଣା କରାଗଲେ ମୂଳରୁ ପଲିଥିନ୍ ବ୍ୟବହାର ସମ୍ପୂର୍ଣ୍ଣ ବନ୍ଦ ହୋଇପାରିବ ବୋଲି ବୁଦ୍ଧିଜୀବୀ ମତବ୍ୟକ୍ତ କରିଥିବାବେଳେ ଏ ଦିଗରେ ପଦକ୍ଷେପ ନେବାକୁ ସାଧାରଣରେ ଦୃଢ଼ ଦାବି ହେଉଛି।

## ଶ୍ରୀରାମଙ୍କ ସୁବଳୟା ଗମନ




ନିରାକାରପୁର,୩୦।୧୦(ସମିସ): ଖୋର୍ଦ୍ଧା ଜିଲ୍ଲା ନିରାକାରପୁରସ୍ଥିତ ଶ୍ରୀରାମଦୟା ପରିଷଦ ପକ୍ଷରୁ ଚାଲିଥିବା ୪୩ତମ ବାର୍ଷିକ ଅଧିବେଶନ ତଥା ଶ୍ରୀରାମ ଚରିତ ମାନସ ନବାହ୍ନ ପାରାୟଣର ଗୁରୁବାର ୭ମ ଦିବସରେ ଜଟାୟୁ ଯୁଦ୍ଧରୁ ଶ୍ରୀରାମଙ୍କ ସୁବଳୟା ଗମନ ପ୍ରସଙ୍ଗ ପ୍ରବଚନ ଶ୍ରବଣ କଲେ ଶତାଧିକ ଭକ୍ତ। ଗୁରୁବାର ସକାଳେ ବ୍ୟାସ ଦାମୋଦର ଦାସ ମହାରାଜ, ଦିବାକର ସାହୁ, ଶ୍ୟାମ ସୁନ୍ଦର ପଟ୍ଟନାୟକଙ୍କ ଦ୍ୱାରା ଗୋସ୍ୱାମୀ ତୁଳସୀ ଦାସଙ୍କ ରଚିତ ଦିବ୍ୟଗ୍ରନ୍ଥ ଶ୍ରୀରାମଚରିତ ମାନସ ପାଠ ହୋଇ ଲଙ୍କାକାଣ୍ଡର ୧୨ ଦୋହାରେ ବିଶ୍ରାମ ନେଇଛନ୍ତି। ଜଟାୟୁ ଯୁଦ୍ଧରୁ ଶ୍ରୀରାମଙ୍କ ସୁବଳୟା ଗମନ ସମ୍ପର୍କରେ ପ୍ରବଚକ ପଣ୍ଡିତ ସୁଦାମ ଚରଣ ଦାସ ଓ ଡ. ଗଣେଶ୍ୱର ସ୍ୱାଇଁ ପ୍ରବଚନ ପ୍ରଦାନ କରିଥିଲେ। ସଭାପତିତ୍ୱ କରିଥିଲେ ଡ. ସଞ୍ଜୟ କୁମାର ମହାପାତ୍ର। କାର୍ଯ୍ୟକ୍ରମରେ ରାମଦୟା ପରିଷଦ ପକ୍ଷରୁ ସଭାପତି ଡ. ମୃତ୍ୟୁଞ୍ଜୟ ରଥ, ସମ୍ପାଦକ ଗଙ୍ଗାଧର ତ୍ରିପାଠୀ, ଉପସଭାପତି ସତ୍ୟବାଦୀ ବଳବନ୍ତରାୟ, ବରିଷ୍ଠ ସଭ୍ୟ ତଥା ଲୋକସମ୍ପର୍କ ବିଭାଗ ଅଧିକାରୀ ବେଣୁଧର ଚମ୍ପତିରାୟ, ଅନ୍ୟାନ୍ୟ କର୍ମକର୍ତ୍ତାଙ୍କ ମଧ୍ୟରୁ ସାରଙ୍ଗଧର ବଳିଆରସିଂହ, ରମାନାଥ ଦାଶ, ଲକ୍ଷ୍ମୀଧର ସାମନ୍ତରାୟ, ଲକ୍ଷ୍ମୀଧର ଦଳେଇ, ପ୍ରତାପ ଶ୍ରୀଚନ୍ଦନ, ଅଶୋକ ବାହୁବଳେନ୍ଦ୍ର, ସର୍ବେଶ୍ୱର ପାହାଡ଼ସିଂହ, ନାରାୟଣ ସାମନ୍ତରାୟ, କେଶବ ଚନ୍ଦ୍ର ରାଉତରାୟ, ଦୀପକ ପ୍ରଧାନଙ୍କ ସମେତ ସମସ୍ତ ସଦସ୍ୟ ସହଯୋଗ କରିଥିଲେ।

### ମୁଦ୍ରା ବିନିମୟ ମୂଲ୍ୟ



ମୁଦ୍ରା ବିନିମୟ ମୂଲ୍ୟ (ଟଙ୍କାରେ)
- ଡଲାର ୮୮.୨୫ ● ପାଉଣ୍ଡ ୧୧୭.୩୪
- ୟୁରୋ ୧୦୨.୭୯ ● ୟେନ୍ ୦.୫୮

### ସୁନା, ରୁପା ଦର (ଟଙ୍କାରେ)



୧୦ ଗ୍ରାମ ପିଛା (୨୨ କ୍ୟାରେଟ୍)
- ସୁନା: ୧,୧୧,୩୫୦ (ନୂଆଦିଲ୍ଲୀ)
- ରୁପା : ୧,୬୦,୦୦୦ (କେଜି)



### ଷ୍ଟକ୍ ମାର୍କେଟ୍



ବଜାର କାରବାର (ପଏଣ୍ଟରେ)
- ସେନ୍‌ସେକ୍ସ ୮୪,୪୦୪.୦୦
- ନିଫ୍ଟି ୨୫,୮୭୭.୦୦

### ପେଟ୍ରୋଲ-ଡିଜେଲ୍



ଲିଟର ପିଛା (ଟଙ୍କାରେ)
- ପେଟ୍ରୋଲ୍- ୧୦୧.୨୯ (ଭୁବନେଶ୍ୱର)
- ଡିଜେଲ୍ - ୯୨.୮୦

# ଭାରତରେ ଅଧାରୁ ଅଧିକ ଲୋକ ଶୀଘ୍ର ଅବସର ନେବାକୁ ଆଗ୍ରହୀ




- ଅନ୍ୟ ଅଞ୍ଚଳ ତୁଳନାରେ ପୂର୍ବ ଭାରତର ଲୋକେ ଖୁବ୍ ଆଗରେ
- ଅବସର ପ୍ରସ୍ତୁତିରେ ପୁରୁଷଙ୍କୁ ଟପିଲେ ମହିଳା
- ସ୍ୱାସ୍ଥ୍ୟକୁ ନେଇ ଅଧିକ ସଚେତନ

**ଇଣ୍ଡିଆ ରିଟାୟରମେଣ୍ଟ ଇଣ୍ଡେକ୍ସ ଷ୍ଟଡି ରିପୋର୍ଟ**

**ନୂଆଦିଲ୍ଲୀ,୨୦।୧୦(ଏଜେନ୍ସି):** ସମ୍ପ୍ରତି ଭାରତରେ ଚାକିରିରୁ ଅବସର ଗ୍ରହଣ କ୍ଷେତ୍ରରେ ଲୋକଙ୍କ ମଧ୍ୟରେ ପ୍ରସ୍ତୁତି ନିରନ୍ତର ଭାବେ ବଢ଼ିବାରେ ଲାଗିଛି। ଏଥିରେ ଅଧାରୁ ଅଧିକ ଲୋକ ଜଲ୍‌ଦି ଅବସର ନେବାକୁ ଯୋଜନା କରୁଛନ୍ତି। ସହରାଞ୍ଚଳ ବାସିନ୍ଦାମାନେ ଅବସର ଯୋଜନା କ୍ଷେତ୍ରରେ ଗ୍ରାମାଞ୍ଚଳ ବାସିନ୍ଦାଙ୍କ ତୁଳନାରେ ଆଗରେ ରହିଛନ୍ତି। ଏହା ବ୍ୟତୀତ, ପୂର୍ବ ଭାରତର ଲୋକମାନେ ବର୍ତ୍ତମାନ ଅବସର ଯୋଜନା କ୍ଷେତ୍ରରେ ଦେଶର ଅନ୍ୟ ଅଞ୍ଚଳ ତୁଳନାରେ ଆଗରେ ରହିଛନ୍ତି। ଇଣ୍ଡିଆ ରିଟାୟାରମେଣ୍ଟ ଇଣ୍ଡେକ୍ସ ଷ୍ଟଡି (ଆଇଆର୍‌ଆଇଏସ୍) ଦ୍ୱାରା କରାଯାଇଥିବା ଏକ ଏହି ଅଧ୍ୟୟନରେ ଏହା କୁହାଯାଇଛି।

ଏହି ଅଧ୍ୟୟନ ଅନୁସାରେ, ଭାରତରେ ଅବସର ପ୍ରସ୍ତୁତି କ୍ରମଶଃ ବୃଦ୍ଧି ପାଉଛି। ଗତ ୪ ବର୍ଷ ମଧ୍ୟରେ ଆଇଆର୍‌ଆଇଏସ୍ ଇଣ୍ଡେକ୍ସ ସ୍କୋର ୪୪ ରୁ ୪୮କୁ ବୃଦ୍ଧି ପାଇଛି। ଏହା ଦର୍ଶାଉଛି ଯେ ଲୋକମାନେ ଏବେ ଆର୍ଥିକ, ସ୍ୱାସ୍ଥ୍ୟ ଏବଂ ଭାବପ୍ରବଣ ଭାବରେ ଅବସର ବିଷୟରେ ଅଧିକ ସଚେତନ ହେଉଛନ୍ତି। ତେବେ ରିପୋର୍ଟରେ ଲୋକଙ୍କ ଅବସର ଯୋଜନାର କିଛି ପ୍ରମୁଖ ଆହ୍ୱାନକୁ ଦର୍ଶାଯାଇଛି। ଯେପରିକି ଏଥିରେ ନିର୍ଭରଯୋଗ୍ୟ ପରାମର୍ଶର ଅଭାବ, ପରିବାର ଉପରେ ନିର୍ଭରଶୀଳତା ଏବଂ ଅନ୍ୟାନ୍ୟ ଜୀବନ ଆବଶ୍ୟକତାକୁ ପ୍ରାଥମିକତା ଦେବା ଭଳି ଦିଗଗୁଡ଼ିକ ଅନ୍ତର୍ଭୁକ୍ତ। ଅଧ୍ୟୟନରୁ ଏହା ମଧ୍ୟ ଜଣାପଡିଛି ଯେ ଅଧିକାଂଶ ଲୋକ ୩୫ ବର୍ଷ ବୟସ ପୂର୍ବରୁ ଅବସର ଯୋଜନାର ଗୁରୁତ୍ୱ ବିଷୟରେ ଭଲ ଭାବରେ ଅବଗତ।

ଏ ସମ୍ପର୍କରେ ଆକ୍ସିସ୍ ମ୍ୟାକ୍ସ ଲାଇଫ୍‌ର ଏମ୍‌ଡି ଏବଂ ସିଇଓ ସୁମିତ ମଦନ କହିଛନ୍ତି, ଆଜିର ଗ୍ରାହକମାନେ ଅଧିକ ସ୍ୱାସ୍ଥ୍ୟପ୍ରତି ସଚେତନ, ଉତ୍ପାଦ ବିଷୟରେ ଅଧିକ ଜ୍ଞାନୀ ଏବଂ ଆର୍ଥିକ ଆତ୍ମବିଶ୍ୱାସ ବୃଦ୍ଧି ପାଇଛି। ଅଧ୍ୟୟନରୁ ଏହା ମଧ୍ୟ ଜଣାପଡ଼ିଛି ଯେ ଜନସଂଖ୍ୟାର ଏକ ବଡ଼ ଅଂଶ ଯୋଜନା କିପରି ଆରମ୍ଭ କରିବେ ସେ ବିଷୟରେ ଅନିଶ୍ଚିତ, ଯାହା ନିର୍ଭରଯୋଗ୍ୟ ପରାମର୍ଶର ଆବଶ୍ୟକତାକୁ ଆହୁରି ବୃଦ୍ଧି କରୁଛି। ୨୦୨୨ ମସିହାରେ ସ୍ୱାସ୍ଥ୍ୟ ପ୍ରସ୍ତୁତି ୪୧ ରୁ ୪୬ କୁ ବୃଦ୍ଧି ପାଇଛି। ଏହା ବର୍ଦ୍ଧିତ ଶାରୀରିକ କାର୍ଯ୍ୟକଳାପ, ନିୟମିତ ସ୍ୱାସ୍ଥ୍ୟ ଯାଞ୍ଚ ଏବଂ ସ୍ୱାସ୍ଥ୍ୟ ବୀମାର ବୃଦ୍ଧି ଯୋଗୁଁ ହୋଇଛି, ଯାହା ବର୍ତ୍ତମାନ ୫୦ ପ୍ରତିଶତରେ ପହଞ୍ଚିଛି। ତଥାପି, ଭାବପ୍ରବଣତା ଜନିତ ସ୍ୱାସ୍ଥ୍ୟବସ୍ଥା ଏକ ଚିନ୍ତାର ବିଷୟ ହୋଇ ରହିଛି। ୭୧ ପ୍ରତିଶତ ଉତ୍ତରଦାତା କିଛି ଏକାକୀ ଅନୁଭବ କରୁଥିବା ରିପୋର୍ଟ କରିଥିବାବେଳେ ଏବଂ ୭୨ ପ୍ରତିଶତ ପରିବାର ଉପରେ ନିର୍ଭରଶୀଳ ହେବାକୁ ନେଇ ଚିନ୍ତିତ।

ଅପରପକ୍ଷେ ଅବସର ପ୍ରସ୍ତୁତି କ୍ଷେତ୍ରରେ ମହିଳାମାନେ ପୁରୁଷମାନଙ୍କ ତୁଳନାରେ ଟିକିଏ ଆଗରେ। ସେମାନଙ୍କର ସ୍କୋର ୪୯, ଯେତେବେଳେ ପୁରୁଷମାନଙ୍କର ସ୍କୋର ୪୮। ଅଧିକାଂଶ ମହିଳା (୮୨ ପ୍ରତିଶତ) ପୁରୁଷମାନଙ୍କ ତୁଳନାରେ ଅବସର ପରେ ମଧ୍ୟ ଶାରୀରିକ ଭାବରେ ସୁସ୍ଥ ରହିବା ନେଇ ଆଶାବାଦୀ, ଯାହା ପୁରୁଷଙ୍କ କ୍ଷେତ୍ରରେ ୭୮ ପ୍ରତିଶତ। ତଥାପି, ମହିଳାମାନେ ବିପଦପୂର୍ଣ୍ଣ ନିବେଶ (ଯେପରିକି ଷ୍ଟକ୍ ବଜାର) ରେ ଅର୍ଥ ବିନିଯୋଗ କରିବା ପାଇଁ ପୁରୁଷମାନଙ୍କ ତୁଳନାରେ ୮% କମ୍ ସମ୍ଭାବନା ରଖୁଛନ୍ତି। ଏହାବାଦ୍ ମେଟ୍ରୋ ସହରଗୁଡ଼ିକରେ ଷଳାମେକ ଅବସରକାଳୀନ ପ୍ରସ୍ତୁତିକୁ ନେଇ ବେଶ ଆଗରେ ଅଛନ୍ତି। ସେମାନଙ୍କ ସ୍କୋର ୫୦ ରହିଛି। ସହିତ। ଏହା ନିୟମିତ ଫିଟନେସ୍ ଅଭ୍ୟାସ ଏବଂ ସ୍ୱାସ୍ଥ୍ୟ ଯାଞ୍ଚ (୬୦%) ଯୋଗୁଁ ହୋଇଛି।

### ୭୬ ରେଳ ଷ୍ଟେସନ୍‌ରେ ନିର୍ମାଣ ହେବ ଯାତ୍ରୀ ହୋଲ୍ଡିଂ ଏରିଆ

# ତାଲିକାରେ ଭୁବନେଶ୍ୱର, ପୁରୀ ସାମିଲ



**ନୂଆଦିଲ୍ଲୀ,୩୦।୧୦(ଏଜେନ୍ସି):** ନୂଆଦିଲ୍ଲୀ ରେଳ ଷ୍ଟେସନରେ ଯାତ୍ରୀ ସଂରକ୍ଷଣ କ୍ଷେତ୍ରର ସଫଳତା ପରେ, ଭାରତୀୟ ରେଳବାଇ ଏବେ ୭୬ଟି ଷ୍ଟେସନରେ ଏପରି ସୁବିଧା ବିକଶିତ କରିବାକୁ ଯାଉଛି। କେନ୍ଦ୍ର ରେଳମନ୍ତ୍ରୀ ଅଶ୍ୱିନୀ ବୈଷ୍ଣବ ଏହି ଯୋଜନାକୁ ଅନୁମୋଦନ ଦେଇଛନ୍ତି। ଏହି ସୁବିଧା ସହିତ, ଦୀପାବଳି, ଦଶହରା, ପାବଳି ଏବଂ ଛଟ ଭଳି ପର୍ବପର୍ବାଣୀ ସମୟରେ ଷ୍ଟେସନ ସହଜରେ ପ୍ରବଳ ଭିଡ଼କୁ ନିୟନ୍ତ୍ରଣ କରିପାରିବ। ଦେଶର ୭୫ରୁ ଅଧିକ ଷ୍ଟେସନରେ ସ୍ଥାୟୀ ଯାତ୍ରୀ ସଂରକ୍ଷଣ କ୍ଷେତ୍ର ନିର୍ମାଣ କରିବାକୁ ଲକ୍ଷ୍ୟ ରଖାଯାଇଛି। ଏହି ତାଲିକାରେ ରାଜ୍ୟରୁ ଭୁବନେଶ୍ୱର ଏବଂ ପୁରୀ ଷ୍ଟେସନ୍ ସାମିଲ ଅଛି। ରେଳ ମନ୍ତ୍ରଣାଳୟ କହିଛି ଯେ ରେଳ ମନ୍ତ୍ରୀ ବିଭିନ୍ନ ରେଳ ଷ୍ଟେସନରେ ଯାତ୍ରୀ ସଂରକ୍ଷଣ କ୍ଷେତ୍ର ବିକଶିତ କରିବା ପାଇଁ ଏକ ଯୋଜନାକୁ ଅନୁମୋଦନ ମିଳିଛି। ମନ୍ତ୍ରଣାଳୟ ୨୦୨୬ ଉତ୍ସବ ଋତୁ ପୂର୍ବରୁ ଏହି ୭୫ଟି ଅଧିକ ଷ୍ଟେସନରେ ସ୍ଥାୟୀ ଯାତ୍ରୀ ସଂରକ୍ଷଣ କ୍ଷେତ୍ର ନିର୍ମାଣ ସମାପ୍ତ କରିବାକୁ ଲକ୍ଷ୍ୟ ରଖିଛି। ନୂଆଦିଲ୍ଲୀ ଷ୍ଟେସନରେ ଏହି ସୁବିଧା ନିର୍ମାଣ ମାତ୍ର ଚାରି ମାସ ମଧ୍ୟରେ ସମାପ୍ତ ହୋଇଥିଲା। ଯାତ୍ରୀ ସଂରକ୍ଷଣ କ୍ଷେତ୍ରର ଅର୍ଥ ହେଉଛି ଯାତ୍ରୀମାନଙ୍କ ପାଇଁ ସେମାନଙ୍କ ଟ୍ରେନ୍ ପାଇଁ ଅପେକ୍ଷା କରିବା ପାଇଁ ଏକ ଉତ୍ସର୍ଗୀକୃତ ସ୍ଥାନ। ଏହା ଷ୍ଟେସନରେ ଭିଡ଼ ହ୍ରାସ କରିବ ଏବଂ ଯାତ୍ରୀମାନଙ୍କୁ ଆରାମ ପ୍ରଦାନ କରିବ। ଦେଶର ମୋଟ ୧୬ଟି ରେଳ ଜୋନରେ ଯାତ୍ରୀ ସଂରକ୍ଷଣ କ୍ଷେତ୍ର ନିର୍ମାଣ କରାଯିବ। ଏଥିରୁ କେନ୍ଦ୍ରୀୟ ଜୋନାଲ ରେଳବାଇରେ ୬, ପୂର୍ବାଞ୍ଚଳରେ ୬, ପୂର୍ବ କେନ୍ଦ୍ରୀୟରେ ୬, ପୂର୍ବ ତଟରେ ୬, ଉତ୍ତରାଞ୍ଚଳରେ ୧୨, ଉତ୍ତର କେନ୍ଦ୍ରୀୟରେ ୪, ଉତ୍ତର ପୂର୍ବାଞ୍ଚଳରେ ୪, ଉତ୍ତର ପୂର୍ବ ସୀମାରେ ୨, ଉତ୍ତର ପଶ୍ଚିମରେ ୫, ଦକ୍ଷିଣରେ ୪, ଦକ୍ଷିଣ କେନ୍ଦ୍ରୀୟରେ ୬, ଦକ୍ଷିଣ ପୂର୍ବରେ ୩, ଦକ୍ଷିଣ ପୂର୍ବ କେନ୍ଦ୍ରୀୟରେ ୧, ଦକ୍ଷିଣ ପଶ୍ଚିମରେ ୪, ପଶ୍ଚିମରେ ୮ ଏବଂ ପଶ୍ଚିମ କେନ୍ଦ୍ରୀୟରେ ୩ ଯାତ୍ରୀ ସଂରକ୍ଷଣ କ୍ଷେତ୍ର ନିର୍ମାଣ ହେବ। ଏହି ହୋଲ୍ଡିଂ କ୍ଷେତ୍ରଗୁଡ଼ିକରେ ବସିବା ସ୍ଥାନ, ଟିକେଟ୍ କାଉଣ୍ଟର, ଶୌଚାଳୟ, ପଚରାଉଚରା, ଲଗେଜ ଯାଞ୍ଚ ଏବଂ ଖାଦ୍ୟ ଏବଂ ପାନୀୟ ସୁବିଧା ପ୍ରଦାନ କରାଯିବ।

## ବ୍ୟାଙ୍କ ଅଫ୍ ଇଣ୍ଡିଆର ବାଲୁଗାଁ ଶାଖା ଉଦ୍‌ଘାଟିତ

**ଭୁବନେଶ୍ୱର,୩୦।୧୦(ସମିସ):** ବ୍ୟାଙ୍କ ଅଫ୍ ଇଣ୍ଡିଆ(ବିଓଆଇ)ର ବାଲୁଗାଁ ଶାଖା ଉଦ୍‌ଘାଟିତ ହୋଇଯାଇଛି। ବ୍ୟାଙ୍କର ଭୁବନେଶ୍ୱର ଅଞ୍ଚଳର ଆଞ୍ଚଳିକ ପ୍ରବନ୍ଧକ ବିଜୟ କୁମାର ମଲ୍ଲିକ ଏହି ନୂତନ ଶାଖାର ଉଦ୍‌ଘାଟନ କରିଥିଲେ। ଏହି ଶାଖା ବ୍ୟାଙ୍କର ଭୁବନେଶ୍ୱର ଅଞ୍ଚଳର ୮୬ତମ ଶାଖା। ଏହି ଅବସରରେ ଉପ-ଆଞ୍ଚଳିକ ପ୍ରବନ୍ଧକ ଶ୍ୟାମଳ କୁମାର ଦାସ, ବାଲୁଗାଁ ଶାଖାର ଶାଖା ପ୍ରବନ୍ଧକ କୈଳାଶ ଚନ୍ଦ୍ର ବେହେରା ଏବଂ ଅନ୍ୟାନ୍ୟ ମାନ୍ୟଗଣ୍ୟ ବ୍ୟକ୍ତି ଉପସ୍ଥିତ ଥିଲେ। ଗ୍ରାହକମାନଙ୍କୁ ଉତ୍କୃଷ୍ଟ ସେବା ଯୋଗାଇଦେବା ବ୍ୟାଙ୍କର ପ୍ରମୁଖ ଲକ୍ଷ୍ୟ ଏବଂ ଏହି ଶାଖା ସ୍ଥାନୀୟ ଅଞ୍ଚଳର ଜନସାଧାରଣଙ୍କୁ ଉନ୍ନତ ମାନର ବ୍ୟାଙ୍କିଙ୍ଗ୍ ସେବା ଯୋଗାଇବା ସହିତ ବ୍ୟାଙ୍କିଙ୍ଗ୍ ସୁବିଧା ସମ୍ପର୍କରେ ଲୋକମାନଙ୍କୁ ଅବଗତ କରାଇବାରେ ସହାୟକ ହେବ ବୋଲି ଆଞ୍ଚଳିକ ପ୍ରବନ୍ଧକ ମଲିକ ପ୍ରକାଶ କରିଥିଲେ।



## କଳାହାଣ୍ଡିରେ ବେଦାନ୍ତ ଆଲୁମିନିୟମର ଦକ୍ଷତା ପଦକ୍ଷେପ

**ଭୁବନେଶ୍ୱର, ୩୦।୧୦(ସମିସ):** ସମୃଦ୍ଧ ପରମ୍ପରା ଏବଂ ଅବ୍ୟବହୃତ ସମ୍ଭାବନାର ଭୂମି କଳାହାଣ୍ଡି ଏବେ ଏକ ଉଲ୍ଲେଖନୀୟ ପରିବର୍ତ୍ତନର ସାକ୍ଷୀ ହେଉଛି। ଏଠାରେ ମହତ୍ତ୍ୱାକାଂକ୍ଷା, ଆତ୍ମବିଶ୍ୱାସ ଏବଂ ଆତ୍ମନିର୍ଭରଶୀଳତାର ଏକ ନୂତନ କାହାଣୀ ରୂପ ନେଉଛି, ଯାହାର ନେତୃତ୍ୱ ନେଉଛି ବେଦାନ୍ତ ଆଲୁମିନିୟମର ଦକ୍ଷତା ବିକାଶ ପଦକ୍ଷେପ, ଯାହା ବର୍ତ୍ତମାନ ସୁଦ୍ଧା ଭବାନୀପାଟଣା ଏବଂ ଲାଞ୍ଜିଗଡ଼ର ୮୦୦ରୁ ଅଧିକ ଯୁବକଙ୍କୁ ତାଲିମ ଦେଇସାରିଛି। ୫୫% ମହିଳା ଅଂଶଗ୍ରହଣ ସହିତ, କଳାହାଣ୍ଡିରେ ଏହି କାର୍ଯ୍ୟକ୍ରମ ଏହାର ଲୋକଙ୍କ ପାଇଁ ସୁଯୋଗର ଏକ ଦ୍ୱାର ଖୋଲିବା ସହିତ ଲିଙ୍ଗ-ସାମଗ୍ରିକ ନିଯୁକ୍ତିକୁ ବୃଦ୍ଧି କରୁଛି ଏବଂ ଏହି ଅଞ୍ଚଳରେ ନୂତନ ଜୀବନ ଫୁଙ୍କୁଛି। କାହିଁ କେଉଁ ଦଶକ ଧରି କଳାହାଣ୍ଡି ଥିଲା ସୀମିତ ସୁଯୋଗ ଓ ଅପୂର୍ଣ୍ଣ ସ୍ୱପ୍ନର ଅଞ୍ଚଳ। କିନ୍ତୁ ଏବେ ଭାଗ୍ୟ ବଦଳିଛି। ବେଦାନ୍ତର ଭବାନୀପାଟଣା ଓ ଲାଞ୍ଜିଗଡ଼ ଦକ୍ଷତା ତାଲିମ କେନ୍ଦ୍ରଗୁଡ଼ିକରେ ଯୁବକ-ଯୁବତୀମାନେ ଆଚରଣିକ ଓ ନିଯୁକ୍ତି-ଯୋଗ୍ୟ କୌଶଳ ଶିଖୁଛନ୍ତି, ଯାହା ତାଙ୍କୁ ନୂତନ ଓ ଆଧୁନିକ ବୃତ୍ତିକ୍ଷେତ୍ରରେ ସୁଯୋଗ ଦେଉଛି। ଏହି କେନ୍ଦ୍ରଗୁଡ଼ିକ ଓଡ଼ିଶା କୌଶଳ ବିକାଶ କର୍ତ୍ତୃପକ୍ଷ ଓ ନାବାର୍ଡ ସହଯୋଗରେ ଚାଲୁଛି। ଏଠାରେ ଅତିଥି ସେବା, ବିକ୍ରୟ, ଖାଦ୍ୟ ଓ ପାନୀୟ ସେବା ଭଳି ବିଭିନ୍ନ ଶିଳ୍ପ-ସଂପର୍କିତ ପାଠପଢ଼ା ହେଉଛି। ଏ ପର୍ଯ୍ୟନ୍ତ ଯେଉଁ ୮୦୦ରୁ ଅଧିକ ଯୁବା ଶିକ୍ଷା ପାଇଛନ୍ତି।



## 'ବିଏସ୍‌ଏନ୍‌ଏଲ୍‌ର ରାଜସ୍ୱ ଅଭିବୃଦ୍ଧିରେ ଶ୍ରେଷ୍ଠ ପ୍ରଦର୍ଶନକାରୀ ରାଜ୍ୟରେ ଓଡ଼ିଶା'



**ନୂଆଦିଲ୍ଲୀ,୩୦।୧୦:** ୨୦୨୪-୨୫ ଆର୍ଥିକବର୍ଷରେ ଲଗାତାର ଭାବେ ବିଏସଏନଏଲ୍‌ର ନେଟ୍ ତ୍ରୈମାସିକ ଲାଭ ପରେ କମ୍ପାନୀ ଲାଭଦାୟକତା ଗତିକୁ ବଜାୟ ରଖିବା ଏବଂ ୨୦୨୫-୨୬ ଆର୍ଥିକ ବର୍ଷର ପ୍ରଥମାର୍ଦ୍ଧ ପର୍ଯ୍ୟନ୍ତ ଦୃଢ଼ ପ୍ରଦର୍ଶନ ପଥ ବଜାୟ ରଖିଛି। ଏହି ସମୟରେ କମ୍ପାନୀପ୍ରାୟ ୫,୩୪୭ କୋଟି ଟଙ୍କା ଆୟ କରିଛି, ଯାହା ମୋଟ ୧୧,୧୩୪ କୋଟି ଟଙ୍କାର ପ୍ରଥମ ଅର୍ଦ୍ଧବାର୍ଷିକରେ ରାଜସ୍ୱ ପ୍ରଦାନ କରିଛି। ୨୦୨୫-୨୬ ଆର୍ଥିକ ବର୍ଷ ପାଇଁ ବିଏସଏନଏଲ୍‌ର ବାର୍ଷିକ ରାଜସ୍ୱ ଲକ୍ଷ୍ୟ ୨୭,୫୦୦ କୋଟି ଟଙ୍କା ରହିଛି, ଯାହା ପୂର୍ବ ବର୍ଷରେ ୨୫,୦୦୦ କୋଟି ଟଙ୍କା ଥିବା କେନ୍ଦ୍ର ଯୋଗାଯୋଗ ମନ୍ତ୍ରୀ ଜ୍ୟୋତିରାଦିତ୍ୟ ଏମ. ସିନ୍ଧିଆ କହିଛନ୍ତି। ବିଏସଏନଏଲ୍‌ର ଦ୍ୱିତୀୟ ରଣନୈତିକ ସମୀକ୍ଷା ଏବଂ ଯୋଜନା ବୈଠକ (୨୦୨୫-୨୬)ରେ ଅଧ୍ୟକ୍ଷତା କରି ସିନ୍ଧିଆ ଦେଶର ସମସ୍ତ ୨୮ ଟି ସର୍କଲର ମୁଖ୍ୟ ମହାପ୍ରବନ୍ଧକ (ସିଜିଏମ୍)ଙ୍କ ସହ ଆଲୋଚନା କରିଥିଲେ। ଚାରି ଘଣ୍ଟା ଧରି ଚାଲିଥିବା ଏହି ରଣନୈତିକ ସମୀକ୍ଷାରେ ପ୍ରତି କର୍ମଚାରୀଙ୍କ ପାଇଁ ହାରାହାରି ରାଜସ୍ୱ ୯ ଲକ୍ଷ ଟଙ୍କା ହୋଇଛି, ଯେଉଁଥିରେ ଓଡ଼ିଶା, ମହାରାଷ୍ଟ୍ର ଏବଂ ହରିୟାଣା ଉଲ୍ଲେଖନୀୟ ଭାବରେ ଭଲ ପ୍ରଦର୍ଶନ କରିଛନ୍ତି।

## ଜିଓ ବ୍ୟବହାରକାରୀଙ୍କୁ ୧୮ ମାସ ପାଇଁ ମାଗଣାରେ ମିଳିବ ଗୁଗୁଲ୍ ଏଆଇ ପ୍ରୋ

**ମୁମ୍ବଇ, ୩୦।୧୦:** ରିଲାଏନ୍ସ ଇଣ୍ଡଷ୍ଟ୍ରିଜ ଲିମିଟେଡ୍ ଏବଂ ଗୁଗୁଲ୍ ଆଜି ଏକ ପ୍ରମୁଖ ରଣନୈତିକ ସହଭାଗୀତା ଘୋଷଣା କରିଛନ୍ତି, ଯାହା ଅଧୀନରେ ଉଭୟ କମ୍ପାନୀ ଭାରତରେ କୃତ୍ରିମ ବୁଦ୍ଧିମତ୍ତା (ଏଆଇ) ବ୍ୟବହାରକୁ ଦ୍ରୁତ ଭାବରେ ବିସ୍ତାର କରିବା ପାଇଁ ଏକାଠି କାମ କରିବେ। ଏହି ସହଭାଗୀତାର ସ୍ୱତନ୍ତ୍ରତା ହେଉଛି ଜିଓ ବ୍ୟବହାରକାରୀମାନେ ୧୮ ମାସ ପାଇଁ ଗୁଗୁଲ ଏଆଇ ପ୍ରୋ ପ୍ଲାନ ର ମାଗଣା ପ୍ରବେଶ ବା ଆକ୍ସେସ ପାଇବେ। ଏହି ପ୍ଲାନର ମୂଲ୍ୟ ପ୍ରତି ଉପଯୋଗକର୍ତ୍ତାଙ୍କ ପାଇଁ ପ୍ରାୟ ୩୫,୧୦୦ ଟଙ୍କା ରହିଥିବା ବେଳେ, ଏହି ସହଭାଗିତା ଅଧୀନରେ ଏହା ମାଗଣାରେ ଉପଲବ୍ଧ ହେବ। ଗୁଗୁଲ୍ ଜେମିନି ୨.୫ ପ୍ରୋ, ନୂତନତମ ନାନୋ ବନାନା, ଏବଂ ଭିଓ ୩.୧ ମଡେଲ୍ ସହିତ ଚମତ୍କାର ଚିତ୍ର ଏବଂ ଭିଡିଓ ତିଆରି କରିବା ପାଇଁ ଉପଭୋକ୍ତାମାନେ ବିସ୍ତାରିତ ଲିମିଟ ପାଇବେ। ଅଧ୍ୟୟନ ଏବଂ ଗବେଷଣା ପାଇଁ ନୋଟବୁକ୍ ଏଲଏମର ବର୍ଦ୍ଧିତ ଆକ୍ସେସ ଏବଂ ୨ ଟିବି କ୍ଲାଉଡ୍ ଷ୍ଟୋରେଜ୍ ଭଳି ପ୍ରିମିୟମ୍ ସେବା ମଧ୍ୟ ଏହି ଅଫରରେ ଅନ୍ତର୍ଭୁକ୍ତ ରହିଛି।ପ୍ରାରମ୍ଭରେ, ଏହି ସୁବିଧା ୧୮ ରୁ ୨୫ ବର୍ଷ ବୟସର ଜିଓ ଉପଭୋକ୍ତାମାନଙ୍କ ପାଇଁ ଉପଲବ୍ଧ ହେବ, କିନ୍ତୁ ପରବର୍ତ୍ତୀ ସମୟରେ ସମସ୍ତ ଜିଓ ଉପଭୋକ୍ତାଙ୍କୁ ଏହାର ପ୍ରବେଶ ବା ଆକ୍ସେସ ମିଳିବ। ଏହି ଏଆଇ ସୁବିଧା କମ୍ପାନୀ କେବଳ ୫ଜି ଅନଲିମିଟେଡ୍ ପ୍ଲାନ ରହିଥିବା ଜିଓ ଗ୍ରାହକମାନଙ୍କୁ ପ୍ରଦାନ କରିବ। ଏହି ସହଭାଗୀତା ରିଲାଏନ୍ସର "ସମସ୍ତଙ୍କ ପାଇଁ ଏଆଇ" ଦୃଷ୍ଟିକୋଣ ଅନୁରୂପ ହୋଇଥିବା ରିଲାଏନ୍ସ ଇଣ୍ଡଷ୍ଟ୍ରିଜ୍ ଲିମିଟେଡର ଅଧ୍ୟକ୍ଷ ମୁକେଶ ଡି. ଅମ୍ବାନୀ କହିଛନ୍ତି।

Reliance Industries Limited

# ସଙ୍କଟରେ ଭାରତୀୟ ବିମାନ କମ୍ପାନୀ; କ୍ଷତି ୧୦,୫୦୦ କୋଟି ଛୁଇଁବ

- ଖୁବ୍ ଶୀଘ୍ର ମହଙ୍ଗା ହେବ ବିମାନ ଯାତ୍ରା
- ୧୭% ବିମାନ ଅଚଳ
- ପାଇଲଟ୍ ଅଭାବ, ବିମାନ ଲିଜ୍ ମୂଲ୍ୟ ବୃଦ୍ଧି କମ୍ପାନୀଙ୍କ ଉପରେ ଅତିରିକ୍ତ ଆର୍ଥିକ ଚାପ




**ଇକ୍ରା ରିପୋର୍ଟ**

**ନୂଆଦିଲ୍ଲୀ,୩୦।୧୦(ଏଜେନ୍ସି):** ଘୋର କ୍ଷତିରେ ଚାଲୁଛନ୍ତି ଭାରତୀୟ ବିମାନ କମ୍ପାନୀ। ପରିଚାଳନା ଖର୍ଚ୍ଚରେ ପ୍ରଚୁର ବୃଦ୍ଧି ସହ ମହଙ୍ଗା ବିମାନ ଇନ୍ଧନ, ମଜବୁତ ଡଲାର ଏବଂ ହ୍ରାସ ପାଉଥିବା ଘରୋଇ ଯାତ୍ରୀ ସଂଖ୍ୟା ଏହାର ମୁଖ୍ୟ କାରଣ ବୋଲି ବିବେଚନା କରାଯାଉଛି। ଯାହାଫଳରେ ଭାରତୀୟ ବିମାନ କମ୍ପାନୀଗୁଡ଼ିକର କ୍ଷତି ୨୦୨୬ ଆର୍ଥିକବର୍ଷରେ ରେକର୍ଡ ୧୦୫ ବିଲିୟନ ବା ୧୦,୫୦୦ କୋଟି ଟଙ୍କା ଛୁଇଁପାରେ। ଏହା ଗତ ବର୍ଷ ଆକଳନ କରାଯାଇଥିବା ୫୫ ବିଲିୟନ ତୁଳନାରେ ପ୍ରାୟ ଦୁଇଗୁଣ ଅଧିକ ବୋଲି କୁହାଯାଉଛି। ଏମିତିକି ଘରୋଇ କ୍ଷେତ୍ରରେ ଚାଲୁଥିବା ପ୍ରାୟ ୧୭% ବିମାନ ବର୍ତ୍ତମାନ ଉଡାଣ କରିବା ସ୍ଥିତିରେ ନାହିଁ। ସେଗୁଡିକ ଅଚଳ ହୋଇଯାଇଛି। ଏହାର ପରିଣାମ ସ୍ୱରୂପ ଦେଶରେ ଲୋକଙ୍କ ପାଇଁ ଖୁବ୍ ଶୀଘ୍ର ବିମାନ ଯାତ୍ରା ମହଙ୍ଗା ହେବାକୁ ଯାଉଛି। ରେଟିଂ ଏଜେନ୍ସି ଇକ୍ରା ପକ୍ଷରୁ ପ୍ରକାଶିତ ଏକ ରିପୋର୍ଟରେ ଏହା କୁହାଯାଇଛି।

ରିପୋର୍ଟ ଅନୁଯାୟୀ, ଦେଶର ବର୍ଦ୍ଧିତ ଅର୍ଥନୀତିର ଏକ ପ୍ରମୁଖ ସୂଚକ ଭାବରେ ବିବେଚିତ ଭାରତୀୟ ବିମାନ ଶିଳ୍ପ ବର୍ତ୍ତମାନ ଏକ ବଡ଼ ଆର୍ଥିକ ସଙ୍କଟ ଆଡକୁ ମୁହାଁଇଛି। ଏହା ବିମାନ ଯାତ୍ରୀଙ୍କ ପକେଟ ଉପରେ ଗଭୀର ପ୍ରଭାବ ପକାଇପାରେ। ରିପୋର୍ଟରେ ଚେତାବନୀ ଦିଆଯାଇଛି ଯେ ଭାରତୀୟ ବିମାନ କମ୍ପାନୀଗୁଡ଼ିକର ନିଟ୍ ଆର୍ଥିକ କ୍ଷତି ଆହୁରି ବୃଦ୍ଧି ପାଇପାରେ। ଏହାର ଅର୍ଥ ହେଉଛି କ୍ଷତି ମାତ୍ର ଗୋଟିଏ ବର୍ଷ ମଧ୍ୟରେ ପ୍ରାୟ ଦୁଇଗୁଣ ହେବ ବୋଲି ଆଶଙ୍କା କରାଯାଉଛି। ଏହି ବିଶାଳ ଆର୍ଥିକ ବୋଝର ସିଧାସଳଖ ଅର୍ଥ ହେଉଛି ଯେ ବିମାନ କମ୍ପାନୀଗୁଡ଼ିକ ନିଜର ପରିଚାଳନା ଖର୍ଚ୍ଚ ବଜାୟ ରଖିବା ପାଇଁ ବର୍ତ୍ତମାନ ବର୍ଦ୍ଧିତ ଚାପର ସମ୍ମୁଖୀନ ହେବେ, ଯାହା ଟିକଟ୍ ମୂଲ୍ୟ କିମ୍ବା ସୁବିଧା ହ୍ରାସ ମାଧ୍ୟମରେ ଯାତ୍ରୀମାନଙ୍କୁ ପ୍ରଭାବିତ କରିବ। ଏହି ଆର୍ଥିକ କ୍ଷତି ପଛର ବଡ଼ କାରଣ ହେଉଛି ଚଳିତମାସରେ ଏଟିଏଫ୍ ମୂଲ୍ୟରେ ୩.୩ ପ୍ରତିଶତ ବୃଦ୍ଧି ଘଟିବା। ଭାରତୀୟ ବିମାନ କମ୍ପାନୀଗୁଡ଼ିକ ପାଇଁ ଆଉ ଏକ ବଡ଼ ପ୍ରତିବନ୍ଧକ ହେଉଛି ଆମେରିକୀୟ ଡଲାରର ଶକ୍ତି। କମ୍ପାନୀଗୁଡିକର ବିମାନ ଲିଜ୍, ରକ୍ଷଣାବେକ୍ଷଣ ଏବଂ ସ୍ପେୟାର ପାର୍ଟସ୍ ଭଳି ଅଧିକାଂଶ ପ୍ରମୁଖ ଖର୍ଚ୍ଚ ଡଲାରରେ ପେମେଣ୍ଟ କରାଯାଏ। ଟଙ୍କା ଏବଂ ଡଲାର ମଧ୍ୟରେ ଅସ୍ଥିରତା ସିଧାସଳଖ ସେମାନଙ୍କ ଲାଭକୁ କମ୍ କରୁଛି। ଯଦିଓ ସେମାନେ ଭାରତୀୟ ଟଙ୍କାରେ ରୋଜଗାର କରନ୍ତି, କିନ୍ତୁ ସେମାନଙ୍କୁ ଡଲାରରେ ଖର୍ଚ୍ଚ କରିବାକୁ ପଡ଼େ, ଯାହା କ୍ଷତିର ଏକ ପ୍ରମୁଖ ଏବଂ ସ୍ଥାୟୀ କାରଣ।

ଅପରପକ୍ଷେ ଏହାର ଅନ୍ୟ ଏକ କାରଣ ହେଉଛି , ଘରୋଇ ବିମାନ ଯାତ୍ରୀ ସଂଖ୍ୟାରେ ହ୍ରାସ। ଆର୍ଥିକ ଚ୍ୟାଲେଞ୍ଜ ସହିତ ବିମାନ କମ୍ପାନୀଗୁଡ଼ିକ ମଧ୍ୟ ଅନେକ ଆଭ୍ୟନ୍ତରୀଣ ସମସ୍ୟା ସହିତ ସଂଘର୍ଷ କରୁଛନ୍ତି। ଏଥିରେ ସବୁଠାରୁ ବଡ଼ ସମସ୍ୟା ହେଉଛି ଇଞ୍ଜିନ ବିଫଳତା ଏବଂ ଯୋଗାଣ ଶୃଙ୍ଖଳ ସମସ୍ୟା। ବିଶେଷକରି ପ୍ରାଟ୍ ଏବଂ ହ୍ୱିଟନି ଇଞ୍ଜିନ ସହିତ ଜଡିତ ସମସ୍ୟା। ଏହା ଫଳରେ ଅନେକ ବିମାନ ଅଚଳ ହୋଇ ପଡିରହିଛି। ଚଳିତବର୍ଷ ମାର୍ଚ୍ଚ ସୁଦ୍ଧା ଦେଶରେ ୧୩୩ ବିମାନ ଅଚଳ ହୋଇ ପଡିରହିଛି, ଯାହା ଦେଶର ମୋଟ ବିମାନ ସଂଖ୍ୟାର ୧୫-୧୭ ପ୍ରତିଶତ।

## ଦୁଃଖ ଦେଇଗଲା ବାତ୍ୟା ମୋନ୍ଥା | ପାଣିରେ ଲୋଟୁଛି ଧାନ; ଦାନା ଚିନ୍ତାରେ ଚାଷୀ

**ପାରଳାଖେମୁଣ୍ଡି/ଧରାକୋଟ,୩୦।୧୦(ସମିସ):** ବାତ୍ୟା ଗଲାପରେ ଦକ୍ଷିଣ ଓଡ଼ିଶାରେ ପ୍ରବଳ ବର୍ଷା ଯୋଗୁଁ ଧାନ ଓ ପନିପରିବା ଫସଲ ଉଜୁଡ଼ି ଯାଇଛି। କେଉଁଠି ପାଚିଲା ଧାନ ତ ଆଉ କେଉଁଠି ପୁଡ଼ା ଧରୁଥିବା ଧାନ ଏବେ ପାଣିରେ ଲୋଟିଛି। ଚଳିତବର୍ଷ ଭଲ ବର୍ଷା ଯୋଗୁଁ ଫସଲ ଭଲ ହୋଇଥିବାବେଳେ ଚାଷୀ ଦି ପଇସା ଭଲ ରୋଜଗାର କରିବ ବୋଲି ଆଶା କରିଥିଲା। ମାତ୍ର 'ମୋନ୍ଥା' ପ୍ରଭାବରେ ହୋଇଥିବା ବର୍ଷାରେ ଲୋଟିଥିବା ଧାନକୁ ଦେଖି ଏବେ ବର୍ଷସାରା ପରିବାର ପାଇଁ ଦାନା ଯୋଗାଡ଼ ହେବ କି ନାହିଁ ସେ ନେଇ ଚିନ୍ତାରେ।

ଗଜପତି ଜିଲ୍ଲାରେ ୧୦୯.୪୦ମିମି ବର୍ଷା ରେକର୍ଡ ହୋଇଥିବାବେଳେ ଗଞ୍ଜାମ ଜିଲ୍ଲାର ପାତ୍ରପୁର ବ୍ଲକରେ ସର୍ବାଧିକ ବର୍ଷା ରେକର୍ଡ ହୋଇଛି। ଗୁରୁବାର ବର୍ଷା କମିବା ପରେ ବିଭିନ୍ନ ସ୍ଥାନରେ ଚାଷୀ ଯାଇ ଉଜୁଡ଼ା ଜମିରେ ଧାନ ଗଛକୁ ଆଡ଼େଇ ଜଳ ନିଷ୍କାସନ ପାଇଁ ଉଦ୍ୟମ ଜାରି ରଖିଛନ୍ତି। କେତେକ ସ୍ଥାନରେ ଆଗ ଚାଷ ହୋଇଥିବା କ୍ଷେତରେ ଧାନ ପାଚିଯାଇଥିବାରୁ ଗଜା ହୋଇଯାଇଥିବା ଦେଖିବାକୁ ମିଳିଛି। ତୁରନ୍ତ ଜିଲ୍ଲା ପ୍ରଶାସନ କ୍ଷୟକ୍ଷତିର ଆକଳନ କରି କ୍ଷତିପୂରଣ ପ୍ରଦାନ ପାଇଁ ଚାଷୀ ଦାବି କରିଛନ୍ତି।





### ଆଇନଜୀବୀ ପୀତବାସ ପଣ୍ଡା ହତ୍ୟା ମାମଲା

# ଜେଲ୍‌ରେ ମଳୟଙ୍କୁ ଘରରନ୍ଧା ଖାଦ୍ୟ ଯୋଗାଇବାକୁ ଅନୁମତି!

**ଆଜି ପିଣ୍ଟୁ ଦାଶଙ୍କୁ ନିଆଯିବ ଫୁଲବାଣୀ ଜେଲ**

**ବ୍ରହ୍ମପୁର, ୩୦।୧୦ (ସମିସ):** ଆଇନଜୀବୀ ପୀତବାସ ପଣ୍ଡା ହତ୍ୟା ମାମଲାରେ ଗୁରୁବାର ଏସ୍‌ଡିଜେଏମଙ୍କ ଅଦାଲତରେ ପୁଣି ଏକ ପିଟିସନ ଦାଖଲ ହୋଇ ତାହାର ଶୁଣାଣି ହୋଇଛି। ଗିରଫ କର୍ପୋରେଟର୍ ମଳୟ ବିଶୋୟୀଙ୍କ ପକ୍ଷରୁ ତାଙ୍କ ଓକିଲ କୃଷ୍ଣପ୍ରସାଦ ପଟ୍ଟନାୟକ ଓ ସହଯୋଗୀ ଏହି ପିଟିସନ ଦାଖଲ କରିଥିଲେ। ପିଟିସନରେ, ମଳୟ ଜଣେ ରକ୍ତଶର୍କରା ଓ ଉଚ୍ଚ ରକ୍ତଚାପ ରୋଗୀ ହୋଇଥିବାରୁ ତାଙ୍କର ନିୟମିତ ଚିକିତ୍ସାର ଆବଶ୍ୟକତା ରହିଛି। ଏଣୁ ତାଙ୍କୁ ଜେଲ ମଧ୍ୟରେ ଥିବା ଡାକ୍ତରଖାନାକୁ ଯିବାକୁ ସୁଯୋଗ ଦିଆଯାଉ। ମଳୟ ଜଣେ ରୋଗୀ ହୋଇଥିବାରୁ ତାଙ୍କୁ ଜେଲ ପରିବର୍ତ୍ତେ ଘର ରନ୍ଧାଖାଦ୍ୟ ଯୋଗାଇବାକୁ ଅନୁମତି ଦେବାକୁ ନିବେଦନ କରାଯାଇଥିଲା। ସେହିଭଳି, ମଳୟଙ୍କ ଓକିଲଙ୍କୁ ମଧ୍ୟ ଜେଲରେ ନିଜ ମହକିଲଙ୍କୁ ସାକ୍ଷାତ ସୁଯୋଗ ଦିଆଯାଉନଥିବା ଦାଖଲ ପିଟିସନରେ ଅଭିଯୋଗ କରାଯାଇଥିବା ଜଣାପଡ଼ିଛି।

ପିଟିସନକୁ ନେଇ ଉଭୟ ସରକାରୀ ଓକିଲ ଓ ମଳୟଙ୍କ ଓକିଲଙ୍କ ଯୁକ୍ତିକୁ ଶୁଣିବା ପରେ ବ୍ରହ୍ମପୁର ଏସ୍‌ଡିଜେଏମ୍ କୁମାର ସ୍ୱନ୍ଦନ ଜେଲ କର୍ତ୍ତୃପକ୍ଷଙ୍କୁ ନିର୍ଦ୍ଦେଶ ଦେଇଛନ୍ତି। ଓଡ଼ିଶା ଆଦର୍ଶ ଜେଲ୍ ମାନୁଆଲ ୨୦୨୦ ପ୍ରକାରେ ସମସ୍ତ ଓକିଲଙ୍କୁ ସେମାନଙ୍କ ମହକିଲଙ୍କ ସହ ଆଇନଗତ ପରାମର୍ଶ ଓ ଆଲୋଚନା ପାଇଁ ସୁଯୋଗ ଦେବାକୁ ନିର୍ଦ୍ଦେଶ ଦେବା ସହ ବିଚାରାଧୀନ କଏଦୀ ତଥା କର୍ପୋରେଟର ମଳୟ ବିଶୋୟୀଙ୍କୁ ଜେଲ ମଧ୍ୟରେ ଚିକିତ୍ସାଳୟକୁ ଯିବାକୁ ସୁଯୋଗ ଦେବା ସହ ଆବଶ୍ୟକସ୍ଥଳେ ତାଙ୍କୁ ତାଙ୍କର ଘରରନ୍ଧା ଯୋଗାଇଦେବାକୁ ଅନୁମତି ପ୍ରଦାନ କରିଥିବା ଜଣାପଡ଼ିଛି।

ସେପଟେ ୩୧ ତାରିଖରେ ବ୍ରହ୍ମପୁର ଜେଲ୍‌ରେ ପୂର୍ବତନ ମେୟର ଶିବଶଙ୍କର ଦାଶ ଓରଫ୍ ପିଣ୍ଟୁଙ୍କୁ କଡ଼ାସୁରକ୍ଷା ବଳୟ ମଧ୍ୟରେ ସୁରକ୍ଷିତ ଭାବେ ଫୁଲବାଣୀ ମଣ୍ଡଳ କାରାଗାରକୁ ସ୍ଥାନାନ୍ତର ନେଇ ଆବଶ୍ୟକ ପଦକ୍ଷେପ ଗ୍ରହଣ କରିବାକୁ ଜେଲ କର୍ତ୍ତୃପକ୍ଷଙ୍କୁ ଏସ୍‌ଡିଜେଏମ୍ କୁମାର ସ୍ୱନ୍ଦନ ନିର୍ଦ୍ଦେଶ ଦେଇଥିବା ଜଣାପଡିଛି। ବ୍ରହ୍ମପୁର ଜେଲରେ ପିଣ୍ଟୁଙ୍କ ଜୀବନ ପ୍ରତି ବିପଦ ଥିବାର ପୂର୍ବରୁ ଖୋଦ୍ ଜେଲ କର୍ତ୍ତୃପକ୍ଷ ଆଶଙ୍କା କରି କୋର୍ଟରେ ଲିଖିତ ଭାବେ ଜଣାଇଥିଲେ। ଫଳରେ ଆସନ୍ତା ୩୧ତାରିଖ ଶୁକ୍ରବାର ଦିନ ପୂର୍ବାହ୍ନରେ ପିଣ୍ଟୁଙ୍କୁ କଡ଼ା ସୁରକ୍ଷା ମଧ୍ୟରେ ବ୍ରହ୍ମପୁରରୁ ଫୁଲବାଣୀ ସ୍ଥାନାନ୍ତର କରାଯିବ ବୋଲି ସୂଚନା ମିଳିଛି।

## ଆଜିର ରାଶିଫଳ

**ମେଷ:** ଅଫିସ୍‌ରେ ସମସ୍ୟା ଦେଖା ଦେବ। ଗୁରୁଜନଙ୍କ ସହ ଉତ୍ତମ ବୁଝାମଣା ରହିବ। ଆର୍ଥିକ ଦୃଷ୍ଟିରୁ ଦିନଟି ଉତ୍ତମ। ରୋଜଗାର ବୃଦ୍ଧି ହେବ। ମନ ପ୍ରସନ୍ନ ରହିବ। ଜୀବନସାଥୀଙ୍କ ସହଯୋଗ ମିଳିବ।

**ବୃଷ:** ଦିନଟି ମିଶ୍ରଫଳ ପ୍ରଦାନ କରିବ। କୌଣସି କାର୍ଯ୍ୟ ବିଗିଡ଼ିଯାଇପାରେ। ଧାର୍ମିକ କାର୍ଯ୍ୟ ପ୍ରତି ଆଗ୍ରହ ବଢ଼ିବ। ଆଚରଣରେ ନିୟନ୍ତ୍ରଣ ରକ୍ଷା କରିବେ। ଆତ୍ମବିଶ୍ୱାସର ସହ କାର୍ଯ୍ୟ କରିବେ। ନିବେଶ ଲାଗି ଉପଯୁକ୍ତ ସମୟ।

**ମିଥୁନ:** ବିରୋଧୀଙ୍କ ସହ ମତାନ୍ତର ଦୂର ହେବ। ଆଇନ ସମ୍ବନ୍ଧୀୟ ମାମଲା ଆପଣଙ୍କ ସପକ୍ଷରେ ଯିବ। ଭୁଲ୍ କାମରୁ ଦୂରେଇ ରହିବେ। ପାରିବାରିକ ଜୀବନରେ ସୁଖଶାନ୍ତି ରହିବ। ପ୍ରେମିକ ପ୍ରେମିକାଙ୍କ ପାଇଁ ଦିନଟି ଭଲ।

**କର୍କଟ:** ବିଦ୍ୟାର୍ଥୀ ବିଦେଶ ଯାତ୍ରା କରିବେ। ଗରିବଙ୍କୁ ସାହାଯ୍ୟ କରିବେ। ମାନସିକ ଶାନ୍ତି ମିଳିବ। କାର୍ଯ୍ୟ କ୍ଷେତ୍ରରେ ବରିଷ୍ଠ ଅଧିକାରୀଙ୍କ ମାର୍ଗଦର୍ଶନରେ ପରିଚାଳିତ ହେବେ। ଖର୍ଚ୍ଚରେ ନିୟନ୍ତ୍ରଣ ରକ୍ଷା କରିବେ।

**ସିଂହ:** ଆର୍ଥିକ ସମସ୍ୟା ସୃଷ୍ଟି ହେବ। ସେଲ୍‌ସ ମାର୍କେଟିଂ କ୍ଷେତ୍ରରେ ସଫଳତା ମିଳିବ। କାର୍ଯ୍ୟକ୍ଷେତ୍ରରେ ବିଶେଷ ଧ୍ୟାନ ଦେବେ। ଦୁର୍ଗା ଚାଳିଶା ପାଠ କରିବା ଭଲ। କାର୍ଯ୍ୟ ଧାରାରେ ପରିବର୍ତ୍ତନ ଆଣିବେ।

**କନ୍ୟା:** ସମାଜରେ ମାନ ସମ୍ମାନ ବୃଦ୍ଧି ପାଇବ। ବନ୍ଧୁଙ୍କ ସହାୟତାରେ କାମ ପୂରା କରିବେ। ଛାତ୍ରଛାତ୍ରୀ ପଢ଼ାକୁ ନେଇ ଚିନ୍ତାରେ ରହିବେ। ସ୍ୱାସ୍ଥ୍ୟ ସମସ୍ୟା ଉପୁଜିବ। ଦାମ୍ପତ୍ୟ ଜୀବନ ସୁଖମୟ ହେବ।

**ତୁଳା:** ଦିନଟିରେ ସଫଳତା ମିଳିବ। ପୈତୃକ ବ୍ୟବସାୟରୁ ଲାଭବାନ ହେବେ। ସକାରାତ୍ମକ ଚିନ୍ତାଧାରାରେ ସମସ୍ତ କାର୍ଯ୍ୟ କରିବେ। ଆର୍ଥିକ ଲାଭ ମିଳିବ। ବଚନରେ ମଧୁରତା ରକ୍ଷା କରିବେ।

**ବିଛା:** ବାଦବିବାଦରୁ ଦୂରେଇ ରହିବେ। ତରବରିଆ ଭାବେ ନିଷ୍ପତ୍ତି ନେବେ ନାହିଁ। କାମରୁ ଲାଭ ଓ ସଫଳତା ମିଳିବ। ବ୍ୟବସାୟରେ ଦୂରସ୍ଥାନକୁ ଯାତ୍ରା କରିବେ। ପ୍ରେମ ସମ୍ପର୍କ ସୁଖମୟ ହେବ।

**ଧନୁ:** କାର୍ଯ୍ୟକ୍ଷେତ୍ରରେ ଆତ୍ମବିଶ୍ୱାସର ଅଭାବ ରହିବ। କୌଣସି ସମସ୍ୟାରେ ପଡ଼ିପାରନ୍ତି। ପରିଶ୍ରମ ଅନୁସାରେ ସଫଳତା ମିଳିବ। ମହାଦେବଙ୍କ ପୂଜାର୍ଚ୍ଚନାରେ ସମୟ ବିତିବ।

**ମକର:** ବିବାହ ପ୍ରସ୍ତାବ ଆସିବ। ଧନଲାଭ ଯୋଗ ଅଛି। କୌଣସି କଥାକୁ ନେଇ ଅଧିକ ଚିନ୍ତା କରିବେ ନାହିଁ। ଭାଇ,ଭଉଣୀଙ୍କ ସହ ହସ ଖୁସିରେ ଦିନ କାଟିବେ। ଡାକ୍ତରୀ ଛାତ୍ରଛାତ୍ରୀଙ୍କୁ ନିଯୁକ୍ତି ସୁଯୋଗ ମିଳିବ।


**କୁମ୍ଭ:** ପରନିନ୍ଦାରୁ ଦୂରେଇ ରହିବେ। ପ୍ରେମିକ-ପ୍ରେମିକାଙ୍କ ମଧ୍ୟରେ ମତାନ୍ତର ଦେଖା ଦେବ। ରଣନୀତିରେ କାମ କରିବେ ଏବଂ ସଫଳତା ପ୍ରାପ୍ତି ହେବ। ସନ୍ତାନଙ୍କ କ୍ୟାରିୟରକୁ ନେଇ ଉପଯୁକ୍ତ ନିର୍ଣ୍ଣୟ ନେବେ।

**ମୀନ:** ଅଫିସ୍‌ରେ ପ୍ରତିଷ୍ଠା ବଢ଼ିବ। ଆର୍ଥିକ ଦୃଷ୍ଟିରୁ ଦିନଟି ଶୁଭ। କାମ ଆରମ୍ଭ ପୂର୍ବରୁ ଗୁରୁଜନଙ୍କ ପରାମର୍ଶ ନେବେ। ସମସ୍ତ କାମ ସହଜରେ ପୂରା କରିବେ। ବ୍ୟବସାୟୀ କୌଣସି ଶୁଭ ଖବର ପାଇବେ।

## ଆଜିର ଇତିହାସ

- ୧୭୫୯ - ଫିଲିପାଇନ୍ସରେ ଆସିଥିବା ଭୂମିକମ୍ପ ଯୋଗୁଁ ୧୦୦ ଲୋକଙ୍କ ପ୍ରାଣହାନି।
- ୧୯୨୦- 'ଅଲ୍ ଇଣ୍ଡିଆ ଟ୍ରେଡ୍ ୟୁନିଅନ୍ କଂଗ୍ରେସ'ର ଗଠନ।
- ୧୯୫୩- ବେଲଜିୟମ୍‌ରେ ଟେଲିଭିଜନ ପ୍ରସାରଣ ଆରମ୍ଭ ହେଲା।
- ୧୯୭୮ - ଇରାନ୍‌ରେ ତୈଳ କର୍ମଚାରୀଙ୍କ ଧର୍ମଘଟ ।
- ୧୯୮୪- ପ୍ରଧାନମନ୍ତ୍ରୀ ଇନ୍ଦିରା ଗାନ୍ଧୀଙ୍କ ଦେହାନ୍ତ।
- ୨୦୧୫- ରୁଷିଆର ମେଟ୍ରୋଜେଟ୍ ଫ୍ଲାଇଟ୍ ଦୁର୍ଘଟଣାଗ୍ରସ୍ତ ହେବାରୁ ସମସ୍ତ ୨୨୪ ଯାତ୍ରୀ ମୃତ।

# ଜାତୀୟ ଏକତା ଦିବସ



ଆଜି ଲୌହ ମାନବ ସର୍ଦ୍ଦାର ବଲ୍ଲଭ ଭାଇ ପଟେଲଙ୍କ ଜନ୍ମ ଜୟନ୍ତୀ । ଆଜିର ଦିନକୁ ରାଷ୍ଟ୍ରୀୟ ଏକତା ଦିବସ ଭାବେ ପାଳନ କରାଯାଉଛି । ବିବିଧତା ମଧ୍ୟରେ ଏକତାର ଭାବନାକୁ ପ୍ରୋତ୍ସାହିତ କରିବା ଏବଂ ଜାତୀୟ ଅଖଣ୍ଡତାକୁ ବଜାୟ ରଖିବା ଆଜି ଏହି ଦିବସ ପାଳନର ମୂଳ ଲକ୍ଷ୍ୟ । ଏହାବାଦ୍ ଦେଶର ଆଭ୍ୟନ୍ତରୀଣ ନିରାପତ୍ତାକୁ ସୁନିଶ୍ଚିତ କରିବା ପାଇଁ ଏହି ଦିବସ ସଭିଙ୍କୁ ସଂକଳ୍ପବଦ୍ଧ କରିଥାଏ। ଭାରତ ପରି ବିବିଧତାପୂର୍ଣ୍ଣ ଦେଶରେ ଲୋକଙ୍କ ମଧ୍ୟରେ ଏକତାକୁ ସବୁଠୁ ଅଧିକ ଗୁରୁତ୍ୱ ଦିଆଯାଇଥାଏ। ଲୌହ ପୁରୁଷ ସର୍ଦ୍ଦାର ପଟେଲ ଭାରତ ଏକୀକରଣରେ ଗୁରୁତ୍ୱପୂର୍ଣ୍ଣ ଭୂମିକା ନିର୍ବାହ କରିଥିଲେ। ସେ ୩୧ ଅକ୍ଟୋବର, ୧୮୭୫ରେ ଗୁଜରାଟର ନଡ଼ିୟାଦରେ ଜନ୍ମଗ୍ରହଣ କରିଥିଲେ। ପେସାରେ ସେ ଜଣେ ଓକିଲ ଥିଲେ । ତେବେ ରାଷ୍ଟ୍ରବାଦୀ ଗୁଣ ହିଁ ତାଙ୍କୁ ସ୍ୱାଧୀନତା ସଂଗ୍ରାମୀର ପରିଚୟ ପ୍ରଦାନ କରିଛି। ସେ ଥିଲେ ସ୍ୱାଧୀନ ଭାରତର ପ୍ରଥମ ଉପ ପ୍ରଧାନମନ୍ତ୍ରୀ ଓ ଗୃହମନ୍ତ୍ରୀ। ଯେଉଁ ସମୟରେ ଅନେକ ଦେଶୀୟ ରାଜ୍ୟ ବିଭାଜିତ ହୋଇଥିଲା, ସେହି ସମୟରେ ସ୍ୱର୍ଗତ ପଟେଲ ଅଖଣ୍ଡ ଭାରତର ପରିକଳ୍ପନା କରିଥିଲେ। ଇତିହାସରେ 'ଭାରତର ଏକତାକାରୀ' ଭାବେ ପରିଚିତ ସର୍ଦ୍ଦାର ପଟେଲ ଦେଶ ସ୍ୱାଧୀନ ହେବା ପରେ ୫୬୫ଟି ଦେଶୀୟ ରାଜ୍ୟକୁ ଏକତ୍ର କରିବାରେ ପ୍ରମୁଖ ଭୂମିକା ଗ୍ରହଣ କରିଥିଲେ। ଗୁଜରାଟର ଗୋଟିଏ ସାଧାରଣ ପରିବାରରୁ ଆସିଥିବା ସର୍ଦ୍ଦାର ପଟେଲ ସ୍ୱାଧୀନ ଭାରତର ଜଣେ ମହାନ ଜନନେତା ହୋଇପାରିଥିଲେ। ୧୫ ଡିସେମ୍ବର ୧୯୫୦ ମସିହାରେ ସେ ଇହଧାମ ତ୍ୟାଗ କରିଥିଲେ। ସେହିପରି ୨୦୧୮ରେ ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀ ସର୍ଦ୍ଦାର ପଟେଲଙ୍କ ସମ୍ମାନରେ ଗୁଜରାଟରେ ୧୮୨ ମିଟର ଉଚ୍ଚତାର 'ଷ୍ଟାଚ୍ୟୁ ଅଫ୍ ୟୁନିଟି' ପ୍ରତିମୂର୍ତ୍ତିକୁ ଉନ୍ମୋଚନ କରିଥିଲେ। ଜାତୀୟ ଏକତା ଦିବସ ଅବସରରେ ଲୌହମାନବ ସର୍ଦ୍ଦାର ବଲ୍ଲଭଭାଇ ପଟେଲଙ୍କ ବିଚାରଧାରା ସଂପର୍କରେ ଲୋକଙ୍କ ମଧ୍ୟରେ ସଚେତନତା ସୃଷ୍ଟି କରାଯାଇଥାଏ। ସାରା ଦେଶରେ ଏହିଦିନ 'ଏକତା ଦୌଡ଼'ର ଆୟୋଜନ କରାଯାଏ। ଜାତୀୟ ଏକତା ଦିବସ ନାଗରିକମାନଙ୍କୁ ଏକଜୁଟ ହୋଇ ଦେଶର ପ୍ରଗତିରେ ସକ୍ରିୟ ଭୂମିକା ଗ୍ରହଣ କରିବାକୁ ପ୍ରେରଣା ଯୋଗାଇଥାଏ।

# ମଶାମୁକ୍ତ ଦେଶରେ ମଶା ଚିହ୍ନଟ




ବିଶ୍ୱର ମଶା ମୁକ୍ତ ଦେଶ କହିଲେ ଆଇସ୍‌ଲ୍ୟାଣ୍ଡକୁ ବୁଝାଏ। ଜଳବାୟୁ ପରିବର୍ତ୍ତନର ପ୍ରଭାବ ଏବେ ଆଇସ୍‌ଲ୍ୟାଣ୍ଡ ଉପରେ ପଡ଼ିଛି। ଏଠାରେ ଏକସଙ୍ଗେ ତିନୋଟି ମଶାକୁ ଠାବ କରାଯାଇଛି। ଅନେକ ଦିନରୁ ମଶାଶୂନ୍ୟ ଦେଶ ଭାବେ ମାନ୍ୟତା ଅର୍ଜନ କରିଥିବା ଆଇସ୍‌ଲ୍ୟାଣ୍ଡରେ ବିଶ୍ୱ ତାପମାତ୍ରା ବୃଦ୍ଧି ଯୋଗୁଁ ମଶା ଦେଖାଯାଇଛନ୍ତି। ଏଠାକାର ତାପମାତ୍ରା ଏବେ ମଶା ବଂଶ ବିସ୍ତାର ପାଇଁ ଅନୁକୂଳ ହୋଇଛି ବୋଲି ଏଥିରୁ ଏକପ୍ରକାର ସ୍ପଷ୍ଟ ହୋଇଛି। ଆଇସ୍‌ଲ୍ୟାଣ୍ଡର ପ୍ରାକୃତିକ ବିଜ୍ଞାନ ସଂସ୍ଥାନର କୀଟତତ୍ତ୍ୱ ବିଜ୍ଞାନୀ ମେଥିୟାସ ଆଲଫ୍ରେଡସନ୍ ଏସମ୍ପର୍କରେ ସୂଚନା ଦେଇଛନ୍ତି। କିଡାଫେଲ, କଜୋସରେ କ୍ୟୁଲିସେଟା ଏନୁଲେଟା ମଶାର ତିନିଟି ନମୁନା ମିଳିଛି। ତନ୍ମଧ୍ୟରୁ ଦୁଇଟି ମାଈ ଏବଂ ଗୋଟିଏ ଅଣ୍ଡିରା ମଶା। ଏଠାରୁ ମିଳିଥିବା ମଶାଗୁଡ଼ିକ ଥଣ୍ଡା ଜଳବାୟୁରେ ବଢ଼ିପାରନ୍ତି। ମୁଖ୍ୟତଃ ଏହି ମଶା ଶୀତଦିନେ ଭୂତଳ ଘର କିମ୍ବା ପ୍ରାଣୀଙ୍କ ପାଇଁ ରଖାଯାଉଥିବା ଫସଲ ଚାରା କୋଠରୀରେ ସୃଷ୍ଟି ହୋଇଥାନ୍ତି। ତେବେ ଏହି ପ୍ରଜାତିର ମଶା ୟୁରୋପରେ ଅଧିକ ଦେଖାଯାଉଥିବାରୁ ଜାହାଜ ଦ୍ୱାରା ଏମାନେ ଆଇସଲ୍ୟାଣ୍ଡରେ ପହଞ୍ଚି ଥାଇ ପାରନ୍ତି ବୋଲି ମଧ୍ୟ ଚର୍ଚ୍ଚା ହେଉଛି। ବ୍ୟୁଆର୍ଣ୍ଣ ହେଜାଲଟସନ୍ ନାମକ ବ୍ୟକ୍ତି ମଶାଙ୍କ ଫଟୋକୁ ଫେସବୁକ୍ ଗ୍ରୁପ୍‌ରେ 'ଇଫେକ୍ଟସ ଇନ୍ ଆଇସଲ୍ୟାଣ୍ଡ'ରେ ପୋଷ୍ଟ କରିଥିଲେ। ସେ ଏହି ପୋଷ୍ଟରେ ଉଲ୍ଲେଖ କରିଥିଲେ ଯେ, ୧୬ ଅକ୍ଟୋବର ସନ୍ଧ୍ୟାରେ ମଶାଙ୍କୁ ଆକର୍ଷିତ କରିବାକୁ ବ୍ୟବହୃତ ଜାଲ (ଲାଲ ୱାଇନ୍ ରିବନ) ଉପରେ ତାଙ୍କର ନଜର ପଡ଼ିଥିଲା। ଏଥିରେ ସେ ଏକ ଅଜବ କୀଟକୁ ଦେଖିଥିଲେ। ଏହାକୁ ନେଇ ମନରେ ସନ୍ଦେହ ହେବାରୁ ସେ ଏହାକୁ ବିଜ୍ଞାନ ପ୍ରତିଷ୍ଠାନକୁ ପଠାଇଥିଲେ। ଏହାବାଦ୍ ସେ ଅନ୍ୟ ଦୁଇଟି ମଶା ମଧ୍ୟ ଠାବ କରିଥିଲେ। କିଛି ଦିନ ପୂର୍ବରୁ ଏଠାରେ ମଶାବଂଶ ବିସ୍ତାର କରିବ ବୋଲି ବୈଜ୍ଞାନିକମାନେ ଭବିଷ୍ୟବାଣୀ କରିଥିଲେ। ଏବେ ଏକଥା ସତ ପ୍ରମାଣିତ ହୋଇଛି। ଗ୍ଲୋବାଲ ହିଟ୍ ହେଲ୍‌ଥ ଇନ୍‌ଫର୍ମେଶନ ନେଟୱର୍କ ୨୦୨୫, ଜୁନ୍‌ର ଏକ ରିପୋର୍ଟ ଅନୁସାରେ, 'ଉତ୍ତର ଗୋଲାର୍ଦ୍ଧର ଅବଶିଷ୍ଟ ଅଂଶ ତୁଳନାରେ ଆଇସଲ୍ୟାଣ୍ଡରେ ଚାରିଗୁଣ ଅଧିକ ଗରମ ହେଉଛି। ଗ୍ଲେସିୟର ତରଳିବାରୁ ଏଠାରେ ଏକ ବିଶେଷ ପ୍ରଜାତିର ମାଛ ଦେଖାଯାଇଛନ୍ତି, ଯାହାକି ଗରମ ଜଳବାୟୁରେ ଦେଖାଯାଏ।'

# ବିନା ବ୍ରେକ୍‌ରେ ସୁଟ୍ ହେଲା 'ଜଟାଧାରା'ର କ୍ଲାଇମାକ୍ସ

ସୁଧୀର ବାବୁ ଓ ସୋନାକ୍ଷୀ ସିହ୍ନାଙ୍କ ଅଭିନୀତ 'ଜଟାଧାରା' ଫିଲ୍ମ ନଭେମ୍ବର ୭ରେ ପରଦାକୁ ଆସିବ। ନିକଟରେ ଫିଲ୍ମର ପ୍ରଯୋଜକ ଶିବିନ ନାରଙ୍ଗ ଏହାର କ୍ଲାଇମାକ୍ସ ସିନ୍ ସମ୍ପର୍କରେ କହିଛନ୍ତି। ସେ କହିଛନ୍ତି, 'ଏହାର କ୍ଲାଇମାକ୍ସକୁ ଲଗାତାର ୨୪ ଘଣ୍ଟା ଧରି ସୁଟ୍ କରାଯାଇଛି। ଏହାର କ୍ଲାଇମାକ୍ସ ହିଁ ଫିଲ୍ମର ଆକର୍ଷଣ ସାଜିବ । ଏହି ସିନ୍ ପାଇଁ ସୋନାକ୍ଷୀ ଓ ସୁଧୀର ଶାରୀରିକ, ମାନସିକ ଓ ଭାବନାତ୍ମକ ଭାବେ ଯୋଡ଼ି ହୋଇ ରହିଥିଲେ। ପୂରା ଟିମ୍ କ୍ଲାଇମାକ୍ସ ପାଇଁ ଲଗାତାର ତିନି ଦିନ ଧରି ବିନା ବ୍ରେକ୍‌ରେ ସୁଟିଂ କରିଥିଲା। 'ଜଟାଧାରା'ର କ୍ଲାଇମାକ୍ସ ବଡ଼ ପରଦାରେ ଦେଖାଯାଉଥିବା ସବୁଠୁ ଉନ୍ନତମାନର କ୍ଲାଇମାକ୍ସ ହେବ।' ଏହାର ନିର୍ଦ୍ଦେଶନା ଦାୟିତ୍ୱରେ ଭେଙ୍କଟ କଲ୍ୟାଣ ଓ ଅଭିଷେକ ଜୟସୱାଲ ଅଛନ୍ତି। ଫିଲ୍ମରେ ପୌରାଣିକ କଥା ସହ କଳାଯାଦୁ, ଅଭିଶାପ ଓ ଏକ ରହସ୍ୟମୟ ଗୁପ୍ତଧନକୁ ଦେଖାଯାଇଛି। ଇତିମଧ୍ୟରେ ଫିଲ୍ମର ଟ୍ରେଲର୍ ସହ ଦୁଇଟି ଗୀତ ରିଲିଜ୍ ହୋଇଛି। ଯାହାକୁ ଦର୍ଶକେ ଖୁବ୍ ପସନ୍ଦ କରିଛନ୍ତି। ଦିବ୍ୟା ଖୋସଲା, ଶିଳ୍ପା ଶିରୋଦକର, ଇନ୍ଦିରା କ୍ରୀଷ୍ଣା, ରବି ପ୍ରକାଶ, ନବୀନ ନେନି ମଧ୍ୟ ଏଥିରେ ଗୁରୁତ୍ୱପୂର୍ଣ୍ଣ ଭୂମିକାରେ ନଜର ଆସିବେ।









# ଷ୍ଟେମ୍ ସେଲ୍ ଥେରାପି

ଷ୍ଟେମ୍ ସେଲ୍ ଥେରାପି ଏକ ପ୍ରକାର ଅତ୍ୟାଧୁନିକ ଚିକିତ୍ସା। ଏହା ବ୍ୟୟ ବହୁଳ। ମନୁଷ୍ୟ ଶରୀରରେ କ୍ଷତିଗ୍ରସ୍ତ ତଥା ରୋଗାଗ୍ରସ୍ତ କୋଷର ପୁନଃକାର୍ଯ୍ୟକ୍ଷମ ପାଇଁ ଷ୍ଟେମ୍ କୋଷର ଉପଯୋଗ କରାଯାଇଥାଏ। ଏହା କ୍ଷତିଗ୍ରସ୍ତ କୋଷରେ ପରିବର୍ତ୍ତନ ଆଣି ଶରୀରକୁ ଆପେ ଠିକ୍ କରିଥାଏ। ଏଥିପାଇଁ ଶରୀରରୁ ବିଭିନ୍ନ ସ୍ଥାନରୁ ଷ୍ଟେମ୍ କୋଷ ବାହାର କରାଯାଇ ଏହାକୁ କ୍ଷତିଗ୍ରସ୍ତ କୋଷରେ ବ୍ୟବହାର କରାଯାଏ। ମୁଖ୍ୟତଃ ବିଭିନ୍ନ ରୋଗ ଯଥା- ରକ୍ତ କର୍କଟ, ଅଷ୍ଟିଓ ଆର୍ଥ୍ରାଇଟିସ୍, ହାଡ଼ ଭାଙ୍ଗିଯିବା ଆଦି କ୍ଷେତ୍ରରେ ଏହା ଉପଯୋଗ ହୋଇଥାଏ। ବର୍ତ୍ତମାନ ସ୍ୱାସ୍ଥ୍ୟ ବିଶେଷଜ୍ଞମାନେ ଅନ୍ୟାନ୍ୟ ରୋଗ ଯଥା, ହୃଦ୍‌ରୋଗ, ମସ୍ତିଷ୍କଜନିତ ରୋଗ, ମଧୁମେହ, ପାର୍କିନସନ୍ ଆଦି ରୋଗ ପାଇଁ ଏହାର ସାହାଯ୍ୟ ନେଉଛନ୍ତି। ଷ୍ଟେମ କୋଷଗୁଡ଼ିକୁ ଶରୀରର ଯେକୌଣସି କୋଷରେ ବିକଶିତ କରାଯାଇ ପ୍ରୟୋଗଶାଳାରେ ସ୍ୱତନ୍ତ୍ର ପ୍ରକାରେ ତଥା ଜେନେଟିକ୍ ଇଞ୍ଜିନିୟରିଂ ଦ୍ୱାରା ଉପଯୁକ୍ତ କେମିକାଲ ଦ୍ୱାରା ସାଧାରଣ ତନ୍ତୁକୋଷକୁ ପରିବର୍ତ୍ତନ କରାଯାଏ। ଏହି ନୂତନ କୋଷକୁ ରୋଗୀ ଶରୀରରେ ପୁନଃ ପ୍ରତିରୋପଣ କରାଯାଇଥାଏ। ଫଳରେ କ୍ଷତିଗ୍ରସ୍ତ କୋଷକୁ କାର୍ଯ୍ୟକ୍ଷମ କରିପାରେ। ଏହାଦ୍ୱାରା ଯନ୍ତ୍ରଣା ଲାଘବ ହୁଏ। ଆଣ୍ଠୁଗଣ୍ଠି ଆଘାତରେ ଷ୍ଟେମ୍ କୋଷ ଖଞ୍ଜା ଏବଂ ଅସ୍ଥି ଉପଚାରରେ ପ୍ରଭାବୀ। ଏହା ଦ୍ୱାରା ଆରାମ ମିଳିବା ସହିତ ଏହା ଗତିଶୀଳତା ବୃଦ୍ଧି କରେ। ବେଳେ ବେଳେ ଦାତାଙ୍କ କୋଷକୁ ଉପଯୋଗ କରାଗଲେ, ଏହା ବିଭିନ୍ନ ଜଟିଳ ରୋଗ ସୃଷ୍ଟି କରିପାରେ। ତେଣୁ ସେ କ୍ଷେତ୍ରରେ ଷ୍ଟେମ୍ ସେଲ୍ ଥେରାପି ଜୀବନରେ ଗୁଣବତ୍ତା ବୃଦ୍ଧି କରେ।

# ମୁଖଗହ୍ୱର ସ୍ୱଚ୍ଛତାରୁ କର୍କଟ ନିରୂପଣ

**ମୁଖ ଗହ୍ୱର ଶରୀରର ଦର୍ପଣ ସଦୃଶ। ଏହାର ସ୍ୱଚ୍ଛତା ଦାନ୍ତ ଏବଂ ମାଢ଼ିକୁ ସୁସ୍ଥ ରଖିବା ସହ ଶରୀରକୁ ସୁସ୍ଥ ରଖିବାରେ ସହାୟକ ହୁଏ। ହୃଦ୍‌ରୋଗ, ମଧୁମେହ, ବିଭିନ୍ନ କର୍କଟ ଭଳି ରୋଗ ଆଶଙ୍କାକୁ ଏହା ହ୍ରାସ କରେ। ତେଣୁ ଦିନକୁ ଦୁଇଥର ସଠିକ୍ ଢଙ୍ଗରେ ବ୍ରଶ୍ କରିବା ଓ ଆୟୁର୍ବେଦିକ ସମାଧାନ ଗ୍ରହଣ ଆଦିକୁ ଧ୍ୟାନ ଦେଲେ, କର୍କଟ ରୋଗର ପ୍ରାରମ୍ଭିକ ଚିହ୍ନଟ ଓ ଜଟିଳତା ହ୍ରାସ ପାଇପାରେ।**



ଡା. ସୋନିଆ ଦତ୍ତ

### ମୁଖ ଗହ୍ୱର ସ୍ୱାସ୍ଥ୍ୟ ସହିତ ଅନ୍ୟ ରୋଗର ସମ୍ପର୍କ

ରୋଗ ପ୍ରତିରୋଧକ ଶକ୍ତି କମ୍ ଥିବା ବ୍ୟକ୍ତିଙ୍କ ପାଇଁ ମୁଖଗହ୍ୱରର ସ୍ୱଚ୍ଛତା ବଜାୟ ରଖିବା ନିହାତି ଆବଶ୍ୟକ। ଏହା ସେମାନଙ୍କ ଜୀବନଶୈଳୀକୁ ସକାରାତ୍ମକ ଭାବେ ପ୍ରଭାବିତ କରେ। ଗୁରୁତ୍ୱପୂର୍ଣ୍ଣ କଥା ହେଉଛି, ଏମ୍ସ ଏବଂ ପ୍ରମୁଖ ସଂସ୍ଥାନର ଗବେଷଣାରୁ ସ୍ପଷ୍ଟ ହୋଇଛି ଯେ, ମୁଖ ଗହ୍ୱରର ସ୍ୱଚ୍ଛତାକୁ ଧ୍ୟାନ ନ ଦେଲେ କିଛି ଜୀବାଣୁ ଖାଦ୍ୟନଳୀ ଦେଇ ଶରୀର ଭିତରକୁ ଯାଇ ରୋଗ ସୃଷ୍ଟି କରିପାରନ୍ତି। ଦୀର୍ଘକାଳୀନ ମାଢ଼ିରୋଗ, ମାଢ଼ି ଫୁଲା, ମୁଖ ଗହ୍ୱର ଅପରିଷ୍କାର ସଂକ୍ରମଣର କାରଣ ସାଜି ମୁଖ ଗହ୍ୱର ଓ ଗଳା କର୍କଟ ସୃଷ୍ଟି କରେ। କେବଳ ସେତିକି ନୁହେଁ; ମସ୍ତିଷ୍କ, ପାକସ୍ଥଳି, ଫୁସ୍‌ଫୁସ୍, ପ୍ରୋଷ୍ଟେଟ୍ କର୍କଟ ଆଦି ହେବାର ଆଶଙ୍କା ଥାଏ। ତେଣୁ ଭଲ ଭାବେ ମୁଖ ପରିଷ୍କାର କରିବା, ବର୍ଷକୁ ଥରେ ଦାନ୍ତ ପରୀକ୍ଷା, ଦିନକୁ ଦୁଇଥର ଭଲ କରି ବ୍ରଶ୍ କରିବା ଦ୍ୱାରା ବିଶେଷ କରି ଗଳା ଏବଂ ମସ୍ତିଷ୍କ କର୍କଟର ବିପଦ ହ୍ରାସ ପାଇଥାଏ। ଦାନ୍ତ ପରୀକ୍ଷା ଦ୍ୱାରା ଏହା ମୁଖ ଗହ୍ୱର କର୍କଟର ପ୍ରାରମ୍ଭିକ ଅବସ୍ଥାକୁ ଚିହ୍ନଟ କରି ସତର୍କ କରାଏ। ଡାକ୍ତର ଦାନ୍ତଜନିତ ସମସ୍ୟା, ପାଟି ଘା' ଆଦିକୁ ଦେଖି ରୋଗ ବାରିଥାନ୍ତି। ଫଳରେ ମୁଖ ଗହ୍ୱରର ସଠିକ୍ ଦେଖାଶୁଣା କରିହୁଏ। ସାମୂହିକ ଭାବେ ଏଭଳି ଯତ୍ନ ନେଲେ ଦୀର୍ଘକାଳୀନ କର୍କଟ ଆଶଙ୍କା ମଧ୍ୟ ହ୍ରାସ ପାଇଥାଏ।

### ମୁଖ ଗହ୍ୱରର ଯତ୍ନ

ଦିନକୁ ଦୁଇଥର ଆୟୁର୍ବେଦିକ ଟୁଥ୍‌ପେଷ୍ଟ (ଡାବର ରେଡ୍) ରେ ବ୍ରଶ୍ କରିବା ଜରୁରି। ଜୀବାଣୁନାଶକ ମାଉଥୱାଶ୍ ବ୍ୟବହାର କରିପାରିବେ। ନିଶା ଓ ଧୂମପାନଠାରୁ ଦୂରେଇ ରହିଲେ କର୍କଟ ଆଶଙ୍କା ହ୍ରାସ ପାଏ। ସେହିପରି ଅତ୍ୟଧିକ ଚିନିଯୁକ୍ତ ସ୍ନାକ୍ସ, ଅମ୍ଳଯୁକ୍ତ ଖାଦ୍ୟ, କ୍ୟାଣ୍ଡି, କାର୍ବୋନେଟେଡ୍ ପାନୀୟ ଯୋଗୁଁ ଦାନ୍ତ ପୋକ ଖାଇଥାଏ। ଏହା ବଦଳରେ ସନ୍ତୁଳିତ ଖାଦ୍ୟପେୟକୁ ଗୁରୁତ୍ୱ ଦିଅନ୍ତୁ। ଏହା ବ୍ୟତୀତ ଯଦି ମୁଖଗହ୍ୱରର କୌଣସି ସମସ୍ୟା ଦେଖାଦିଏ ତୁରନ୍ତ ଡାକ୍ତରଙ୍କ ପରାମର୍ଶ ନେବା ଜରୁରି।

ଦନ୍ତ ବିଶେଷଜ୍ଞ

## ଘରୋଇଆ ଔଷଧ

**ସର୍ପଗନ୍ଧା ସଞ୍ଜିବନୀ ସଦୃଶ। ସର୍ପଗନ୍ଧାକୁ ଓଡ଼ିଆରେ ପାତାଳ ଗରୁଡ କୁହାଯାଏ। ଏହି ଉଭିଦର ପଞ୍ଚାଙ୍ଗ ଯଥା- ଫୁଲ, ପତ୍ର, ମୂଳ, କାଣ୍ଡ, ଚେରରେ ଔଷଧୀୟ ଗୁଣ ରହିଛି। ଏହା ବିଭିନ୍ନ ରୋଗ ଦୂର କରିବାରେ ସାହାଯ୍ୟ କରେ।**



ଉଚ୍ଚ ରକ୍ତଚାପ, ଚିନ୍ତା, ମାନସିକ ରୋଗ, ନିଦ୍ରାହୀନତା ଆଦି ରୋଗ ପାଇଁ ସର୍ପଗନ୍ଧା ଲାଭକରୀ । ଚିକିତ୍ସକଙ୍କ ପରାମର୍ଶ ନେଇ ସର୍ପଗନ୍ଧା ପଞ୍ଚାଙ୍ଗର ଯେକୌଣସି ଅଙ୍ଗକୁ ଅନୁମୋଦିତ ହାତରେ କ୍ୱାଥ କରି ସେବନ କରାଯାଏ। ଏହାଦ୍ୱାରା ଚକ୍ତଚାପ ନିୟନ୍ତ୍ରଣରେ ରହିଥାଏ। ହୃଦୟ ସୁସ୍ଥ ରୁହେ। ସେହିପରି ପୂରା ପଞ୍ଚାଙ୍ଗର ଚୂର୍ଣ୍ଣରୁ ବଟିକା ବା ଘନ ବଟିକା ଉପଲବ୍ଧ ରହିଛି। ଏହାକୁ ଚିକିତ୍ସକଙ୍କ ପରାମର୍ଶରେ ବ୍ୟବହାର କଲେ ରକ୍ତଚାପ ସନ୍ତୁଳିତ ହୁଏ। ଅପସ୍ମାର, ମସ୍ତିଷ୍କ ରୋଗ, କଲେରା ଆଦି ରୋଗରେ ସର୍ପଗର୍ନ୍ଧାକୁ ଏକ ଉପଯୋଗୀ ଔଷଧ ଭାବେ ବ୍ୟବହାର କରାଯାଏ।

- ବାତ, ଯନ୍ତ୍ରଣା, ଜ୍ୱର ଆଦି ଦୂର କରିବାର ମଧ୍ୟ ଏହାର ଶକ୍ତି ରହିଛି। କୋଷ୍ଠକାଠିନ୍ୟ, ପେଟ ଯନ୍ତ୍ରଣା ରୋଗରେ ଏହା ଉପକାରୀ ଔଷଧ ଭାବେ ବ୍ୟବହୃତ ହୁଏ।
- ବିନା ଚିକିତ୍ସକଙ୍କ ପରାମର୍ଶରେ ସର୍ପଗନ୍ଧା ସେବନ କଲେ ରକ୍ତଚାପ କମିଯିବା ସହିତ ମସ୍ତିଷ୍କରେ ରକ୍ତ ସଞ୍ଚାଳନ ହ୍ରାସ ପାଇବ। ଏଥିପ୍ରତି ଧ୍ୟାନ ଦେବା ଜରୁରି।


# ରୋଗୀଙ୍କୁ ସଚେତନ କରେ ଔଷଧ ଷ୍ଟ୍ରିପ୍‌ର ନାଲି ଗାର




ଚିକିତ୍ସା ପାଇଁ ଔଷଧ ଦୁଇଥର କିମ୍ବା ବାରମ୍ବାର ବ୍ୟବହାର କରାଯାଇଥାଏ। ତେବେ ଦୈନନ୍ଦିନ ବ୍ୟବହୃତ ଔଷଧ ଷ୍ଟ୍ରିପ୍‌ର ନାଲିଗାରକୁ ପ୍ରାୟ ଅଣଦେଖା କରନ୍ତି। ଏହି ଗାର ଡିଜାଇନ୍ ନୁହେଁ, ବରଂ ଏକ ଗୁରୁତ୍ୱପୂର୍ଣ୍ଣ ଚେତାବନୀ। ଡାକ୍ତରଙ୍କ ବିନା ପରାମର୍ଶରେ ଏହି ଔଷଧ ଖାଇବା ଅନୁଚିତ ବୋଲି ନାଲି ଗାର ଚେତାଇଥାଏ। ଏହି ଔଷଧକୁ 'ରେଡ ଲାଇନ୍ ମେଡିସିନ୍' ମଧ୍ୟ କୁହାଯାଏ। ମୁଖ୍ୟତଃ ଆଣ୍ଟିବାୟୋଟିକ୍, ଷ୍ଟ୍ରଙ୍ଗ ପେନ୍‌କିଲର କିମ୍ବା ହର୍ମୋନାଲ୍ ଔଷଧ ଆଦି ଷ୍ଟ୍ରିପ୍‌ରେ ନାଲି ଗାର ରହିଥାଏ। ତେଣୁ ଏହି ଔଷଧକୁ ଡାକ୍ତରଙ୍କ ବିନା ପରାମର୍ଶରେ ସେବନ କଲେ, ଏହା ପାର୍ଶ୍ୱପ୍ରତିକ୍ରିୟା ସୃଷ୍ଟି କରେ। ଉଦାହରଣ ସ୍ୱରୂପ, ଡାକ୍ତରଙ୍କ ବିନା ପରାମର୍ଶରେ ଆଣ୍ଟିବାୟୋଟିକ୍ ଅନୁମୋଦିତ ହାରରେ ଉପଯୋଗ ନ କଲେ ଶରୀରରେ କିଛି ଜୀବାଣୁ ଜୀବିତ ରୁହନ୍ତି। ଏହି ଜୀବିତ ଜୀବାଣୁ ପରବର୍ତ୍ତୀ ସମୟରେ ପ୍ରତିରୋଧୀ ବନି ପାରନ୍ତି। ଫଳରେ ଜଣେ ବ୍ୟକ୍ତିଙ୍କ ଶରୀରରେ ସେହି ଔଷଧ ବଦଳରେ ଅଧିକ ପାୱାରଯୁକ୍ତ ଔଷଧ ଆବଶ୍ୟକ ହୁଏ। ଏହି ପ୍ରତିରୋଧୀ 'ସୁପରବଗ୍ସ' ବନିପାରନ୍ତି। ବେଳେ ବେଳେ ସଂକ୍ରମଣ ବଢ଼ି ଯାଇପାରେ ନତୁବା ଶରୀରରେ ଅନ୍ୟ ଔଷଧ ସହିତ ପ୍ରତିକ୍ରିୟା ସୃଷ୍ଟି କରାଏ। ସେଥିପାଇଁ ନାଲି ଗାର ଡାକ୍ତରଙ୍କ ପରାମର୍ଶରେ ସେବନ କରିବାକୁ ସୂଚାଇ ଥାଏ। ତେଣୁ ଡାକ୍ତରଙ୍କ ପରାମର୍ଶ ତଥା ପ୍ରେସ୍‌କ୍ରିପସନ୍ ଅନୁସାରେ ଔଷଧର କୋର୍ସ ପୂରା କରିବା ଆବଶ୍ୟକ। ଗୁରୁତ୍ୱପୂର୍ଣ୍ଣ କଥା ହେଉଛି, ଔଷଧ ଷ୍ଟ୍ରିପ୍‌ରେ ନାଲି ଗାର ଥିଲେ ନାମ, ମାତ୍ରା, ଅବଧିକୁ ଭଲ ଭାବେ ପଢ଼ି ନେବା ଆବଶ୍ୟକ।

## ବିଶ୍ୱ କ୍ରିକେଟକୁ ଭାରତ ନିୟନ୍ତ୍ରଣ କରୁଛି: ଗ୍ରେଗ୍ ଚାପେଲ

ନୂଆଦିଲ୍ଲୀ, ୩୦।୧୦(ଏଜେନ୍ସି): ଭାରତ ତାହାର ଆର୍ଥିକ କ୍ଷମତା ବ୍ୟବହାର କରି ବିଶ୍ୱ କ୍ରିକେଟକୁ ପ୍ରଭାବିତ କରୁଛି ବୋଲି ମ୍ୟାଚ୍ ରେଫରି ଇଂଲଣ୍ଡର କ୍ରିସ୍ ବ୍ରଡ୍‌ଙ୍କ ଅଭିଯୋଗକୁ ସମର୍ଥନ କରିଛନ୍ତି ଅଷ୍ଟ୍ରେଲିଆର କିମ୍ବଦନ୍ତି ଖେଳାଳି ତଥା



ଭାରତୀୟ କ୍ରିକେଟ ଦଳର ପୂର୍ବତନ କୋଚ୍ ଗ୍ରେଗ୍‌ଚାପେଲ। ଚାପେଲଙ୍କ କହିବା ଅନୁଯାୟୀ ଅର୍ଥ ବଳରେ ଭାରତ ବିଶ୍ୱ କ୍ରିକେଟକୁ ନିୟନ୍ତ୍ରଣ କରୁଛି। ସେ ଯେତେବେଳେ ଭାରତୀୟ ଦଳର ହେଡ୍ କୋଚ୍ ଥିଲେ, ସେତେବେଳେ ସ୍ଲୋ ଓଭର ରେଟ୍ ଯୋଗୁଁ ଅଧିନାୟକ ସୌରଭ ଗାଙ୍ଗୁଲିଙ୍କୁ ସସ୍‌ପେଣ୍ଡ କରାଯାଇଥିଲା। ମ୍ୟାଚ୍ ରେଫରି ବ୍ରଡ୍‌ଙ୍କୁ ଟେଲିଫୋନ ଯୋଗେ ଦଣ୍ଡ କୋହଳ କରିବାକୁ ତତ୍‌କାଳୀନ ଆଇସିସି ମୁଖ୍ୟ ଜଗମୋହନ ଡାଲମିଆ କହିଥିଲେ। ବ୍ରଡ୍ ଏକଥା ଲଣ୍ଡନରୁ ପ୍ରକାଶିତ ଟେଲିଗ୍ରାଫ୍‌କୁ କହିଥିଲେ। ଏବେ ସିଡନୀ ହେରାଲ୍ଡରେ ବ୍ରଡ୍‌ଙ୍କୁ ସମର୍ଥନ କରିଛନ୍ତି ଚାପେଲ। ୨୦୦୫ରେ ଚାପେଲ ଭାରତର କୋଚ୍ ଦାୟିତ୍ୱରେ ଥିଲେ। ଗାଙ୍ଗୁଲିଙ୍କ ଦଣ୍ଡ କିପରି କୋହଳ ହେବ ସେଥିଲାଗି ଚେଷ୍ଟା କରିବାକୁ ଚାପେଲଙ୍କ ଉପରେ ଚାପ ପକାଇଥିଲେ ଡାଲମିଆ। ଉଭୟ ଗାଙ୍ଗୁଲି ଓ ଡାଲମିଆ ଗୋଟିଏ ରାଜ୍ୟର ହୋଇଥିବାରୁ ଏଭଳି କଥା ସୃଷ୍ଟି ହୋଇଥିଲାବୋଲି ଚାପେଲ କହିଛନ୍ତି। ଏଣୁ ଆର୍ଥିକ କ୍ଷମତା ବଳରେ ଭାରତ ବିଶ୍ୱ କ୍ରିକେଟରେ ପ୍ରଭାବ ବିସ୍ତାର କରୁଛି ବୋଲି ବ୍ରଡ୍‌ଙ୍କ ଅଭିଯୋଗକୁ ଚାପେଲ ସମର୍ଥନ କରିଛନ୍ତି।

## କେକେଆର୍‌ର ନୂଆ କୋଚ୍ ହେଲେ ନାୟାର

କୋଲକାତା, ୩୦।୧୦ (ଏଜେନ୍ସି): ତିନିଥରର ଚାମ୍ପିଅନ କୋଲକାତା ନାଇଟ୍ ରାଇଡର୍ସ (କେକେଆର୍) ଆଇପିଏଲ୍‌ର ଆଗାମୀ ସିଜନ ଲାଗି ଅଭିଷେକ ନାୟାରଙ୍କୁ ମୁଖ୍ୟ କୋଚ୍ ଭାବେ ନିଯୁକ୍ତ କରିଛି। ଚନ୍ଦ୍ରକାନ୍ତ ପଣ୍ଡିତଙ୍କ ସ୍ଥାନରେ ନାୟାର ଏହି ଗୁରୁଦାୟିତ୍ୱ ତୁଲାଇବେ। ପଣ୍ଡିତ ୨୦୨୩ରୁ ୨୦୨୫ ପର୍ଯ୍ୟନ୍ତ କେକେଆର୍ ଦଳର ମୁଖ୍ୟ କୋଚ୍ ରହିଥିଲେ।



ତାଙ୍କ ସମୟରେ କେକେଆର୍ ତୃତୀୟଥର ଲାଗି ୨୦୨୪ରେ ଚାମ୍ପିଅନ ହୋଇଥିଲା। କିନ୍ତୁ ଆଇପିଏଲ୍‌ର ଗତ ସଂସ୍କରଣରେ କୋଲକାତା ନୈରାଶ୍ୟଜନକ ପ୍ରଦର୍ଶନ କରି ପ୍ଲେ-ଅଫ୍‌କୁ ଯୋଗ୍ୟତା ଅର୍ଜନ କରିବାରେ ବିଫଳ ହୋଇଥିଲା। ଏହାପରେ ଫ୍ରାଞ୍ଚାଇଜ ଚଳିତ ବର୍ଷ ପ୍ରାରମ୍ଭରେ ପଣ୍ଡିତଙ୍କ ସହ ସମ୍ପର୍କ ତୁଟାଇଥିଲା। ୪୨ ବର୍ଷୀୟ ନାୟାର ଏଥିପୂର୍ବରୁ ୨୦୧୮ ରୁ ୨୦୨୪ ପର୍ଯ୍ୟନ୍ତ କୋଲକାତାର ପ୍ରଶିକ୍ଷକ ମଣ୍ଡଳୀରେ ବିଭିନ୍ନ ଭୂମିକାରେ ସଫଳତାରେ କାର୍ଯ୍ୟ ତୁଲାଇଥିଲେ। ଏହାପରେ ୨୦୨୪ରେ ତାଙ୍କୁ ଭାରତୀୟ ଦଳର ସହକାରୀ ପ୍ରଶିକ୍ଷକ ଭାବେ ନିଯୁକ୍ତ କରାଯାଇଥିଲା। କିନ୍ତୁ ଚଳିତ ବର୍ଷ ଏପ୍ରିଲରେ ତାଙ୍କ ଚୁକ୍ତିକୁ ବିସିସିଆଇ ଶେଷ କରିଦେଇଥିଲା।

## ନଭେମ୍ବର ୨୦ରେ ମନ୍ଧାନା-ପଲାଶ ବିବାହ!

ନୂଆଦିଲ୍ଲୀ, ୩୦।୧୦ (ଏଜେନ୍ସି): ଭାରତୀୟ ମହିଳା କ୍ରିକେଟ୍ ଦଳର ଉପ-ଅଧିନାୟିକା ସ୍ମୃତି ମନ୍ଧାନା ବିବାହ ବନ୍ଧନରେ ଆବଦ୍ଧ ହେବାକୁ ଯାଉଛନ୍ତି।



ପୁରୁଷ ବନ୍ଧୁ ତଥା ସଙ୍ଗୀତ ରଚୟିତା ଓ ନିର୍ଦ୍ଦେଶକ ପଲାଶ ମୁଚ୍ଛଲଙ୍କୁ ମନ୍ଧାନା ଆସନ୍ତା ନଭେମ୍ବର ୨୦ରେ ବିବାହ କରିବେ ବୋଲି ରିପୋର୍ଟ ପ୍ରକାଶ ପାଇଛି। ମନ୍ଧାନାଙ୍କ ଜନ୍ମସ୍ଥାନ ସାଙ୍ଗଲୀରେ ଏହି ଚର୍ଚ୍ଚିତ ବିବାହ ଉତ୍ସବ ଆରମ୍ଭ ହେବ। ତେବେ ଉଭୟ ମନ୍ଧାନା କିମ୍ବା ପଲାଶଙ୍କ ପରିବାର ପକ୍ଷରୁ ବିବାହ ନେଇ ଅଫିସିଆଲ୍ ଭାବେ କିଛି ଘୋଷଣା କରାଯାଇନାହିଁ। ମନ୍ଧାନା ବର୍ତ୍ତମାନ ବିଶ୍ୱକପ୍‌ରେ ବ୍ୟସ୍ତ ରହିଛନ୍ତି। ଏହି ମେଗା ଇଭେଣ୍ଟ ଶେଷ ହେବାପରେ ସେ ବ୍ରେକ୍ ନେଇ ଦ୍ୱିତୀୟ ଇନିଂସ ଆରମ୍ଭ କରିବେ ବୋଲି ଜଣାପଡ଼ିଛି। ଉଲ୍ଲେଖଯୋଗ୍ୟ ମନ୍ଧାନା ଓ ପଲାଶ ପରସ୍ପରକୁ ୨୦୧୯ରୁ ଡେଟିଂ କରି ଆସୁଛନ୍ତି। ଗତବର୍ଷ ଏକ ଇନଷ୍ଟାଗ୍ରାମ ଷ୍ଟୋରୀ ମାଧ୍ୟମରେ ମନ୍ଧାନା ଓ ପଲାଶ ସେମାନଙ୍କ ସମ୍ପର୍କକୁ ଆନୁଷ୍ଠାନିକ ଭାବେ ଘୋଷଣା କରିଥିଲେ। ୩୦ ବର୍ଷୀୟ ପଲାଶ ବଲିଉଡ୍‌ର ଜଣେ ଜଣାଶୁଣା ସଙ୍ଗୀତ ନିର୍ଦ୍ଦେଶକ। 'ଭୁତନାଥ ରିଟର୍ଣ୍ଣସ' ଭଳି ଫିଲ୍ମର ସେ ସଙ୍ଗୀତ ନିର୍ଦ୍ଦେଶନା ଦେଇଛନ୍ତି। ପଲାଶଙ୍କ ଭଉଣୀ ପଲକ୍ ମୁଚ୍ଛଲ ମଧ୍ୟ ଜଣେ ପ୍ରସିଦ୍ଧ କଣ୍ଠଶିଳ୍ପୀ।

### ଜେମିମାଙ୍କ ଦମ୍‌ଦାର ଶତକରେ ୭ ଥରର ଚାମ୍ପିଅନ ଅଷ୍ଟ୍ରେଲିଆ ବିଦା

# ଭାରତ-ଦକ୍ଷିଣ ଆଫ୍ରିକା ଫାଇନାଲ

ନବି ମୁମ୍ବଇ,୩୦।୧୦(ଏଜେନ୍ସି):



ଜେମିମା ରୋଡ୍ରିଗ୍ସେଜ୍: ୧୨୭*

ଜେମିମା ରୋଡ୍ରିଗ୍ସେଜ୍‌ଙ୍କ ଧୈର୍ଯ୍ୟପୂର୍ଣ୍ଣ ଶତକ ଏବଂ ହରମନପ୍ରୀତ୍ କୌରଙ୍କ ସହ ଶତକୀୟ ଭାଗୀଦାରି ବଳରେ ଡିଫେଣ୍ଡିଂ ଚାମ୍ପିଅନ ଅଷ୍ଟ୍ରେଲିଆକୁ ୫ ୱିକେଟରେ ହରାଇ ଭାରତ ମହିଳା ବିଶ୍ୱକପ୍ ଦିନିକିଆ କ୍ରିକେଟର ଫାଇନାଲରେ ପ୍ରବେଶ କରିଛି। ଆସନ୍ତା ରବିବାର ବା ନଭେମ୍ବର ୨ରେ ହେବାକୁ ଥିବା ଫାଇନାଲରେ ଭାରତ ସହ ଦକ୍ଷିଣ ଆଫ୍ରିକାର ମୁକାବିଲା ହେବ। ଗତକାଲି ଇଂଲଣ୍ଡକୁ ୧୨୫ ରନ୍‌ର ବୃହତ୍ ବ୍ୟବଧାନରେ ପରାସ୍ତ କରି ଦକ୍ଷିଣ ଆଫ୍ରିକା ପ୍ରଥମଥର ଫାଇନାଲରେ ପ୍ରବେଶ କରିଥିଲା। ଅନ୍ୟ ପକ୍ଷରେ ୨୦୦୫ ଓ ୨୦୧୭ ସଂସ୍କରଣ ପରେ ଭାରତ ତୃତୀୟଥର ଲାଗି ଫାଇନାଲରେ ପ୍ରବେଶ କରିଛି। ଏଥର ଦଳ ଘରୋଇ ମାଟିରେ ଟାଇଟଲ ମରୁଡି ଶେଷ କରିବ ବୋଲି ଆଶା ରଖିଛି। ଏହି ମ୍ୟାଚ୍‌ରେ ୧୩୪ ବଲ୍ ଖେଳି ୧୪ ଚୌକା ସହ ୧୨୭ ରନ୍‌ରେ ଅପରାଜିତ ରହିଥିବା ଜେମିମା ରୋଡ୍ରିଗ୍ସେଜ୍‌ଙ୍କୁ ମ୍ୟାଚ୍‌ର ଶ୍ରେଷ୍ଠ ଖେଳାଳି ବିବେଚିତ କରାଯାଇଛି।

ଏହି ମ୍ୟାଚ୍‌ରେ ଲିଚ୍‌ଫିଲ୍ଡଙ୍କ ୧୧୯ ଓ ଏଲିସେ ପେରୀଙ୍କ ୭୭ ରନ୍ ଫଳରେ ଟସ୍ ଜିତି ପ୍ରଥମେ ବ୍ୟାଟିଂ କରିଥିବା ଅଷ୍ଟ୍ରେଲିଆ ୩୩୮ ରନ୍‌ରେ ଅଲଆଉଟ ହୋଇଯାଇଛି। ଜବାବରେ ଭାରତ ୯ଟି ବଲ ଓ ୫ଟି ୱିକେଟ ବାକିଥାଇ ବିଜୟ ଲାଗି ଆବଶ୍ୟକ ରନ୍ ସଂଗ୍ରହ କରିନେଇଥିଲା। ଜେମିମାଙ୍କ ଅପରାଜିତ ୧୨୭ ରନ୍‌କୁ ବାଦ୍ ଦେଲେ ହରମନପ୍ରୀତ୍ କୌର ୮୮ ବଲ୍‌ରୁ ୧୦ ଚୌକା ଓ ୨ ଛକା ସହ ଦ୍ୱିତୀୟ ସର୍ବାଧିକ ୮୯ ରନ୍ କରିଥିଲେ। ୫୯ ରନ୍‌ରେ ଦ୍ୱିତୀୟ ୱିକେଟ ହରାଇବା ପରେ ନଂ-୩ ଜେମିମା ଓ ନଂ-୪ ହରମନପ୍ରୀତ୍ ତୃତୀୟ ୱିକେଟ ଯୋଡିରୁ ୧୫୬ ବଲ୍‌ରେ ୧୬୭ ରନ୍ ଉଠାଇ ଭାରତକୁ ବିଜୟ ଆଶା ଦେଇଥିଲେ। ଏହି ସମୟରେ ହରମନପ୍ରୀତ ଆଉଟ ହେବା ପରେ ଅଷ୍ଟ୍ରେଲିଆ ଖୁସିରେ ଝୁମିଥିଲା। କିନ୍ତୁ ୨ଟି ସହଜ ଜୀବନଦାନ ପାଇଥିବା ଜେମିମା ଚତୁର୍ଥ ୱିକେଟରେ ଦୀପ୍ତି ଶର୍ମା (୨୪)ଙ୍କ ସହ ୩୪ ବଲରୁ ୩୮, ପଞ୍ଚମ ୱିକେଟରେ ରିଚା ଘୋଷ (୨୬)ଙ୍କ ସହ ୩୧ ବଲରୁ ୪୬ ଏବଂ ଅବିଭକ୍ତ ୬ଷ୍ଠ ୱିକେଟ ଯୋଡିରୁ ଅମନଜୋତ କୌର(୧୫)ଙ୍କ ସହ ୧୫ ବଲରୁ ୩୧ ରନ୍ ଉଠାଇ ଭାରତକୁ ରେକର୍ଡ ବିଜୟ ପ୍ରଦାନ କରିଥିଲେ। ତାରକା ଖେଳାଳି ସ୍ମୃତି ମନ୍ଧାନା ୨୪ ରନ୍ କରିଥିଲେ। ବିଶ୍ୱକପ୍‌ରେ ୨୦୦ରୁ ଅଧିକ ରନ୍ ଚେଜ୍ କରି ନ ଥିବା ଭାରତ ଏଠାରେ ସର୍ବାଧିକ ୩୩୯ ରନ୍ ଚେଜ୍ କରି ରେକର୍ଡ ପ୍ରତିଷ୍ଠା କରିଥିଲେ। ୪୯ତମ ଓଭରରେ ସୋଫି ମୋଲିନେକ୍ସଙ୍କୁ ଚୌକା ମାରି ଅମନଜୋତ ବଲ୍‌କୁ ବାଉଣ୍ଡାରୀକୁ ପଠାଇବା ସହ ଭାରତ ଖେଳାଳି, ସମର୍ଥକ ଓ କର୍ମକର୍ତ୍ତା ଆନନ୍ଦରେ ବିଜୟ ଉତ୍ସବ ପାଳନ କରିଥିଲେ। ଲିଗ୍ ମ୍ୟାଚ୍‌ରେ ଭାରତ ସମସ୍ତ ଟପ୍ ଦେଶ ଅଷ୍ଟ୍ରେଲିଆ, ଇଂଲଣ୍ଡ ଓ ଦକ୍ଷିଣ ଆଫ୍ରିକାଠାରୁ ପରାଜିତ ହୋଇଥିଲା। ଏବେ ୭ଥରର ଚାମ୍ପିଅନ ଅଷ୍ଟ୍ରେଲିଆକୁ ପ୍ରଥମ ଶିକାର କରିବା ପରେ ଫାଇନାଲରେ ଦକ୍ଷିଣ ଆଫ୍ରିକାକୁ ଟକ୍କର ଦେଇ ପ୍ରଥମ ଟ୍ରଫି ବିଜୟୀ ହେବାକୁ ସମସ୍ତ ପ୍ରକାର ଉଦ୍ୟମ କରିବ।

ପୂର୍ବରୁ ଅଷ୍ଟ୍ରେଲିଆ ଅଧିନାୟକ ଆଲିସା ହିଲୀ ଟସ୍ ଜିତି ପ୍ରଥମେ ବ୍ୟାଟିଂ ନେବା ପରେ ଫୋଏବି ଲିଚ୍‌ଫିଲ୍ଡଙ୍କ ୧୧୯, ଏଲିସେ ପେରୀଙ୍କ ୭୭ ଓ ଆନାବେଲ ସଦରଲାଣ୍ଡଙ୍କ ୬୩ ରନ୍ ସହାୟତାରେ ୪୯.୫ ଓଭରରେ ୩୩୮ ରନ୍ କରିଥିଲା। ଲିଚ୍‌ଫିଲ୍ଡ ଓ ପେରୀ ଦ୍ୱିତୀୟ ୱିକେଟରେ ୧୫୫ ରନ୍ କରିଥିଲେ। ଅଷ୍ଟ୍ରେଲିଆ ମଧ୍ୟ ଗୋଟିଏ ବିଶ୍ୱକପ୍‌ରେ ସର୍ବାଧିକ ୬ଟି ଶତକ ଓ ସର୍ବାଧିକ ୧୧୯ଟି ଛକା ମାରି ରେକର୍ଡ କରିଛି। ଭାରତ ପକ୍ଷରୁ ମିଡଲ ଓଭରରେ କିଛି ଭଲ ବୋଲିଂକୁ ଛାଡ଼ିଦେଲେ ଅନ୍ୟ ସବୁବେଳେ ଚାପରେ ରହିଥିଲେ। ମିସ୍ ଫିଲ୍ଡିଂ ଓ କ୍ୟାଚ୍ ହାତଛଡ଼ା କରିବା ଦଳ ଲାଗି ମହଙ୍ଗା ସାବ୍ୟସ୍ତ ହୋଇଥିଲା। ଦଳର ଦୁଇ ସ୍ପିନର ଯୁବ ଖେଳାଳି ଶ୍ରୀ ଚରଣି ଓ ଦୀପ୍ତି ଶର୍ମା ୨ଟି ଲେଖାଏଁ ୱିକେଟ ଅକ୍ତିଆର କରିଥିଲେ।

**ମହିଳା ବିଶ୍ୱକପ୍ କ୍ରିକେଟ ଫାଇନାଲ**

- ପ୍ରତିଦ୍ୱନ୍ଦ୍ୱୀ: ଭାରତ-ଦ.ଆଫ୍ରିକା
- ତାରିଖ : ନଭେମ୍ବର ୨, ରବିବାର
- ଭେନ୍ୟୁ : ନବି ମୁମ୍ବଇ, ମୁମ୍ବଇ
- ଖେଳ ଆରମ୍ଭ : ଅପରାହ୍ଣ ୩ଟା
- ପ୍ରସାରଣ : ଷ୍ଟାର ସ୍ପୋର୍ଟ୍ସ ନେଟ୍‌ୱର୍କ
- ଲାଇଭ୍ ଷ୍ଟ୍ରିମିଂ : ଜିଓହଟ୍‌ଷ୍ଟାର

**ସଂକ୍ଷିପ୍ତ ସ୍କୋର**

ଅଷ୍ଟ୍ରେଲିଆ: ୩୩୮ /୧୦, ୪୯.୫ ଓଭର (ଫୋଏବି ଲିଚଫିଲ୍ଡ- ୧୧୯, ଏଲିସେ ପେରୀ- ୭୭, ଆଶଲେ ଗାର୍ଡନର- ୬୩, ଶ୍ରୀ ଚରଣି- ୨/୪୯, ଦୀପ୍ତି ଶର୍ମା- ୨/୭୩)।

ଭାରତ : ୩୪୧/୫, ୪୮.୩ ଓଭର (ଜେମିମା ରୋଡ୍ରିଗ୍ସେଜ୍- ଅପରାଜିତ ୧୨୭, ହରମନପ୍ରୀତ୍ କୌର- ୮୯, ରିଚା ଘୋଷ- ୨୬, କିମ୍ ଗାର୍ଥ-୨/୪୬, ଆନାବେଲ ସଦରଲାଣ୍ଡ- ୨/୬୯)।

## ଯାଜପୁର ଟାଉନ୍‌ରେ ଅସ୍ମିତା ରଗ୍‌ବୀ ଲିଗ୍

ଯାଜପୁର, ୩୦।୧୦(ସମିସ): ଓଡ଼ିଶା ରଗ୍‌ବୀ ଫୁଟବଲ ସଂଘ ଏବଂ ଯାଜପୁର ରଗ୍‌ବୀ ଆସୋସିଏସନର ମିଳିତ ଆନୁକୂଲ୍ୟରେ ରାଜ୍ୟସ୍ତରୀୟ ଅସ୍ମିତା ରଗ୍‌ବୀ ଲିଗ୍ ଆୟୋଜିତ ହେବ। ଭାରତ ସରକାରଙ୍କ କ୍ରୀଡ଼ା ବିଭାଗ ଓ ରଗ୍‌ବୀ ଇଣ୍ଡିଆ ସହଯୋଗରେ ଏହି ଦିନିକିଆ ଲିଗ୍ ନଭେମ୍ବର ୧ରେ ଯାଜପୁର ଟାଉନସ୍ଥିତ କୁସୁମା ନିକଟବର୍ତ୍ତୀ ଯାଜପୁର ସ୍ପୋର୍ଟ୍ସ କମ୍ପ୍ଲେକ୍ସ ପରିସରରେ ଏହା ଆୟୋଜିତ ହେବାର କାର୍ଯ୍ୟକ୍ରମ ରହିଛି। ସମଗ୍ର ରାଜ୍ୟରୁ ୨୦ଟି ଦଳ ଏଥିରେ ଭାଗ ନେଉଛନ୍ତି। ଏହା ସକାଳ ୮ଟାରୁ ଆରମ୍ଭ ହୋଇ ସନ୍ଧ୍ୟାରେ ଉଦ୍‌ଯାପିତ ହେବ ବୋଲି ଯାଜପୁର ରଗ୍‌ବୀ ସଂଘ ସମ୍ପାଦକ ଭରତ ସାହୁ ଜଣାଇଛନ୍ତି। ଏଥିରେ ରାଜ୍ୟ ସଂଘ ସମ୍ପାଦକ ସୁଶାନ୍ତ ସାହୁ, ଉପସଭାପତି ଉପେନ୍ଦ୍ର ମହାନ୍ତି ପ୍ରମୁଖ ଉପସ୍ଥିତ ରହିବେ।

## ବଲ୍ ବାଜି ଅଷ୍ଟ୍ରେଲୀୟ ଯୁବ ଖେଳାଳିଙ୍କ ବିୟୋଗ

ମେଲବୋର୍ଣ୍ଣ, ୩୦।୧୦(ଏଜେନ୍ସି): କ୍ରିକେଟ ଖେଳରେ ଏକ ଦୁଃଖଦ ଖବର ମିଳିଛି। ଏଠାରେ ଅଭ୍ୟାସ କରୁଥିବାବେଳେ ବଲ ବାଜି ୧୭ ବର୍ଷୀୟ ବେନ୍ ଅଷ୍ଟିନ ନାମକ ଜଣେ ଯୁବ ଖେଳାଳିଙ୍କୁ ମୃତ୍ୟୁ ଘଟିଛି। ଏହା ଫଳରେ ନବି ମୁମ୍ବାଇରେ ଆଜି ଖେଳାଯାଇଥିବା ଭାରତ-ଅଷ୍ଟ୍ରେଲିଆ ସେମିଫାଇନାଲ ମ୍ୟାଚ୍‌ରେ ଖେଳାଳିମାନେ କଳା ବ୍ୟାଜ୍ ପିନ୍ଧି ଖେଳିଥିଲେ। ଘଟଣାରୁ ଜଣାଯାଇଛି, ଏଠାରେ ଅନ୍ୟ ଖେଳାଳିଙ୍କ ସହ ଆଜି ବୋଲିଂ ମେସିନରେ ଅଭ୍ୟାସ କରୁଥିଲେ ବେନ୍। ମେସିନରୁ ଏକ ସ୍ପିଡ୍ ବଲ ତାଙ୍କ ମୁଣ୍ଡ ଓ ବେକ ମଧ୍ୟରେ ବାଜିଥିଲା। ଯାହା ଫଳରେ ସେ ପଡ଼ିଆରେ ଟଳି ପଡ଼ିଥିଲେ। ଗୁରୁତର ଅବସ୍ଥାରେ ତାଙ୍କୁ ମେଡିକାଲରେ ଭର୍ତ୍ତି କରାଯାଇଥିଲା। ସେଠାରେ ଡାକ୍ତର ତାଙ୍କୁ ମୃତ ଘୋଷଣା କରିଥିଲେ। ଏହି ଘଟଣା ପରେ କ୍ରିକେଟ ଜଗତ ବା ବିଶେଷ କରି ଅଷ୍ଟ୍ରେଲିଆରେ ଶୋକର ଛାୟା ଖେଳିଯାଇଛି। ସେ ଫର୍ଣ୍ଣଟ୍ରି ଗଲି କ୍ରିକେଟ କ୍ଲବ୍‌ର ଜଣେ ଷ୍ଟାର ଖେଳାଳି ଥିଲେ ବୋଲି କ୍ଲବ୍ ପକ୍ଷରୁ କୁହାଯାଇଛି।

### ରାଜ୍ୟ ଭାରୋତ୍ତୋଳନ ଚାମ୍ପିଅନ୍‌ସିପ୍ ଉଦ୍‌ଯାପିତ

## ଗଞ୍ଜାମ ଜିଲ୍ଲା ଦଳଗତ ଚାମ୍ପିଅନ

ଭୁବନେଶ୍ୱର, ୩୦।୧୦ (ସମିସ): କଳିଙ୍ଗ ଷ୍ଟାଡିୟମ୍ ବିଜୁପଟ୍ଟନାୟକ ଭାରୋତ୍ତୋଳନ ହଲ୍‌ରେ ଚାଲିଥିବା



ରାଜ୍ୟ ଭାରୋତ୍ତୋଳନ ଚାମ୍ପିଅନସିପ୍ ଆଜି ଉଦ୍‌ଯାପିତ ହୋଇଯାଇଛି। ଏଥିରେ ସିନିଅର, ଜୁନିଅର ଓ ୟୁଥ୍ ବିଭାଗରେ ପ୍ରତିଦ୍ୱନ୍ଦ୍ୱିତା ଆୟୋଜିତ ହୋଇଥିଲା। ସମସ୍ତ ବିଭାଗରେ ଗଞ୍ଜାମ ଜିଲ୍ଲା ଦଳଗତ ଚାମ୍ପିଅନ ଆଖ୍ୟା ଅର୍ଜନ କରିଥିଲା। ସିନିଅର ବିଭାଗରେ ଖୋର୍ଦ୍ଧା, ୟୁଥ୍ ଓ ଜୁନିଅର ବିଭାଗରେ ଢେଙ୍କାନାଳ ଜିଲ୍ଲା ରନର୍ସ ଅପ୍ ହୋଇଛି। ସିନିଅର ପୁରୁଷ ବିଭାଗରେ ଗଞ୍ଜାମର ମୁନା ନାଏକ, ୟୁଥ୍ ଓ ଜୁନିଅର ବାଳକରେ ଢେଙ୍କାନାଳର ସୁବ୍ରତ ନାଏକ ବେଷ୍ଟ ଲିଫ୍ଟର ହୋଇଛନ୍ତି। ମହିଳା ବିଭାଗରେ ମୟୁରଭଞ୍ଜର ସ୍ନେହା ସୋରେନ୍, ୟୁଥ୍ ଓ ଜୁନିଅର ବାଳିକା ବିଭାଗରେ ନବରଙ୍ଗପୁରର ମିନା ସାନ୍ତା ବେଷ୍ଟ ଲିଫ୍ଟର ଭାବେ ବିବେଚିତ ହୋଇଛନ୍ତି। ପ୍ରତିଯୋଗିତା ଶେଷରେ ଓଡ଼ିଶା ଅଲିମ୍ପିକ୍ ସଂଘ ସଭାପତି ସମୀର ମହାନ୍ତି ମୁଖ୍ୟ ଅତିଥି, ଭାରତୀୟ ଭାରୋତ୍ତୋଳନ ମହାସଂଘ କୋଷାଧ୍ୟକ୍ଷ ପ୍ରଦୀପ ଶର୍ମା ସମ୍ମାନିତ ଅତିଥି ଭାବେ ଯୋଗ ଦେଇ ପୁରସ୍କାର ପ୍ରଦାନ କରିଥିଲେ। ଅଳ୍ପଦିନ ମଧ୍ୟ କ୍ରୀଡ଼ା ଓ ଯୁବସେବା ବିଭାଗ ଆନୁକୂଲ୍ୟରେ ଏହି ପ୍ରତିଯୋଗିତାଟି ସଫଳ ହୋଇଥିବାରୁ ରାଜ୍ୟ ଭାରୋତ୍ତୋଳନ ସଂଘ ସଭାପତି ଇଂ ଚିତ୍ତରଞ୍ଜନ ସ୍ୱାଇଁ ଧନ୍ୟବାଦ ଅର୍ପଣ କରିଥିଲେ।

### ଆଜି ଦ୍ୱିତୀୟ ଟି-୨୦

## ଦମ୍ ଦେଖାଇବାକୁ ଭାରତ-ଅଷ୍ଟ୍ରେଲିଆ ପ୍ରସ୍ତୁତ

ମେଲବୋର୍ଣ୍ଣ, ୩୦।୧୦(ଏଜେନ୍ସି):






ଭାରତ ଓ ଅଷ୍ଟ୍ରେଲିଆ ମଧ୍ୟରେ ୫ ମ୍ୟାଚ୍ ବିଶିଷ୍ଟ ପ୍ରଥମ ଟି-୨୦ ମୁକାବିଲା ବର୍ଷା ଯୋଗୁଁ ବାତିଲ ହୋଇଥିଲା। ଏହା ପରେ ସିରିଜ୍‌ର ଦ୍ୱିତୀୟ ମ୍ୟାଚ୍ ମେଲବୋର୍ଣ୍ଣ କ୍ରିକେଟ ଗ୍ରାଉଣ୍ଡରେ ଶୁକ୍ରବାର ଖେଳାଯିବ। ବିଶ୍ୱର ଦୁଇ ଶ୍ରେଷ୍ଠ ଦଳ ନଂ-୧ ଭାରତ ଓ ନଂ-୨ ଅଷ୍ଟ୍ରେଲିଆ ଏହି ମ୍ୟାଚ୍‌ରେ ନିଜର ଦମ୍ ଦେଖାଇବାକୁ ପ୍ରସ୍ତୁତ ହୋଇଛନ୍ତି। କାନବେରାରେ ଖେଳାଯାଇଥିବା ପ୍ରଥମ ମ୍ୟାଚ୍‌ରେ ଖେଳ ସମ୍ଭବ ହୋଇଥିବା ୯.୪ ଓଭର ଭାରତ ସପକ୍ଷରେ ଯାଇଥିଲା। ବ୍ୟାଟିଂ କରିବାକୁ ଆସିଥିବା ଦଳର ପ୍ରଥମ ୩ଜଣ ବ୍ୟାଟର ଅଭିଷେକ ଶର୍ମା, ଶୁବମନ ଗିଲ୍ ଓ ଅଧିନାୟକ ସୂର୍ଯ୍ୟକୁମାର ଯାଦବ ଭଲ ଫର୍ମରେ ଥିବା ଦର୍ଶାଇଥିଲେ। ଏମାନଙ୍କ ବିସ୍ଫୋରକ ବ୍ୟାଟିଂ ଯୋଗୁଁ ଅଷ୍ଟ୍ରେଲିଆ ରକ୍ଷଣାତ୍ମକ ଖେଳିବାକୁ ବାଧ୍ୟ ହୋଇଥିଲା। ବର୍ଷା ଯୋଗୁଁ ଅଷ୍ଟ୍ରେଲିଆ ଏକ ନିରାଶାଜନକ ସ୍ଥିତିରୁ ରକ୍ଷା ପାଇଥିଲା। ଏବେ ଆଉ ଏକ ମୁକାବିଲା ଲାଗି ମିଚେଲ ମାର୍ଶଙ୍କ ଟିମ୍ ପ୍ରସ୍ତୁତ ହେଉଛି। ସୂର୍ଯ୍ୟକୁମାର ଯାଦବଙ୍କ ଟିମ୍ ଇଣ୍ଡିଆର ଆତ୍ମବିଶ୍ୱାସ ବଢ଼ିଥିଲାବେଳେ ୨୦୦୮ରୁ ଏଯାଏ ଦଳ ସପକ୍ଷରେ ସମସ୍ତ ସିରିଜ୍ ଯାଇଛି। ଏଣୁ ବାକିଥିବା ୪ଟି ମ୍ୟାଚ୍‌ରୁ ଯେଉଁ ଦଳ ୩ଟିରେ ବିଜୟୀ ହେବ ସେହି ଦଳ ସିରିଜ୍ କବ୍‌ଜା କରିବ।

ବିଶ୍ୱର ଦ୍ୱିତୀୟ ବୃହତ୍ତମ ଷ୍ଟାଡିୟମ୍ ମେଲବୋର୍ଣ୍ଣ କ୍ରିକେଟ ଗ୍ରାଉଣ୍ଡରେ ଭାରତ ୬ଟି ମ୍ୟାଚ୍ ଖେଳି ୪ଟିରେ ବିଜୟୀ ହୋଇଛି। ଏଠାରେ ଉଭୟ ପକ୍ଷର ଅଧାଡଜନେ ଖେଳାଳି ଏଠାରେ ପ୍ରଥମଥର ଖେଳିବାକୁ ଯାଉଛନ୍ତି। ବିଶେଷ କରି ବିଶ୍ୱର ନଂ-୧ ଟି-୨୦ ସ୍ପିନର ବରୁଣ ଚକ୍ରବର୍ତ୍ତୀଙ୍କ ସହ ଏଯାଏ ଅଷ୍ଟ୍ରେଲିଆର ମୁକାବିଲା ହୋଇନାହିଁ। ଏଠାରେ ମଧ୍ୟ କିଛି ବର୍ଷ ହେବ ଅନ୍ତର୍ଜାତୀୟ କ୍ରିକେଟ ଖେଳାଯାଇନାହିଁ। ବିଗ୍ ବାଶ୍ ଲିଗ୍ ମ୍ୟାଚ୍‌ରେ ଏଠାରେ ହାରାହାରି ଇନିଂସ ପ୍ରତି ୧୮୦ କିମ୍ବା ତା'ଠାରୁ ଅଧିକ ସ୍କୋର ହୋଇଥିଲା। ଆସନ୍ତାକାଲି ମ୍ୟାଚ୍‌ରେ ଏହି ଧାରା ବଜାୟ ରହିବ ବୋଲି ଆଶା କରାଯାଉଛି। ପ୍ରଥମ ମ୍ୟାଚ୍ ଲାଗି ମନୋନୀତ ହୋଇଥିବା ଖେଳାଳିମାନେ ଖେଳିବା ସୁଯୋଗ ପାଇ ନ ଥିଲେ। ଏଣୁ ଦ୍ୱିତୀୟ ମ୍ୟାଚ୍‌ରେ ଉଭୟ ଦଳ ଖେଳାଳି ପରିବର୍ତ୍ତନ କରିବେ ନାହିଁ ବୋଲି ଆଶା କରାଯାଉଛି। ଭାରତୀୟ ଦଳର ଅଲରାଉଣ୍ଡର ନୀତୀଶ କୁମାର ରେଡ୍ଡୀ ଆହତ ହୋଇ ଅତିକମ୍‌ରେ ପ୍ରଥମ ୩ଟି ମ୍ୟାଚ୍ ଖେଳିବେ ନାହିଁ। ଆବଶ୍ୟକ ହେଲେ ଫାଷ୍ଟ ବୋଲର ଅର୍ଶଦୀପ ସିଂହଙ୍କୁ ଦଳରେ ସାମିଲ କରାଯିବାର ସମ୍ଭାବନାକୁ ଏଡାଇ ଦେଇହେବ ନାହିଁ।

**ଆଜିର ମ୍ୟାଚ୍**

**ଭାରତ - ଅଷ୍ଟ୍ରେଲିଆ**

ଖେଳ ଆରମ୍ଭ : ଅପରାହ୍ଣ ୧ଟା ୪୫

ପ୍ରସାରଣ : ଷ୍ଟାର ସ୍ପୋର୍ଟ୍ସ, ଜିଓ ହଟଷ୍ଟାର

### ଗୁଆହାଟୀରେ ନୂଆ ପରମ୍ପରା

## ଆଗ ଟି', ପରେ ଲଞ୍ଚ୍

ଗୁଆହାଟୀ, ୩୦।୧୦(ଏଜେନ୍ସି): ଟେଷ୍ଟ କ୍ରିକେଟ ଇତିହାସରେ ଏକ ନୂଆ ପରମ୍ପରା ସୃଷ୍ଟି ହେବାକୁ ଯାଉଛି। ଏହା ହେଉଛି ଟେଷ୍ଟ ମ୍ୟାଚ୍‌ରେ ପ୍ରଥମେ ଟି' ବା ଚା' ପାନ ବିରତି ହେବ ଓ ପରେ ଲଞ୍ଚ୍ ବା ମଧ୍ୟାହ୍ନ ଭୋଜନ ହେବ। ଆସାମର ଗୁଆହାଟୀରେ ନଭେମ୍ବର ୨୨ରୁ ୨୬ ଯାଏ ଭାରତ ଓ ଦକ୍ଷିଣ ଆଫ୍ରିକା ମଧ୍ୟରେ ଖେଳାଯିବାକୁ ଥିବା ଦ୍ୱିତୀୟ ମ୍ୟାଚ୍ ଏଠାରେ ହେବ ପ୍ରଥମ ଟେଷ୍ଟ ମ୍ୟାଚ୍। ଏଠାରେ ସୂର୍ଯ୍ୟୋଦୟ ଆଗୁଆ ହୁଏ ଓ ସୂର୍ଯ୍ୟାସ୍ତ ମଧ୍ୟ ପଛରେ ହୁଏ। ଏଣୁ ଖେଳ ମଧ୍ୟ ଆଗୁଆ ଆରମ୍ଭ ହେବ। ଏଠାରେ ସକାଳ ୯ଟାରୁ ଖେଳ ଆରମ୍ଭ ହେବ। ପ୍ରଥମ ସେସନ ପୂର୍ବାହ୍ଣ ୧୧ଟାରେ ଶେଷ ହେବ। ୧୧ଟାରୁ ୧୧ଟା ୨୦ ଯାଏ ଚା'ପାନ ବିରତି ହେବ। ଏହା ପରେ ଦ୍ୱିତୀୟ ସେସନ ୧୧ଟା ୨୦ରୁ ଅପରାହ୍ଣ ୧ଟା ୨୦ ଯାଏ ଖେଳାଯିବ। ୧ଟା ୨୦ରୁ ୨ଟା ଯାଏ ଲଞ୍ଚ୍ ବା ମଧ୍ୟାହ୍ନ ଭୋଜନ ବିରତି ହେବ। ଦିନର ତୃତୀୟ ବା ଶେଷ ସେସନ ଅପରାହ୍ଣ ୨ଟାରୁ ୪ଟା ଯାଏ ଖେଳାଯିବ। ଆସାମ ରାଜ୍ୟ ଭାରତର ପୂର୍ବ ଭାଗରେ ଅବସ୍ଥିତ। ଏଠାରେ ଆଗୁଆ ସୂର୍ଯ୍ୟୋଦୟ ହେଉଥିବାରୁ କାର୍ଯ୍ୟକ୍ରମରେ ପରିବର୍ତ୍ତନ କରାଯାଇଛି। ଭାରତରେ ସାଧାରଣତଃ ସକାଳ ୯ଟା ୩୦ରୁ ଖେଳ ଆରମ୍ଭ ହୋଇ ୧୧ଟା ୩୦ରେ ଲଞ୍ଚ୍ ହୋଇଥାଏ। ୧୧ଟା ୩୦ରୁ ୧୨ଟା ୧୦ ଯାଏ ଲଞ୍ଚ୍, ୧୨ଟା ୧୦ରୁ ୨ଟା ୧୦ ଯାଏ ଦ୍ୱିତୀୟ ସେସନ, ୨ଟା ୧୦ରୁ ୨ଟା ୩୦ ଟି' ଏବଂ ୨ଟା ୩୦ରୁ ୪ଟା ୩୦ କିମ୍ବା ଆଲୋକ ଥିଲେ ୯୦ ଓଭର ଖେଳ ପୂରଣ କରିବାକୁ ଆଉ ଅଧଘଣ୍ଟା ଅଧିକ ଖେଳ ଆୟୋଜନ କରାଯାଇଥାଏ। ଦକ୍ଷିଣ ଆଫ୍ରିକା ବିପକ୍ଷ ୨ ମ୍ୟାଚ୍ ବିଶିଷ୍ଟ ଟେଷ୍ଟ ସିରିଜ୍ ପ୍ରଥମ ମ୍ୟାଚ୍ କୋଲକାତାର ଇଡେନ ଗାର୍ଡେନ୍ସରେ ଖେଳାଯିବ। ଏଠାରେ ନିର୍ଦ୍ଧାରିତ ସମୟ ସକାଳ ୯ଟା ୩୦ରୁ ଖେଳ ଆରମ୍ଭ ହେବ।

**ଭାରତ-ଦ. ଆଫ୍ରିକା ଟେଷ୍ଟ ସିରିଜ୍**

### ପ୍ରଥମ ଅନ୍‌ଅଫିସିଆଲ୍ ଟେଷ୍ଟ

## କୋଟିଆନଙ୍କୁ ୪ ୱିକେଟ୍; ଦ.ଆଫ୍ରିକା-ଏ' ୨୯୯/୯

ବେଙ୍ଗାଲୁରୁ, ୩୦।୧୦ (ଏଜେନ୍ସି): ଘରୋଇ ଭାରତ-ଏ ଓ ଦକ୍ଷିଣ ଆଫ୍ରିକା-ଏ ଦଳ ମଧ୍ୟରେ ଗୁରୁବାରଠାରୁ ଏଠାରେ ପ୍ରଥମ ଅନ୍‌ଅଫିସିଆଲ୍ ଚାରିଦିବସୀୟ ଟେଷ୍ଟ ଆରମ୍ଭ ହୋଇଛି। ଏହି ମ୍ୟାଚରେ ଟସ୍ ଜିତି ଭାରତ-ଏ ଅଧିନାୟକ ଋଷଭ ପନ୍ତ ଫିଲ୍ଡିଂ ନିଷ୍ପତ୍ତି ନେଇଥିଲେ। ବ୍ୟାଟିଂ ଆମନ୍ତ୍ରଣ ପାଇଥିବା ଦକ୍ଷିଣ ଆଫ୍ରିକା-ଏ ପ୍ରଥମ ଇନିଂସରେ ୩ଟି ଅର୍ଦ୍ଧଶତକ ବଳରେ ୯ ୱିକେଟ ହରାଇ ୨୯୯ ରନର ସମ୍ମାନଜନକ ସ୍କୋର କରିଛି। ଓପନର୍ ଜୋର୍ଡାନ ହରମାନ୍ସ ସର୍ବାଧିକ ୭୧, ଜୁବେର ହମାଜ ୬୬ ଓ



ରୁବିନ ହରମାନ୍ସ ୫୪ ରନର ଅର୍ଦ୍ଧଶତକୀୟ ପାଳି ଖେଳିଥିଲେ। ନିମ୍ନଭାଗରେ ତିଆନ ଭାନ ଭୁରେନ ୪୬ ରନର ଉପଯୋଗୀ ପାଳି ଖେଳିବା ଫଳରେ ଦଳ ୩୦୦ ରନ ନିକଟତର ହୋଇପାରିଥିଲା। ଘରୋଇ ଭାରତ-ଏ ପକ୍ଷରୁ ଅଫ୍-ସ୍ପିନର ତନୁଷ କୋଟିଆନ ସର୍ବାଧିକ ୪ଟି, ମାନବ ସୁତାର ୨ଟି ଏବଂ ଖଲିଲ ଅହମ୍ମଦ, ଅଂଶୁଲ କାମ୍ବୋଜ ଓ ଗୁର୍‌ନୁର୍ ବ୍ରାର୍ ଗୋଟିଏ ଲେଖାଏ ୱିକେଟ୍ ସଫଳତା ପାଇଥିଲେ।

PRINTED & PUBLISHED BY AMIT KUMAR MALLICK FOR 'THE SAKALA' A UNIT OF NANDIGHOSHA NETWORK PRIVATE LIMITED IN ITS PRESS AT IDCO PLOT NO.90 & 91, BHAGABANPUR INDUSTRIAL ESTATE, BHUBANESWAR-751019, DIST: KHORDHA, ODISHA
କାର୍ଯ୍ୟନିର୍ବାହୀ ସମ୍ପାଦକ : ସମରେନ୍ଦୁ ଦାସ
EXECUTIVE EDITOR: SAMARENDU DAS